


ଜାନୁଆରୀ ୧୬ରେ ହ୍ୟାପି ପଟେଲ୍
▶ପୃଷ୍ଠା ୧୧ ଦେଖନ୍ତୁ...

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

•VOLUME- 43 •ISSUE-160 •SATURDAY •6 DECEMBER 2025 •PAGE-12 •₹ 6.00 | BHUBANESWAR | •ବର୍ଷ-୪୩ •ସଂଖ୍ୟା-୧୬୦ •ଶନିବାର •୬ ଡିସେମ୍ବର ୨୦୨୫ •ପୃଷ୍ଠା-୧୨ •ଟ.୬.୦୦


**ସମ୍ପର୍କର ନୂଆ ଯୁଗ**

# ଭାରତ-ରୁଷ ୧୯ ଚୁକ୍ତି

■ ନୂଆଦିଲ୍ଲୀ, ୫।୧୨ (ଏଜେନ୍ସି): ଆମେରିକାର ଟାରିଫ୍ ରଣନୀତି ଏବଂ ଚୀନ୍‌ର ବିସ୍ତାରବାଦୀ ରାଜନୀତିକୁ ପ୍ରତିହତ କରିବା ପାଇଁ ଭାରତ ତା'ର ମିତ୍ର ରାଷ୍ଟ୍ର ରୁଷ୍ ସହିତ ସମ୍ପର୍କର ନୂଆ ଯୁଗ ଆରମ୍ଭ କରିଛି । ଦୁଇଦିନିଆ ଭାରତ ଗସ୍ତରେ ଥିବା ରୁଷ୍ ରାଷ୍ଟ୍ରପତି ଭ୍ଲାଦିମିର୍ ପୁଟିନ୍‌ଙ୍କ ସହ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ପରମାଣୁ, ତୈଳ, ଗ୍ୟାସ ଓ ବାଣିଜ୍ୟ ଭଳି ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗରେ ୧୯ଟି ଚୁକ୍ତି ସ୍ୱାକ୍ଷର କରି ପରୋକ୍ଷରେ ଆମେରିକା ଓ ଚୀନ୍‌କୁ ଶକ୍ତ ଜବାବ ଦେଇଛନ୍ତି । ଅନ୍ୟପକ୍ଷରେ ଭାରତ ସହ ଥିବା ପୂର୍ବ ସମ୍ପର୍କକୁ ଅତୁଟ ରଖିବାର ଦୃଢ଼ ପ୍ରତିଶ୍ରୁତି ଦେଇ ରୁଷ୍ ରାଷ୍ଟ୍ରପତି ପୁଟିନ୍ ୨୦୨୬ ରୁଷ୍ ଶିଖର ବୈଠକରେ ଯୋଗ ଦେବା ପାଇଁ ପ୍ରଧାନମନ୍ତ୍ରୀ ମୋଦୀଙ୍କୁ ଆମନ୍ତ୍ରଣ କରି ଶୁକ୍ରବାର ରାତିରେ ସ୍ୱଦେଶ ପ୍ରତ୍ୟାବର୍ତ୍ତନ କରିଛନ୍ତି ।

ଭାରତକୁ ଦୁଇ ଦିନିଆ ଗସ୍ତରେ ଆସି ଗୁରୁବାର ନୂଆଦିଲ୍ଲୀରେ ପହଞ୍ଚିଥିବା ପୁଟିନ୍ ଆଜି ସକାଳେ ହାଇଦ୍ରାବାଦ ହାଉସ୍‌ଠାରେ ଅନୁଷ୍ଠିତ ଶିଖର ବୈଠକରେ ଯୋଗ ଦେଇଥିଲେ । ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏବଂ ରାଷ୍ଟ୍ରପତି ପୁଟିନ ଗତ ୨୪ ଘଣ୍ଟା ମଧ୍ୟରେ ପରସ୍ପରକୁ ତିନି ଥର ଭେଟିଥିଲେ । ଉଭୟେ ନୈଶଭୋଜି, ଦ୍ୱିପାକ୍ଷିକ ଆଲୋଚନା, ମିଳିତ ସାମ୍ବାଦିକ ସମ୍ମିଳନୀ ଏବଂ ଭାରତ-ରୁଷ ବ୍ୟବସାୟିକ ଫୋରମକୁ ସମ୍ବୋଧିତ କରିଛନ୍ତି । ତେବେ ଏହି ସମୟରେ ଦୁଇ ଦେଶ ମଧ୍ୟରେ କୌଣସି ପ୍ରତିରକ୍ଷା ଚୁକ୍ତି ସ୍ୱାକ୍ଷର ହୋଇପାରି ନାହିଁ । ଏହା ପୂର୍ବରୁ ଲଢୁଆ ବିମାନ କିମ୍ବା ବଡ଼ ପ୍ରତିରକ୍ଷା ଚୁକ୍ତି ହେବ ବୋଲି କୁହାଯାଉଥିଲା । ମାତ୍ର ବ୍ୟବସାୟ ବୃଦ୍ଧି ପାଇଁ ଭାରତ-ରୁଷ ମଧ୍ୟରେ ୧୯ଟି ଚୁକ୍ତିରେ ମୋହର ବାଜିଛି । ଦୁଇ ଦେଶ ମଧ୍ୟରେ ଜାହାଜ ନିର୍ମାଣ, ଭାରତୀୟ ନାବିକଙ୍କୁ ▶ପୃଷ୍ଠା-୭

**କେବଳ ତୈଳ ଓ ଗ୍ୟାସ ଆଲୋଚନା ପାଇଁ ଆସିନାହୁଁ: ପୁଟିନ**

**ରୁଷ୍ ସବୁଠୁ ଘନିଷ୍ଠ ବନ୍ଧୁ ଓ ଦୁଇ ଦେଶର ସମ୍ବନ୍ଧ ଧ୍ରୁବତାରା ଭଳି ସ୍ଥିର: ମୋଦୀ**

**୨୦୩୦ ସୁଦ୍ଧା ଦ୍ୱିପାକ୍ଷିକ କାରବାର ୧୦୦ ବିଲିୟନ ଡଲାର ଛୁଇଁବ**

**ଆମେରିକାର ଦୋମୁହାଁ ନୀତିକୁ ରୁଷ୍ ରାଷ୍ଟ୍ରପତିଙ୍କ ସମାଲୋଚନା**

**କୁଡନକୁଲମରେ ଭାରତର ବଡ଼ ପରମାଣୁ କେନ୍ଦ୍ର ନିର୍ମାଣ**

**ନୂଆ ଅନ୍ତର୍ଜାତୀୟ ପରିବହନ ମାର୍ଗ ମଧ୍ୟ ନିର୍ମାଣ କରାଯିବ**



# ଟ୍ରମ୍ପଙ୍କୁ 'ଫୋମୋ'



■ ୱାଶିଂଟନ, ୫।୧୨ (ଏଜେନ୍ସି): ରୁଷ ରାଷ୍ଟ୍ରପତି ଭ୍ଲାଦିମିର ପୁଟିନଙ୍କ ୨୭ ଘଣ୍ଟାର ଗସ୍ତ ଓ ଭାରତ ସହ ଅନେକ ବୁଝାମଣା ପରେ ଅକସ୍ମାତ 'ଫୋମୋ' (ଫିଅର ଅଫ୍ ମିସିଂ ଆଉଟ)ର ଶିକାର ହୋଇଛନ୍ତି ଆମେରିକା ରାଷ୍ଟ୍ରପତି ଡ଼ୋନାଲ୍ଡ ଟ୍ରମ୍ପ । ଭାରତ -ରୁଷ ମଧ୍ୟରେ ବଡ଼ ଚୁକ୍ତିନାମା ତାଙ୍କ ନିଦ ହଜାଇ ଦେଇଛି ଓ ଆକସ୍ମିକ ଭାବରେ ସେ ଭାରତକୁ ପ୍ରଶଂସା ସହ ୟୁରୋପୀୟ ଦେଶ ପ୍ରତି ଆକ୍ରମଣାତ୍ମକ ଟିପ୍ପଣୀ ଦେବା ଆରମ୍ଭ କରିଛନ୍ତି । ଏପରିକି ଚୀନ ବିରୋଧରେ ମୋର୍ଚ୍ଚା ଖୋଲିବା ନିମନ୍ତେ ଆମେରିକା ଭାରତର ସହଯୋଗ ଲୋଡ଼ିଛି ।

**ଲୋଡ଼ିଲେ ଭାରତର ସହଯୋଗ**


ଟ୍ରମ୍ପ ପ୍ରଶାସନ ଦ୍ୱାରା ୩୩ ପୃଷ୍ଠା ବିଶିଷ୍ଟ ଜାତୀୟ ସୁରକ୍ଷା ରଣନୀତିରେ ଟ୍ରମ୍ପ ପ୍ରଶାସନ ୟୁରୋପୀୟ ଦେଶଗୁଡ଼ିକୁ କଠୋର ଶବ୍ଦରେ ସମାଲୋଚନା କରିଛି । ୟୁରୋପୀୟ ଦେଶମାନେ ଗଣତନ୍ତ୍ରକୁ ନଷ୍ଟ କରିବାକୁ ଲାଗିଛନ୍ତି ଓ ୟୁକ୍ରେନରେ ଶାନ୍ତି ପ୍ରତିଷ୍ଠା କରିବାକୁ ଚାହୁଁ ନାହାନ୍ତି । ଅର୍ଥନୀତିକୁ ଉନ୍ନତ କରିବା ପାଇଁ ରୁଷ ସହ ଶତ୍ରୁତା ଶେଷ କରିବା ଓ ୟୁକ୍ରେନ ସହ ଯୁଦ୍ଧ ରୋକିବା ୟୁରୋପୀୟ ଦେଶ ପାଇଁ ଅତ୍ୟନ୍ତ ଜରୁରୀ ବୋଲି କୁହାଯାଇଛି । ସେହିପରି ଜାତୀୟ ରଣନୀତିରେ ଚୀନକୁ ଏକ ଆର୍ଥିକ ଚ୍ୟାଲେଞ୍ଜ ଭାବରେ ଆମେରିକା ଉଲ୍ଲେଖ କରିଛି । ଚୀନ ବିରୋଧରେ ଆର୍ଥିକ ମୋର୍ଚ୍ଚାରେ ଭାରତ ଆମେରିକାର ବଡ଼ ସହଯୋଗୀ ହୋଇପାରିବ ବୋଲି ଏଥିରେ ଉଲ୍ଲେଖ କରାଯାଇଛି । ୱାଶିଂଟନ ଚୀନ ସହିତ ଆର୍ଥିକ ସମ୍ପର୍କକୁ ପୁନଃସନ୍ତୁଳନ କରିବା ପାଇଁ ପଦକ୍ଷେପ ନେବ ଓ ଭାରତ-ପ୍ରଶାନ୍ତ ମହାସାଗରୀୟ ଅଞ୍ଚଳରେ ଯୁଦ୍ଧ ରୋକିବା ପାଇଁ ପ୍ରୟାସ କରିବ ବୋଲି କୁହାଯାଇଛି ।

**ରାଜ୍ୟରେ ପୁଣି ପରୀକ୍ଷା ବିଭ୍ରାଟ; ବିଧାନସଭାରେ ହଟ୍ଟଗୋଳ**

# ପରୀକ୍ଷା ପୂର୍ବରୁ ଏଏନ୍‌ଏମ୍ ପ୍ରଶ୍ନପତ୍ର ଲିକ୍

■ ଭୁବନେଶ୍ୱର, ୫।୧୨ (ସମିସ): ରାଜ୍ୟରେ ପୁଣିଥରେ ପରୀକ୍ଷା ବିଭ୍ରାଟ ଦେଖାଦେଇଛି । ପରୀକ୍ଷାର ଠିକ୍ ପୂର୍ବରୁ ପ୍ରଶ୍ନପତ୍ର ଲିକ୍ ହୋଇଛି । ଶୁକ୍ରବାର ଏଏନ୍‌ଏମ୍ ପରୀକ୍ଷା ଥିବା ବେଳେ ପରୀକ୍ଷାର ୩ ଘଣ୍ଟା ପୂର୍ବରୁ ପ୍ରଶ୍ନପତ୍ର ଭାଇରାଲ୍ ହୋଇଛି । ଦ୍ୱିତୀୟ ବର୍ଷ ପିଲାଙ୍କ ପଞ୍ଚମ ପେପର୍ 'ମିଡ ୱାଇଫେରୀ' ଦିନ ୨ଟା ବେଳେ ଆରମ୍ଭ ହେବାର ଥିଲା । ହେଲେ ଦିନ ୧୧ଟା ବେଳକୁ ଏହା ମୋବାଇଲ୍‌ରୁ ମୋବାଇଲ୍‌କୁ ଘୂରି ବୁଲିଥିଲା । ଏପରିକି, ବଜାରରେ ଏହାର ପ୍ରିଣ୍ଟ କପି ମଧ୍ୟ ବିକ୍ରି ହେଉଥିବା ଅଭିଯୋଗ ହୋଇଛି । ମାଲକାନାଗିରି ଓ ବଲାଙ୍ଗିରରୁ ପ୍ରଶ୍ନପତ୍ର ଲିକ୍ ଘଟଣା ସାମ୍ନାକୁ ଆସିବା ପରେ ଡିଏମ୍‌ଇଟି ପକ୍ଷରୁ ପରୀକ୍ଷାକୁ ପରବର୍ତ୍ତୀ ନିର୍ଦ୍ଦେଶନାମା ପର୍ଯ୍ୟନ୍ତ ଘୁଞ୍ଚାଇ ଦିଆଯାଇଛି ।

**କ୍ୟାପିଟାଲ ଥାନାରେ ଏତଲା; ଦୋଷୀଙ୍କ ବିରୋଧରେ ନିଆଯିବ କାର୍ଯ୍ୟାନୁଷ୍ଠାନ**




ବାରମ୍ବାର ପରୀକ୍ଷା ବିଭ୍ରାଟକୁ ନେଇ ଆଜି ବିଧାନସଭାରେ ବିରୋଧୀମାନେ ହଟ୍ଟଗୋଳ କରିଥିଲେ । ଏଏନ୍‌ଏମ୍ ପ୍ରଶ୍ନପତ୍ର ପ୍ରଘଟ ସମ୍ପର୍କରେ ବିବୃତି ରଖିବାକୁ ବାଚସ୍ପତି ସୁରମା ପାଢ଼ୀ ସ୍ୱାସ୍ଥ୍ୟମନ୍ତ୍ରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ । ଅପରାହ୍ଣ ଅଧିବେଶନରେ ସ୍ୱାସ୍ଥ୍ୟମନ୍ତ୍ରୀ ଡ. ମୁକେଶ ମହାଲିଙ୍ଗ ଏହି ପ୍ରସଙ୍ଗରେ ଗୃହରେ ବିବୃତି ରଖିଥିଲେ । ସ୍ୱାସ୍ଥ୍ୟମନ୍ତ୍ରୀ କହିଛନ୍ତି ଯେ ଏଏନଏମ ପରୀକ୍ଷାକୁ ସ୍ଥଗିତ ରଖାଯାଇଛି । ଭୁବନେଶ୍ୱର କ୍ୟାପିଟାଲ ଥାନାରେ ଏନେଇ ଏତଲା ପ୍ରଦାନ ▶ପୃଷ୍ଠା-୭

**ଉଡ଼ାଣ ଅଚଳ**


**ଯାତ୍ରୀଙ୍କୁ କ୍ଷମା ମାଗିଲା ଇଣ୍ଡିଗୋ**

# ଡିଜିସିଏର ତଦନ୍ତ ନିର୍ଦ୍ଦେଶ

■ ନୂଆଦିଲ୍ଲୀ, ୫।୧୨ (ଏଜେନ୍ସି): ଚତୁର୍ଥ ଦିନରେ ବି 'ଇଣ୍ଡିଗୋ'ର ବିମାନ ସେବାରେ ଅଚଳାବସ୍ଥା ଜାରି ରହିଛି । ପାଇଲଟ ଏବଂ କର୍ମଚାରୀଙ୍କ ଘୋର ଅଭାବ ପାଇଁ ଗତ ୪ ଦିନରେ ୧୭୦୦ରୁ ଅଧିକ ବିମାନ ଉଡ଼ାଣ ବାତିଲ କରିଦିଆଯାଇଛି । ଶତାଧିକ ବିମାନ ମଧ୍ୟ ବିଳମ୍ବରେ ଚାଲୁଛି । ଏଥିଯୋଗୁଁ ଦେଶର ପ୍ରାୟ ସବୁ ବିମାନବନ୍ଦରରେ ହଜାର ହଜାର ଯାତ୍ରୀ ହନ୍ତସନ୍ତ ହେଉଛନ୍ତି । ଏହି ଘଟଣାରେ ଇଣ୍ଡିଗୋ ସିଇଓ ଦୁଃଖ ପ୍ରକାଶ କରିବା ସହ ଯାତ୍ରୀଙ୍କୁ କ୍ଷମା ପ୍ରାର୍ଥନା କରିଛନ୍ତି । ଆସନ୍ତା ୧୦ରୁ ୧୫ତାରିଖ ମଧ୍ୟରେ ବିମାନ ▶ପୃଷ୍ଠା-୭

# କମିଲା ସୁଧ ହାର

■ ମୁମ୍ବଇ, ୫।୧୨ (ଏଜେନ୍ସି): ଦେଶରେ ହ୍ରାସ ପାଉଥିବା ଖୁଚୁରା ମୁଦ୍ରାସ୍ଫୀତିକୁ ନଜରରେ ରଖି ଭାରତୀୟ ରିଜର୍ଭ ବ୍ୟାଙ୍କ (ଆର୍‌ବିଆଇ) ଶୁକ୍ରବାର ଏହାର ପ୍ରମୁଖ ସୁଧ ହାର ବା ରେପୋ ହାରରେ ୨୫ ବେସିସ୍ ପଏଣ୍ଟ ଅର୍ଥାତ୍ ୦.୨୫% ହ୍ରାସ ଘଟାଇଛି । ଏହା ପରେ ରେପୋ ହାର ୫.୫୦%ରୁ ୫.୨୫%କୁ ଖସିଆସିଛି । ଆର୍‌ବିଆଇ ମୁଦ୍ରା ନୀତି କମିଟି (ଏମ୍‌ପିସି) ବୈଠକର ଚୂଡାନ୍ତ ଦିବସରେ ଆଜି କେନ୍ଦ୍ରୀୟ ବ୍ୟାଙ୍କ ସୁଧହାରରେ ଏହି ହ୍ରାସ ଘଟାଇଥିବା ଆର୍‌ବିଆଇ ଗଭର୍ଣ୍ଣର ▶ପୃଷ୍ଠା-୭



# ଦୁର୍ଘଟଣାରେ ଗଲା ୬ ଜୀବନ

■ ଯୋଡ଼ା/ବଡ଼ବିଲ, ୫।୧୨ (ସମିସ): କେନ୍ଦୁଝର ଜିଲ୍ଲାର ଜୀବନରେଖା କୁହାଯାଉଥିବା ୫୨୦ନମ୍ବର ଜାତୀୟ ରାଜପଥ ଆଜି ପୁଣି ୪ଜଣଙ୍କ ଜୀବନ ନେଇଛି । ବଡ଼ବିଲ ତହସିଲ ଅଧୀନ ଦୁଇଟି ପୃଥକ୍ ସ୍ଥାନରେ ଏହି ଅଘଟଣ ଘଟିଛି । ଗୋଟିଏ ସ୍ଥାନରେ ୩ଜଣଙ୍କ ମୃତ୍ୟୁ ଘଟିଥିବା ବେଳେ ଅନ୍ୟ ଏକ ଘଟଣାରେ ଜଣେ ପ୍ରାଣ ହରାଇଛନ୍ତି ।

**ରାଜପଥରେ ଗଡ଼ିଲା ୪ ମୁଣ୍ଡ**

**ଜନ୍ମଦିନ କେକ୍ କିଣି ଫେରିବା ବେଳେ ମାଡ଼ିଗଲା ହାଇୱା**

ସଂଧ୍ୟା ପ୍ରାୟ ସାଢ଼େ ୬ଟାରେ ଯୋଡ଼ା ଥାନା ଅନ୍ତର୍ଗତ କଳାପାହାଡ଼ ଛକ ନିକଟରେ ବାଇକ୍ ଉପରେ ଏକ ଟ୍ରେଲର୍ ମାଡ଼ିଯିବାରୁ ୩ଜଣଙ୍କ ମୃତ୍ୟୁ ଘଟିଛି । ମୃତକମାନେ ହେଲେ, ଯୋଡ଼ା ୧ ନମ୍ବର ୱାର୍ଡ ତାରିଣୀ ହଟିଂର ଶଙ୍କର ବାହାଦୁର (୪୫), ଟୁନୁ ପାତ୍ର । ଅନ୍ୟ ଜଣଙ୍କର ପରିଚୟ ମିଳିପାରିନାହିଁ । ୩ଜଣ ଯାକ ଏକ ବାଇକ୍‌ରେ ଫେରୁଥିବା ବେଳେ ଟ୍ରେଲର (ଜେଏଚ୍ ୦୫ବିଏସ୍ ୬୫୧୭)ଟି ସେମାନଙ୍କ ବାଇକ୍‌କୁ ଧକ୍କା ଦେଇଥିଲା । ୩ଜଣ ଯାକ ଗାଡ଼ିରୁ ଛିଟିକି ପଡ଼ିବା ପରେ ଟ୍ରେଲର୍‌ଟି ସେମାନଙ୍କୁ ଚାପି ଦେଇଥିଲା । ଫଳରେ ଘଟଣାସ୍ଥଳରେ ସମସ୍ତଙ୍କ ମୃତ୍ୟୁ ହୋଇଥିଲା । ଖବର ▶ପୃଷ୍ଠା-୭

**୨ ବର୍ଷର ଶିଶୁକୁ ଛାଡ଼ି ଚାଲିଗଲେ ବାପା-ମା'**

■ ଦିଗପହଣ୍ଡି, ୫।୧୨(ସମିସ): ଦିଗପହଣ୍ଡି-ବ୍ରହ୍ମପୁର ରାସ୍ତାର ଗଣିଆନାଳ ଛକ ନିକଟସ୍ଥ ମାଁ କୁରେଇଶୁଣି ମନ୍ଦିର ସମ୍ମୁଖରେ ଶୁକ୍ରବାର ସନ୍ଧ୍ୟା ପ୍ରାୟ ୭ଟାରେ ସ୍କୁଟି ଓ ବାଇକ ମଧ୍ୟରେ ମୁହାଁମୁହିଁ ଧକ୍କା ହେବାରୁ ଏଥିରେ ଏକ ଦମ୍ପତିଙ୍କ ମୃତ୍ୟୁ ହୋଇଛି । ମୃତକଦ୍ୱୟ ହେଲେ, ସାନଖେମୁଣ୍ଡି ବ୍ଲକ ଗଙ୍ଗାପୁର ପଞ୍ଚାୟତ ଢ଼େପାଗୁଡା ଗ୍ରାମର ପ୍ରତାପ ମଲ୍ଲିକ (୩୫) ଓ ସ୍ତ୍ରୀ ଲଳିତା ମଲ୍ଲିକ (୩୦) । ସେହିପରି ଏହି ଦୁର୍ଘଟଣାରେ ସେମାନଙ୍କ ୨ ବର୍ଷର ଶିଶୁ ଓ ଆର୍. ଉଦୟଗିରି ଅଞ୍ଚଳର ଜଣେ ବାଇକ୍ ଚାଳକ ସୁନୀଲ ଦଳାଇ (୩୬) ଗୁରୁତର ହୋଇଛନ୍ତି । ▶ପୃଷ୍ଠା-୭

# ଫେବ୍ରୁଆରୀ ୧୯ରୁ ମାଟ୍ରିକ୍ ପରୀକ୍ଷା

■ କଟକ, ୫।୧୨ (ସମିସ): ଓଡ଼ିଶା ମାଧ୍ୟମିକ ଶିକ୍ଷା ପରିଷଦ (ବିଏସଇ) ପକ୍ଷରୁ ମାଟ୍ରିକ୍ ପରୀକ୍ଷା-୨୦୨୬ ରେଗୁଲାର୍ ଓ ଏକ୍ସ-ରେଗୁଲାର୍ ପାଇଁ ସମ୍ପୂର୍ଣ୍ଣ ସୂଚୀ ପ୍ରକାଶ ପାଇଛି । ପ୍ରକାଶିତ ବିଜ୍ଞପ୍ତି ଅନୁଯାୟୀ, ଆସନ୍ତା ୨୦୨୬ ଫେବ୍ରୁଆରୀ ୧୯ ତାରିଖରୁ ପରୀକ୍ଷା ଆରମ୍ଭ ହୋଇ ମାର୍ଚ୍ଚ ୨ ତାରିଖରେ ଶେଷ ହେବ । ରେଗୁଲାର୍ ଏବଂ ଏକ୍ସ-ରେଗୁଲାର୍ ଉଭୟ ଛାତ୍ରଛାତ୍ରୀଙ୍କ ପାଇଁ ପ୍ରତିଦିନ ଗୋଟିଏ ବିଷୟର ପରୀକ୍ଷା ଗୋଟିଏ ସିଟିଂରେ ଅନୁଷ୍ଠିତ ହେବ । ଗଣିତକୁ ଛାଡ଼ିଦେଲେ, ଅନ୍ୟ ସମସ୍ତ ପରୀକ୍ଷା ସକାଳ ୯ ଟାରୁ ୧୧ଟା ୩୦ ପର୍ଯ୍ୟନ୍ତ ଚାଲିବ । ଗଣିତ ପରୀକ୍ଷା ପାଇଁ ଅତିରିକ୍ତ ୧୫ ମିନିଟ୍ ସମୟ ଦିଆଯିବ । ତେଣୁ ଏହା ୧୧ଟା ୪୫ରେ ଶେଷ ହେବ ।

**ପ୍ରକାଶ ପାଇଲା ପରୀକ୍ଷା ସୂଚୀ**

**ଗଣିତ ପାଇଁ ଅତିରିକ୍ତ ୧୫ ମିନିଟ୍**

ସୂଚୀ ଅନୁଯାୟୀ, ଫେବ୍ରୁଆରି ୧୯ରେ ମାତୃଭାଷା, ୨୧ରେ ଇଂରାଜୀ, ୨୩ରେ ତୃତୀୟ ଭାଷା (ସଂସ୍କୃତ/ହିନ୍ଦୀ), ୨୫ରେ ବିଜ୍ଞାନ, ୨୭ରେ ସାମାଜିକ ବିଜ୍ଞାନ ଏବଂ ମାର୍ଚ୍ଚ ୨ରେ ଗଣିତ ପରୀକ୍ଷା ଅନୁଷ୍ଠିତ ହେବ । ▶ପୃଷ୍ଠା-୭

# ସରକାରୀ ସହାୟତା ଅପେକ୍ଷାରେ ବିଶ୍ୱ ଚାମ୍ପିଅନ ପିଙ୍କି



■ ଭୁବନେଶ୍ୱର, ୫।୧୨ (ସମିସ): ମହିଳା ସଶକ୍ତିକରଣର ସଂଜ୍ଞା କେବଳ ଆର୍ଥିକ କ୍ଷେତ୍ରରେ ସୀମିତ ନୁହେଁ । ଏହା ସାମାଜିକ, ମାନସିକ ଓ ଶାରୀରିକ ଭଳି ବ୍ୟାପକ କ୍ଷେତ୍ରକୁ ବୁଝାଏ । ଶାରୀରିକ ସଶକ୍ତିକରଣ ବିନା କ୍ରୀଡ଼ାନୈପୁଣ୍ୟ ଓ ଉତ୍କର୍ଷ ବିଷୟରେ ଚିନ୍ତା କରାଯାଇ ପାରେନା । ଅଥଚ ପିଙ୍କି ବେହେରାଙ୍କ ଭଳି ଯେଉଁ ମହିଳାମାନେ କ୍ରୀଡ଼ା କ୍ଷେତ୍ରରେ ରାଜ୍ୟ ପାଇଁ ଗୌରବ ଆଣିଛନ୍ତି, ସେମାନେ ଉପଯୁକ୍ତ ମର୍ଯ୍ୟାଦା, ସମ୍ମାନ ଓ ନ୍ୟାୟରୁ ବଞ୍ଚିତ । ରାଜ୍ୟ ସରକାର ସମ୍ପ୍ରତି ମହିଳା ସଶକ୍ତିକରଣ ଓ କ୍ରୀଡ଼ା ବିକାଶକୁ ଅଗ୍ରାଧିକାର ଦେଉଥିବାରୁ ରାଜ୍ୟ ପାଇଁ ସୁନାମ ଆଣିଥିବା ମହିଳା କ୍ରୀଡ଼ାବିତ୍‌ମାନଙ୍କ ପ୍ରତି ସ୍ୱତନ୍ତ୍ର ଦୃଷ୍ଟି ଦେବାକୁ ପଡ଼ିବ । କାରଣ ବଡି ବିଲଡିଙ୍ଗ୍‌ର ରାଜ୍ୟକୁ ବିଶ୍ୱ ଦରବାରରେ ଗୌରବାନ୍ୱିତ କରି ସ୍ୱର୍ଣ୍ଣପଦକ ହାସଲ କରିଥିବା ଓଡ଼ିଆ କ୍ରୀଡ଼ାବିତ୍ ସରକାରୀ ସହାୟତା ଅପେକ୍ଷାରେ । ବଡି ବିଲଡିଙ୍ଗ୍‌ରେ ଓଡ଼ିଶାର ପ୍ରଥମ ମହିଳା ବଡି ବିଲଡର ଭାବେ ବିଶ୍ୱ ବିଜୟୀ ହୋଇ ମଧ୍ୟ ସରକାରୀ ସହାୟତା ପାଇବାରୁ ବଞ୍ଚିତ ହୋଇଛନ୍ତି ପିଙ୍କି ।

**ବଡି ବିଲଡିଂରେ ଆଣିଥିଲେ ସ୍ୱର୍ଣ୍ଣ ପଦକ**

**ଅନ୍ତର୍ଜାତୀୟ ସ୍ତରରେ ଓଡ଼ିଶାକୁ କରିଥିଲେ ଗୌରବାନ୍ୱିତ**

ସୂଚନାଯୋଗ୍ୟ, ୨୦୨୨ ମସିହାରେ କେରଳରେ ଅନୁଷ୍ଠିତ ବଲିବିଲଡିଂ ଚାମ୍ପିଅନସିପ୍‌ରେ ସେ ପ୍ରଥମେ ଭାଗ ନେଇଥିଲେ । ସେଠାରେ ଯଦିଓ କିଛି ସ୍ଥାନ ଅଧିକାର କରିନଥିଲେ ସେହିଦିନରୁ ତାଙ୍କର ଏଥିପ୍ରତି ଆଗ୍ରହ ▶ପୃଷ୍ଠା-୭

## ପୁଟିନଙ୍କ ଭାରତ ଗସ୍ତ ନେଇ ବିଶ୍ୱ ଗଣମାଧ୍ୟମର ମିଶ୍ର ପ୍ରତିକ୍ରିୟା

ନୂଆଦିଲ୍ଲୀ, ୫ ।୧୨(ଏଜେନ୍ସି): ରୁଷିଆର ରାଷ୍ଟ୍ରପତି ଭ୍ଲାଦିମିର ପୁଟିନଙ୍କ ଭାରତ ଗସ୍ତ ନେଇ ବିଶ୍ୱ ଗଣମାଧ୍ୟମ ମିଶ୍ର ପ୍ରତିକ୍ରିୟା ପ୍ରକାଶ କରିଛନ୍ତି। ଆମେରିକାରୁ ୟୁକ୍ରେନ ପର୍ଯ୍ୟନ୍ତ ସବୁ ଗଣମାଧ୍ୟମ ପୁଟିନଙ୍କ ଏହି ଭାରତ ଗସ୍ତକୁ ବେଶ୍ ଗୁରୁତ୍ୱ ଦେବା ସହ ଅଗ୍ରାଧିକାର ଦେଇ ଖବର ପରିବେଷଣ କରିଛନ୍ତି। ପୁଟିନଙ୍କ ଏହି ଗସ୍ତ ପାଇଁ ସାରା ବିଶ୍ୱର ନଜର ଭାରତ ଉପରେ ରହିଛି। ୟୁକ୍ରେନ ବିରୋଧରେ ଚାଲିଥିବା ଯୁଦ୍ଧ କାରଣରୁ ଏହି ଗସ୍ତକୁ ବିଶ୍ୱର ସବୁ ବଡ଼ ଗଣମାଧ୍ୟମ ବେଶ୍ ଗୁରୁତ୍ୱ ଦେଇଛନ୍ତି।

### ରୁଷ ବିଶ୍ୱରେ ଏକଘରକିଆ ନୁହେଁ: ବ୍ରିଟେନ-ବିବିସି

ରୁଷଠାରୁ ତୈଳ କ୍ରୟ କମ୍ କରିବାକୁ ଆମେରିକା ଭାରତ ଉପରେ ଲଗାତର ଚାପ ପକାଉଥିବା ବେଳେ ପୁଟିନଙ୍କ ଏହି ଗସ୍ତ ବେଶ୍ ଗୁରୁତ୍ୱ ବହନ କରୁଛି। ଦୁଇ ଦେଶ ମଧ୍ୟରେ ବନ୍ଧୁତ୍ୱ ବହୁ ପୁରୁଣା। ଭାରତ ବିଶ୍ୱର ଦ୍ରୁତତମ ଅଭିବୃଦ୍ଧିଶୀଳ ପ୍ରମୁଖ ଅର୍ଥନୀତି ମଧ୍ୟରୁ ଅନ୍ୟତମ ଏବଂ ଭାରତ ପାଖରେ ଦେଢ଼ଶହ କୋଟି ଜନସଂଖ୍ୟା ବିଶିଷ୍ଟ ବଜାର ରହିଛି। ଏହି କାରଣରୁ ରୁଷ ଭାରତକୁ ଏକ ଗୁରୁତ୍ୱପୂର୍ଣ୍ଣ ଅଂଶୀଦାର ବୋଲି ବିବେଚନା କରୁଛି। ତୈଳ ବାଣିଜ୍ୟ ନେଇ ଭାରତଠାରୁ ରୁଷ୍ ବହୁତ କିଛି ଆଶା କରେ। ପ୍ରତିରକ୍ଷା କ୍ଷେତ୍ରରେ ମଧ୍ୟ ଦୁଇ ଦେଶର ଭାଗୀଦାରି ଦୃଢ଼ ରହିଛି। ବହୁ ବର୍ଷ ଧରି ଭାରତ ରୁଷଠାରୁ ଅସ୍ତ୍ରଶସ୍ତ୍ର କ୍ରୟ କରିଆସୁଛି। ରୁଷ୍‌ଠାରୁ ଭାରତ ଏବେ ଲଢୁଆ ବିମାନ ଓ ଏୟାର ଡିଫେନ୍ସ ସିଷ୍ଟମ କ୍ରୟ କରିବା ନେଇ ବିଚାର କରୁଛି। ରୁଷିଆରେ ଦକ୍ଷ କର୍ମଚାରୀଙ୍କ ଅଭାବ ରହିଛି ଓ ଭାରତ ଏହା ପୂରଣ କରିପାରିବ ବୋଲି ରୁଷ ହୃଦୟଙ୍ଗମ କରିଛି। ଏହି ଗସ୍ତ ଏକ ଗୁରୁତ୍ୱପୂର୍ଣ୍ଣ ରାଜନୈତିକ ବାର୍ତ୍ତା ବହନ କରୁଛି। ପାଶ୍ଚାତ୍ୟ ବିରୋଧ ଓ ୟୁକ୍ରେନେ ଯୁଦ୍ଧ ସତ୍ତ୍ୱେ ରୁଷ୍ ବିଶ୍ୱରେ ଏକ ଘରକିଆ ନୁହେଁ ବୋଲି ରୁଷି ପ୍ରମାଣ କରିବାକୁ ଚାହୁଁଛି ବୋଲି ବିବିସି ଉଲ୍ଲେଖ କରିଛି। ଆମେରିକାକୁ ରୁଷ ଓ ଭାରତ ଭୟ କରୁନାହାନ୍ତି ବୋଲି ଏହି ଗସ୍ତ ପ୍ରମାଣ କରୁଥିବା 'ଦି ଗାର୍ଡିଆନ' ଉଲ୍ଲେଖ କରିଛି।

### ଭାରତୀୟ କୂଟନୀତି ପାଇଁ ପରୀକ୍ଷା: କିଭ୍ ଇଣ୍ଡିପେଣ୍ଡେଣ୍ଟ

ପୁଟିନଙ୍କ ଭାରତ ଗସ୍ତ ସହ ଏହି ସପ୍ତାହରେ ଭାରତୀୟ କୂଟନୀତି ପାଇଁ ବଡ଼ ପରୀକ୍ଷା ସୃଷ୍ଟି ହେବ ବୋଲି ୟୁକ୍ରେନର ପ୍ରମୁଖ ଗଣମାଧ୍ୟମଗୁଡିକ ଉଲ୍ଲେଖ କରିଛନ୍ତି। ରୁଷି ଓ ୟୁକ୍ରେନ ମଧ୍ୟରେ ସନ୍ତୁଳନ ବଜାୟ ରଖିବାକୁ ଭାରତ ଆଗରେ ନୂଆ ଚ୍ୟାଲେଞ୍ଜ ସୃଷ୍ଟି ହୋଇଛି। ରୁଷ ସହିତ ଶକ୍ତି ଓ ପ୍ରତିରକ୍ଷା ସମ୍ପର୍କକୁ ମଜଭୂତ କରିବାକୁ ଭାରତ ଚାହୁଁଛି। କିନ୍ତୁ ୟୁକ୍ରେନ, ଆମେରିକା ଓ ୟୁରୋପୀୟ ଦେଶଗୁଡ଼ିକ ରୁଷ ଯୁଦ୍ଧ ବନ୍ଦ କରିବା ନେଇ ଭାରତ ଚାପ ପକାଉ ବୋଲି ଚାହୁଁଛନ୍ତି। ପୁଣି ବିଶ୍ୱରେ ରୁଷ୍ ଏକଘରିକିଆ ନୁହେଁ ବୋଲି ପୁଟିନ ଏହି ଗସ୍ତ ମାଧ୍ୟମରେ ପ୍ରମାଣ କରିବାକୁ ଚାହୁଁଛନ୍ତି। ଭାରତ ଓ ରୁଷର ବନ୍ଧୁତ୍ୱ ବହୁ ପୁରୁଣା, ପାକିସ୍ତାନ ବିପକ୍ଷ ୧୯୭୧ ଯୁଦ୍ଧରେ ରୁଷ ମଧ୍ୟ ଭାରତକୁ ଖୋଲାଖୋଲି ସମର୍ଥନ କରିଥିଲା। କିନ୍ତୁ ରୁଷ୍ ଓ ୟୁକ୍ରେନ ମାମଲାରେ ଭାରତ ସବୁବେଳେ ନିରପେକ୍ଷ ରହିବାକୁ ପ୍ରୟାସ କରିଛି। ଏପରିକି ଜାତିସଂଘରେ ରୁଷିଆ ବିପକ୍ଷରେ ଆସିଥିବା ପ୍ରସ୍ତାବ ନେଇ ହୋଇଥିବା ମତଦାନରୁ ନିଜକୁ ଦୂରେଇ ରଖିଛି। ତେଣୁ ଭାରତ କୂଟନୀତି ପାଇଁ ଏହା ଏକ ବଡ଼ ଚ୍ୟାଲେଞ୍ଜ ବୋଲି ୟୁକ୍ରେନ ଗଣମାଧ୍ୟମଗୁଡିକ କହିଛି।

### ରୁଷୀୟ ଭାଷାରେ ଗୀତା ଉପହାର ଦେଲେ ମୋଦୀ

ଭାରତ- ରୁଷିଆ ଶିଖର ସମ୍ମିଳନୀ (୨୩ତମ )ରେ ଯୋଗ ଦେବାକୁ ରାଷ୍ଟ୍ରପତି ଭ୍ଲାଦିମିର ପୁଟିନ ଗୁରୁବାର ଭାରତରେ ପହଞ୍ଚିଛନ୍ତି। ୪ ବର୍ଷ ପରେ ପୁଟିନ ଭାରତ ଗସ୍ତରେ ଆସିଛନ୍ତି। ତାଙ୍କୁ ପାଛୋଟି ନେବାକୁ ପ୍ରଧାନମନ୍ତ୍ରୀ ମୋଦୀ ପ୍ରୋଟୋକଲ ଭାଙ୍ଗି ପାଲମ ବିମାନ ବନ୍ଦରରେ ପହଞ୍ଚିଥିଲେ। ଏହାପରେ ଦୁହେଁ ପ୍ରଧାନମନ୍ତ୍ରୀ ବାସଭବନରେ ପହଞ୍ଚିଥିଲେ। ପୁଟିନଙ୍କ ସମ୍ମାନରେ ଏକ ନୈଶ୍ୟଭୋଜିର ମଧ୍ୟ ଆୟୋଜନ ହୋଇଥିଲା। ଏହି ଅବସରରେ ମୋଦୀ ତାଙ୍କୁ ରୁଷୀୟ ଭାଷାରେ ଲିଖିତ ଏକ ଗୀତା ଉପହାର ସ୍ୱରୂପ ପ୍ରଦାନ କରିଥିଲେ। ଏହାପରେ ପୁଟିନ ରାଜଘାଟରେ ପୁଷ୍ପମାଲ୍ୟ ଅର୍ପଣ କରିଥିଲେ। ତା'ପରେ ଉଭୟ ନେତା ଶିଖର ସମ୍ମିଳନୀରେ ଅଂଶଗ୍ରହଣ କରିବାକୁ ହାଇଦରାବାଦ୍ ହାଉସ୍ ଯାଇଥିଲେ।

### ମୋଦୀଙ୍କ ଭଳି ନେତା ପାଇ ଭାରତ ଭାଗ୍ୟବାନ: ପୁଟିନ

ରୁଷ ରାଷ୍ଟ୍ରପତି ଭ୍ଲାଦିମିର ପୁଟିନ ଭାରତ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ପ୍ରଶଂସାରେ ଶତମୁଖ ହୋଇଛନ୍ତି। ଭାରତ ପାଖରେ ମୋଦୀଙ୍କ ଭଳି ନେତା ରହୁଥିବାରୁ ଏହି ଦେଶ ବେଶ୍ ଭାଗ୍ୟବାନ ବୋଲି ସେ କହିଛନ୍ତି। ମୋଦୀ କୌଣସି ଚାପ ଆଗରେ ମୁଣ୍ଡ ନୁଆଁନ୍ତି ନାହିଁ ବୋଲି ମସ୍କୋରେ ସାକ୍ଷାତ୍‌କାର ଦେବା ଅବସରରେ ପୁଟିନ କହିଥିଲେ। ଭାରତ ଏବେ ବିଶ୍ୱର ଏକ ବଡ଼ ଶକ୍ତିଭାବେ ଉଭା ହୋଇଛି। ଫଳରେ ଅନ୍ୟ ଦେଶଗୁଡିକ ଭାରତ ପ୍ରତି ଈର୍ଷାନ୍ୱିତ ହୋଇ ପଡ଼ିଥିବା ବୋଲି ସେ କହିଛନ୍ତି। ଆମେରିକାର ଟାରିଫ୍ ନୀତି ନେଇ ପୁଟିନ ସ୍ପଷ୍ଟ ଭାବେ ନିଜର ମତ ରଖଛନ୍ତି। ଏ ନେଇ ଭାରତର ସ୍ୱତନ୍ତ୍ର ତଥା ସ୍ୱାଧୀନ ନୀତି ରହିଥିବା ସେ ସୂଚନା ଦେଇଛନ୍ତି।

### ନେହରୁଙ୍କୁ ଗାଈ ଉପହାର ଦେଇଥିଲା ରୁଷିଆ



ପଣ୍ଡିତ ଜବାହାରଲାଲ ନେହରୁ ଦ୍ୱିତୀୟଥର ପ୍ରଧାନମନ୍ତ୍ରୀ ଭାବେ ନିର୍ବାଚିତ ହେବା ପରେ ୧୯୬୦ ମାର୍ଚ୍ଚ ୨୭ରେ ରୁଷିଆ ଅର୍ଥାତ ସେତେବେଳେର ସୋଭିଏତ ୟୁନିୟନକୁ ଦୁଇ ଦିନିଆ ଗସ୍ତରେ ଯାଇଥିଲେ। ତାଙ୍କ ଏହି ଗସ୍ତରେ ରୁଷିଆ ସରକାର ତାଙ୍କୁ ଏକ ଗାଈ ଉପହାର ସ୍ୱରୁପ ପ୍ରଦାନ କରିଥିଲେ। ସୋଭିଏତ ରାଷ୍ଟ୍ରଦୂତ ଇଭାନ ବେନେଡିକ୍‌ଟୋଭ ଓ ତାଙ୍କ ପତ୍ନୀ ନେହରୁଙ୍କୁ ଗାଈର ଦଉଡି ପ୍ରଦାନ କରିଥିଲେ। ସଙ୍ଗେସଙ୍ଗେ ନେହରୁ ଗାଈକୁ ଖାଦ୍ୟ ଦେଇଥିଲେ। ଏଭଳି ଏକ ଭିନ୍ନ ଧରଣର ଉପହାର ପାଇଁ ନେହରୁ ଖୁସି ଜାହିର କରିଥିଲେ। ଏବେ ମଧ୍ୟ ଏହି ଘଟଣାକୁ ଦୁଇ ଦେଶର ନାଗରିକ ଓ ନେତାମାନେ ମନେ ରଖିଛନ୍ତି। ଦୁଇ ଦେଶ ପାଇଁ ଏହି ଘଟଣା ଏକ ସ୍ମୃତି ହୋଇ ରହିଛି।

## ଗୁଜରାଟରେ ୧୭ ଲକ୍ଷରୁ ଅଧିକ ମୃତ ଭୋଟର

ନୂଆଦିଲ୍ଲୀ, ୫ ।୧୨(ଏଜେନ୍ସି): ଗୁଜରାଟରେ ଚାଲିଥିବା ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନ (ଏସ୍‌ଆଇଆର୍) ପ୍ରକ୍ରିୟାରୁ ଚକିତ କଲା ଭଳି ତଥ୍ୟ ସାମ୍ନାକୁ ଆସିଛି। ବର୍ତ୍ତମାନର ତାଲିକାରେ ୧୭ ଲକ୍ଷ ଊର୍ଦ୍ଧ୍ୱ ମୃତ ଭୋଟର ସାମିଲ ଅଛନ୍ତି ବୋଲି ମୁଖ୍ୟ ନିର୍ବାଚନ ଅଧିକାରୀ ସୂଚନା ଦେଇଛନ୍ତି। ଗତ ଏକ ମାସ ମଧ୍ୟରେ ୫ କୋଟିରୁ ଅଧିକ ପଞ୍ଜିକୃତ ଭୋଟରଙ୍କୁ ଫର୍ମ ବଣ୍ଟନ କରାଯାଇଛି। ୩୩ଟି ଜିଲ୍ଲାରେ ଶତପ୍ରତିଶତ କାର୍ଯ୍ୟ ସମାପ୍ତ ହୋଇଛି। ଫେରସ୍ତ ଫର୍ମଗୁଡିକର ଡିଜିଟାଇଜେସନ କାର୍ଯ୍ୟ ଜାରି ରହିଛି। ୩୦ ଲକ୍ଷ ଭୋଟର ଗୁଜରାଟ ଛାଡି ସାରିଛନ୍ତି ବୋଲି ଜଣାପଡ଼ିଛି। ୬.୧୪ ଲକ୍ଷରୁ ଊର୍ଦ୍ଧ୍ୱ ଭୋଟର ନିଜ ଠିକଣାରେ ନାହାନ୍ତି। ବୁଥ ସ୍ତରର ଅଧିକାରୀ (ବିଏଲ୍‌ଓ) ଙ୍କୁ ୩.୨୫ ଲକ୍ଷରୁ ଅଧିକ ଭୋଟର ରିପିଟେଡ ବର୍ଗରେ ମିଳିଛନ୍ତି। ଏହାର ଅର୍ଥ ଏମାନଙ୍କ ନାମ ଏକାଧିକ ସ୍ଥାନରେ ରହିଛି। ସେପଟେ ପଶ୍ଚିମବଙ୍ଗ ମୁଖ୍ୟମନ୍ତ୍ରୀ ମମତା ବାନାର୍ଜୀ ଏସ୍‌ଆଇଆର୍‌କୁ ନେଇ ପୁଣି ଥରେ ବିଜେପିକୁ ସମାଲୋଚନା



କରି ମନ୍ତବ୍ୟ ଦେଇଛନ୍ତି। ଏସ୍‌ଆଇଆର ସହିତ ଜଡିତ ଘଟଣାଗୁଡିକରେ ମୃତ୍ୟୁବରଣ କରିଥିବା ଲୋକଙ୍କ ମଧ୍ୟରେ ଅଧାରୁ ଅଧିକ ହିନ୍ଦୁ ବୋଲି ସେ କହିଛନ୍ତି। ମୁର୍ଶିଦାବାଦ୍‌ରେ ଏକ ରାଲିକୁ ସମ୍ବୋଧିତ କରିବା ବେଳେ ମମତା କହିଛନ୍ତି ଯେ, ୨୦୧୬ ବିଧାନସଭା ନିର୍ବାଚନ ପୂର୍ବରୁ ଧର୍ମକୁ ନେଇ ରାଜନୀତି ଆରମ୍ଭ କରିଛି। ଯେଉଁ ଡାଳରେ ବିଜେପି ବସିଛି ତାହାକୁ ହିଁ କାଟୁଛି। ପୁଣି ପଶ୍ଚିମବଙ୍ଗରେ ଏନ୍‌ଆରସି ବା ଡିଟେନସନ ହୋମର ଅନୁମତି ଦିଆଯିବ ନାହିଁ ବୋଲି ସେ କହିଛନ୍ତି।

## ଉତ୍ତରାଖଣ୍ଡରେ ସବୁ ଇଣ୍ଡିଗୋ ବିମାନର ଉଡ଼ାଣ ବାତିଲ୍

ଡେରାଡୁନ୍, ୫ ।୧୨(ଏଜେନ୍ସି): ଉତ୍ତରାଖଣ୍ଡରେ ଶୁକ୍ରବାର ଇଣ୍ଡିଗୋର ୧୫ଟି ବିମାନର ଉଡାଣକୁ ବାତିଲ କରି ଦିଆଯାଇଛି। ଡେରାଡୁନରୁ ଏହି ବିମାନଗୁଡିକ ଉଡାଣ ଭରିବାର କର୍ଯ୍ୟକ୍ରମ ଥିଲା। ଜଲିଗ୍ରାଣ୍ଟ ବିମାନ ବନ୍ଦରରୁ ୧୩ ଓ ଉଦ୍ଧମ ସିଂ ନଗରର ପନ୍ତ ନଗର ବିମାନ ବନ୍ଦରରୁ ୨ଟି ବିମାନ ଟେକ୍‌ଅଫ୍ କରିବାର ଥିଲା। ଯାତ୍ରା ପାଇଁ ପାଖାପାଖି ୧୦୦ ଯାତ୍ରୀ ବିମାନ ବନ୍ଦରରେ ପହଞ୍ଚିଥିଲେ। କିନ୍ତୁ ଶେଷ ମୁହୂର୍ତ୍ତରେ ବିମାନ ବାତିଲ କରି ଦିଆଯାଇଥିଲା। ଏଥିଯୋଗୁଁ ଯାତ୍ରୀମାନେ ଅସନ୍ତୋଷ ଜାହିର କରିଥିଲେ। ଯାତ୍ରୀମାନଙ୍କୁ ସହାୟତା ପ୍ରଦାନ କରିବା ପାଇଁ ବିମାନ ବନ୍ଦରରେ ଏକ ହେଲ୍ପ ଡେସ୍କ ଖୋଲଯାଇଛି। ଯାତ୍ରୀଙ୍କୁ ଏହି ଡେସ୍କ ଲଗାତର ସୂଚନା ପ୍ରଦାନ କରୁଛି। ପନ୍ତନଗରରୁ ବିମାନଗୁଡିକ ଦିଲ୍ଲୀ ଓ କୋଲକାତା ପ୍ରସ୍ଥାନ କରିବାର କାର୍ଯ୍ୟକ୍ରମ ଥିଲା। ଦୁଇଟି ଯାକ ବିମାନରେ ୬୮ ଜଣ ଯାତ୍ରୀ



ଯାତ୍ରା କରିବାର ବ୍ୟବସ୍ଥା ଥିଲା। ସେହିପରି ଜଲିଗ୍ରାଣ୍ଟ ବିମାନ ବନ୍ଦରରୁ ବିମାନଗୁଡିକ ଦିଲ୍ଲୀ, ଲକ୍ଷ୍ନୌ, ବେଙ୍ଗାଲୁରୁ, ମୁମ୍ବଇ, ଜୟପୁର, ଅହମଦାବାଦ୍, ହାଇଦରାବାଦ୍, ଭୁବନେଶ୍ୱର, କୋଲକାତା ଓ ପୁଣେ ଯାତ୍ରା କରିବାର କାର୍ଯ୍ୟକ୍ରମ ଥିଲା।

# ଭାରତ-ରୁଷ ସମ୍ପର୍କର ନୂଆ ଅଧ୍ୟାୟ

ନୂଆଦିଲ୍ଲୀ (ସମିସ/ଏଜେନ୍ସି): ପଶ୍ଚିମ ଦେଶର ଧମକ, ଆମେରିକାର ନାଲିଆଖି ଓ ଚତୁର ରଣନୀତିକୁ ଉପେକ୍ଷା କରି ରୁଷ ରାଷ୍ଟ୍ରପତି ଭ୍ଲାଡ଼ିମିର ପୁଟିନ୍‌ଙ୍କ ଭାରତ ଗସ୍ତ ବିଶ୍ୱ ଭୂ-ରାଜନୀତି ଇତିହାସରେ ସୃଷ୍ଟି କରିଛି ନୂଆ ଅଧ୍ୟାୟ। ଅନୁରୂପ ଭାବରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଭାରତର ସର୍ବଶ୍ରେଷ୍ଠ ବନ୍ଧୁଙ୍କୁ ଉତ୍ସାହର ସହ ସ୍ୱାଗତ ମଧ୍ୟ ସାରା ବିଶ୍ୱକୁ ସ୍ତବ୍ଧ କରିଛି। ପୁଟିନ୍‌ଙ୍କ ଏହି ଗସ୍ତ ଓ ଭାରତର ଆନ୍ତରିକ ସ୍ୱାଗତ କେବଳ କୁଟନୈତିକସ୍ତରରେ ନୁହେଁ, ପଶ୍ଚିମ ଦେଶ ଓ ଆମେରିକାକୁ ଶକ୍ତ ଆଘାତ ଦେଇଛି। ୨୩ତମ ଭାରତ-ରୁଷ ବାର୍ଷିକ ଶିଖର ସମ୍ମିଳନୀରେ ଗ୍ରହଣ କରାଯାଇଥିବା ନିଷ୍ପତ୍ତିଗୁଡ଼ିକ ଭାରତ-ରୁଷ ସମ୍ପର୍କକୁ ଏପରି ଏକ ଶକ୍ତ ରଜ୍ଜୁରେ ବାନ୍ଧିଛି, ଯାହା କୌଣସି ଭୂ-ରାଜନୈତିକ ଝଡ଼ରେ ବି ତୁଟିବାର ସମ୍ଭାବନା ନାହିଁ। ୨୦୦୦ ମସିହାରେ ରାଷ୍ଟ୍ରପତି ଭାବରେ ଭ୍ଲାଦିମିର ପୁଟିନ ପ୍ରଥମ ଥର ପାଇଁ ଭାରତ ଗସ୍ତରେ ଆସିଥିବା ବେଳେ ବନ୍ଧୁତାର ଯେଉଁ ବୀଜବପନ ହୋଇଥିଲା ତାହା ୨୦୨୫ ମସିହାରେ ଏକ ବିଶାଳ ବଟବୃକ୍ଷରେ ପରିଣତ ହୋଇଛି। ପ୍ରଧାନମନ୍ତ୍ରୀ ମୋଦି ଓ ରାଷ୍ଟ୍ରପତି ପୁଟିନ ଏକ ମିଳିତ ବିବୃତ୍ତିରେ ଏହି ସମ୍ପର୍କକୁ ବିଶ୍ୱାସ ଓ ପାରସ୍ପରିକ ସମ୍ମାନର ମୂଳଦୁଆ ଉପରେ ପର୍ଯ୍ୟବେଶିତ ବୋଲି ଉଲ୍ଲେଖ କରି ଏହାକୁ କେହି ଦୋହଲାଇ ପାରିବେ ନାହିଁ ବୋଲି କହିଛନ୍ତି।



### ବହୁଧ୍ରୁବୀୟ ବିଶ୍ୱର ଶ୍ରେଷ୍ଠ ସ୍ଥପତି

ଡିସେମ୍ବର ୫ ତାରିଖରେ ଜାରି ହୋଇଥିବା ମିଳିତ ବିବୃତ୍ତିର ପ୍ରତ୍ୟେକ ଶବ୍ଦ ଅନେକ ଦୃଷ୍ଟିରୁ ଗୁରୁତ୍ୱପୂର୍ଣ୍ଣ। ଏହି ବିବୃତି ଭାରତ ଓ ରୁଷକୁ ଏକ 'ବହୁଧ୍ରୁବୀୟ ବିଶ୍ୱ'ର ଶ୍ରେଷ୍ଠ ସ୍ଥପତି ଭାବରେ ପରିଚିତି ଦେଇଛି। ଦୁଇଟି ପ୍ରମୁଖ ଶକ୍ତି ଭାବରେ ସେମାନଙ୍କର ସହଭାଗୀତା ବିଶ୍ୱ ଶାନ୍ତି ଏବଂ ସ୍ଥିରତା ପାଇଁ କାର୍ଯ୍ୟ କରିବ ବୋଲି ଦୁଇ ଦେଶ ପ୍ରତିବଦ୍ଧତା ଘୋଷଣା କରିଛନ୍ତି ଏବଂ ନିଜ ଇଚ୍ଛା ଅନୁସାରେ ବିଶ୍ୱକୁ ନିୟନ୍ତ୍ରଣ ନିମନ୍ତେ ଆମେରିକାର ଏକଚ୍ଛତ୍ର ଆଧିପତ୍ୟକୁ ଏହା ସିଧାସଳଖ ଆହ୍ୱାନ ଦେବାକୁ ସକ୍ଷମ ହୋଇଛନ୍ତି। ଭବିଷ୍ୟତ ପାଇଁ ପ୍ରସ୍ତୁତ ରୋଡ଼ମ୍ୟାପରେ ଭାରତକୁ ଏକ ସାମରିକ ଓ ଆର୍ଥିକ ମହାଶକ୍ତିରେ ପରିଣତ କରିବାକୁ ବ୍ୟବସ୍ଥା କରାଯାଇଛି ଏବଂ ପ୍ରତିରକ୍ଷା, ମହାକାଶ, ପରମାଣୁଶକ୍ତି, ବାଣିଜ୍ୟ ଆଦି କ୍ଷେତ୍ରରେ ଭାରତକୁ ରୁଷ ସହଯୋଗ ଦେବାକୁ ସମ୍ମତ ହୋଇଛି।

### 'ମେକ୍ ଇନ୍ ଇଣ୍ଡିଆ'କୁ ପ୍ରୋତ୍ସାହନ

ପ୍ରତିରକ୍ଷା କ୍ଷେତ୍ର ସର୍ବଦା ଭାରତ-ରୁଷିଆ ସମ୍ପର୍କରେ ମେରୁଦଣ୍ଡ ରୂପେ ପରିଚିତ ହୋଇଛି। ମାତ୍ର ଏବେ ଭାରତ କେବଳ କ୍ରେତା ନୁହେଁ, ବିକ୍ରେତା ହେବାକୁ ସାମର୍ଥ୍ୟ ଅର୍ଜନ କରିବାକୁ ଯାଉଛି। ରୁଷ ରାଷ୍ଟ୍ରପତି ପୁଟିନ 'ଆତ୍ମନିର୍ଭରଶୀଳ ଭାରତ' ଅଭିଯାନକୁ ପୂର୍ଣ୍ଣ ସମର୍ଥନ କରିଛନ୍ତି। ମିଳିତ ବିବୃତ୍ତିରେ ଏହା ପ୍ରତିଫଳିତ ହୋଇଛି ଏବଂ ଭାରତ-ରୁଷ ସମ୍ପର୍କ 'କ୍ରୟବିକ୍ରୟ'ର ଊର୍ଦ୍ଧ୍ୱକୁ ଯାଇ 'ସହ-ବିକାଶ ଏବଂ ସହ-ଉତ୍ପାଦନ' ପର୍ଯ୍ୟନ୍ତ ପ୍ରଲମ୍ବିତ ହେବ ବୋଲି ଘୋଷଣା କରାଯାଇଛି। ରୁଷିଆ ଭାରତରେ ଏହାର ଅସ୍ତ୍ରଶସ୍ତ୍ର ପାଇଁ ଯନ୍ତ୍ରାଂଶ ଓ ସାମଗ୍ରୀ ସମଷ୍ଟି ନିର୍ମାଣ ନିମନ୍ତେ ପ୍ରତିଶ୍ରୁତି ଦେଇଛି। ଏହାର ଅର୍ଥ ହେଉଛି ଯୁଦ୍ଧ ସମୟରେ, ଭାରତକୁ ଆବଶ୍ୟକୀୟ ଯନ୍ତ୍ରାଂଶ ପାଇଁ ମସ୍କୋ ଯିବାକୁ ପଡ଼ିବ ନାହିଁ। ଏହା ସବୁ ଭାରତରେ ନିର୍ମାଣ ହେବ। ସେହିପରି ପ୍ରଯୁକ୍ତିବିଦ୍ୟା ଆଦାନପ୍ରଦାନ ମାଧ୍ୟମରେ ଭାରତର ସାମରିକ ବାହିନୀକୁ ରୁଷ ଏପରି ଶକ୍ତି ଦେବାକୁ ଯାଉଛି ଯାହା ଭାରତର ଶତ୍ରୁମାନଙ୍କୁ ଥରାଇ ଦେବ। ଏହା ବ୍ୟତୀତ, ଭାରତରେ ନିର୍ମିତ ଏହି ରୁଷୀ ଅସ୍ତ୍ରଶସ୍ତ୍ରଗୁଡ଼ିକୁ 'ବନ୍ଧୁ ଦେଶ'କୁ ମଧ୍ୟ ରପ୍ତାନି କରାଯାଇ ପାରିବ। ଯେଉଁ ପାଶ୍ଚାତ୍ୟ ଦେଶଗୁଡ଼ିକ ଭାରତକୁ ଅସ୍ତ୍ରଶସ୍ତ୍ର ବିକ୍ରି ନିମନ୍ତେ ବିଭିନ୍ନ ସର୍ତ୍ତ ରଖୁଥିଲେ, ସେମାନଙ୍କ ପାଇଁ ଏହି ନିଷ୍ପତ୍ତି ଏକ ବଡ଼ ଆଘାତ।

### ଡ଼ଲାର ବଦଳରେ 'ରୁପି'- 'ରୁବେଲ୍'

ଆର୍ଥିକ କ୍ଷେତ୍ରରେ ମୋଦି ଏବଂ ପୁଟିନଙ୍କ ଦ୍ୱାରା ନିଆଯାଇଥିବା ନିଷ୍ପତ୍ତି ଡଲାରର ଆଧିପତ୍ୟ ପ୍ରତି ଏକ ସିଧାସଳଖ ଆହ୍ୱାନ। ଉଭୟ ନେତା ୨୦୩୦ ସୁଦ୍ଧା ଦ୍ୱିପାକ୍ଷିକ ବାଣିଜ୍ୟକୁ ୧୦୦ ବିଲିୟନ ଡଲାରକୁ ବୃଦ୍ଧି କରିବାର ଲକ୍ଷ୍ୟ ରଖିଛନ୍ତି। ତେବେ ସବୁଠାରୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଏହି ବାଣିଜ୍ୟ ଡଲାର ବଦଳରେ ଦୁଇ ଦେଶର ଜାତୀୟ ମୁଦ୍ରା (ଟଙ୍କା ଏବଂ ରୁବେଲ) ରେ କାରବାର ହେବ। ଉଭୟ ଦେଶ ସେମାନଙ୍କର ଜାତୀୟ ଦେୟ ବ୍ୟବସ୍ଥାକୁ ଏକୀକୃତ କରିବା ପାଇଁ କାମ କରିବେ। ଏହା ପାଶ୍ଚାତ୍ୟ ପ୍ରତିବନ୍ଧକକୁ ପ୍ରତିଘାତ କରିବ ଏବଂ ନିରବଚ୍ଛିନ୍ନ ବାଣିଜ୍ୟକୁ ସୁନିଶ୍ଚିତ କରିବ। ଏହା ବ୍ୟତୀତ ଭାରତ ଏବଂ ୟୁରେସିଆନ୍ ଅର୍ଥନୈତିକ ସଂଘ ମଧ୍ୟରେ ଏକ ମୁକ୍ତ ବାଣିଜ୍ୟ ଚୁକ୍ତିନାମାଉପରେ ଆଲୋଚନାକୁ ତ୍ୱରାନ୍ୱିତ କରିବା ପାଇଁ ନିଷ୍ପତ୍ତି ନିଆଯାଇଛି। ଏହା ଭାରତ ପାଇଁ ଏକ ବିଶାଳ ବଜାର ଖୋଲିବ। ୟେକାଟେରିନବର୍ଗ ଏବଂ କାଜାନରେ ଦୁଇଟି ନୂତନ ଭାରତୀୟ କନସୁଲେଟ୍ ଖୋଲାଯିବ, ଯାହା ଭାରତୀୟ ବ୍ୟବସାୟକୁ ଅଧିକ ଗତି ଦେବ।

### ଭାରତକୁ ଶକ୍ତି ସୁରକ୍ଷା ଗ୍ୟାରେଣ୍ଟି

ରୁଷ ଭାରତର ସର୍ବବୃହତ ଶକ୍ତି ସୁରକ୍ଷା ଅଂଶୀଦାର ଭାବରେ ଉଭା ହୋଇଛି। ମିଳିତ ବିବୃତ୍ତିରେ କୁଡାନକୁଲମ ପରମାଣୁ ଶକ୍ତି କେନ୍ଦ୍ରର କାର୍ଯ୍ୟ ତ୍ୱରାନ୍ୱିତ କରିବ। ଏହା ସହ ରୁଷ ଭାରତକୁ ୧୦୦ ଗିଗାୱାଟ ପରମାଣୁ ଶକ୍ତିର ଲକ୍ଷ୍ୟ ହାସଲ କରିବାରେ ସହାୟତା ଯୋଗାଇବ। ପୁନଶ୍ଚ ଭାରତକୁ ତେଲ, ଗ୍ୟାସ ଏବଂ ସାରର ଦୀର୍ଘକାଳୀନ ଯୋଗାଣର ଗ୍ୟାରେଣ୍ଟି ଦେଇଛି ରୁଷ। ବିଶ୍ୱ ଯେତେବେଳେ ଶକ୍ତି ସଙ୍କଟର ସମ୍ମୁଖୀନ ହେବାକୁ ଯାଉଛି, ସେତେବେଳେ ଭାରତରେ ପ୍ରଗତିର ପରିବହନ ଚକ କେବେ ବି ବନ୍ଦ ହେବ ନାହିଁ ବୋଲି ରାଷ୍ଟ୍ରପତି ପୁଟିନ୍ ଭାରତର ପ୍ରଧାନମନ୍ତ୍ରୀଙ୍କୁ ପ୍ରତିଶ୍ରୁତି ଦେଇଛନ୍ତି। କୋଇଲା ଗ୍ୟାସିଫିକେସନ୍ ପ୍ରଯୁକ୍ତିବିଦ୍ୟା ହେଉ କିମ୍ବା ପେଟ୍ରୋକେମିକାଲ୍ସ, ପ୍ରତ୍ୟେକ ପଦକ୍ଷେପରେ ରୁଷ ଭାରତ ସହିତ ଠିଆ ହେବ ଏବଂ ଭାରତକୁ ତୈଳ, ଗ୍ୟାସ ଓ ଗୁରୁତ୍ୱପୂର୍ଣ୍ଣ ଖଣିଜ ପଦାର୍ଥରେ ସମୃଦ୍ଧ ଆର୍କଟିକ୍‌ର ସମ୍ପଦରେ ଅଂଶୀଦାର କରିବାକୁ ପୁଟିନ୍ ସମ୍ମତ ହୋଇଛନ୍ତି। ଅନୁରୂପ ଭାବରେ ଚେନ୍ନାଇ-ଭ୍ଲାଡିଭୋଷ୍ଟକ୍ ସାମୁଦ୍ରିକ କରିଡର ଏବଂ ଉତ୍ତର ସମୁଦ୍ର ପଥରେ ସହଯୋଗ ବୃଦ୍ଧି କରି ଚୀନର ବେଲ୍ଟ ଆଣ୍ଡ ରୋଡ୍ ଇନିସିଏଟିଭ୍‌କୁ ଭାରତ ଉପଯୁକ୍ତ ଜବାବ ଦେବାକୁ ସକ୍ଷମ ହୋଇଛି। ଏହି ନିଷ୍ପତ୍ତି ଫଳରେ ଆର୍କଟିକ ପଥ ଦେଇ ସିଧାସଳଖ ୟୁରୋପ ଓ ରୁଷ ସହିତ ସଂଯୋଗ କରିପାରିବ।

### ପାକିସ୍ତାନକୁ ସିଧାସଳଖ ଚେତାବନୀ

ଭାରତ-ରୁଷ ଶିଖର ସମ୍ମିଳନୀର ସଂଯୁକ୍ତ ବିବୃତ୍ତିର ଅନୁଚ୍ଛେଦ ୭୦ ପାକିସ୍ତାନ ପାଇଁ ଏକ ଦୁଃସ୍ୱପ୍ନଠାରୁ କମ୍ ନୁହେଁ। ୨୨ ଏପ୍ରିଲ୍ ୨୦୨୫ରେ ଜମ୍ମୁ ଏବଂ କାଶ୍ମୀରର ପହଲଗାମରେ ହୋଇଥିବା ଆତଙ୍କବାଦୀ ଆକ୍ରମଣ ଓ ୨୨ ମାର୍ଚ୍ଚ ୨୦୨୪ରେ ମସ୍କୋର କ୍ରୋକସ୍ ସିଟି ହଲ୍ ଆକ୍ରମଣକୁ ଏଥିରେ କଠୋର ନିନ୍ଦା କରାଯାଇଛି। ଦୁଇ ଦେଶର ନେତା ଆତଙ୍କବାଦ ବିରୁଦ୍ଧରେ 'ଶୂନ୍ୟ ସହନଶୀଳତା' ନୀତି ଗ୍ରହଣ କରାଯିବ ବୋଲି ଘୋଷଣା କରିଛନ୍ତି। ଉଭୟ ଦେଶ ଆତଙ୍କବାଦୀଙ୍କ ନିରାପଦ ଆଶ୍ରୟସ୍ଥଳଗୁଡ଼ିକୁ ମୂଳପୋଛ କରିବାକୁ ପ୍ରତିଜ୍ଞା କରିଛନ୍ତି। ଆଫଗାନିସ୍ତାନ ବା ପାକିସ୍ତାନରେ ଲୁଚି ରହିଥିବା ଆତଙ୍କବାଦୀଙ୍କୁ ଭାରତ ଏବଂ ରୁଷ ମିଳିତ ଭାବରେ ନିପାତ କରିବାକୁ ନିଷ୍ପତ୍ତି ନେଇଛନ୍ତି।

### ଜାତିସଂଘରେ ଭାରତକୁ ଭିଟୋ କ୍ଷମତା

ରୁଷ ଜାତିସଂଘ ସୁରକ୍ଷା ପରିଷଦର ସଂସ୍କାର ଓ ଭାରତର ସ୍ଥାୟୀ ସଦସ୍ୟତା ସମର୍ଥନକୁ ପୁନର୍ବାର ଦୋହରାଇଛି ରୁଷ। ସଂଯୁକ୍ତ ବିବୃତିର ଅନୁଚ୍ଛେଦ ୪୨ରେ ଏହା ସ୍ପଷ୍ଟ କରାଯାଇଛି। ରୁଷ ଏକ ସଂସ୍କାରିତ ଓ ବିସ୍ତାରିତ ଜାତିସଂଘ ସୁରକ୍ଷା ପରିଷଦରେ ଭାରତର ସ୍ଥାୟୀ ସଦସ୍ୟତାକୁ 'ଦୃଢ଼ ଭାବରେ ସମର୍ଥନ କରେ' ବୋଲି ଉଲ୍ଲେଖ କରିଛି। ଜାତିସଂଘରେ ଭାରତର ପଥକୁ ଅବରୋଧ କରିବାକୁ ଚେଷ୍ଟା କରୁଥିବା ଦେଶମାନଙ୍କ ପାଇଁ ରୁଷ ସ୍ପଷ୍ଟ ବାର୍ତ୍ତା ଦେଇଛି। ଜାତିସଂଘରେ ସ୍ଥାୟୀ ସଦସ୍ୟତା ପାଇଁ ଭାରତ ହକଦାର ଏବଂ ଭିଟୋ କ୍ଷମତା ଓ କୂଟନୈତିକ ଲାଭ ବ୍ୟବହାର ଏହାର ଅଧିକାର ବୋଲି ରୁଷ କହିଛି। ଏହା ସହିତ ପରମାଣୁ ଯୋଗାଣକାରୀ ଗୋଷ୍ଠୀରେ ଭାରତର ପ୍ରବେଶକୁ ରୁଷ ଦୃଢ଼ ସମର୍ଥନ ଜଣାଇଛି।

### ଗଗନଯାନରୁ ଗ୍ରହ ଅନୁସନ୍ଧାନ

ଦୁଇ ଦେଶ ମହାକାଶ କ୍ଷେତ୍ର, ମାନବ ମହାକାଶ ଉଡ଼ାଣ, ରକେଟ୍ ଇଞ୍ଜିନ୍ ବିକାଶ ଏବଂ ଗ୍ରହ ଅନୁସନ୍ଧାନରେ ପାରସ୍ପରିକ ସହଯୋଗ ବୃଦ୍ଧି ପାଇଁ ନିଷ୍ପତ୍ତି ନେଇଛନ୍ତି। ଏହା ଭାରତର ଗଗନଯାନ ମିଶନ ହେଉ କିମ୍ବା ଭବିଷ୍ୟତର ମହାକାଶ ଷ୍ଟେସନର ସ୍ୱପ୍ନ, ରୁଷ ପ୍ରଯୁକ୍ତିବିଦ୍ୟା ଭାରତ ପାଇଁ ଗୁରୁତ୍ୱପୂର୍ଣ୍ଣ ପ୍ରମାଣିତ ହେବ। ଅନ୍ୟପକ୍ଷରେ ଆନ୍ତର୍ଜାତୀୟ ଉତ୍ତର-ଦକ୍ଷିଣ ପରିବହନ କରିଡରକୁ ସୁଦୃଢ଼ କରିବାରେ ରୁଷ ଭାରତକୁ ସହଯୋଗ କରିବାକୁ ନିଷ୍ପତ୍ତି ହୋଇଛି। ଏହି ମାର୍ଗ ଇରାନ ଓ ମଧ୍ୟ ଏସିଆ ଦେଇ ଭାରତକୁ ରୁଷ ଏବଂ ୟୁରୋପ ସହିତ ସଂଯୋଗ କରିବ। ଏହା ସ୍ୱେଜ୍ କେନାଲର ଏକ ବିକଳ୍ପ ହୋଇପାରିବ ଓ ବାଣିଜ୍ୟିକ ପରିବହନ ଖର୍ଚ୍ଚକୁ ଉଲ୍ଲେଖନୀୟ ଭାବରେ ହ୍ରାସ କରିପାରିବ। ରୁଷ ଓ ଭାରତୀୟ ରେଳବାଇ ମଧ୍ୟରେ ସହଯୋଗ ପ୍ରଯୁକ୍ତିବିଦ୍ୟା ବିନିମୟକୁ ସହଜ କରିବ।

### ଭବିଷ୍ୟତ ସମୟ ପାଇଁ ପ୍ରସ୍ତୁତି

ଆଜି ସମୟରେ ଯାହା ନିକଟରେ ମୂଲ୍ୟବାନ ଖଣିଜ ପଦାର୍ଥ ଓ ସେମିକଣ୍ଡକ୍ଟର ଚିପ୍ସ ଅଛି, ବିଶ୍ୱରେ ସେ ସବୁଠୁ ଶକ୍ତିଶାଳୀ। ମିଳିତ ବିବୃତ୍ତିର ଅନୁଚ୍ଛେଦ ୩୩ରେ ଉଚ୍ଚ ପ୍ରଯୁକ୍ତି ଶିଳ୍ପ ଏବଂ ବୈଦ୍ୟୁତିକ ଯାନବାହନ ପାଇଁ ଅତ୍ୟାବଶ୍ୟକ ଗୁରୁତ୍ୱପୂର୍ଣ୍ଣ ଖଣିଜ ପଦାର୍ଥ ଏବଂ ବିରଳ ପୃଥିବୀର ଅନୁସନ୍ଧାନ ଏବଂ ପ୍ରକ୍ରିୟାକରଣରେ ସହଯୋଗ ବିଷୟରେ ଆଲୋଚନା ହେଇଛି। ଦୁଇ ଦେଶ କ୍ୱାଣ୍ଟମ୍ କମ୍ପ୍ୟୁଟିଂ, ଇଓ ଏବଂ ଡିଜିଟାଲ୍ ସୁରକ୍ଷାରେ ମଧ୍ୟ ଏକାଠି କାମ କରିବେ ବୋଲି ନିଷ୍ପତ୍ତି ହୋଇଛି।

■ ସଂସଦରେ ରିଜିଜୁ- ଡିଏମ୍‌କେ ଏମ୍‌ପି ମୁହାଁମୁହିଁ

## ବିଚାରପତିଙ୍କୁ ଆର୍‌ଏସ୍‌ଏସ୍ ଜଜ୍ କହିଲେ ଟିଆର ବାଲୁ

ନୂଆଦିଲ୍ଲୀ, ୫ ।୧୨(ଏଜେନ୍ସି): ସଂସଦର ଶୀତକାଳୀନ ଅଧିବେଶନର ୫ମ ଦିନରେ ଏକ ଅପ୍ରୀତିକର ସ୍ଥିତି ସୃଷ୍ଟି ହୋଇଥିଲା। ଶୁକ୍ରବାର କେନ୍ଦ୍ରମନ୍ତ୍ରୀ କିରନ ରିଜିଜୁ ଓ ତାମିଲନାଡୁର ଡିଏମ୍‌କେ ସଂସଦ ଟିଆର ବାଲୁଙ୍କ ମଧ୍ୟରେ ଜୋରଦାର ଯୁକ୍ତିତର୍କ ଦେଖିବାକୁ ମିଳିଥିଲା। ଏକ ଘଟଣା ସମ୍ପର୍କରେ କହିବାକୁ ଯାଇ ଜଣେ ହାଇକୋର୍ଟ ବିଚାରପତିଙ୍କୁ ରାଷ୍ଟ୍ରୀୟ ସ୍ୱୟଂ ସେବକ ସଂଘ (ଆରଏସ୍‌ଏସ୍) ଜଜ୍ ବୋଲି ବାଲୁ କହିବା ପରେ ଦୁହିଁଙ୍କ ମଧ୍ୟରେ କଥା କଟାକଟି ଆରମ୍ଭ ହୋଇଥିଲା। ଆପଣ ଜଣେ ହାଇକୋର୍ଟ ବିଚାରପତିଙ୍କୁ ଆରଏସ୍‌ଏସ୍‌ର ଜଜ୍ କିପରି କହି ପାରୁଛନ୍ତି ବୋଲି ରିଜିଜୁ ପ୍ରଶ୍ନ କରିଥିଲେ। ଏହା ଦ୍ୱାରା ସଂସଦୀୟ ମର୍ଯ୍ୟାଦାର ଉଲ୍ଲଂଘନ ହୋଇଛି। ଆପଣ ଜଣେ ବିଚାରପତିଙ୍କ ପ୍ରତି ଏଭଳି ଅଣ ସଂସଦୀୟ ଭାଷା ପ୍ରୟୋଗ କରିପାରିବେ ନାହିଁ। ଆପଣ କ୍ଷମା ମାଗନ୍ତୁ। ନ୍ୟାୟପାଳିକା ଉପରେ କଳଙ୍କ ଲଗାଇବାକୁ ଆପଣଙ୍କ ସାହସ କିପରି ହେଲା ବୋଲି ରିଜିଜୁ କହିଥିଲେ। ସେପଟେ ରାଜ୍ୟ ସଭାରେ ଇଣ୍ଡିଗୋ ବିମାନରେ କର୍ମଚାରୀଙ୍କ ଅଭାବକୁ ନେଇ ବିରୋଧୀ ଦଳ ପ୍ରଶ୍ନ ଉଠାଇଥିଲେ। ଏହା ଦ୍ୱାରା ଦେଶରେ ବିମାନ ସେବା ଠପ୍ ହୋଇଛି। ବିରୋଧୀ ଏ ନେଇ ଜବାବ ମାଗିଥିଲେ।

## ମର୍ଯ୍ୟାଦା ଭଙ୍ଗ ହେଉ ନ ଥିଲେ ମହିଳାଙ୍କ ଫଟୋ ଉଠାଇବା ଅପରାଧ ନୁହେଁ: ସୁପ୍ରିମକୋର୍ଟ

ନୂଆଦିଲ୍ଲୀ, ୫ ।୧୨(ଏଜେନ୍ସି): ମହିଳାଙ୍କ ଫଟୋ ଉଠାଇବା ନେଇ ଶୁକ୍ରବାର ସୁପ୍ରିମକୋର୍ଟ ଏକ ଗୁରୁତ୍ୱପୂର୍ଣ୍ଣ ରାୟ ଦେଇଛନ୍ତି। କୋର୍ଟ କହିଛନ୍ତି ଯେ ଯଦି ଜଣେ ମହିଳା ବ୍ୟକ୍ତିଗତ ମୁହୂର୍ତ୍ତରେ ନାହାନ୍ତି, ତେବେ ତାଙ୍କ ସମ୍ମତି ବିନା ମୋବାଇଲ ଫୋନ୍ ଉଠାଇବା କିମ୍ବା ଭିଡିଓ ରେକର୍ଡିଂ କରିବା ଆଇପିସି ଧାରା ୩୫୪ସି ଅନୁସାରେ ଅପରାଧ ନୁହେଁ। ଜଷ୍ଟିସ ଏନ୍ କୋଟେଶ୍ୱର ସିଂ ଓ ଜଷ୍ଟିସ ମନମୋହନଙ୍କ ଖଣ୍ଡପୀଠ କୋଲକାତା ହାଇକୋର୍ଟଙ୍କ ରାୟକୁ ସମର୍ଥନ କରି ଜଣେ ଅଭିଯୁକ୍ତଙ୍କୁ ମୁକ୍ତ କରିଛନ୍ତି। ଏହିକ୍ରମରେ କୋର୍ଟ ପୁଲିସ୍ ଓ ଟ୍ରାଏଲ କୋର୍ଟଙ୍କୁ ଭର୍ତ୍ସନା କରିଛନ୍ତି। ଜଣେ ମହିଳା ଏକ ବିବାଦୀୟ ଜମିରେ ପ୍ରବେଶ କରୁଥିବା ବେଳେ ଏକ ଭିଡିଓ ରେକର୍ଡିଂକୁ ନେଇ ଏହି ମାମଲା ହୋଇଥିଲା। କିନ୍ତୁ ଏଥିରେ ମର୍ଯ୍ୟାଦାର ଉଲ୍ଲଂଘନ ହୋଇ ନାହିଁ ବୋଲି କୋର୍ଟ ସ୍ପଷ୍ଟ କରିଥିଲେ। ଏଭଳି ଦୁର୍ବଳ ମାମଲାଗୁଡିକ ଶୁଣାଣି ନ କରିବାକୁ ପ୍ରୟାସ କରାଯିବା ଉଚିତ ଓ ଏହାଦ୍ୱାରା ନ୍ୟାୟାଳୟଗୁଡିକର ସମୟ ଅପଚୟ ହେଉଛି ବୋଲି ସୁପ୍ରିମକୋର୍ଟ କହିଛନ୍ତି।

## ପାକିସ୍ତାନର ପ୍ରଥମ ସିଡିଏଫ୍ ହେଲେ ମୁନୀର

ଇସଲାମାବାଦ୍, ୫ ।୧୨(ଏଜେନ୍ସି): ପାକିସ୍ତାନ ସେନା ମୁଖ୍ୟ ତଥା ଫିଲ୍ଡ ମାର୍ଶାଲ ସୟଦ ଆସିମ ମୁନୀର ଆହୁରି ଶକ୍ତିଶାଳୀ ହୋଇଛନ୍ତି। ସେ ପାକିସ୍ତାନର ପ୍ରଥମ ଚିଫ୍ ଅଫ୍ ଡିଫେନ୍ସ ଷ୍ଟାଫ୍ (ସିଡିଏସ୍) ନିଯୁକ୍ତି ହୋଇଛନ୍ତି। ସେ ଆଗାମୀ ୫ ବର୍ଷ ପାଇଁ ଏହି ଗୁରୁଦାୟିତ୍ୱ ବହନ କରିବେ। ପାକିସ୍ତାନ ରାଷ୍ଟ୍ରପତି ଆସିଫ ଅଲି ଜର୍ଦ୍ଦାରୀ ଏନେଇ ଆସିଥିବା ପ୍ରସ୍ତାବକୁ ଅନୁମୋଦନ ଦେବା ପରେ ମୁନୀର ସିଡିଏଫ୍ ବିବେଚିତ ହୋଇଛନ୍ତି। ପ୍ରଧାନମନ୍ତ୍ରୀ ଶାହବାଜ ସରିଫ୍ ଉଭୟ ଚିଫ୍ ଅଫ୍ ଆର୍ମି ଷ୍ଟାଫ୍ (ସିଓଏଏସ୍) ଓ ସିଡିଏସ୍ ପଦ ପାଇଁ ମୁନୀରଙ୍କ ନାମ ସୁପାରିସ କରିଥିଲେ। ଏହାକୁ ଅନୁମୋଦନ କରାଯାଇଛି ବୋଲି ରାଷ୍ଟ୍ରପତିଙ୍କ କାର୍ଯ୍ୟାଳୟ ତରଫରୁ ସାମାଜିକ ଗଣମାଧ୍ୟମ 'ଏକ୍ସ'ରେ ପୋଷ୍ଟ କରାଯାଇଛି। ଉଲ୍ଲେଖଥାଉ କି, ଗତମାସରେ ପାକିସ୍ତାନ ସମ୍ବିଧାନରେ ୨୭ତମ ସଂଶୋଧନ କରାଯିବା ପରେ ମୁନୀର ସିଡିଏସ୍ ହେବା ନିଶ୍ଚିତ ହୋଇଥିଲା। ଏଥିସହ ଏୟାର ଚିଫ୍ ମାର୍ଶାଲ ଜାହିର ଅହମ୍ମଦ ବାବର ସିଦ୍ଧୁଙ୍କ କାର୍ଯ୍ୟକାଳ ଦୁଇବର୍ଷ ବୃଦ୍ଧି ପାଇଁ ଦିଆଯାଇଥିବା ପ୍ରସ୍ତାବକୁ ମଧ୍ୟ ରାଷ୍ଟ୍ରପତି ଅନୁମୋଦନ କରିଛନ୍ତି। ମୁନୀର ୨୦୨୨ରେ ସେନା ପ୍ରମୁଖ ହୋଇଥିଲେ। ଚିଫ୍ ଅଫ୍ ଷ୍ଟାଫ୍ ବଦଳରେ ସିଡିଏଫ୍ ପଦ ସୃଷ୍ଟି କରାଯାଇଥିଲା। ସିଡିଏଫ୍ ଜଳ, ସ୍ଥଳ ଓ ବାୟୁ ସେନାର ସନ୍ତୁଳନ ରକ୍ଷା କରିବାରେ ମୁଖ୍ୟ ଭୂମିକା ଗ୍ରହଣ କରିବେ।

## ସାମାଜିକ ଗଣମାଧ୍ୟମ ଆକାଉଣ୍ଟ ଯାଞ୍ଚ ପରେ ମିଳିବ ଏଚ୍-୧ବି ଭିସା

ୱାସିଂଟନ, ୫ ।୧୨(ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଏଚ୍-୧ବି ଭିସା ନିୟମକୁ କଡ଼ାକଡ଼ି ଭାବେ ଲାଗୁ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଏବେ ଏଚ-୧ବି ଭିସା ଆବେଦନକାରୀଙ୍କୁ ନିଜର ସୋସିଆଲ ମିଡିଆ ଆକାଉଣ୍ଟ ସାର୍ବଜନୀନ କରିବାକୁ ହେବ। ଯାହା ଫଳରେ ଆମେରିକୀୟ ଅଧିକାରୀମାନେ ଆବେଦନକାରୀଙ୍କ ପ୍ରୋଫାଇଲ, ସୋସିଆଲ ମିଡିଆ ପୋଷ୍ଟ, ଲାଇକ୍ ଓ କମେଣ୍ଟ ଦେଖିପାରିବେ। ଯଦି ଆବେଦନକାରୀଙ୍କ କୌଣସି ସୋସିଆଲ ମିଡିଆ ଗତିବିଧି ଆମେରିକାର ହିତ ବିରୋଧରେ ଯାଉଥିବ, ତେବେ ତାଙ୍କୁ ଏହି ଭିସା ପ୍ରଦାନ କରାଯିବ ନାହିଁ। ଏଚ୍-୧ ବି ଭିସାର ଆଶ୍ରିତ (ପତ୍ନୀ, ପିଲା ଓ ପିତାମାତା)ଙ୍କ ଲାଗି ଜାରି ହୋଇଥିବା ଏଚ୍-୪ ଭିସା ପାଇଁ ମଧ୍ୟ ସୋସିଆଲ ମିଡିଆ ପ୍ରୋଫାଇଲ ସାର୍ବଜନୀନ କରିବାର ଜରୁରୀ ବୋଲି କୁହାଯାଇଛି। ପ୍ରଥମଥର ପାଇଁ ଏଚ୍-୧ବି ଭିସା ନେଇ ଏହି ନିୟମ ଜାରି ହେବ। ଡିସେମ୍ବର ୧୫ରୁ ଏହି ନିୟମ ଲାଗୁ ହେବ ଓ ଏ ସଂକ୍ରାନ୍ତରେ ଟ୍ରମ୍ପ ପ୍ରଶାସନ ସବୁ ଦୂତାବାସ୍‌କୁ ନିର୍ଦ୍ଦେଶ ଜାରି କରିଛନ୍ତି। ଅଗଷ୍ଟରୁ ଷ୍ଟଡି ଭିସା ଏଫ୍-୧, ଏମ୍-୧ ଓ ଜେ-୧ ସହିତ ଭିଜିଟର ଭିସା

■ ଡିସେମ୍ବର ୧୫ରୁ ଲାଗୁ ହେବ ଏହି ନୂଆ ନିୟମ

■ ୩୦ ଦେଶ ଉପରେ ଯାତ୍ରା କଟକଣା ଲଗାଇବ ଆମେରିକା



ବି-୧, ବି-୨ ପାଇଁ ପୂର୍ବରୁ ସୋସିଆଲ ମିଡିଆ ପ୍ରୋଫାଇଲ ସାର୍ବଜନୀନ କରିବା ନିହାତି ଜରୁରୀ ଓ ଏ ନେଇ ନିୟମ ଜାରି ହୋଇସାରିଛି।

ଆମେରିକା ଏବେ ବିଶ୍ୱର ୩୦ଟି ଦେଶ ଉପରେ ଯାତ୍ରା ପ୍ରତିବନ୍ଧକ ଲଗାଇବାକୁ ପ୍ରସ୍ତୁତି ଆରମ୍ଭ କରିଛି। ଆମେରିକା ଅବଶ୍ୟ ପୂର୍ବରୁ ୧୯ଟି ଦେଶ ଉପରେ ଏହି ପ୍ରତବନ୍ଧକ ଲାଗୁ କରିସାରିଛି। ଆମେରିକାର ଗୃହ ବିଭାଗ ସଚିବ କ୍ରିଷ୍ଟି ନୋଏମ ଏନେଇ ସୂଚନା ଦେଇଛନ୍ତି। ଅତିକମ୍‌ରେ ୩୦ଟି କିମ୍ବା ତାଠାରୁ ଅଧିକ ସଂଖ୍ୟକ ଦେଶଗୁଡିକ ଉପରେ ଏହି ପ୍ରତିବନ୍ଧ ଲାଗୁ ହେବ। ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଏ ଦିଗରେ ଗୁରୁତର ସହ ଚିନ୍ତା କରୁଛନ୍ତି ବୋଲି ସେ କହିଛନ୍ତି। ତେବେ କେଉଁ ଦେଶଗୁଡିକ ବିରୋଧରେ ଏହି ପ୍ରତିବନ୍ଧକ ଲାଗୁ ହେବ ସେ ନେଇ ନୋଏମ ସ୍ପଷ୍ଟ କରିନାହାନ୍ତି। ଏହାପୂର୍ବରୁ ଆମେରିକା ୧୯ଟି ଦେଶର ନାଗରିକଙ୍କୁ ଆମେରିକା ନାଗରିକତା ଓ ଗ୍ରୀନ୍‌କାର୍ଡ ଦେବା ପ୍ରକ୍ରିୟାକୁ ରୋକି ଦେଇଥିଲା। ଗତମାସରେ ହ୍ୱାଇଟ ହାଉସ ନିକଟରେ ଜଣେ ଆଫଗାନ ଶରଣାର୍ଥୀ ନ୍ୟାସନାଲ ଗାର୍ଡଙ୍କ ଉପରେ ଗୁଳି ଚଳାଇବା ଘଟଣା ପରେ ଏହି ନିଷ୍ପତ୍ତି ନିଆଯାଇଥିଲା ବୋଲି ଟ୍ରମ୍ପ ପ୍ରଶାସନ ତରଫରୁ କୁହାଯାଇଥିଲା।

# ବନପାଳଙ୍କୁ ଜୋତାରେ ପିଟିଲେ ଗ୍ରାମବାସୀ

**ରାଇରଙ୍ଗପୁର/କରଞ୍ଜିଆ, ୫।୧୨ (ସମିସ):** ବକେୟା ପାରିଶ୍ରମିକ ପ୍ରଦାନ ଦାବିରେ ଶିମିଳିପାଳ ଅଭୟାରଣ୍ୟ ମଧ୍ୟରେ ବନ କର୍ମଚାରୀମାନଙ୍କୁ ଗ୍ରାମବାସୀ ସଂଘବଦ୍ଧ ଆକ୍ରମଣ କରିଛନ୍ତି। ଏହାର ଏକ ଭିଡିଓ ସୋସିଆଲ



ମିଡିଆରେ ଭାଇରାଲ ହେବାରେ ଲାଗିଛି। ଭାଇରାଲ ଭିଡିଓରେ ଗ୍ରାମବାସୀମାନେ ବନପାଳଙ୍କୁ ଜୋତାରେ ନିର୍ଘୁମ ମାଡ଼ ମାରୁଥିବା ଦେଖାଯାଉଥିବା ବେଳେ ଅଟକାଇବାକୁ ଚେଷ୍ଟା କରୁଥିବା ଅତିରିକ୍ତ ବନ ସଂରକ୍ଷକ ମଧ୍ୟ ଆକ୍ରମଣର ଶିକାର ହୋଇଛନ୍ତି। ଶିମିଳିପାଳ ଅଭୟାରଣ୍ୟ ଉତ୍ତର ବନ୍ୟପ୍ରାଣୀ ବନଖଣ୍ଡ ଅନ୍ତର୍ଗତ ବରେହିପାଣି ରେଞ୍ଜ କାର୍ଯ୍ୟାଳୟରେ ଏହି ଘଟଣା ଘଟିଛି।

ବନ ବିଭାଗ କାର୍ଯ୍ୟରେ ସ୍ଥାନୀୟ ଅଞ୍ଚଳର ଲୋକମାନେ ଶ୍ରମିକ ଭାବେ କାମ କରିଥିଲେ। କିନ୍ତୁ ତାଙ୍କର ବକେୟା ଟଙ୍କା ବନ କର୍ମଚାରୀମାନେ ପ୍ରଦାନ କରୁନାହାନ୍ତି। ଏହାକୁ ନେଇ ଗ୍ରାମବାସୀଙ୍କ ମଧ୍ୟରେ ଅସନ୍ତୋଷ ଲାଗି ରହିଥିଲା। ଆଜି ଗ୍ରାମବାସୀମାନେ ଏକାଠି ହୋଇ ବରେହିପାଣି ରେଞ୍ଜ କାର୍ଯ୍ୟାଳୟ ସମ୍ମୁଖରେ ଧାରଣା ଦେଇଥିଲେ। ବକେୟା ଟଙ୍କା ନ ମିଳିବା ପର୍ଯ୍ୟନ୍ତ ସେଠାରୁ ଉଠିବେ ନାହିଁ ବୋଲି ଅଡ଼ି ବସିଥିଲେ। ଦୀର୍ଘ ସମୟ ଧରି ଧାରଣା ଦେବା ପରେ ମଧ୍ୟ ଘଟଣାସ୍ଥଳକୁ କେହି ନ ଆସିବାରୁ ଗ୍ରାମବାସୀଙ୍କ ମଧ୍ୟରେ ପ୍ରତିକ୍ରିୟା ପ୍ରକାଶ ପାଇଥିଲା। ହଠାତ୍ ବନପାଳ କାଳୀଚରଣ ନାଏକଙ୍କୁ ଦେଖି କାର୍ଯ୍ୟାଳୟକୁ ଧସେଇ ପଶି ଆକ୍ରମଣ କରିଥିଲେ। ଜୋତାରେ ମାଡ଼ ମାରିବା ସହ ଠେଲାପେଲା କରିଥିଲେ। ଚହଲା ଅତିରିକ୍ତ ବନ ସଂରକ୍ଷକ ଲମ୍ବୋଦର ବାସ୍କେ ଗ୍ରାମବାସୀଙ୍କୁ ଅଟକାଇବା ପାଇଁ ଚେଷ୍ଟା କରିବାରୁ ସେ ମଧ୍ୟ ଆକ୍ରମଣର ଶିକାର ହୋଇଥିଲେ। ଖବର ଲେଖାଯିବା ପର୍ଯ୍ୟନ୍ତ ଏନେଇ ବନ ବିଭାଗ ପକ୍ଷରୁ ଥାନାରେ କୌଣସି ଅଭିଯୋଗ ହୋଇନାହିଁ। ଏନେଇ ବନ ବିଭାଗ ପକ୍ଷରୁ ତଦନ୍ତ ଜାରି ରହିଛି ବୋଲି କର୍ତ୍ତୃପକ୍ଷ କହିଛନ୍ତି।

### ୩ ଦିନ ପରେ ବାରବାଟୀ ମୁକାବିଲା

# ବାଉନ୍ସର୍‌ଙ୍କ ଉପସ୍ଥିତିରେ ଟିକଟ ବିକ୍ରି

**କଟକ, ୫।୧୨ (ସମିସ):** ବାରବାଟୀ ମୁକାବିଲା ନିମନ୍ତେ ଟିକଟ ବିକ୍ରି ପ୍ରକ୍ରିୟାରେ ପୂର୍ଣ୍ଣଚ୍ଛେଦ ପଡ଼ିଛି। ଶୁକ୍ରବାର ବକ୍ସ ଅଫିସ୍‌ରେ ୧୦ ହଜାର କାଉଣ୍ଟର ଟିକଟ ବିକ୍ରି କରାଯିବା ସହ ସମସ୍ତ ଟିକଟ ଶେଷ ହୋଇଯାଇଛି। ସନ୍ଧ୍ୟା ୬ଟା ପର୍ଯ୍ୟନ୍ତ କାଉଣ୍ଟର ଖୋଲା ରହିବ ବୋଲି ପୂର୍ବରୁ ଘୋଷଣା ହୋଇଥିଲା।






### ଅମାନିଆଙ୍କୁ ଅଡୁଆ କଲା ସର୍ପେଣ୍ଟାଇନ୍ ବ୍ୟାରିକେଡ୍

ମାତ୍ର ବ୍ୟାରିକେଡ୍‌ରେ ଅପେକ୍ଷାରତ ଦର୍ଶକଙ୍କୁ ନିରାଶ ନକରିବାକୁ ବକ୍ସ ଅଫିସ୍ ଆଉ ଘଣ୍ଟାଏ ଖୋଲା ରଖାଯାଇଥିଲା। ସନ୍ଧ୍ୟା ପ୍ରାୟ ୭ଟାରେ ଟିକଟ ଶେଷ ହୋଇଥିବା ନେଇ ପୁଲିସ ପକ୍ଷରୁ ସୂଚନା ଦିଆଯାଇଥିଲା। ଯେଉଁମାନେ ଅନଲାଇନ୍ ଜରିଆରେ ଟିକଟ ବୁକ୍ କରିଥିଲେ ସେମାନଙ୍କୁ ଆସନ୍ତା ୮ ଏବଂ ୯ ତାରିଖରେ ଟିକଟ୍ ପ୍ରଦାନ କରାଯିବ। ଏଥି ନିମନ୍ତେ କେମ୍ବ୍ରିଜ ସ୍କୁଲରେ ଏକ ସ୍ୱତନ୍ତ୍ର କାଉଣ୍ଟର ଖୋଲିବ।

ପୂର୍ବତ୍ରୁଟିକୁ ସୁଧାରିବା ପାଇଁ ଓଡ଼ିଶା କ୍ରିକେଟ ଆସୋସିଏସନ (ଓସିଏ) ଏବଂ ପୁଲିସ ପକ୍ଷରୁ ହୋଇଥିବା ଯୋଜନା ଫଳପ୍ରଦ ହୋଇଥିଲା। ସର୍ପେଣ୍ଟାଇନ୍ (ଜିକଜ୍ୟାକ୍) ଶୈଳୀରେ ବ୍ୟାରିକେଡ ବନ୍ଧା ଯାଇଥିଲା। ଯଦ୍ୱାରା ସର୍ଭିସ ବ୍ୟାରିକେଡ୍ ଟପି ଟିକଟ ଆଶାୟୀଙ୍କ ନିମନ୍ତେ ଉଦ୍ଦିଷ୍ଟ ବ୍ୟାରିକେଡରେ ପ୍ରବେଶ କରିବା ଅମାନିଆଙ୍କ ନିମନ୍ତେ କାଠିକର ପାଠ ହୋଇଥିଲା। ଏତଦ୍‌ବ୍ୟତୀତ ପ୍ରଥମଥର ବକ୍ସ ଅଫିସ ସମ୍ମୁଖରେ ବାଉନ୍ସର ନିୟୋଜିତ ହୋଇଥିଲେ। ପ୍ରତ୍ୟେକ କାଉଣ୍ଟର ଆଗରେ ଜଗି ରହିଥିଲେ ୪ରୁ ୬ଜଣ ବାଉନ୍ସର। ଏଣୁ ବକ୍ସ ଅଫିସରେ ବିଶୃଙ୍ଖଳା ସୃଷ୍ଟି କରିବାକୁ ମଧ୍ୟ କେହି ସାହସ କରିନଥିଲେ। କାଉଣ୍ଟର ଖୋଲିବା ପୂର୍ବରୁ ତଥା ସକାଳ ପ୍ରାୟ ୯ଟାରେ କ୍ରିକେଟପ୍ରେମୀଙ୍କ ଭିତରେ ଠେଲାପେଲା ହେବା ସହ ଅପ୍ରୀତିକର ପରିସ୍ଥିତି ଉପୁଜିଥିଲା। ଏହାକୁ ଲକ୍ଷ୍ୟରେ ରଖି ପୁଲିସ ଘଟଣାସ୍ଥଳରେ ଲାଠିଚାଳନା କରିଥିଲା। ତେବେ ଦିନ ସମୟରେ କେତେକ ଦିବ୍ୟାଙ୍ଗ ଟିକଟ କିଣିବାକୁ ଆସି ହଇହଇଟା ହୋଇଥିବା ଦେଖିବାକୁ ମିଳିଥିଲା। ଲମ୍ବା ଧାଡିରେ ଛିଡ଼ା ହୋଇ ଟିକଟ କିଣି ନପାରି ଫେରିବାକୁ ବସିଥିବା ବେଳେ କମିଶନରେଟ ପୁଲିସ ଏବଂ ଓସିଏ ପକ୍ଷରୁ ଆଲୋଚନା କରାଯାଇ ଦିବ୍ୟାଙ୍ଗଙ୍କ ପାଇଁ ଟିକଟ ବିକ୍ରିର ସ୍ୱତନ୍ତ୍ର ବ୍ୟବସ୍ଥା ହୋଇଥିଲା। ଅତିରିକ୍ତ ଡିସିପି ଅମରେନ୍ଦ୍ର ପଣ୍ଡାଙ୍କ ଉପସ୍ଥିତିରେ ଦିବ୍ୟାଙ୍ଗଙ୍କୁ ଟିକଟ ବିକ୍ରି କରାଯାଇଥିଲା।

ପ୍ରକାଶ ଥାଉକି, ଭାରତ-ଦକ୍ଷିଣଆଫ୍ରିକା ବିପକ୍ଷ ଟି-୨୦ ମୁକାବିଲାକୁ ଆଉ ୪ଦିନ ବାକି। ଟିକଟ ବିକ୍ରି ଶେଷ ହୋଇଥିବା ବେଳେ ଏବେ ମ୍ୟାଚ୍‌କୁ ଅପେକ୍ଷା। ଚଳିତଥର ୫ଟି କାଉଣ୍ଟରରେ ଅଫଲାଇନ୍ ଟିକଟ ବିକ୍ରି କରାଯାଇଥିଲା। ବିଦ୍ୟୁତ ବିଭାଗ କାର୍ଯ୍ୟାଳୟ ନିକଟରେ ୩ଟି ଟିକଟ କାଉଣ୍ଟର ଖୋଲିଥିଲା। ଯେଉଁଥିରେ ଗ୍ୟାଲେରୀ ଏବଂ ସ୍ପେସିଆଲ ଏନକ୍ଲୋଜର ଟିକଟ ବିକ୍ରି କରାଯାଇଥିଲା। ହର୍ଷ ଗେଟ୍ ନିକଟରେ ଦାମୀ ଟିକଟ ବିକ୍ରି ହୋଇଥିଲା।

### ଭତ୍ତା ପାଇଁ ହୀନସ୍ତା

# ଝୁଡ଼ିରେ ୩ କିମି ବୁହା ହେଲେ ବୃଦ୍ଧା

**ରାୟଗଡ଼ା/କାଶୀପୁର, ୫।୧୨ (ସମିସ):** ଭତ୍ତା ପାଇଁ ଝୁଡ଼ିରେ ୩ କିମି ବୁହା ହୋଇ ପଞ୍ଚାୟତ କାର୍ଯ୍ୟାଳୟକୁ ଗଲେ ବୃଦ୍ଧା। ରାୟଗଡ଼ା ଜିଲ୍ଲା କାଶୀପୁର ବ୍ଲକ୍ ଅନ୍ତର୍ଗତ ଉପରକୋଡିଙ୍ଗା ଗ୍ରାମରେ ସରକାରୀ ବ୍ୟବସ୍ଥାର ଏପରି ଏକ ବିକଳ ଚିତ୍ର ଦେଖିବାକୁ ମିଳିଛି। ଏହାର ଏକ ଭିଡିଓ ସାମାଜିକ ଗଣମାଧ୍ୟମରେ ଭାଇରାଲ ହେବା ପରେ ଏହାକୁ ନେଇ ବୁଦ୍ଧିଜୀବୀ ମହଲରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି। ସରକାରଙ୍କ ମହତ୍ୱାକାଂକ୍ଷୀ ଯୋଜନାର ଲାଭ ଯେପରି ତୃଣମୂଳସ୍ତରରେ ପହଞ୍ଚି ପାରିବ, ସେଥିପାଇଁ ସରକାର ବ୍ୟବସ୍ଥା କରିଥିବା କହୁଥିବା ବେଳେ ବାସ୍ତବ ସ୍ଥିତି ଯେ କେତେ ଭିନ୍ନ; ତାହା ଏହି ଘଟଣା ବୟାନ କରୁଛି ବୋଲି ସେମାନେ ଯୁକ୍ତି ବାଢ଼ିଛନ୍ତି। ଖାଲି ଏହି ଗୋଟିଏ ଘଟଣା ନୁହେଁ, ପୂର୍ବରୁ ମଧ୍ୟ ରାଜ୍ୟର ବିଭିନ୍ନ ସ୍ଥାନରୁ ଭତ୍ତା ପାଇଁ ବରିଷ୍ଠ ନାଗରିକମାନେ ଏପରି ହନ୍ତସନ୍ତ ହେବାର ନଜିର ରହିଛି।

କାଶୀପୁର ବ୍ଲକ ବାଙ୍କାମ୍ବ ପଞ୍ଚାୟତ ଅନ୍ତର୍ଗତ ଉପରକୋଡିଙ୍ଗା ଗ୍ରାମର ଜଲକି ଝୋଡ଼ିଆ(୭୦)। ଆଉ ବଳବୟସ ନାହିଁ। ଚାଲିବାକୁ ବି ଦେହରେ ବଳ ନାହିଁ। ସରକାର ମାସକୁ ଯେଉଁ ଭତ୍ତା ଟଙ୍କା ଗଣ୍ଡିକ ଦିଅନ୍ତି, ସେଇଥିରେ ଚଳନ୍ତି। କିନ୍ତୁ ୨ମାସ ହେବ, ଭତ୍ତା ଟଙ୍କା ନ ମିଳିବାରୁ ଦିନକୁ ଦୁଇ ଓଳି



ଖାଇବା ବି ତାଙ୍କ ପାଇଁ ମୁସ୍କିଲ ହୋଇଗଲା। କାହିଁକି ଭତ୍ତା ଟଙ୍କା ମିଳୁନି, ତାହା ପଚାରିବା ପାଇଁ ପଞ୍ଚାୟତ କାର୍ଯ୍ୟାଳୟ ଯିବାକୁ ତାଙ୍କ ପାଖରେ ସାମର୍ଥ୍ୟ ନାହିଁ କି ଅଟୋରେ ଯିବା ପାଇଁ ପାଖରେ ପାହୁଲାଟିଏ ବି ନାହିଁ। ତେଣୁ, ସ୍ୱାମୀ ଓ ସମ୍ପର୍କୀୟମାନେ ଜଲକିଙ୍କୁ ଏକ ଝୁଡ଼ିରେ ବୋହି ପଞ୍ଚାୟତ କାର୍ଯ୍ୟାଳୟକୁ ନେଇଥିଲେ। ଏ ସଂପର୍କରେ କାଶୀପୁର ବ୍ଲକ୍ ପଞ୍ଚାୟତ ସଂପ୍ରସାରଣ ଅଧିକାରୀ ଜ୍ୟୋତିର୍ମୟୀ ଦାଶଙ୍କୁ ଯୋଗାଯୋଗ କରିବାରୁ ଏହି ଘଟଣା ସମ୍ପର୍କରେ ଆମେ ସାମାଜିକ ଗଣମାଧ୍ୟମରେ ସୂଚନା ପାଇଲୁ। ଏହାର ତଦନ୍ତ କରି ଶୀଘ୍ର ତାଙ୍କୁ ବ୍ୟାଙ୍କ ଏକାଉଣ୍ଟ ମାଧ୍ୟମରେ କିମ୍ବା ପଞ୍ଚାୟତ କାର୍ଯ୍ୟନିର୍ବାହୀ ଅଧିକାରୀଙ୍କ ମାଧ୍ୟମରେ ତାଙ୍କ ଘରକୁ ଯାଇ ନଗଦ ଅର୍ଥ ଭାବେ ଭତ୍ତା ଟଙ୍କା ଦିଆଯିବ ବୋଲି କହିଛନ୍ତି।

ଜିଲ୍ଲା ସାମାଜିକ ସୁରକ୍ଷା ଭାରପ୍ରାପ୍ତ ଅଧିକାରୀ ଶ୍ରୀକାନ୍ତ ପାଣିଗ୍ରାହୀଙ୍କ ପ୍ରତିକ୍ରିୟା ନେବାରୁ ସେ କହିଛନ୍ତି ଯେ ଉକ୍ତ ବୃଦ୍ଧାଙ୍କୁ ଡିବିଟି ମାଧ୍ୟମରେ ଭତ୍ତା ଟଙ୍କା ସିଧାସଳଖ ତାଙ୍କ ବ୍ୟାଙ୍କ ଜମାଖାତାରେ ଜମା ହେଉଛି। କିନ୍ତୁ ସେମାନେ ଏ ବିଷୟରେ ନଜାଣି ଭତ୍ତା ନେବା ପାଇଁ ଚାଲି ଆସିଥିଲେ। ତଥାପି ଆସନ୍ତା ମାସରେ ବୃଦ୍ଧାଙ୍କ ଘରେ ବାର୍ଦ୍ଧକ୍ୟ ଭତ୍ତା ପାଇବାର ବ୍ୟବସ୍ଥା କରି ଦିଆଯିବ ବୋଲି କହିଛନ୍ତି।

### ପୁଲିସ ଚାକିରି ବେପାର

# ବିରଞ୍ଚିଙ୍କୁ ବାନ୍ଧିଲା ସିବିଆଇ

**ଭୁବନେଶ୍ୱର, ୫।୧୨ (ସମିସ):** ପୁଲିସ ଏସ୍‌ଆଇ ଚାକିରି ବିକ୍ରି ମାମଲାରେ ସିବିଆଇ ଜଣେ ମଧ୍ୟସ୍ଥଙ୍କଠାରୁ ତା'ର ପ୍ରଥମ ଗିରଫଦାରୀ ଆରମ୍ଭ କରିଛି। ଗିରଫ ମଧ୍ୟସ୍ଥ ଜଣଙ୍କ ହେଲେ ବିରଞ୍ଚି ନାରାୟଣ ନାୟକ। ତାଙ୍କୁ ଗଜପତି ଜିଲ୍ଲା ପାରଳାଖେମୁଣ୍ଡିରୁ ଗିରଫ କରାଯାଇଛି। ସିବିଆଇ ସୂତ୍ରରୁ ମିଳିଥିବା ସୂଚନା ମୁତାବକ, ବିରଞ୍ଚି ଏବଂ ଅରବିନ୍ଦଙ୍କ ବସ୍ ହେଉଛନ୍ତି ପଞ୍ଚସପ୍ତର ମାଲିକ ଶଙ୍କର ପୃଷ୍ଟି। ଏହି ଦୁଇ ଜଣଙ୍କୁ କ୍ରାଇମ୍ ସିଣ୍ଡିକେଟ୍ ଉତ୍ତର ଓଡ଼ିଶା ଦାୟିତ୍ୱ ଦେଇଥିଲା। ଏମାନେ ପରୀକ୍ଷା ପ୍ରଶ୍ନପତ୍ର ଲିକ୍ ପାଇଁ ଟଙ୍କା ଦେଇପାରୁଥିବା ପରୀକ୍ଷାର୍ଥୀ ଯୋଗାଡ଼ କରୁଥିଲେ। ଏହାସହ



ଆଶାୟୀଙ୍କୁ ନେଇ ପଶ୍ଚିମବଙ୍ଗର ଦୀଘାରେ ଏକ କ୍ୟାମ୍ପ ଚଳାଇଥିଲେ। ଯେଉଁଥିରେ ପରୀକ୍ଷାର୍ଥୀଙ୍କୁ

### ଜେରା ପାଇଁ ସିବିଆଇକୁ ୨ଦିନିଆ ରିମାଣ୍ଡ ଅନୁମତି

ଶାରୀରିକ ପ୍ରଶିକ୍ଷଣ ଏବଂ ପ୍ରଶ୍ନପତ୍ର ପ୍ରଦାନ କରାଯାଇଥିଲା। ସିବିଆଇ ତାଙ୍କୁ ଗିରଫ କରିବା ପରେ ସ୍ୱତନ୍ତ୍ର ସିବିଆଇ କୋର୍ଟରେ ହାଜର କରିଥିଲା। ଅଧିକ ପଚରାଉଚରା ପାଇଁ ବିରଞ୍ଚିକୁ ୨ ଦିନିଆ ରିମାଣ୍ଡରେ ନେବାକୁ ସିବିଆଇକୁ କୋର୍ଟ ଅନୁମତି ପ୍ରଦାନ କରିଛନ୍ତି।

# ସାରଥୀଙ୍କ ବିରୋଧରେ ଚାର୍ଜଫ୍ରେମ୍

**କଟକ, ୫।୧୨ (ସମିସ):** କଟକ ସ୍ୱତନ୍ତ୍ର ଅଦାଲତରେ ଆଜି ସନ୍ତୋଷ କୁମାର ରାଉଳ ଓରଫ୍ ବାବା ସାରଥୀଙ୍କ ବିରୋଧରେ ଚାର୍ଜଫ୍ରେମ୍ ହୋଇଛି। ଅଦାଲତରେ ସାରଥୀ ଭର୍ଚୁଆଲରେ ଓ ଅନ୍ୟ ଅଭିଯୁକ୍ତ ବ୍ୟକ୍ତିଗତ ଭାବେ ହାଜର ହୋଇଥିଲେ। ପରେ ସାରଥୀ ଓ ଅନ୍ୟମାନଙ୍କ ବିରୋଧରେ ଚାର୍ଜଫ୍ରେମ ହୋଇଥିଲା। ପରେ ମାମଲାରେ ସାକ୍ଷ୍ୟ ଗ୍ରହଣ ଆରମ୍ଭ ହେବ। ଜାନୁଆରି ୧୬କୁ ମାମଲାର ପରବର୍ତ୍ତୀ ଶୁଣାଣି ପାଇଁ ଧାର୍ଯ୍ୟ କରାଯାଇଛି।

ସୂଚନାଯୋଗ୍ୟ, ସାରଥୀଙ୍କ ବିରୋଧରେ ରୁଜୁ ମୂଳ ମାମଲାର ତଦନ୍ତ କରି ଆଇପିସିର ଦଫା ୪୨୦, ୧୨୦ ବି, ୪୬୭, ୪୬୮, ୪୭୧, ୩୪୧, ୫୦୬, ୩୭୯, ୪୧୧, ୪୨୩, ୩୪ ସହ ଏସ୍‌ସି ଆଣ୍ଡ ଏସ୍‌ଟି (ପି.ଏ) ଆଇନର ଧାରା ୩, ଆର୍ମସ୍ ଆକ୍ଟର ଧାରା ୨୫ ଓ ରିଲିଜିୟସ୍ ଇନ୍‌ଷ୍ଟିଚ୍ୟୁସନସ୍ (ପ୍ରିଭେନ୍‌ସନ୍ ଅଫ୍ ମିସ୍ ୟୁଜ୍ ଆକ୍ଟ)ର ଧାରା ୭ରେ କ୍ରାଇମବ୍ରାଞ୍ଚ ଚାର୍ଜସିଟ୍ ଦାଖଲ କରିଥିଲା। ଏହି ମାମଲାରେ ସାରଥୀଙ୍କ ସହ ତାଙ୍କ ପୁଅ ସତ୍ୟମ, ସନ୍ତୋଷ ଗୋଚ୍ଛାୟତ, ପିଲୁ ଓରଫ୍ ପିଲାସ୍କି ସ୍ୱାଇଁ, ସିଲୁ ଓରଫ୍ ବିଶ୍ୱଜିତ୍ ପଟ୍ଟନାୟକ ଓ ହରିଶ୍ଚନ୍ଦ୍ର ଦାସ ଓରଫ୍ ବୁଲୁଙ୍କ ବିରୋଧରେ ଚାର୍ଜସିଟ୍ ଦାଖଲ କରାଯାଇଥିଲା। ଏହି ମାମଲାରେ ସମସ୍ତ ଅଭିଯୁକ୍ତ ଜାମିନରେ ଅଛନ୍ତି। ସାରଥୀଙ୍କ ପକ୍ଷରୁ ଆଇନଜୀବୀ ମାନସ ଚାନ୍ଦ ମାମଲା ପରିଚାଳନା କରୁଛନ୍ତି।

### ଫୁଲବାଣୀ ସଦର ଥାନା ଅଧିକାରୀ ନିଲମ୍ବନ ଘଟଣା

# ଗଞ୍ଜେଇ କାରବାର ପଛରେ କୋଟି କୋଟି ଟଙ୍କାର ଡିଲ୍ !

**ଭୁବନେଶ୍ୱର, ୫।୧୨(ସମିସ):** ଫୁଲବାଣୀ ସଦର ଥାନା ଅଧିକାରୀ ତଥା ଡିଏସ୍‌ପି ସତୀଶ ଚନ୍ଦ୍ର ନାଏକ ନିଲମ୍ବନ ହେବା ପରେ ଖାକିରେ ଗଞ୍ଜେଇ ଦାଗ ଲାଗିଛି। ଗଞ୍ଜେଇ କାରବାର କରିବାକୁ କୋଟି କୋଟି ଟଙ୍କାର ଡିଲ୍ ହୋଇଥିବା କଥା ପଦାକୁ ଆସିବା ସହ ଖାକି ବାବୁମାନଙ୍କ ଗୁମର ଖୋଲୁଛି। ପୁଲିସର ଛବିକୁ ପୂରା ମଳିନ ନ କରିବା ପାଇଁ ଘଟଣାରେ ସଂପୃକ୍ତ ଜଣେ ସବ୍-ଇନ୍ସପେକ୍ଟରଙ୍କୁ ବଦଳି କରିଦିଆଯାଇଛି। କିନ୍ତୁ ବଦଳିକୁ ପ୍ରାୟ ୩ମାସ ବିତି ଯାଇଥିଲେ ମଧ୍ୟ ବାବୁ ଏପର୍ଯ୍ୟନ୍ତ ଥାନା ଛାଡ଼ି ନାହାନ୍ତି। ସେପଟେ, ଏହି ଘଟଣାରେ ଅନ୍ୟତମ କରିତକର୍ମା ଥାନା ସ୍କର୍ପିଓ ତଥା ବେସରକାରୀ ଚାଳକ ଉପରେ ଏପର୍ଯ୍ୟନ୍ତ କାର୍ଯ୍ୟାନୁଷ୍ଠାନ ନିଆଯାଇନାହିଁ। ଥାନା ଅଧିକାରୀଙ୍କୁ ନିଲମ୍ବନ କରାଯାଇଥିବା ବେଳେ ସଂପୃକ୍ତ ଏସ୍‌ଆଇ ଓ ଚାଳକଙ୍କୁ କାହିଁକି ଅନୁକମ୍ପା ଦେଖାଯାଉଛି, ତାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

ପୂରା ଘଟଣା ଥିଲା ଏମିତି; ଗତ ସେପ୍ଟେମ୍ବରରେ ଗଞ୍ଜେଇ ଚାଲାଣ ହେଉଥିବା ଖବର ପାଇ ଫୁଲବାଣୀ ସଦର ଥାନା ପୁଲିସ କସକଠି-ମିନିଆ ରାସ୍ତାରେ ଚଢ଼ଉ କରିଥିଲା। ଗଞ୍ଜେଇ ଭର୍ତ୍ତି କାର ଜବତ କରିବା ସହ ଚାଳକକୁ ଗିରଫ କରିଥିଲା। ପାଖାପାଖି ୭ କୁଇଣ୍ଟାଲ ଗଞ୍ଜେଇ ଜବତ କରିଥିବା ବେଳେ ମାତ୍ର ଦେଢ଼ କୁଇଣ୍ଟାଲ ଗଞ୍ଜେଇ ଜବତ ହୋଇଥିବା କାଗଜପତ୍ରରେ ଦେଖାଇଥିଲା। ବାକି ତକ ଗଞ୍ଜେଇକୁ ଖାକି ବାବୁମାନେ ମିଶି ଥାନା ସ୍କର୍ପିଓ ଚଳାଉଥିବା ବେସରକାରୀ ଚାଳକ ଘରେ ନେଇ ଗଚ୍ଛିତ ରଖିଥିଲେ। ଏସ୍‌ପିଙ୍କ ପାଖରେ ଏଭଳି ଖବର ପହଞ୍ଚିବା ପରେ ଘଟଣାର ତଦନ୍ତ ଆରମ୍ଭ ହୋଇଥିଲା। ସ୍କର୍ପିଓ ଚାଳକଙ୍କ ଘରୁ ବିପୁଳ ପରିମାଣର ଗଞ୍ଜେଇ ମଧ୍ୟ ଜବତ ହୋଇଥିଲା। ଘଟଣାର ସତ୍ୟାସତ୍ୟ ଜଣାପଡ଼ିବା ପରେ

### ବଦଳିରେ ସୀମିତ ଏସ୍‌ଆଇଙ୍କ ଉପରେ କାର୍ଯ୍ୟାନୁଷ୍ଠାନ

### ତଥାପି ଗାଦି ଛାଡ଼ିନାହାନ୍ତି ବାବୁ

### ସ୍କର୍ପିଓ ଚାଳକଙ୍କୁ ଅନୁକମ୍ପା କାହିଁକି

ଥାନାଧିକାରୀ ସତୀଶଙ୍କୁ ମୁଖ୍ୟାଳୟକୁ ବଦଳି କରିବା ସହ ସଂପୃକ୍ତ ଏସ୍‌ଆଇଙ୍କୁ ଅନ୍ୟ ଥାନାକୁ ପଠାଇ ଦିଆଯାଇଥିଲା।

ଏତିକିରେ ଘଟଣା ସରି ନଥିଲା; ପରେ ଜଣେ ବରିଷ୍ଠ ପୁଲିସ ଅଧିକାରୀଙ୍କୁ ବିଭାଗୀୟ ତଦନ୍ତ କରିବାକୁ ନିର୍ଦ୍ଦେଶ ଦିଆଯାଇଥିଲା। ଡିଏସ୍‌ପିଜଣକ ଥାନାକୁ ଯାଇ ପୂରା ଘଟଣାର ତଦନ୍ତ କରିଥିଲେ। ତଦନ୍ତ ବେଳେ ସାଙ୍ଘାତିକ କଥା ପଦାକୁ ଆସିଥିଲା। ଜବତ ହୋଇଥିବା ଗଞ୍ଜେଇ ଓ ମାଲଖାନାରେ ଥିବା ଗଞ୍ଜେଇ ମଧ୍ୟରେ ତାଳମେଳ ନଥିଲା। ଜବତ ଗଞ୍ଜେଇଠାରୁ ଅଧିକ ପରିମାଣର ଗଞ୍ଜେଇ ମାଲଖାନାରେ ରହିଥିବା ତଦନ୍ତ ବେଳେ ଜଣାପଡ଼ିଥିଲା। ସଂପୃକ୍ତ ଥାନାର ପୁଲିସ ଅଧିକାରୀମାନେ ଗଞ୍ଜେଇ ଧରିବା ପରେ କମ୍ ପରିମାଣର ଗଞ୍ଜେଇ ଜବତ ଦେଖାଇ ଅବଶିଷ୍ଟକୁ ବେଆଇନ ଭାବେ ବିକ୍ରି କରୁଥିବା କଥା ଏକପ୍ରକାର ସ୍ପଷ୍ଟ ହୋଇଥିଲା। ମାଲଖାନା ଗଞ୍ଜେଇରେ ମଧ୍ୟ ହେରଫେର୍ ହୋଇଥିବା ଜଣାପଡ଼ିବା ପରେ ତଦନ୍ତକାରୀ ଅଧିକାରୀ ଏସପିଙ୍କୁ ରିପୋର୍ଟ ଦେଇଥିଲେ। ସଂପୃକ୍ତ ଥାନା ଅଧିକାରୀ, ଏସ୍‌ଆଇ, ସ୍କର୍ପିଓ ଚାଳକ ଓ ଅନ୍ୟ କିଛି କର୍ମଚାରୀ ବେଆଇନ କାରବାରରେ ଲିପ୍ତ ଥିବା ସଂପୃକ୍ତ ରିପୋର୍ଟରେ ଉଲ୍ଲେଖ ରହିଥିବା ସୂଚନା ମିଳିଛି। ପରେ ଫୁଲବାଣୀ ସଦର ଥାନା ଅଧିକାରୀ ତଥା ଡିଏସପି ସତୀଶ ଚନ୍ଦ୍ର ନାଏକଙ୍କୁ ନିଲମ୍ବନ କରାଯାଇଥିଲା।

ସେପଟେ ସଂପୃକ୍ତ ଏସ୍‌ଆଇଙ୍କ କାରନାମାର ତାଲିକା ମଧ୍ୟ ବେଶ୍ ଲମ୍ବା। ଫିରିଙ୍ଗିଆ ଥାନା ପୋଡ଼ି ପୂର୍ବରୁ ଏସ୍‌ଆଇଜଣଙ୍କ ସେଠାରେ କିଛି ଦିନ ଦାୟିତ୍ୱରେ ଥିଲେ। ସେହି ସମୟରେ ଗଞ୍ଜେଇ ଚାଷ କରୁଥିବା ଲୋକଙ୍କୁ ଅନୁକମ୍ପା ଦେଖାଇ ଥିଲେ। ଫଳରେ ତାଙ୍କୁ ଅନ୍ୟ ଥାନାକୁ ବଦଳି କରାଯାଇଥିଲା। ଏବେ ଗଞ୍ଜେଇ କାରବାର ଘଟଣାରୁ ନଜର ହଟାଇବା ଲାଗି ଡିଏସପି ଶ୍ରୀ ନାଏକଙ୍କୁ ନିଲମ୍ବନ କରାଯାଇଥିବା ବେଳେ ଏସ୍‌ଆଇଙ୍କର କେବଳ ବଦଳି କରାଯାଇଛି। ସଂପୃକ୍ତ ଏସ୍‌ଆଇ ଓ ସ୍କର୍ପିଓ ଚାଳକଙ୍କ ଉପରେ କୌଣସି କାର୍ଯ୍ୟାନୁଷ୍ଠାନ ନିଆଯାଇ ନଥିବାରୁ ଏହାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଏସ୍‌ଆଇଜଣଙ୍କ ବାରମ୍ବାର ବେଆଇନ କାର୍ଯ୍ୟରେ ସଂପୃକ୍ତ ରହୁଥିବା ବେଳେ ତାଙ୍କ ବିରୋଧରେ କଡ଼ା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାନଯିବା ଉଚ୍ଚ ଅଧିକାରୀଙ୍କ ଆଡ଼କୁ ଅଙ୍ଗୁଳି ନିର୍ଦ୍ଦେଶ କରୁଛି।




## ଶେଷରେ ମୁଣ୍ଡ ନୁଆଁଇଲା ଜିଲ୍ଲା ପ୍ରଶାସନ

# ଆଲୋଚନା ପରେ ଜନପ୍ରତିନିଧିଙ୍କ ଧାରଣା ପ୍ରତ୍ୟାହୃତ

ନିଆଳି,୫।୧୨(ସମିସ)

ନିଆଳି ପଞ୍ଚାୟତସମିତିର ନିର୍ବାଚିତ ଜନପ୍ରତିନିଧିଙ୍କୁ ଅସମ୍ମାନ, ଅଣଦେଖା ଓ ଉନ୍ନୟନମୂଳକ କାର୍ଯ୍ୟରେ ଅସହଯୋଗ ପ୍ରତିବାଦରେ ନିର୍ବାଚିତ ଜନପ୍ରତିନିଧିଙ୍କ ସୋମବାରଠାରୁ ୭ଦଫା ଦାବି ନେଇ ବ୍ଲକ କାର୍ଯ୍ୟାଳୟ ପରିସରରେ ଚାଲିଥିବା ଧାରଣା ଶୁକ୍ରବାର ପଞ୍ଚମ ଦିନରେ ପହଞ୍ଚିଥିବା ବେଳେ ଶେଷରେ ଜିଲ୍ଲାପ୍ରଶାସନ ଧାରଣାସ୍ଥଳରେ ପହଞ୍ଚି ମୁଣ୍ଡ ନୁଆଁଇଛି। ଆଲୋଚନାପରେ ଧାରଣା ପ୍ରତ୍ୟାହୃତ ହୋଇଥିବା ଜଣାଯାଇଛି। ଜିପିଡିପିରେ ଥିବା ପ୍ରକଳ୍ପ ଗୁଡ଼ିକୁ କାର୍ଯ୍ୟ କରିବାରେ ଅସହଯୋଗ କରିବା, କନିଷ୍ଠଯନ୍ତ୍ରୀ, ସହକାରୀ ଯନ୍ତ୍ରୀ ଓ ସହକାରୀ ନିର୍ବାହୀ ଯନ୍ତ୍ରୀଙ୍କ କାର୍ଯ୍ୟର ଏଷ୍ଟିମେଟ୍ ପ୍ରଦାନ ନ କରିବା, ମହାତ୍ମାଗାନ୍ଧୀ ନିଶ୍ଚିତ କର୍ମନିଯୁକ୍ତି ଯୋଜନାରେ ଜବ୍‌କାର୍ଡଧାରୀଙ୍କୁ କାର୍ଯ୍ୟ ଯୋଗାଇ ଦେବାରେ ଅସମର୍ଥ ହେବା, ଏପିଓଙ୍କ ମନୋମୁଖୀ କାର୍ଯ୍ୟ ଓ ନିର୍ବାଚିତ ପ୍ରତିନିଧିମାନଙ୍କ ପ୍ରତି ଅଶାଳୀନ ମନ୍ତବ୍ୟ ଦେବା, ରାଜ୍ୟସରକାରୀ କର୍ମଚାରୀ କନିଷ୍ଠଯନ୍ତ୍ରୀ ଓ ସହକାରୀ ଯନ୍ତ୍ରୀ ଗୋଟିଏ ସ୍ଥାନରେ ୩ ବର୍ଷରୁ ଉର୍ଦ୍ଧ୍ୱ ସମୟ କାର୍ଯ୍ୟ ନ କରିବା ପାଇଁ ସ୍ପଷ୍ଟ ନିର୍ଦ୍ଦେଶ ଥିଲେ ମଧ୍ୟ ଏଠାରେ ୭ ବର୍ଷରୁ ଉର୍ଦ୍ଧ୍ୱ ସମୟ ହେବ ଯନ୍ତ୍ରୀମାନେ ରହି କାର୍ଯ୍ୟ କରିବା ସହ ଉନ୍ନୟନମୂଳକ କାର୍ଯ୍ୟରେ ମୋଟା ଅଙ୍କର ପିସି ନେଇ ଉପରିସ୍ଥ ଅଧିକାରୀଙ୍କୁ ଦେଇ ନିର୍ବାଚିତ ଜନପ୍ରତିନିଧିଙ୍କ ପ୍ରତି ହେୟ ମନୋଭାବ ପ୍ରଦର୍ଶନ ପ୍ରତିବାଦରେ ଏହି ଧାରଣା ଚାଲିଥିବା ବେଳେ ବ୍ଲକ ପ୍ରଶାସନ ଆଲୋଚନା କରିଥିଲେ ମଧ୍ୟ ଆଲୋଚନା ବିଫଳ ହେବାରୁ ଧାରଣା ଜାରି ରହିଥିଲା। ଧାରଣାର ତୃତୀୟଦିନରେ ପୂର୍ବତନ ଅର୍ଥ ରାଷ୍ଟ୍ରମନ୍ତ୍ରୀ ପଞ୍ଚାନନ କାନୁନ୍‌ଗୋ ଓ ପୂର୍ବତନ ବିଧାୟକ ରବିନ୍ଦ୍ର ମଲ୍ଲିକ ଧାରଣାସ୍ଥଳରେ ପହଞ୍ଚି ସମର୍ଥନ ଜଣାଇ ବିଡିଓଙ୍କ ସହ ଆଲୋଚନା କରିଥିଲେ ମଧ୍ୟ ଜିଲ୍ଲା ପ୍ରଶାସନ ଧାରଣାସ୍ଥଳରେ ନ ପହଞ୍ଚିଲେ ଧାରଣା ଜାରି ରହିବ ବୋଲି ଧାରଣାକାରୀମାନେ କହିଥିଲେ। ଧାରଣାର ପଞ୍ଚମ ଦିନରେ ପୂର୍ବତନ ବିଜେଡିର ବିଧାୟକ ପ୍ରଫେସର ପ୍ରମୋଦ କୁମାର ମଲ୍ଲିକ ଧାରଣାସ୍ଥଳରେ ପହଞ୍ଚି ଧାରଣାକାରୀଙ୍କୁ ସମର୍ଥନ ଜଣାଇଥିଲେ। ପରେ କଟକ ଜିଲ୍ଲା ଅତିରିକ୍ତ ପ୍ରକଳ୍ପ ନିର୍ଦ୍ଦେଶକ ବନ୍ଦନା ଖନ୍ତୁଆ ଧାରଣାସ୍ଥଳରେ ପହଞ୍ଚିବା ପରେ ବିଡିଓଙ୍କ ଚ୍ୟାମ୍ବରରେ ଧାରଣାକାରୀମାନଙ୍କ ପକ୍ଷରୁ ଏକ ଦଳ ପହଞ୍ଚି ଆଲୋଚନା ହୋଇଥିଲା। ଆଲୋଚନା ପ୍ରାୟ ସଫଳ ହୋଇଥିବା ବେଳେ ଏପିଡି ଜନପ୍ରତିନିଧିଙ୍କ ବିଭିନ୍ନ ଦାବି ଗୁଡ଼ିକ ସଂପର୍କରେ ଆଲୋଚନା କରି ଏହାର ସମାଧାନ ଦିଗରେ ପ୍ରତିଶ୍ରୁତି ଦେବା ପରେ ଏପିଡି ଓ ବିଡିଓ ଧର୍ମରଞ୍ଜନ ପଣ୍ଡା ଧାରଣାସ୍ଥଳକୁ ଯାଇ ପ୍ରତିଶ୍ରୁତି ଦେବା ପରେ ଧାରଣା ପ୍ରତ୍ୟାହୃତ ହୋଇଥିଲା। ଏହି କାର୍ଯ୍ୟକ୍ରମରେ ପୂର୍ବତନ ବିଧାୟକ ଶ୍ରୀ ମଲ୍ଲିକଙ୍କ ସମେତ ପଞ୍ଚାୟତ ସମିତି ଅଧ୍ୟକ୍ଷ ଉମେଶଚନ୍ଦ୍ର ବେହେରା, ପୂର୍ବତନ ବ୍ଲକ ଅଧ୍ୟକ୍ଷ ନ୍ୟାୟବ୍ରତ ରାଉତ, ଉପାଧ୍ୟକ୍ଷ ସ୍ୱର୍ଣ୍ଣପ୍ରଭା ରାଉତ, ବ୍ଲକ୍ ବିଜେଡି ସଭାପତି ଅତୁଲ୍ୟ ଜେନା, ଅନ୍ତର୍ଯ୍ୟାମୀ ବଡୁ, ପ୍ରଦୀପ ଦାସ, ସରପଞ୍ଚ ତ୍ରିନାଥ ମହାନ୍ତି, ବିଜୟରାମ ପଣ୍ଡା, ସୁରେଶ ପଟ୍ଟନାୟକ, ନିରଞ୍ଜନ ବେହେରା, ପ୍ରଶାନ୍ତ ସାହୁ, ସବିତା ନନ୍ଦ, ନମିତା ବାରିକ, ବବିତାରାଣୀ ବେହେରା, ଗୀତାଞ୍ଜଳି ନାୟକ, ଅଶିନୀ ମହାନ୍ତି, ସମିତିସଭ୍ୟ ଅବିନାଶ ପ୍ରଧାନ, କଲ୍ୟାଣୀ ବଡୁ, ଏଲିଜାବେଥ୍ ସାହୁ, ପ୍ରଦୀପ ପରିଡ଼ା, ସଂପଦ ମହାନ୍ତି, ମମତା ଡମ୍ପିଆ, ମିତାରାଣୀ ବାରିକ, ଗାୟତ୍ରୀ ବେହେରା, କଲ୍ୟାଣୀ ଭୋଇ ପ୍ରମୁଖ ଉପସ୍ଥିତ ଥିଲେ। ସେହିପରି ସଂଗଠକ ପ୍ରଭକ୍ଷିତ ବାରିକ, ମିଟୁ ବଡୁ, ବ୍ଲକ ଯୁବ ବିଜେଡି ସଭାପତି ବିଷ୍ଣୁଚରଣ ସ୍ୱାଇଁ, ଛାତ୍ର ବିଜେଡି ସଭାପତି ଅଜୟସ୍ୱାଇଁ, ଛାତ୍ରସଂଗଠକ ସୋହେଲ୍ ମିର୍ଜା, ରାହୁଲ ବେହେରା, ଯାଦବ ବେହେରାଙ୍କ ସମେତ କେତେକ ସଂଗଠକ ଧାରଣାସ୍ଥଳରେ ଉପସ୍ଥିତ ଥିଲେ।



## ଦ୍ୱୀପାଞ୍ଚଳରେ ବିଭିନ୍ନ ପ୍ରକଳ୍ପ ଶିଳାନ୍ୟାସ



ନିଶ୍ଚିନ୍ତକୋଇଲି,୫।୧୨(ସମିସ): ନିଶ୍ଚିନ୍ତକୋଇଲି ବ୍ଲକ ଲୁଣା-ଚିତ୍ରୋପ୍ତଳା ଦ୍ୱୀପାଞ୍ଚଳର ୧୧ଟି ପଞ୍ଚାୟତରେ ୧୮ କୋଟି ଟଙ୍କାରୁ ଉର୍ଦ୍ଧ୍ୱ ମୂଲ୍ୟର ବିଭିନ୍ନ ପ୍ରକଳ୍ପର ମାରାଥନ୍ ଶୁଭ ଶିଳାନ୍ୟାସ କରିଛନ୍ତି ମାହାଙ୍ଗା ବିଧାୟକ ଶାରଦା ପ୍ରସାଦ ପ୍ରଧାନ। ହଜାର ହଜାର କର୍ମୀ ଏକ ବିଶାଳ ମୋଟରସାଇକଲ ଶୋଭାଯାତ୍ରାରେ ବିଧାୟକଙ୍କୁ ନିଶ୍ଚିନ୍ତକୋଇଲି ବ୍ଲକ ନରେନ୍ଦ୍ରପୁର ବଜାରଠାରୁ ବିଭିନ୍ନ ପ୍ରକଳ୍ପ ସ୍ଥଳକୁ ପାଛୋଟି ନେବା ସହ ତତ୍ପର ହନୁମାନଗଡାଠାରେ ଏକ ସାଧାରଣ ସଭା ଅନୁଷ୍ଠିତ ହୋଇଥିଲା। ସରକାରଙ୍କ ଜଳସମ୍ପଦ ବିଭାଗର ପୁନାଳୋ ଶାଖା କେନାଲ ବାଲିଜରଡ଼ାଠାରୁ ନର୍ଦ୍ଦଗୁଆ ପର୍ଯ୍ୟନ୍ତ ୭କୋଟି ୯୦ଲକ୍ଷ ଟଙ୍କା ଅଟକଳ ମୂଲ୍ୟରେ ନିର୍ମାଣ ହେବାକୁ ଯାଉଥିବା ଏକ ସିମେଣ୍ଟ କଂକ୍ରିଟ୍ ୱାଲ କାର୍ଯ୍ୟ ପାଇଁ ଶୁଭ ଶିଳାନ୍ୟାସ କରିଥିଲା ବେଳେ ୭କୋଟି ୪୭ଲକ୍ଷ ଟଙ୍କାରେ ନିର୍ମାଣ ହେବାକୁ ଯାଉଥିବା ବାମୋଦରପୁରରୁ ରାମଚଣ୍ଡୀ କରାଡ଼ିଆଁ କେନାଲରେ ସିମେଣ୍ଟ କଂକ୍ରିଟ ୱାଲର ଶୁଭ ଶିଳାନ୍ୟାସ, ୨୧ଲକ୍ଷ ୬୮ହଜାର ଟଙ୍କାରେ ନିର୍ମାଣ ହେବାକୁ ଯାଉଥିବା ସହଦେବପୁର କରାଡ଼ିଆଁ ଶାଖା ନାଳ ଉପରେ ଏକ ପୋଲ ନିର୍ମାଣ ପାଇଁ ଶିଳାନ୍ୟାସ, ୨୭ ଲକ୍ଷ ୭୦ହଜାର ଟଙ୍କା ବ୍ୟୟରେ ଫତେପୁର ଶାଖାନାଳ ଦକ୍ଷିଣ ପାର୍ଶ୍ୱ ବନ୍ଧ ଉନ୍ନତିକରଣ କାର୍ଯ୍ୟ ପାଇଁ ଶିଳାନ୍ୟାସ, ପାଖା ପାଖି ୨ କୋଟି ଟଙ୍କା ମୂଲ୍ୟରେ ନିର୍ମାଣ ହେବାକୁ ଯାଉଥିବା ଲୁଣା କରାଣ୍ଡିଆ ଦକ୍ଷିଣ ପାର୍ଶ୍ୱ ନବୀନନ୍ଧର ଜୋଇଲିଙ୍ଗୀ, ଦାମୋଦରପୁର, ବାଲିଆପାଦା ଉଚ୍ଚ ବିଦ୍ୟାଳୟ ନିକଟରେ ନୂତନ ବ୍ରୁଜ ନିର୍ମାଣ କାର୍ଯ୍ୟ ପାଇଁ ଶୁଭ ଶିଳାନ୍ୟାସ କରିଛନ୍ତି। ସଭାରେ ଯୁବନେତା ଦେବଦତ୍ତ କରଙ୍କ ସଂଯୋଜନାରେ ଏଥିରେ ମୁଖ୍ୟଅତିଥି ଭାବେ ବିଧାୟକ ଶ୍ରୀ ପ୍ରଧାନ ଯୋଗଦେଇଛନ୍ତି। ଏହି କାର୍ଯ୍ୟକ୍ରମରେ ବ୍ଲକ ଉପାଧ୍ୟକ୍ଷ ନୃସିଂହଚରଣ ମିଶ୍ର, ଅଶୋକ ଓଝା, ସମାଜସେବୀ ଗଣେଶଚନ୍ଦ୍ର ସ୍ୱାଇଁ, ଦେବେନ୍ଦ୍ର ସାହୁ, ଆମ୍ୱୀ ସଭାପତି ଅଶୋକ ସାହୁ, ରବିନ୍ଦ୍ର ତ୍ରିପାଠୀ, ମିହୀର ମିଶ୍ର, ସହକାରୀ ନିର୍ବାହୀ ଯନ୍ତ୍ରୀ ରମେଶ ଚନ୍ଦ୍ର ସାହୁ, ସହକାରୀ ନିର୍ବାହୀ ଯନ୍ତ୍ରୀ ଗଦାଧର ବାରିକ, କନିଷ୍ଠ ଯନ୍ତ୍ରୀ ମନୋରଞ୍ଜନ ମହାନ୍ତି, ସଞ୍ଜୟ ମଲିକ ପ୍ରମୁଖଙ୍କ ସମେତ ବହୁ ସରପଞ୍ଚ, ସମିତିସଭ୍ୟ, ମଣ୍ଡଳ ସଭାପତି ଏବଂ ସ୍ଥାନୀୟ ଅଞ୍ଚଳବାସୀ ଯୋଗଦାନ କରିଥିଲେ।

## ଖ୍ରୀଷ୍ଟ କଲେଜରେ କ୍ରିସ୍‌ମାସ୍ କ୍ୟାରୋଲ୍ ଉତ୍ସବ




କଟକ,୫।୧୨(ସମିସ): କଟକର ଐତିହ୍ୟପୂର୍ଣ୍ଣ ସଂଖ୍ୟାଲଘୁ ଶିକ୍ଷାନୁଷ୍ଠାନ ଖ୍ରୀଷ୍ଟ କଲେଜରେ ପରମପିତା ପ୍ରଭୁ ଯୀଶୁଙ୍କ ଜନ୍ମୋତ୍ସବ ଅବସରରେ କ୍ରିସ୍‌ମାସ୍ କ୍ୟାରୋଲ୍ ଉତ୍ସବ ଆଲୋକମାଳାରେ ସୁସଜ୍ଜିତ ଆନନ୍ଦମୟ ପରିବେଶ ମଧ୍ୟରେ ପାଳିତ ହୋଇଯାଇଛି। ନୃତ୍ୟ ଓ ସଙ୍ଗୀତ ସହିତ ପ୍ରେମ ଓ ଭାଇଚାରାର ବାର୍ତ୍ତାକୁ ଏହି ଉତ୍ସବରେ ପ୍ରାଧାନ୍ୟ ଦିଆଯାଇଥିଲା। ପ୍ରାରମ୍ଭରେ ପରିଚାଳନା ସମିତିର ସମ୍ପାଦକ ଶୁଭାଶିଷ ସାହୁ ଉଦ୍‌ଘାଟନୀ ପ୍ରାର୍ଥନା ଉତ୍ସର୍ଗ କରିଥିଲେ। କଲେଜର ଅଧ୍ୟକ୍ଷା ମଧୁମିତା ପାତ୍ର ସ୍ୱାଗତ ଭାଷଣ ପ୍ରଦାନ କରିଥିବା ବେଳେ ଡଃ ବିନୀତା ନନ୍ଦ ଅତିଥିମାନଙ୍କ ପରିଚୟ ପ୍ରଦାନ କରିଥିଲେ। ମଧୁସ୍ମିତା ଯାଚକ କ୍ୟାରୋଲ୍ ସମ୍ପର୍କରେ ସଂକ୍ଷିପ୍ତ ସୂଚନା ଦେଇଥିଲେ। ଏହି ଅବସରରେ କେନ୍ଦ୍ରାଞ୍ଚଳ ଡିଆଇଜି ଆଇପିଏସ୍, ଡ. ସତ୍ୟଜିତ୍ ନାଏକ ମୁଖ୍ୟଅତିଥି ଭାବରେ ଯୋଗ ଦେଇଥିଲେ। ପରିଚାଳନା ସମିତିର ସଭାପତି ଅନୁପମ ପାତ୍ର କ୍ୟାରୋଲ୍ ଉତ୍ସବର ସ୍ୱତନ୍ତ୍ରତା ବିଷୟରେ ସୂଚନା ପ୍ରଦାନ କରିଥିଲେ। ଅଧ୍ୟାପିକା ଡ. ମୌସୁମୀ ମହାନ୍ତି ପବିତ୍ର ବାଇବଲ୍ ଗ୍ରନ୍ଥରୁ ନିର୍ବାଚିତ ଅଂଶ ପାଠ କରିଥିଲେ ଏବଂ ପାଷ୍ଟର୍ ତଥା ବର୍ଣ୍ଣିଙ୍ଗ୍ ଲ୍ୟାମ୍ପ ସେବା ସଂସ୍ଥାର ପ୍ରତିଷ୍ଠାତା ରେଭ୍. ସୁଦୀପ୍ତ ନନ୍ଦ ପରମେଶ୍ୱରଙ୍କ ବାର୍ତ୍ତା ପ୍ରଦାନ କରିଥିଲେ। ସୁକୁମାର ରାଉତଙ୍କ ତତ୍ତ୍ୱାବଧାନରେ କୋଏର୍ ଗ୍ରୁପ୍‌ର କଣ୍ଠଶିଳ୍ପୀମାନେ ଭକ୍ତିସଙ୍ଗୀତ କ୍ୟାରୋଲ୍ ପରିବେଷଣ କରିଥିଲେ। ଡଃ ଜିତାରାୟଙ୍କ ସଂଯୋଜନାରେ ବିବିଧ ଅନୁଷ୍ଠାନ ଦ୍ୱାରା ପରିବେଷିତ ସାଂସ୍କୃତିକ କାର୍ଯ୍ୟକ୍ରମରେ ନୃତ୍ୟ, ଗୀତ ସହ ସାନ୍ତାକ୍ଲଜ୍‌ଙ୍କ ଶାନ୍ତିର ବାର୍ତ୍ତା ଦର୍ଶକଙ୍କୁ ଆନନ୍ଦିତ କରିଥିଲା। ପ୍ରାଧ୍ୟାପକ ଡ. ଦୈତ୍ୟାରୀ ଶୁକ୍ଳ ଧନ୍ୟବାଦ ଦେଇଥିଲା ବେଳେ ଅଧ୍ୟାପିକା ରିଙ୍କୁ ମହାପାତ୍ର ସଭା କାର୍ଯ୍ୟ ଉପସ୍ଥାପନା କରିଥିଲେ।

## ବିଡି କଲେଜରେ ସାଂସ୍କୃତିକ ସପ୍ତାହ ଓ ବାର୍ଷିକ କ୍ରୀଡ଼ା



ନିଶ୍ଚିନ୍ତକୋଇଲି, ୫।୧୨(ସମିସ): ନିଶ୍ଚିନ୍ତକୋଇଲି ବ୍ଲକ ନତକାଇଠାରେ ଥିବା ବଲ୍ଲଭୀ ଦେବୀ ମହିଳା ମହାବିଦ୍ୟାଳୟର ସାଂସ୍କୃତିକ ସପ୍ତାହ ଓ ବାର୍ଷିକ କ୍ରୀଡା ଉତ୍ସବ ୧ ତାରିଖଠାରୁ ଆରମ୍ଭ ହୋଇ ୫ ଦିନ ଧରି ଚାଲି ଶୁକ୍ରବାର ଉଦ୍‌ଯାପିତ ହୋଇଛି। ମହାବିଦ୍ୟାଳୟର +୨ ଓ +୩ ଅଧ୍ୟକ୍ଷା କ୍ରୀଡା ଉତ୍ସବକୁ ଉଦ୍‌ଘାଟନ କରିଥିଲେ। ଛାତ୍ରୀଙ୍କ ମଧ୍ୟରେ ବିଭିନ୍ନ କ୍ରୀଡା ପ୍ରତିଯୋଗିତା କରାଯାଇଥିବା ବେଳେ ଚଳିତ ବର୍ଷର ଡିଗ୍ରୀ କଲେଜର ପ୍ରିୟଦର୍ଶିନୀ ମିଶ୍ର ଓ +୨ କଲେଜର ସୌଭାଗ୍ୟଲକ୍ଷ୍ମୀ ବେହେରା ଚାମ୍ପିଅନ ଆଖ୍ୟା ଅର୍ଜନ କରିଥିବା ବେଳେ ସମସ୍ତ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଛି। ସୁଧାଂଶୁ ବେଜ୍ ଓ ବିଶ୍ୱଜିତ୍ ପୁହାଣ ପରିଚାଳନା କରିଥିଲେ। ଅଧ୍ୟାପିକା ଶୁଭଶ୍ରୀ ନାୟକଙ୍କ ସଂଯୋଜନାରେ ଉଦ୍‌ଯାପନୀ ଉତ୍ସବରେ ମୁଖ୍ୟଅତିଥି ଭାବେ ଅଧ୍ୟକ୍ଷା ଡ. ପୁଷ୍ପିତା ଜେନା, ମୁଖ୍ୟବକ୍ତା ଭାବେ +୨ ଅଧ୍ୟକ୍ଷା ନିବେଦିତା ଦାଶ ସମ୍ମାନିତ ଅତିଥି ଭାବେ ଅଧ୍ୟାପକ ସୂର୍ଯ୍ୟମଣୀ ସ୍ୱାଇଁ, ଅଧ୍ୟାପିକା ରୀତା ଷଡ଼ଙ୍ଗୀ, ଅଧ୍ୟାପିକା ଜୟନ୍ତୀ ସାହୁ, ସୁପ୍ରଭା ଜେନା ପ୍ରମୁଖ ଯୋଗ ଦେଇଥିଲେ। ଅଧ୍ୟାପିକା ଦେବଯାନୀ ରାଉତ, ପ୍ରଭାବତୀ ରାଉତ, ପ୍ରଭାତୀ ଭୂୟାଁ, ନିରୁପମା ସାହୁ, ବଟକୃଷ୍ଣ ରାଉତ, ଅଶୋକ ରାଉତ, ଜ୍ୟୋତିରଞ୍ଜନ ରଥ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

### ଏସସିବିରେ ଡାଏଲିସିସ ମେସିନ ଅଚଳକୁ ନେଇ ବିଧାନସଭାରେ ଉଦ୍‌ବେଗ

## ନିରାମୟରେ ରୋଗୀଙ୍କୁ ମିଳୁଥିଲା ୨୦୦ ଔଷଧ, ଏବେ ମାତ୍ର ୮୦

ଭୁବନେଶ୍ୱର,୫।୧୨(ସମିସ): ରାଜ୍ୟର ସର୍ବବୃହତ୍ ଶ୍ରୀରାମ ଚନ୍ଦ୍ର ଭଞ୍ଜ ମେଡିକାଲ କଲେଜ ଓ ହସ୍ପିଟାଲରେ ଡାଏଲିସିସ ମେସିନ କାମ କରୁନାହିଁ। ଫଳରେ ରାଜ୍ୟର କୋଣ ଅନୁକୋଣରୁ ଆସୁଥିବା ରୋଗୀ ହନ୍ତସନ୍ତ ହେଉଛନ୍ତି। ସରକାର ତୁରନ୍ତ ଏନେଇ ପଦକ୍ଷେପ ନେବାକୁ ଆଜି ଶୂନ୍ୟକାଳରେ ଦାବି କରିଛନ୍ତି ବିଜେଡି ବିଧାୟକ। ଶୂନ୍ୟକାଳରେ ଉପରୋକ୍ତ ପ୍ରସଙ୍ଗ ଉଠାଇ ବିରୋଧୀ ଦଳ ମୁଖ୍ୟ ସଚେତକ ପ୍ରମିଳା ମଲ୍ଲିକ କହିଛନ୍ତି ଯେ ଏସ୍‌ସିବି ମେଡିକାଲ କଲେଜରେ ଡାଏଲିସିସି ମେସିନ ଅଚଳ ପଡ଼ିଛି। ଏକ ନିର୍ଦ୍ଦିଷ୍ଟ ଫ୍ଲୁଇଡ୍ ଅଭାବରୁ ମେସିନ ଅଚଳ ଥିବା ଶୁଣିବାକୁ ପଡ଼ୁଛି। ବିଭିନ୍ନ ଜିଲ୍ଲାରେ ମଧ୍ୟ ସମାନ ପରିସ୍ଥିତି ଦେଖାଦେଇଛି। ରାଜ୍ୟର ସବୁଠାରୁ ବଡ଼ ଡାକ୍ତରଖାନାରେ ଏପରି ସ୍ଥିତି ଗ୍ରହଣୀୟ ନୁହେଁ। ସରକାର ଏନେଇ ତୁରନ୍ତ ପଦକ୍ଷେପ ଗ୍ରହଣ କରନ୍ତୁ ବୋଲି ସେ ଦାବି କରିଥିଲେ। ସେହିପରି ବିଜେଡି ସରକାର ସମୟରେ ଗରିବ ଲୋକଙ୍କ ପାଇଁ ନବୀନ ପଟ୍ଟନାୟକ ନିରାମୟ ଯୋଜନା ଆରମ୍ଭ କରିଥିଲେ। ଏଥିରେ ପ୍ରାୟ ୨୦୦ ପ୍ରକାରର ଔଷଧ ଦିଆଯାଉଥିଲା। ମାତ୍ର ବର୍ତ୍ତମାନ ନିରାମୟ ଯୋଜନାରେ ପ୍ରାୟ ୮୦ ପ୍ରକାର ଔଷଧ ମିଳୁନାହିଁ। ସ୍ୱାସ୍ଥ୍ୟମନ୍ତ୍ରୀ ତୁରନ୍ତ ସବୁ ଔଷଧ ରୋଗୀଙ୍କୁ ଦିଆଯିବା ନେଇ ପଦକ୍ଷେପ ନେବାକୁ ସେ ଦାବି କରିଥିଲେ। ବିଜେଡିର ଅନ୍ୟତମ ବିଧାୟକ ଶାରଦା ଜେନା କହିଥିଲେ ଯେ ଡାଏଲିସିସ ମେସିନ ଅଚଳ ଥିବା କାରଣରୁ ପ୍ରାୟ ୭୦ ଜଣ ବୃକକ୍ ରୋଗୀ ଏନେଇ ମେଡିକାଲ ଅଧୀକ୍ଷକଙ୍କୁ ଚିଠି ଲେଖି ନିଜର କ୍ଷୋଭ ଜଣାଇଛନ୍ତି। ଏହି ଚିଠିରୁ ଓଡ଼ିଶାର ସ୍ୱାସ୍ଥ୍ୟସେବାର ବିକଳ ଚିତ୍ର ଜଳଜଳ ଦିଶୁଛି। ମାତ୍ର ଫ୍ଲୁଇଡ ପାଇଁ ମେସିନ ଅଚଳ ହେବା ଦୁର୍ଭାଗ୍ୟଜନକ। ସରକାର ତୁରନ୍ତ ଦୃଷ୍ଟି ଦେବାକୁ ସେ ଦାବି କରିଥିଲେ।

## ପୂର୍ବତନ ବ୍ଲକ୍ ଅଧ୍ୟକ୍ଷାଙ୍କ ଘରକୁ ବୋମାମାଡ଼; ଦୁଇ ଆହତ



ସାଲେପୁର,୫।୧୨(ସମିସ): କଟକ ଜିଲ୍ଲା ସାଲେପୁର ବ୍ଲକର ଅତୋଡା ଗ୍ରାମରେ କୌଣସି କାରଣରୁ ଆଜି ସନ୍ଧ୍ୟାରେ ସାଲେପୁର ବ୍ଲକର ପୂର୍ବତନ ଅଧ୍ୟକ୍ଷଙ୍କ ଘର ନିକଟକୁ ବୋମାମାଡ଼ କରାଯାଇଥିବା ଅଭିଯୋଗ ହୋଇଛି। ଏହି ବୋମାମାଡ଼ରେ ଦୁଇ ଜଣ ମହିଳା ସାମାନ୍ୟ ଆହତ ହୋଇଥିବା ବେଳେ ଗାଁରେ ଉତ୍ତେଜନା ଲାଗି ରହିଥିବାରୁ ଏକ ପ୍ଲାଟୁନ ପୁଲିସ ଫୋର୍ସ ମୁତୟନ କରାଯାଇଛି। ରାଜନୈତିକ ଶତ୍ରୁତା କାରଣରୁ ସାଲେପୁର ବ୍ଲକର ପୂର୍ବତନ ଅଧ୍ୟକ୍ଷା ତଥା ଅତୋଡା ଗ୍ରାମର ମମତା ରାଉତଙ୍କ ଘର ନିକଟକୁ ଦୁଇଟି ବୋମାମାଡ ହୋଇଥିଲା। ଛ ଜଣ ଦୁର୍ବୃତ୍ତ ଦୁଇଟି ବାଇକରେ ଆସି ଦୁଇଟି ବୋମାମାଡ କରିଥିବା ବେଳେ ଗୋଟିଏ ବୋମା ଥୁଆ ହୋଇଥିବା ଟ୍ରାକ୍ଟର ଉପରେ ମାଡ଼ ହୋଇଥିବା ବେଳେ ଅନ୍ୟ ଏକ ବୋମା କେନାଲର ଏକ ପାହାଚ ଉପରେ ପଡ଼ି ପ୍ରଚଣ୍ଡ ଶବ୍ଦ କରି ବିସ୍ଫୋରଣ ହୋଇଥିଲା। ଏହି ବୋମା ମାଡ଼ରେ ସେଠାରେ ଠିଆ ହୋଇଥିବା ସୁମିତ୍ରା ସେଠୀ, ସୁଲୋଚନା ସେଠୀ ସାମାନ୍ୟ ଆହତ ହୋଇଛନ୍ତି। ପୂର୍ବତନ ଅଧ୍ୟକ୍ଷା ମମତା ରାଉତଙ୍କ ଏ ସମ୍ପର୍କରେ ପ୍ରକାଶ କରିଛନ୍ତି ଯେ ତିନିରୁ ଚାରି ଦିନ ତଳେ ୨୦ରୁ ଊର୍ଦ୍ଧ୍ୱ ଯୁବକ ତାଙ୍କ ଘର ନିକଟରେ ପହଞ୍ଚି ଅଶ୍ଳୀଳ ଭାଷାରେ ଗାଳିଗୁଲଜ କରିବା ସହ ତାଙ୍କ ଘର ଭିତରେ ପଶି ଆସବାପତ୍ର ଫୋପଡା ଫୋପାଡି କରି ଧମକ ଚମକ୍ ଦେଇ ପଳେଇଯାଇଥିଲେ। ଏ ସମ୍ପର୍କରେ ସିସିଟିଭି କ୍ଲିପ୍ ସହ ଜଗତପୁର ଥାନାରେ ଲିଖିତ ଅଭିଯୋଗ ହୋଇଥିବା ସେ ପ୍ରକାଶ କରିଛନ୍ତି। ଅପରପକ୍ଷରେ ଶୁଣିବାକୁ ମିଳୁଛି ଯେ ଶ୍ରୀ ରାଉତଙ୍କ ପୁଅ ଏକ ଦ୍ୱାଦଶ କାର୍ଯ୍ୟକ୍ରମରେ ଯୋଗଦେବାକୁ ଯାଇଥିବା ବେଳେ ସେଠାରେ ଏକ ନିର୍ଦ୍ଦିଷ୍ଟ ରାଜନୈତିକ ଦଳର କିଛି ଯୁବ କର୍ମୀଙ୍କ ସହ ବଚସା ହୋଇଥିଲା। ଏହି କାରଣରୁ ତାଙ୍କ ଘର ସମ୍ମୁଖକୁ ବୋମାମାଡ଼ ହୋଇଥିବା ଆଲୋଚନା ହେଉଛି।

**ଗ୍ରାମରେ ଚାପା ଉତ୍ତେଜନା ଏକ ପ୍ଲାଟୁନ ପୁଲିସ ଫୋର୍ସ ମୁତୟନ**

## ମହାନଦୀରେ କୁମ୍ଭୀର; ଲୋକ ଆତଙ୍କିତ



ଆଠଗଡ,୫।୧୨(ସମିସ): ଆଠଗଡ଼ ବନଖଣ୍ଡ ଅନ୍ତର୍ଗତ ଆଠଗଡ଼ ରେଞ୍ଜ ମୁଣ୍ଡଳୀଠାରେ ମହାନଦୀରେ ଏକ ଥଣ୍ଟିଆ କୁମ୍ଭୀର ଦେଖିବାକୁ ମିଳିଛି। ପାଖାପାଖି ୯ ଫୁଟ୍ ଲମ୍ବରୁ ଅଧିକ ଏହି କୁମ୍ଭୀରଟି ଗତ ୨୦୨୨ ମସିହାଠାରୁ ମହାନଦୀରେ ବୁଲୁଥିବା ବେଳେ ଶୁକ୍ରବାର ଧବଳେଶ୍ୱର ପଠାରୁ ଯାଇ ମୁଣ୍ଡଳୀ ନିକଟରେ ଦେଖାଯାଇଥିବା ବନବିଭାଗ ପକ୍ଷରୁ କୁହାଯାଇଛି। କୁମ୍ଭୀରଟି ସାତକୋଶିଆ କୁମ୍ଭୀର ପ୍ରଜନନ କେନ୍ଦ୍ରରୁ ଖସିଆସି ୨୦୨୨ ମସିହାରେ ମାଛଧରା ଜାଲରେ ଲାଗିଯାଇଥିଲା। ତେବେ ସେତେବେଳେ ତାକୁ ବନବିଭାଗ ପକ୍ଷରୁ ଉଦ୍ଧାର କରାଯାଇ ମହାନଦୀର ଗଭୀର ଜଳରେ ଛାଡ଼ି ଦିଆଯାଇଥିଲା। କୁମ୍ଭୀରଟି ସେବେଠାରୁ ଧବଳେଶ୍ୱର ପଠାଠାରୁ ମୁଣ୍ଡଳୀ ମଧ୍ୟରେ ବିଚରଣ କରୁଥିବା ବେଳେ ଅଧିକାଂଶ ସମୟରେ ଲୋକଲୋଚନକୁ ଆସିଥାଏ। ତେବେ ମହାନଦୀରେ କୁମ୍ଭୀର ଥିବା ଯୋଗୁଁ ଆଖପାଖ ଅଞ୍ଚଳର ଗାଁରେ ଲୋକେ ଆତଙ୍କିତ ହୋଇପଡ଼ିଛି।

## ଧର୍ମପ୍ରାଣା ମହିଳାଙ୍କ ପରଲୋକ



କଣ୍ଟାପଡ଼ା,୫।୧୨(ସମିସ): ଭାରତୀୟ ସେନା ବାହିନୀର ଅବସରପ୍ରାପ୍ତ ଅଧିକାରୀ ସ୍ୱର୍ଗତ ଜଳନ୍ଧର ରାୟଙ୍କ ପତ୍ନୀ ତଥା ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନର ଓଡ଼ିଶା ମୁଖ୍ୟ ଡ. ନିହାରରଞ୍ଜନ ରାୟଙ୍କ ମାତା କୌଶଲ୍ୟା ଦେବୀ (୮୯)ଙ୍କ ପରଲୋକ ଘଟିଛି। ସେ ଜଣେ ଧର୍ମପରାୟଣା ଏବଂ ପରୋପକାରୀ ମହିଳା ଥିଲେ। ମୃତ୍ୟୁ ଶଯ୍ୟା ନିକଟରେ ଜ୍ୟେଷ୍ଠପୁତ୍ର ଯୋଗଗୁରୁ ନିର୍ମଳ ରାୟ, ମଧ୍ୟମ ପୁତ୍ର ଶିକ୍ଷାବିତ ନିରଞ୍ଜନ ରାୟ ଏବଂ ପରିବାରବର୍ଗଙ୍କ ସମେତ ବହୁ ମାନ୍ୟଗଣ୍ୟ ବ୍ୟକ୍ତି ଉପସ୍ଥିତ ଥିଲେ। ଗ୍ରାମ୍ୟ ଶ୍ମଶାନରେ ଅନ୍ତ୍ୟେଷ୍ଟି କ୍ରିୟା ସମାପନ ହୋଇଥିଲା। କୌଶଲ୍ୟା ଦେବୀଙ୍କ ବିୟୋଗରେ ସମ୍ପୃକ୍ତ ଅଞ୍ଚଳରେ ଗଭୀର ଶୋକ ପ୍ରକାଶ ପାଇଛି।

## ଅଖାବାବାଙ୍କ ଆଶ୍ରମରେ ବାର୍ଷିକୋତ୍ସବ



ନିଶ୍ଚିନ୍ତକୋଇଲି,୫।୧୨(ସମିସ): ପବିତ୍ର ପଣ୍ଡୁ ପୂର୍ଣ୍ଣିମା ଅବସରରେ ନିଶ୍ଚିନ୍ତକୋଇଲି ବ୍ଲକ ନତକାଇସ୍ଥିତ ବାଘୁଆ ପଡ଼ିଆଠାରେ ଥିବା ନିର୍ଗୁଣ ବ୍ରହ୍ମ ସତ୍ୟ ସନାତନ ଧରିତ୍ରୀ ମଣ୍ଡଳାଶ୍ରମ ଆଖାବାବାଙ୍କ ଶାଖା ଆଶ୍ରମର ବାର୍ଷିକ ଉତ୍ସବ ଗୁରୁବାର ଦିନ ଅନୁଷ୍ଠିତ ହୋଇଯାଇଛି। ଉକ୍ତ କାର୍ଯ୍ୟକ୍ରମରେ ଲୋକସନ୍ଥ ବ୍ରହ୍ମ ଅବଧୂତ ଗୋସ୍ୱାମୀ ଅଖାବାବା ଯୋଗଦାନ କରିଥିଲେ। ଏହି ଅବସରରେ ଜଗତକଲ୍ୟାଣ ପାଇଁ ନାମ ସଂକୀର୍ତ୍ତନ, ବ୍ରହ୍ମ ଆହୂତି, ପ୍ରବଚନ, ରାହାସ ଆଦି ବିଭିନ୍ନ ଆଧ୍ୟାତ୍ମିକ କାର୍ଯ୍ୟକ୍ରମ କରାଯାଇଥିଲା। ଏଥିରେ ଆଶ୍ରମର ଆଚାର୍ଯ୍ୟ ବରଦାପ୍ରସାଦ ମିଶ୍ରଙ୍କ ସମେତ ସମସ୍ତ ଗୁରୁ ଭାଇଭଉଣୀ ଏବଂ ସ୍ଥାନୀୟ ବହୁ ଶ୍ରଦ୍ଧାଳୁ ଯୋଗଦାନ କରିଥିଲେ।

## କମର୍ସ ପଏଣ୍ଟର ବାର୍ଷିକ ଉତ୍ସବ

ସାଲେପୁର,୫।୧୨(ସମିସ): ସାଲେପୁର କମର୍ସ ପଏଣ୍ଟର ୨୭ତମ ବାର୍ଷିକ ଉତ୍ସବ ଅନୁଷ୍ଠାନର ପ୍ରତିଷ୍ଠାତା ଅଧ୍ୟାପକ ମନୋଜ କୁମାର ବେହୁରାଙ୍କ ଅଧ୍ୟକ୍ଷତାରେ ସାଲେପୁର ମଧୁ ମଣ୍ଡପରେ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥି ଭାବରେ ଏଇଏମଆଇଏସର ପ୍ରଫେସର ଡ. କମଳାକାନ୍ତ ବେହୁରା, ମୁଖ୍ୟବକ୍ତା ଭାବେ ସିଏସିଏମଏ ଶ୍ରୀଦୀପ୍ତ କୁମାର ନନ୍ଦ, ସମ୍ମାନିତ ଅତିଥି ଭାବରେ ବରିଷ୍ଠ ସାମ୍ବାଦିକ ଅକ୍ଷୟ ଦାଶ ଯୋଗ ଦେଇଥିଲେ। ଡାକ୍ତର ପ୍ରକାଶ ଦାସ ଆଇଏମଆଇଏସ ଛାତ୍ରଛାତ୍ରୀଙ୍କୁ ଉତ୍ସାହିତ କରିଥିଲେ। ଶିକ୍ଷାବିତ ଶ୍ରୀକାନ୍ତ ପଣ୍ଡାଙ୍କ ସଂଯୋଜନାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଅନୁଷ୍ଠାନର କୃତୀ ଛାତ୍ରଛାତ୍ରୀଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଶିକ୍ଷାନୁଷ୍ଠାନର ଛାତ୍ରଛାତ୍ରୀଙ୍କ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା। ଏହି କାର୍ଯ୍ୟକ୍ରମକୁ ଅଶୋକ ସ୍ୱାଇଁ, ସତ୍ୟରଞ୍ଜନ ମିଶ୍ର, ମାନସ ରଞ୍ଜନ ବେହୁରା, ଅଜିତ ବାରିକ, ମିର ସଲାମ ଉଦ୍ଦିନ, ବଦ୍ରିନାରାୟଣ ପାତ୍ର ପ୍ରମୁଖ ପରିଚାଳନା କରିଥିବା ବେଳେ ସାଲେପୁର ଅଞ୍ଚଳର ବହୁ ଅଧ୍ୟାପକ, ଅଧ୍ୟାପିକାମାନେ ଉପସ୍ଥିତ ଥିଲେ।





### ବିଶ୍ୱନାଥପୁରରେ ଫାଟିଲା ପାନୀୟଜଳ ପାଇପ୍

## ୧୫ ଦିନହେଲା ରାସ୍ତାରେ ପାଣି



ବଡ଼ମ୍ବା,୫।୧୨(ସମିସ): ବଡ଼ମ୍ବା ବ୍ଲକ ଅଧୀନ ଗୋପାଳପୁର ଗ୍ରାମ ପଞ୍ଚାୟତର ବିଶ୍ୱନାଥପୁର ଗ୍ରାମରେ ପାନୀୟ ଜଳ ଯୋଗାଣ ପାଇଁ ବିଛାଯାଇଥିବା ମୁଖ୍ୟ ପାଇପ୍ ଫାଟି ଯାଇଥିବାରୁ ଗତ ପ୍ରାୟ ୧୫ ଦିନ ଧରି ରାସ୍ତା ଉପରେ ପାଣି ଲହଡ଼ି ମାରୁଛି। ଏହାଫଳରେ ଗ୍ରାମବାସୀଙ୍କ ସମେତ ସେହି ରାସ୍ତା ଦେଇ ଅଧିଷ୍ଠାତ୍ରୀ ଦେବୀ ମା' ଭଟ୍ଟାରିକା ଦେବୀଙ୍କୁ ଦର୍ଶନ କରିବା ପାଇଁ ଆସୁଥିବା ଶ୍ରଦ୍ଧାଳୁମାନେ ଘୋର ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ରାସ୍ତାରେ ଯିବା ଆସିବା କରିବା କଷ୍ଟକର ହେବା ସହ ବିଶ୍ୱନାଥପୁରର ହରିଜନ ସାହିର ଅନେକ ପରିବାର ସମ୍ପୂର୍ଣ୍ଣ ରୂପେ ପାନୀୟ ଜଳରୁ ବଞ୍ଚିତ ହେଉଛନ୍ତି। ପାଇପ୍ ଫାଟିବା ଯୋଗୁଁ ଘର ସମ୍ମୁଖରେ ଏକ କୃତ୍ରିମ ହ୍ରଦ ସୃଷ୍ଟି ହୋଇଛି, ମାତ୍ର ଲୋକଙ୍କୁ ପିଇବା ପାଣି ମିଳୁନାହିଁ। ଏନେଇ ବିଭାଗୀୟ ଅଧିକାରୀଙ୍କୁ ବାରମ୍ବାର ଅଭିଯୋଗ କରାଯାଇଥିଲେ ମଧ୍ୟ କୌଣସି କର୍ଣ୍ଣପାତ କରୁନାହାନ୍ତି। ବିଶେଷକରି, ବଡ଼ମ୍ବା ବ୍ଲକର ୩୮ଟି ପଞ୍ଚାୟତର ସମସ୍ତ ଗ୍ରାମକୁ ସ୍ୱଚ୍ଛ ପାନୀୟ ଜଳ ଯୋଗାଇଦେବା ପାଇଁ ଏଲ୍ ଆଣ୍ଡ ଟି ଠିକା ସଂସ୍ଥା ଚୁକ୍ତି କରିଛି। ମାତ୍ର ଏହି ସଂସ୍ଥା କାର୍ଯ୍ୟକୁ ଠିକାଦାରଙ୍କ ହାତରେ ଟେକିଦେଇ ଚୁପ୍ ବସିଯିବା ଯୋଗୁଁ ଜନସାଧାରଣ ପାନୀୟ ଜଳରୁ ବଞ୍ଚିତ ହେଉଛନ୍ତି। ଏଲ୍ ଆଣ୍ଡ ଟି ଠିକା ସଂସ୍ଥା ବାରମ୍ବାର ଅଭିଯୋଗ ପରେ କେବଳ ସମୟ ନେଇ ଚାଲିଛି, କିନ୍ତୁ ଆଜି ପର୍ଯ୍ୟନ୍ତ ପାନୀୟ ଜଳର ସମସ୍ୟା ସମାଧାନ ହୋଇପାରୁନାହିଁ। ବହୁ ସ୍ଥାନରେ ପାଇପ୍ ଫାଟି ରାସ୍ତାରେ ପାଣି ମାଡୁଥିବାର ଦୃଶ୍ୟ ଦେଖିବାକୁ ମିଳୁଛି। ଏହା ବ୍ୟତୀତ, ଠିକା ସଂସ୍ଥା ରାସ୍ତା ଖୋଳି ପାଇପ ବିଛାଇବା ପରେ ବିଭିନ୍ନ ଜାଗାରେ ଖାଲଖମା ସୃଷ୍ଟି କରି ତାହାକୁ ମରାମତି ନ କରି ଛାଡ଼ି ଚାଲିଯାଇଥିବାର ଅଭିଯୋଗ ହେଉଛି। ଯେଉଁଠି ପାଣି ଦିଆଯାଉଛି, ସେଠାରେ ମଧ୍ୟ ସଠିକ୍ ଢଙ୍ଗରେ ପାଣି ଯୋଗାଇ ଦିଆଯାଉନାହିଁ। ସରକାରୀ ତହବିଲରୁ ସ୍ୱଚ୍ଛ ପାନୀୟ ଜଳ ପାଇଁ କୋଟି କୋଟି ଟଙ୍କା ଖର୍ଚ୍ଚ ହେଉଥିଲେ ମଧ୍ୟ ତାହା ଜନସାଧାରଣଙ୍କ କାର୍ଯ୍ୟରେ ଆସୁନାହିଁ। ଏନେଇ ବିଭାଗୀୟ ଅଧିକାରୀଙ୍କୁ ଯୋଗାଯୋଗ କଲେ ମଧ୍ୟ କୌଣସି ପ୍ରତିକ୍ରିୟା ମିଳୁ ନାହିଁ। ପାନୀୟ ଜଳ ବିଭାଗୀୟ ଅଧିକାରୀ ଯଥାଶୀଘ୍ର ପଦକ୍ଷେପ ନେଇ ଏହି ସମସ୍ୟାର ସମାଧାନ କରନ୍ତୁ ବୋଲି ଜନସାଧାରଣଙ୍କ ଦାବି କରିଛନ୍ତି।

- ବିଭାଗୀୟ ଅଧିକାରୀ ଚୁପ୍
- ହରିଜନସାହିରେ ପାନୀୟଜଳ ସଙ୍କଟ
- ଭଟ୍ଟାରିକାଙ୍କ ଦର୍ଶନ ପାଇଁ ଆସୁଥିବା ଶ୍ରଦ୍ଧାଳୁ ହନ୍ତସନ୍ତ

ଲେଲିହାନ ଶିଖା
ସେବା, ତ୍ୟାଗ, ମୂଲ୍ୟବୋଧ ରାଜନୀତିର ମୂର୍ତ୍ତିମନ୍ତ ପ୍ରତୀକ
ସ୍ୱର୍ଗତ ରବି ଲାବଣ୍ୟ
'ସକାଳ' ଖବର କାଗଜର ସ୍ୱନକ୍ଷତ୍ର ଦିବସ ଅବସରରେ ପ୍ରଚଣ୍ଡ ସ୍ୱାଭିମାନୀ, ନିର୍ଭିକ, ସ୍ପଷ୍ଟବାଦୀ, ଓଡିଆ ପ୍ରାଣ, ସମାଜବାଦୀ, ମହାନ ବିପ୍ଳବୀ ଜନନେତା ତଥା ଧର୍ମଶାଳାର ପୂର୍ବତନ ବିଧାୟକ ସ୍ୱର୍ଗତ ରବି ଲାବଣ୍ୟଙ୍କ ଅମ୍ଳାନ ଆତ୍ମା ପ୍ରତି ଗଭୀର ଶ୍ରଦ୍ଧାଞ୍ଜଳି।
ନିବେଦକ
'ବନ୍ଦେ ଉତ୍କଳ ଜନନୀ'


# ରୌପ୍ୟନଗରୀରେ କ୍ରିକେଟ୍ ଫିବର୍ ▸ ଧାଡ଼ିରେ ଦଲାଲ ରାଜୁତି: ମୂଲରେ ଆସି ଟିକଟ୍ କିଣିଲେ







**କଟକ, ୫।୧୨(ସମିସ):**

ବାରବାଟୀରେ ଭାରତ-ଦକ୍ଷିଣଆଫ୍ରିକା ବିପକ୍ଷ ଅନ୍ତର୍ଜାତୀୟ ଟି-୨୦ ମ୍ୟାଚ୍ ଆସନ୍ତା ୯ରେ ଖେଳାଯିବ। ଏଥିନିମନ୍ତେ ଆଜି ଷ୍ଟାଡିୟମ ପରିସରରେ ୫ଟି ଟିକଟ୍ କାଉଣ୍ଟର୍ ଖୋଲାଯାଇ ଅଫଲାଇନ୍ ଟିକଟ୍ ବିକ୍ରୟ କରାଯାଇଥିଲା। ଗୋଟିଏ ଦିନରେ କାଉଣ୍ଟର୍‌ରେ ଉପଲବ୍ଧ ହୋଇଥିବା ୧୦ହଜାର ଟିକଟ୍ ଶେଷ ହୋଇଯାଇଥିଲା। କିନ୍ତୁ ଏକାଧିକ ଟିକଟ୍ ଆଶାୟୀ ବା ଖେଳପ୍ରେମୀ ଟିକଟ୍ ନପାଇ ଖାଲି ହାତରେ ଫେରିଯାଉଥିବା ଦେଖିବାକୁ ମିଳିଥିଲା। ପୁଲିସର ସମସ୍ତ ସୁରକ୍ଷା ବଳୟକୁ ଟପି ଦଲାଲମାନେ ନିୟୋଜିତ କରିଥିବା ମହିଳା ଓ ବୃଦ୍ଧ ଧାଡ଼ିରେ ଛିଡ଼ା ହୋଇ ରହିଥିଲେ। କ୍ରିକେଟ୍ କଣ ଜାଣିନଥିବା ମହିଳାମାନେ ୨ଟି ଲେଖାଏଁ ଟିକଟ୍ ଦଲାଲଙ୍କ ପାଇଁ କ୍ରୟ କରୁଥିବା ଦେଖିବାକୁ ମିଳିଥିଲା। ଡିସିପି ଖିଲାରୀ ଋଷିକେଶ ଦ୍ୟାନ୍‌ଦେଓ ଗତକାଲି ଘୋଷଣା କରିଥିଲେ ଯେ ଆଜି ସକାଳ ୬ଟାରୁ ବ୍ୟାରିକେଡ୍ ମଧ୍ୟରେ ଆଶାୟୀମାନେ ଧାଡ଼ି ବାନ୍ଧିବେ। କିନ୍ତୁ ଗତକାଲି ରାତି ୧୨ଟାରୁ ପ୍ରବଳ ଲୋକ ସମାଗମ ହୋଇଥିଲା। ଭିଡ଼କୁ ନିୟନ୍ତ୍ରଣ କରିବାକୁ ଯାଇ ପୁଲିସ ମୃଦ୍ୟୁ ଲାଠିଚାଳନା କରିବା ପରେ ଆଶାୟୀଙ୍କୁ ବ୍ୟାରିକେଡ୍ ଭିତରେ ଧାଡ଼ି ବାନ୍ଧିବାକୁ ଅନୁମତି ଦେଇଥିଲା। ଗତକାଲି ରାତି ୧ଟାରୁ ୫ଟି କାଉଣ୍ଟରକୁ ସଂଯୋଗ କରୁଥିବା ବ୍ୟାରିକେଡ୍ ମଧ୍ୟରେ ଲୋକମାନେ ଲାଇନ୍‌ରେ ଛିଡ଼ା ହୋଇ ରହିଥିଲେ। ଏଥର ବାଉଁଶ ବ୍ୟାରିକେଡ୍‌କୁ ବାଦ ଦେଇ ପ୍ରଥମ ଥର ପାଇଁ ସର୍ପେଣ୍ଟାଇନ୍(ଜିକ୍‌ଜାକ୍) ବ୍ୟାରିକେଡ୍ କରାଯାଇଥିଲା। ଏହି ଯୋଜନା ସଫଳ ହୋଇଥିବା ଦେଖିବାକୁ ମିଳିଥିଲା। ବ୍ୟାରିକେଡ୍ ଗୁଡ଼ିକ ଷ୍ଟିଲ୍‌ରେ ନିର୍ମିତ ହୋଇଥିବାରୁ ଲୋକମାନେ ଠେଲାପେଲା କଲେ ମଧ୍ୟ ବିଶୃଙ୍ଖଳିତ ହୋଇ ପାରିନଥିଲେ। ଅଧିକାଂଶ ଲୋକ ଟିକେଟ୍ କଳାବଜାରୀ କରିବା ଆଶାରେ ଧାଡ଼ିରେ କିଛି ଦଲାଲଙ୍କୁ ନିୟୋଜିତ କରିଥିବା ଦେଖିବାକୁ ମିଳିଥିଲା। ଦଲାଲମାନେ ନେଇଥିବା ଏହି ଟିକଟ୍‌କୁ କଳାବଜାରୀ କରି ଚଢ଼ା ଦରରେ ବିକ୍ରି କରିବେ। ଏଭଳି ବେଆଇନ୍ କାର୍ଯ୍ୟ ପୂର୍ବରୁ କରାଯାଉଥିବା ବେଳେ ଏଥର ମ୍ୟାଚ୍‌ରେ ପୁଲିସ ଏହାକୁ ସମ୍ପୂର୍ଣ୍ଣ ଭାବେ ମୂଳପୋଛ କରିବାକୁ ଯୋଜନା କରିଥିଲା। କିନ୍ତୁ ଆଜି ଦଲାଲମାନେ ଟିକେଟ୍ କ୍ରୟ କରୁଥିବା ଦୃଶ୍ୟ ଦେଖାଯିବା ପୁଲିସର ପୂର୍ବ ଯୋଜନା ଫେଲ୍ ମାରିଥିବା ଅଭିଯୋଗ ଉଠିଛି। ଷ୍ଟାଡିୟମ ନିକଟସ୍ଥ ବିଦ୍ୟୁତ୍ ବିଭାଗ କାର୍ଯ୍ୟାଳୟ ନିକଟରେ ୩ଟି ଟିକଟ୍ କାଉଣ୍ଟର୍ କରାଯାଇଥିବା ସେଠାରେ ଗ୍ୟାଲେରି ଓ ସ୍ପେସାଲ୍ ଏନ୍‌କ୍ଲୋଜର୍ ଟିକଟ୍ ବିକ୍ରୟ କରାଯାଇଥିଲା। ସେଥିମଧ୍ୟରୁ ଗୋଟିଏ କାଉଣ୍ଟର୍‌କୁ କେବଳ ମହିଳାଙ୍କ ପାଇଁ ସଂରକ୍ଷିତ ରଖାଯାଇଥିଲା। ମହିଳାମାନେ ବାସ୍କେଟ୍ ବଲ୍ କମ୍ପ୍ଲେକ୍ସ ନିକଟରୁ ଧାଡ଼ିରେ ଛିଡ଼ା ହେବା ଆରମ୍ଭ କରିଥିବା ବେଳେ ସାଧାରଣ ବର୍ଗଙ୍କ ଲାଗି ହୋଇଥିବା ବ୍ୟାରିକେଡ୍‌କୁ ଏକାଡ଼େମୀ ପଡ଼ିଆ ଦେଇ ଆଶାୟୀମାନେ ଆସିଥିଲେ। ସନ୍ଧ୍ୟା ୬ଟା୩୦ ସୁଦ୍ଧା ସମସ୍ତ କାଉଣ୍ଟର୍‌ରେ ଉପଲବ୍ଧ ହେଉଥିବା ମୋଟ୍ ୧୦ହଜାର ଟିକଟ୍ ଶେଷ ହୋଇଯାଇଥିଲା। ଦର୍ଶକଙ୍କ ନିମନ୍ତେ ୨ଫୁଟ୍ ଲେଖାଁଏ ୨ଟି ବ୍ୟାରିକେଡ୍ ଲାଇନ୍ କରାଯାଇଥିବା ବେଳେ ତା' ପାଖରେ ଆଉ ଗୋଟିଏ ୩ଫୁଟ୍‌ର ବ୍ୟାରିକେଡ୍ ହୋଇଥିଲା। କାଉଣ୍ଟର ପାଖରୁ ୮୦୦ମିଟର ପର୍ଯ୍ୟନ୍ତ ଷ୍ଟିଲ୍ ବ୍ୟାରିକେଡ୍ ଲଗାଯାଇଥିଲା। କାଉଣ୍ଟର ନିକଟବର୍ତ୍ତୀ ଅଞ୍ଚଳକୁ 'ନୋ ମ୍ୟାନ୍ ଲ୍ୟାଣ୍ଡ' ଘୋଷଣା କରାଯାଇଥିଲା। ଯେଉଁମାନେ ଟିକେଟ୍ କିଣିବାକୁ ଆଶାୟୀ, ସେହିମାନେ ସେଠାରେ ଥିଲେ। ଅନ୍ୟ କୌଣସି ବ୍ୟକ୍ତି ଉକ୍ତ ଅଞ୍ଚଳରେ ରହି ନଥିଲେ। ଏଭଳି ବ୍ୟବସ୍ଥା ହେବା ଦ୍ୱାରା ବିଶୃଙ୍ଖଳା କରୁଥିବା ଲୋକଙ୍କୁ ରୋକାଯାଇ ପାରିଥିଲା। ହେଲେ ବାସ୍ତବରେ ଆଶାୟୀ ଥିବା କ୍ରିକେଟ୍ ପ୍ରେମୀ ନିରାଶରେ ଫେରି ଯାଇଥିଲେ।

**ଅଟୋ ଓ ଟ୍ରାକ୍ଟରରେ ବୁହାହେଇ ଆସିଲେ ମହିଳା ଓ ବୃଦ୍ଧ**

**ପ୍ରକୃତ ଟିକଟ୍ ଆଶାୟୀ ଖାଲି ହାତରେ ଫେରିଲେ**

**ସର୍ପେଣ୍ଟାଇନ୍ ବ୍ୟାରିକେଡ୍ ଯୋଗୁଁ ବିଶୃଙ୍ଖଳା ଓ ଠେଲାପେଲା କମିଲା**

**ଧାଡ଼ି ବାନ୍ଧିଥିଲେ ଲୋକ: ଶେଷ ମୁହୂର୍ତ୍ତରେ ପୁଲିସ ବଦଳାଇଲା ନିଷ୍ପତ୍ତି**








## ପ୍ଲାଟ୍‌ଫର୍ମରେ ଯାତ୍ରୀ ସୁରକ୍ଷା ସଚେତନତା




**କଟକ, ୫।୧୨(ସମିସ):** ରାଷ୍ଟ୍ରୀୟ ଅପରାଧ ଯାଞ୍ଚ ବ୍ୟୁରୋ, ସିଟିଜେନ୍ ରାଇଟ୍‌ସ୍ ପ୍ରୋଟେକ୍‌ସନ କାଉନ୍‌ସିଲ୍, ରେଲ୍‌ୱେ ସୁରକ୍ଷା ବଳ ଓ ସାମାଜିକ ସଂଗଠନ ଉତ୍କଳ ସେବକ ସମାଜର ମିଳିତ ଆନୁକୂଲ୍ୟରେ କଟକ ରେଳଷ୍ଟେସନ ଠାରେ ଏକ ଯାତ୍ରୀ ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଉକ୍ତ କାର୍ଯ୍ୟକ୍ରମରେ ଅତିଥିଭାବରେ କଟକ ଏନ୍‌ସିଆଇବିର ରାଜ୍ୟ ନିର୍ଦ୍ଦେଶକ ସୁଦାମ ଚରଣ ଦାସ, ଜିଲ୍ଲା ସଦସ୍ୟ ବୈଦ୍ୟନ୍ଦ୍ର ନାଥ ସାହୁ, ଆର୍‌ପିଏଫ୍‌ର ସବ୍ ଇନିସ୍‌ପେକ୍ଟର ପ୍ରଭାତ ମହାପାତ୍ର, ଏଏସ୍‌ଆଇ ସଞ୍ଜୟ ବେହେରାଙ୍କ ସହିତ ଅନ୍ୟାନ୍ୟ ଅଫିସର ଓ ବିଷୟ ବିଶାରଦ ଭାବରେ ଉତ୍କଳ ସେବକ ସମାଜର ସମ୍ପାଦକ ତଥା ଜିଲ୍ଲା ସ୍ୱେଚ୍ଛାସେବୀ ସମନ୍ୱୟ ସମିତିର ଆବାହକ ଆଇନଜୀବୀ ଅମୀୟ ଭୂଷଣ ବିଶ୍ୱାଳ ଯୋଗଦାନ କରିଥିଲେ। ଏହି ପରିପ୍ରେକ୍ଷୀରେ ରେଳଯାତ୍ରୀଙ୍କ ସୁରକ୍ଷା ସମ୍ବନ୍ଧୀୟ ସତର୍କତା ସୂଚନା ପଦଯାତ୍ରା ଓ ଡାକବାଜି ଯନ୍ତ୍ର ମାଧ୍ୟମରେ ପ୍ରଚାର ପ୍ରସାର କରିବା ସହିତ ଲିଫ୍‌ଲେଟ୍ ବଣ୍ଟନ କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ଆର୍‌ପିଏଫ୍‌ର ସମସ୍ତ ଅଫିସର, ଉତ୍କଳ ସେବକ ସମାଜର ବରିଷ୍ଠ ସଦସ୍ୟ ପ୍ରମୋଦ ଓଝା, ମଳୟ ଷଡଙ୍ଗୀ, ଶିଶୁ ଅଧିକାର କର୍ମୀ ସଙ୍ଗୀତା ବେହେରାଙ୍କ ସହିତ ଅନ୍ୟାନ୍ୟ ସହକର୍ମୀ ଯୋଗଦାନ କରିଥିଲେ। ରେଡିଓ ଉତ୍କଳ ୯୧.୨ ଏଫ୍‌ଏମ୍‌ର କେନ୍ଦ୍ର ନିର୍ଦ୍ଦେଶକ ଙ୍କ ଅନ୍ୱୟ ଅଭିନବ ଉକ୍ତ କାର୍ଯ୍ୟକ୍ରମକୁ ସଞ୍ଚାଳନ କରିଥିବାବେଳେ ଆକ୍ସେସ୍ ଟୁ ଜଷ୍ଟିସ୍ ଫର୍ ଚିଲ୍‌ଡ୍ରେନ୍‌ସ୍ କାର୍ଯ୍ୟକ୍ରମର ପ୍ରକଳ୍ପ ଅଧିକାରୀ ଆଇନଜୀବୀ ଚିତ୍ତରଞ୍ଜନ ମହାନ୍ତି ଧନ୍ୟବାଦ ଦେଇଥିଲେ।

## 'ସୁସ୍ଥ ସହର ପାଇଁ ସୁସ୍ଥ ମୃତ୍ତିକା'



**କଟକ, ୫।୧୨(ସମିସ):** ଜିଲ୍ଲା ମୁଖ୍ୟ କୃଷି ଅଧିକାରୀଙ୍କ ପ୍ରଶିକ୍ଷଣ ଏବଂ ଦକ୍ଷତା ବିକାଶ କେନ୍ଦ୍ରଠାରେ ବିଶ୍ୱ ମୃତ୍ତିକା ଦିବସ ପାଳିତ ହୋଇଯାଇଛି। ଜିଲ୍ଲା ମୁଖ୍ୟ କୃଷି ଅଧିକାରୀ କମଳାକାନ୍ତ ପାଣିଗ୍ରାହୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ସଭାରେ ବହୁ ବିଶିଷ୍ଟ ବ୍ୟକ୍ତି ଓ ଚାଷୀ ଯୋଗ ଦେଇଥିଲେ। ଏହି ଅବସରରେ ଜିଲ୍ଲା ପରିଷଦ, କଟକର ଉପାଧ୍ୟକ୍ଷା ସୁଭଦ୍ରା ଦାସ ମୁଖ୍ୟଅତିଥି ଭାବେ ଯୋଗଦେଇଥିଲେ। ସମ୍ମାନିତ ଅତିଥି ଭାବେ ସହ ନିର୍ଦ୍ଦେଶକ (ଜଳବିଭାଜିକା) ଶାନ୍ତି ମାଝୀ ଏବଂ କୃଷି ଜିଲ୍ଲା ଅଧିକାରୀ (ଆଠଗଡ଼) ଶିବାଶିଷ ମିଶ୍ର ପ୍ରମୁଖ ଯୋଗ ଦେଇଥିଲେ। କୃଷି ବିଭାଗର ବିଭିନ୍ନ ଅଧିକାରୀ ଓ କର୍ମକର୍ତ୍ତାଙ୍କ ସହ ସହକାରୀ କୃଷି ଅଧିକାରୀ (ନିଶ୍ଚିନ୍ତକୋଇଲି) ଅଶୋକ କୁମାର ମଙ୍ଗରାଜ ସଭା ପରିଚାଳନା କରିଥିଲେ। କୃଷି ବିଜ୍ଞାନ କେନ୍ଦ୍ର, ସନ୍ଥପୁର, କଟକର ବରିଷ୍ଠ ବୈଜ୍ଞାନିକ ତଥା ମୁଖ୍ୟ ରଞ୍ଜନ କୁମାର ମହାନ୍ତ ଏବଂ ମୃତ୍ତିକା ପରୀକ୍ଷାଗାରର ସହକାରୀ କୃଷି ନିର୍ଦ୍ଦେଶିକା ତଥା ମୃତ୍ତିକା ରସାୟନବିତ୍ ତୃପ୍ତିମୟୀ ନାହାକ 'ସୁସ୍ଥ ସହର ପାଇଁ ସୁସ୍ଥ ମୃତ୍ତିକା' ବିଷୟରେ ବିସ୍ତୃତ ବିବରଣୀ ପ୍ରଦାନ କରିଥିଲେ। ବିଭିନ୍ନ ବ୍ଲକରୁ ପ୍ରାୟ ୬୦ ଜଣ କୃଷକ ଏହି କାର୍ଯ୍ୟକ୍ରମରେ ଯୋଗଦାନ କରିବା ସହ ଭ୍ରାମ୍ୟମାଣ ମୃତ୍ତିକା ପରୀକ୍ଷାଗାର ବୁଲି ଦେଖିଥିଲେ। ଉକ୍ତ ଉତ୍ସବରେ ୩୦ ଜଣ ଚାଷୀଙ୍କୁ ମୃତ୍ତିକା ସ୍ୱାସ୍ଥ୍ୟ କାର୍ଡ ପ୍ରଦାନ କରାଯାଇଥିଲା।

## ଘରୋଇ ବିଶ୍ୱବିଦ୍ୟାଳୟରେ ଛାତ୍ରଙ୍କ ସନ୍ଦେହଜନକ ମୃତ୍ୟୁ

**କଟକ/ତ୍ରିଶୂଳିଆ, ୫।୧୨(ସମିସ):** ବାରଙ୍ଗ ଥାନା ଅନ୍ତର୍ଗତ ନରାଜସ୍ଥିତ ଏକ ଘରୋଇ ବିଶ୍ୱବିଦ୍ୟାଳୟ ପରିସରରେ ଜଣେ ଛାତ୍ରଙ୍କ ସନ୍ଦେହଜନକ ମୃତ୍ୟୁ ଘଟିଛି। ଏନେଇ ମୃତ ଛାତ୍ରଙ୍କ ପରିବାର ପକ୍ଷରୁ ହତ୍ୟା ଅଭିଯୋଗ ଅଣାଯାଇଛି। ଘଟଣାରୁ ପ୍ରକାଶ ଯେ ବାଲେଶ୍ୱର ଖଇରା ଥାନା ଅନ୍ତର୍ଗତ ବେରାଯୋଡି ଗ୍ରାମର ହେମନ୍ତ କୁମାର ବେଦାନ୍ତଙ୍କ ପୁତ୍ର ମୃତ୍ୟୁଞ୍ଜୟ ବେଦାନ୍ତ (୨୨) ନରାଜସ୍ଥିତ ଏକ ଘରୋଇ ବିଶ୍ୱବିଦ୍ୟାଳୟର ପରିସରରେ ରହି ଏମବିଏ ପାଠ୍ୟକ୍ରମର ଦ୍ୱିତୀୟ ବର୍ଷର ଛାତ୍ର ଥିଲେ। ସେ ପ୍ରତ୍ୟେକ ଦିନ ପରି ଗୁରୁବାର ପାଠପଢ଼ା ପରେ ହଷ୍ଟେଲକୁ ଯାଇଥିଲେ। କୌଣସି କାରଣବଶତଃ ବିଳମ୍ବିତ ରାତିରେ ମୃତ୍ୟୁଞ୍ଜୟଙ୍କ ଶରୀର ଅସୁସ୍ଥ ହେବାରୁ ସାଙ୍ଗସାଥୀ ତୁରନ୍ତ ଚିକିତ୍ସା ପାଇଁ ଏକ ଘରୋଇ ହସ୍ପିଟାଲରେ ଭର୍ତ୍ତି କରିଥିଲେ। ସେଠାରେ ଡାକ୍ତର ମୃତ୍ୟୁଞ୍ଜୟଙ୍କୁ ମୃତ ଘୋଷଣା କରିଥିଲେ। ଖବର ପାଇ ବାରଙ୍ଗ ଥାନା ପୁଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିବା ସହିତ ପରିବାର ଲୋକଙ୍କୁ ସୂଚନା ଦେଇଥିଲେ। ସୂଚନା ପାଇ ପରିବାର ଲୋକେ ପହଞ୍ଚିବା ପରେ ପୁଅର ମୃତ୍ୟୁକୁ ନେଇ ସନ୍ଦେହ କରିବା ସହିତ ବାରଙ୍ଗ ଥାନାରେ ଏକ ଲିଖିତ ଅଭିଯୋଗ କରିଛନ୍ତି ମୃତ୍ୟୁଞ୍ଜୟଙ୍କ ବାପା ହେମନ୍ତ କୁମାର ବେଦାନ୍ତ।

**ପରିବାର ଆଣିଲେ ହତ୍ୟା ଅଭିଯୋଗ**



## କଟକ ସଦରର ନୂତନ ଏସ୍‌ଡିଆଇପିଆର୍‌ଓ ସୋନାଲି କୁଣ୍ଡଙ୍କ ଯୋଗଦାନ



**କଟକ, ୫।୧୨(ସମିସ):** କଟକ ସଦରର ନୂତନ ଉପଖଣ୍ଡ ସୂଚନା ଓ ଲୋକସମ୍ପର୍କ ଅଧିକାରୀ ଭାବେ ସୁଶ୍ରୀ ସୋନାଲି କୁଣ୍ଡ ଆଜି ଦାୟିତ୍ୱ ଗ୍ରହଣ କରିଛନ୍ତି। ସୁଶ୍ରୀ କୁଣ୍ଡ ହେଉଛନ୍ତି ୨୦୨୫ ବ୍ୟାଚ୍‌ର ଓଡ଼ିଶା ସୂଚନା ସେବା ଅଧିକାରୀ। ସେ ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ଭବାନୀ ଶଙ୍କର ଭୂୟାଁଙ୍କ ନିକଟରେ ଆନୁଷ୍ଠାନିକ ଭାବେ ଦାୟିତ୍ୱ ଗ୍ରହଣ କରିଥିଲେ। ଏହି ଅବସରରେ ଶ୍ରୀ ଭୂୟାଁ ସୁଶ୍ରୀ କୁଣ୍ଡଙ୍କୁ ଅଭିନନ୍ଦନ ଜଣାଇବା ସହ ତାଙ୍କର ଉତ୍ତରୋତ୍ତର ଉନ୍ନତି କାମନା କରି କାର୍ଯ୍ୟକ୍ଷେତ୍ରରେ ସଫଳତା ପାଇଁ ଶୁଭେଚ୍ଛା ଜଣାଇଛନ୍ତି। ଦୀର୍ଘଦିନ ହେବ ଖାଲିଥିବା ଏହି ପଦ ପୂରଣ ହେବା ଦ୍ୱାରା କଟକ ସଦରର କାର୍ଯ୍ୟଧାରା ଅଧିକ ସୁଗମ ହୋଇପାରିବ ବୋଲି ଆଶା କରାଯାଉଛି। ଗତ ନଭେମ୍ବର ୨୫ ତାରିଖରେ ଓଡ଼ିଶାର ମୁଖ୍ୟମନ୍ତ୍ରୀ ନବନିଯୁକ୍ତ ଉପଖଣ୍ଡ ସୂଚନା ଓ ଲୋକସମ୍ପର୍କ ଅଧିକାରୀମାନଙ୍କୁ ନିଯୁକ୍ତିପତ୍ର ପ୍ରଦାନ କରିଥିଲେ।

# ପ୍ରାଥମିକ ଶିକ୍ଷକଙ୍କ ଦୁର୍ଦ୍ଦଶାକୁ ନେଇ ସ୍ମାରକପତ୍ର

**କଟକ, ୫।୧୨(ସମିସ)**

ରାଜ୍ୟର ପ୍ରାଥମିକ ଶିକ୍ଷକମାନଙ୍କ ବିଭିନ୍ନ ସମସ୍ୟା ସମ୍ପର୍କରେ କଟକ ସଦର ଓ କଟକ ମହାନଗର ପ୍ରାଥମିକ ଶିକ୍ଷକ ସଂଘ ପକ୍ଷରୁ ଆଜି ଶୁକ୍ରବାର ଦିନ ରାଜ୍ୟ ଗଣଶିକ୍ଷା ମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକପତ୍ର ପ୍ରଦାନ କରାଯାଇଛି। ଜିଲ୍ଲା ମଣ୍ଡଳ ଶିକ୍ଷା ଅଧିକାରୀଙ୍କ ମାଧ୍ୟମରେ ମନ୍ତ୍ରୀଙ୍କ ନିକଟକୁ ଏହି ଦାବିପତ୍ର ପଠାଯାଇଛି। ଉକ୍ତ ସ୍ମାରକ ପତ୍ରରେ ଉଲ୍ଲେଖ କରାଯାଇଛି ଯେ ରାଜ୍ୟରେ କାର୍ଯ୍ୟରତ ଏକ ଲକ୍ଷରୁ ଊର୍ଦ୍ଧ୍ୱ ପ୍ରାଥମିକ ଶିକ୍ଷକ ବହୁ ଦୁର୍ଦ୍ଦଶା ଦେଇ ଗତି କରୁଛନ୍ତି। ତେଣୁ ରାଜ୍ୟ ସରକାର ତୁରନ୍ତ ସେମାନଙ୍କର ମୂଳ ପଦକୁ ଅପଗ୍ରେଡ୍ କରି ଲେବୁଲ୍- ୯ ଅନୁଯାୟୀ



ମୂଳ ବେତନ ୩୫, ୪୦୦ ଟଙ୍କା ପ୍ରଦାନ କରିବାକୁ ଦାବି କରାଯାଇଛି। ଏହାବ୍ୟତୀତ, ପ୍ରାଥମିକ ଶିକ୍ଷା ବ୍ୟବସ୍ଥାରୁ ଠିକା ପ୍ରଥା ସମ୍ପୂର୍ଣ୍ଣ ଉଚ୍ଛେଦ କରିବା ପାଇଁ ସଂଘ ପକ୍ଷରୁ ଦୃଢ଼ ଦାବି ରଖାଯାଇଛି। ସର୍ବୋପରି, ୨୦୦୧ରୁ ଆଜି ପର୍ଯ୍ୟନ୍ତ କାର୍ଯ୍ୟରତ ସମସ୍ତ ଶିକ୍ଷକମାନଙ୍କର ଠିକା କାର୍ଯ୍ୟକାଳକୁ ମୂଳ ଚାକିରିରେ ଗଣନା କରିବା ସହିତ ନୋସନାଲ୍ ଇନକ୍ରିମେଣ୍ଟ ପ୍ରଦାନ କରିବାକୁ ମଧ୍ୟ ସ୍ମାରକ ପତ୍ରରେ ଦାବି କରାଯାଇଛି। ଏହି ଦାବିପତ୍ର ପ୍ରଦାନ କରିଥିବା ପ୍ରତିନିଧି ଦଳରେ ରାଜକିଶୋର ସାହୁ, ଆରତଭଞ୍ଜନ ସାହୁ, ଶଙ୍କର ସ୍ୱାଇଁ, ଉମାକାନ୍ତ ବେହେରା, ଶରତ ଦାସ, ସ୍ୱାଗତିକା ନାୟକ ଏବଂ ବିରଜା ମିଶ୍ର ପ୍ରମୁଖ ସାମିଲ ଥିଲେ। ସେମାନେ ଜିଲ୍ଲା ମଣ୍ଡଳ ଶିକ୍ଷା ଅଧିକାରୀଙ୍କୁ ଭେଟି ଆଲୋଚନା କରିବା ପରେ ମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ସ୍ମାରକ ପତ୍ର ପ୍ରଦାନ କରିଥିଲେ। ସଂଘର ଆଶା, ରାଜ୍ୟ ସରକାର ପ୍ରାଥମିକ ଶିକ୍ଷକମାନଙ୍କର ଏହି ଗୁରୁତ୍ୱପୂର୍ଣ୍ଣ ଦାବିଗୁଡ଼ିକୁ ଶୀଘ୍ର ବିଚାରକୁ ନେଇ କାର୍ଯ୍ୟକାରୀ କରିବେ।

THE SAKALA

# ସମ୍ପାଦକୀୟ



ଯଦି କୃଷି ବିପର୍ଯ୍ୟସ୍ତ ହୁଏ, ତେବେ ଦେଶର ଅନ୍ୟ ସବୁ ବ୍ୟବସ୍ଥା ବିଗିଡ଼ି ଯିବ।
-ଏମ୍ ଏସ୍ ସ୍ୱାମୀନାଥନ୍

## ପୁଣି ପ୍ରତିଶ୍ରୁତି ହୁଡ଼ିଲେ

ଗତ ନିର୍ବାଚନ ବେଳେ ରାଜ୍ୟର ଚାଷୀମାନଙ୍କର ସମର୍ଥନ ହାସଲ ପାଇଁ ବିଜେପି ଧାନ କ୍ରୟ ଉପରେ ଏମ୍‌ଏସ୍‌ପି ବାଦ କ୍ୱିଣ୍ଟାଲ୍ ପିଛା ୮୦୦ ଟଙ୍କା ବୋନସ (ଇନ୍‌ପୁଟ୍ ସବ୍‌ସିଡି) ଦେବା ସକାଶେ ପ୍ରତିଶ୍ରୁତି ଦେଇଥିଲା। ବଡ଼ କଥା ହେଲା, କ୍ଷମତାକୁ ଆସିବା ପରେ ଦଳ ତା'ର ପ୍ରତିଶ୍ରୁତି ରକ୍ଷା କରିଛି। ଚଳିତ ଖରିଫ୍ ଋତୁ ପାଇଁ କେନ୍ଦ୍ର ସରକାର ଧାନର ଏମ୍‌ଏସ୍‌ପି କ୍ୱିଣ୍ଟାଲ୍ ପିଛା ୬୯ ଟଙ୍କା ବୃଦ୍ଧି କରିଥିବାରୁ ସେହି ଅନୁପାତରେ ଓଡ଼ିଶା ଚାଷୀ କ୍ୱିଣ୍ଟାଲ୍ ପିଛା ୩୧୬୯ ଟଙ୍କା ପାଇବା କଥା। କିନ୍ତୁ ୩୧୦୦ ଟଙ୍କା ହିଁ ଚାଷୀ ପାଇବେ ବୋଲି ରାଜ୍ୟ ସରକାର ସ୍ପଷ୍ଟ କରିଛନ୍ତି। ସହାୟକ ମୂଲ୍ୟ ଯେତେ ବଢ଼ିଲେ ମଧ୍ୟ ଧାନ କ୍ୱିଣ୍ଟାଲ ସେହି ୩୧୦୦ ଟଙ୍କାରେ ସୀମିତ ରଖିବା ନୀତି ଯେ ପ୍ରତିଶ୍ରୁତିର ଖିଲାପ ଏକଥା ସ୍ୱୀକାର କରିବାକୁ ପଡ଼ିବ। ଏହାର ସାଧାସିଧା ଅର୍ଥ ହେଲା ସରକାର ୮ ଶହ ଟଙ୍କା ବଦଳରେ ଚାଷୀଙ୍କୁ ଏଥର କ୍ୱିଣ୍ଟାଲ ପିଛା ୭୩୧ ଟଙ୍କା ବୋନସ ଦେଉଛନ୍ତି। ଆଗକୁ ଯଦି କେନ୍ଦ୍ର ସରକାର ବଜାର ଦର ଓ ଚାଷର ବ୍ୟୟଭାରକୁ ବିଚାର କରି ଧାନର ଏମଏସପି ବଢ଼ାନ୍ତି ତେବେ ରାଜ୍ୟ ସରକାର କ'ଣ ତାଙ୍କ ପ୍ରତିଶ୍ରୁତି ବୋନସ ରାଶିରୁ ତାହାକୁ କାଟି ସଂଗ୍ରହ ଦର ଧାର୍ଯ୍ୟ କରିବେ? ସରକାରଙ୍କ ଏପ୍ରକାର ପ୍ରତାରଣା ସଂପର୍କରେ ଧାନ ଚାଷୀ ବିଚାର କରିବାର ସମୟ ଏବେ ଉପସ୍ଥିତ।

ଆମ ରାଜ୍ୟରେ ପ୍ରତ୍ୟକ୍ଷ ଭାବେ ଚାଷ ଓ ଅମଳ ସହ ସଂପୃକ୍ତ ବଡ଼ ଚାଷୀଙ୍କ ସଂଖ୍ୟା ଅପେକ୍ଷାକୃତ କମ୍। ଅସଲରେ ଭାଗଚାଷୀ ଓ କ୍ଷୁଦ୍ରଚାଷୀଙ୍କ ହାତରେ ରହିଛି ଧାନ ଚାଷ। ଏବେ ସରକାର ଯେଉଁ ୨ ଲକ୍ଷ ୧୭ ହଜାର ଅଧିକ ଚାଷୀ ଚଳିତ ଖରିଫ ଋତୁ ଧାନ ଚାଷ କରିଥିବା ଦର୍ଶାଇଛନ୍ତି ତାହା ପ୍ରକୃତରେ ସେହି ବଡ଼ ଚାଷୀଙ୍କ ଜମି ଚଷିଥିବା ଭାଗ ଚାଷୀ। ତେଣୁ ଧାନ ବିକିବା ପାଇଁ ପଞ୍ଜୀକରଣ କରିଥିବା ଚାଷୀଙ୍କ ସଂଖ୍ୟା ବଢ଼ିବା ସ୍ୱାଭାବିକ। ସରକାର ଭାବି ପାରନ୍ତି କ୍ୱିଣ୍ଟାଲ ପିଛା ୮୦୦ ଟଙ୍କା ବୋନସ ପାଇଁ ଚାଷୀ ଉତ୍ସାହୀ ହୋଇପଡ଼ିଛନ୍ତି। ଏତଦ୍‌ବ୍ୟତୀତ ପଞ୍ଜିକରଣ ଜନିତ ସମସ୍ୟା ପାଇଁ ବହୁ ଚାଷୀ ଏହି ଧାନ ସଂଗ୍ରହ ପ୍ରକ୍ରିୟାରୁ ବଞ୍ଚିତ ହେଉଛନ୍ତି। ଚଳିତ ଋତୁରେ ଧାନ ସଂଗ୍ରହ ପ୍ରକ୍ରିୟା ଆରମ୍ଭ ହେବାରେ ବିଳମ୍ବ ପରିଲକ୍ଷିତ ହୋଇଛି। ପଶ୍ଚିମ ଓଡ଼ିଶାରେ କେବଳ କାଁ ଭାଁ ମଣ୍ଡି ଖୋଲିଛି। ଏହି ବିଳମ୍ବ ପାଇଁ ରାଜ୍ୟରେ ଧାନର ଅଭାବୀ ବିକ୍ରି ହେଉଛି। କାରଣ ଏବେ ମଧ୍ୟ ଛୋଟ ଚାଷୀ ମହାଜନୀ ଋଣ ବା କରଜ ଉପରେ ନିର୍ଭର କରନ୍ତି। ତେଣୁ ଧାନ ଅମଳ ହେବା ପରେ ପରେ ତାହା ଉପରେ କରଜ ପରିଶୋଧ ପାଇଁ ଜୁଲମ ଆରମ୍ଭ ହୋଇଯାଏ। ସରକାର ଏ ପର୍ଯ୍ୟନ୍ତ ମିଲରଙ୍କ ଷ୍ଟକ୍ ଯାଞ୍ଚ କରିନାହାନ୍ତି। ଏଫ୍‌କ୍ୟୁ ଧାନର ମାନ ଯାଞ୍ଚ ସକାଶେ ଶସ୍ୟ ପରୀକ୍ଷଣ ମେସିନ୍ ମଧ୍ୟ ମଣ୍ଡିରେ ପହଞ୍ଚିନାହିଁ। ପ୍ରତିବାଦ ଓ ପ୍ରତିରୋଧ ସତ୍ତ୍ୱେ ଆରମ୍ଭରୁ ମିଲରଙ୍କ କଥାରେ କଟ୍‌ନୀ ଛଟନୀ ଚାଲିଛି। ଅସଲରେ ମିଲରମାନେ ହିଁ ଚାଷୀଙ୍କଠାରୁ ଧାନ ସଂଗ୍ରହ କରୁଛନ୍ତି। ସରକାର ସେମାନଙ୍କ ଉପରେ ନିର୍ଭରଶୀଳ ହୋଇଥିବାରୁ ସଂଗ୍ରହକୁ ନେଇ ବିଭ୍ରାଟ ଓ ବିଭ୍ରାନ୍ତ ସୃଷ୍ଟି ହେଉଛି। ଏହାପଛରେ ସରକାର ଓ ମିଲରଙ୍କ ମଧୁଚନ୍ଦିକା ଥିବା ଅଭିଯୋଗକୁ ମଧ୍ୟ ଅସ୍ୱୀକାର କରିହେବ ନାହିଁ। ●

## ଦୁର୍ବଳ ମୁଦ୍ରା

ବାଣିଜ୍ୟ ନିଅଣ୍ଟ ଦିନକୁ ଦିନ ବୃଦ୍ଧି ପାଉଥିବା ବେଳେ ଦେଶର ଆଭ୍ୟନ୍ତରୀଣ ଚାହିଦା ପୂରଣ ସକାଶେ ବୈଦେଶିକ ବିନିମୟ ମୁଦ୍ରାଭଣ୍ଡାର ଉପରେ ଚାପ ବଢ଼ିଛି। ସେହି ସମୟରେ ଆମେରିକାର ଟାରିଫ ବଢ଼ିଛି ଏବଂ ଦେଶକୁ ଆସୁଥିବା ବୈଦେଶିକ ମୁଦ୍ରାର ପ୍ରବାହ ମଧ୍ୟ ହ୍ରାସ ପାଇଛି। ତେଣୁ ଭାରତୀୟ ମୁଦ୍ରା ବା ଟଙ୍କା ଡଲାର ତୁଳନାରେ ଦୁର୍ବଳ ହେବାରେ ଲାଗିଛି। ରିଜର୍ଭ ବ୍ୟାଙ୍କ ଡଲାର କିଣି ସ୍ଥିତି ସମ୍ଭାଳିବାରେ ୪ ଲକ୍ଷ କୋଟି ଟଙ୍କା ଖର୍ଚ୍ଚ କରିଥିଲେ ମଧ୍ୟ ଦିନକୁ ଦିନ ସ୍ଥିତି ବିଗିଡ଼ିବାରେ ଲାଗିଛି। ଗତ ବୁଧବାର ଡଲାର ତୁଳନାରେ ଟଙ୍କାର ଦୁର୍ବଳ ସ୍ଥିତି ପଦାରେ ପଡ଼ିଯାଇଛି। ୧ ଡଲାରର ମୂଲ୍ୟ ୯୦.୧୫ ଟଙ୍କା ହୋଇଥିବା ବେଳେ ପରଦିନ ତାହା ୯୦.୪୩କୁ ବୃଦ୍ଧି ପାଇଛି। ଏହି ସ୍ଥିତି ପ୍ରଥମ ଥର ଉପୁଜିଛି କହିଲେ ଭୁଲ ହେବ। ବରଂ ଟଙ୍କାର ଦୁର୍ବଳ ସ୍ଥିତି କ୍ରମାଗତ ରେକର୍ଡ କରିଚାଲିଛି। ଅନ୍ୟ ଏକ ଦିଗ ହେଲା, ଭାରତୀୟ ପୁଞ୍ଜି ବଜାରରୁ ବିଦେଶୀ ନିବେଶକମାନେ କ୍ରମାଗତ ଅଂଶଧନ ପ୍ରତ୍ୟାହାର କରିନେଉଥିବାରୁ ଟଙ୍କା ଚାପରେ ରହିଛି। ଭାରତୀୟ ବଜାରରେ ବିଦେଶୀ ପ୍ରତ୍ୟକ୍ଷ ପୁଞ୍ଜି ନିବେଶର ଆକର୍ଷଣ ମଧ୍ୟ ହ୍ରାସ ପାଇଛି। ଏହା ଆମର କୂଟନୈତିକ ଓ ବାଣିଜ୍ୟ ନୀତିର ଦୁର୍ବଳ ଦିଗକୁ ଅଙ୍ଗୁଳି ନିର୍ଦ୍ଦେଶ କରୁଛି।

ଭାରତୀୟ ମୁଦ୍ରାର ଏହି ଦୁର୍ବଳ ସ୍ଥିତି ପ୍ରଭାବଶୂନ୍ୟ ବୋଲି ଯେତେ ଯୁକ୍ତି ବାଢ଼ିଲେ ମଧ୍ୟ ପେଟ୍ରୋଲ, ଡିଜେଲ, ଖାଇବା ତେଲ ଓ ସ୍ମାର୍ଟ ଫୋନ ମୂଲ୍ୟ ତ ନିଶ୍ଚୟ ଆଗାମୀ ଦିନରେ ବଢ଼ିବ। ବର୍ଦ୍ଧିତ ଓ ପରିବହନ ଖର୍ଚ୍ଚର ପ୍ରଭାବ ଅନ୍ୟାନ୍ୟ ସାମଗ୍ରୀ ଉପରେ ଅନୁଭୂତ ହେବ। ସେହିଭଳି ବିଦେଶ ଯାତ୍ରା ଓ ବିଦେଶରେ, ବିଶେଷକରି ଆମେରିକାରେ ଅଧ୍ୟୟନ କରୁଥିବା ଛାତ୍ରଛାତ୍ରୀଙ୍କ ବ୍ୟୟଭାର ଅଭିଭାବକଙ୍କୁ ନିଶ୍ଚୟ ବାଧିବ। ଏସବୁ ହେଲା ପ୍ରତ୍ୟକ୍ଷ ପ୍ରଭାବ। ପରୋକ୍ଷରେ ଆମର ମୁଦ୍ରାସ୍ଫୀତି ଓ ଜିଡିପି ସ୍ଥିତିରେ ଯେଉଁ ଅସ୍ଥିରତା ସୃଷ୍ଟି ହେବ ତାହାକୁ ସୁଧାରିବା ଏତେ ସହଜ ହେବ ନାହିଁ। ମୁଖ୍ୟ ଅର୍ଥ ପରାମର୍ଶଦାତା ଭି. ଅନନ୍ତ ନାଗେଶ୍ୱରନ୍ କହିଛନ୍ତି ଯେ ଦେଶର ଆମଦାନୀ ଓ ମୁଦ୍ରାସ୍ଫୀତିକୁ ଏହା ପ୍ରଭାବିତ କରିବ ନାହିଁ। ୨୦୨୬ରେ ଟଙ୍କାର ଏହି ଦୁର୍ବଳ ସ୍ଥିତି ସୁଧୁରିଯିବ। ଭବିଷ୍ୟତ ଅନିଶ୍ଚିତ। ବର୍ତ୍ତମାନର ସମସ୍ୟାକୁ ପ୍ରତିହତ କରିବାରେ ଆମ ବ୍ୟବସ୍ଥାର ଅସାମର୍ଥ୍ୟ ପଦାରେ ପଡ଼ିଯାଉଛି। ଏହାର ତୁରନ୍ତ ପ୍ରଭାବରେ ସେନ୍‌ସେକ୍ସ ଓ ନିଫ୍ଟି ସୂଚକାଙ୍କ ହ୍ରାସ ପାଇଥିବା ପରିଲକ୍ଷିତ ହୋଇଛି।

ଆତ୍ମନିର୍ଭର ଭାରତ ଗଠନ ସପକ୍ଷରେ ଆମେ ଯେତେ ଆହ୍ୱାନ ଦେଲେ ମଧ୍ୟ ଆମର ଆମଦାନୀ ବଢ଼ୁଛି। ରପ୍ତାନି କ୍ଷେତ୍ରରେ ବିଶ୍ୱବଜାରରେ ଆମେ ଅନ୍ୟ ପ୍ରତିଯୋଗୀଙ୍କ ସମକକ୍ଷ ହୋଇପାରିନେ। ତେଣୁ ବାଣିଜ୍ୟ ନିଅଣ୍ଟ ବଢ଼ି ଚାଲିଥିବାରୁ ଡଲାର ଉପରେ ନିର୍ଭରଶୀଳତା ହ୍ରାସ ପାଇବା ସମ୍ଭାବନା ଊଣା। ଏହି ଦୃଶ୍ୟପଟ୍ଟରେ ଅର୍ଥ ପରାମର୍ଶଦାତା ଯେଉଁ ସମ୍ଭାବନାର ଅଙ୍କ କଷି ଚାଲିଛନ୍ତି ତାହା କେତେଦୂର ସଫଳ ହେବ ସେ ନେଇ ସନ୍ଦେହ ଉଙ୍କି ମାରିବା ସ୍ୱାଭାବିକ।

ବଜାର ଅର୍ଥନୀତି ସମଗ୍ର ବିଶ୍ୱରେ ମୁକ୍ତ ବାଣିଜ୍ୟ କାରବାର ପାଇଁ ସୁଯୋଗ ସୃଷ୍ଟି କରିଛି। ତେବେ ବାଣିଜ୍ୟିକ କାରବାର ପ୍ରମୁଖ ମାଧ୍ୟମ ହେଉଛି ଡଲାର। ଡଲାର ତୁଳନାରେ ଭାରତୀୟ ମୁଦ୍ରାର ଏହି ଦୁର୍ବଳସ୍ଥିତିରୁ ଆମେ ଅନୁମାନ କରିପାରିବା ଭାରତୀୟ ଅର୍ଥନୀତିର ଗତି ଓ ଦୁର୍ଗତି। ସମଗ୍ର ବିଶ୍ୱରେ ଭାରତ ଚତୁର୍ଥ ବୃହତ୍ ଅର୍ଥନୀତି। ସେଥିରେ ପୁଣି ୧୪୦ କୋଟି ଲୋକଙ୍କ ବିଶାଳ ବଜାର ଆମ ହାତରେ ଅଛି। ପରିଲକ୍ଷିତ ମୁଦ୍ରାଗତ ବିଲକ୍ଷଣକୁ ରୋକିବାରେ ଆମ ଦୁର୍ବଳତାକୁ ଅଗ୍ରାଧିକାର ଭିତ୍ତିରେ ସୁଧାରିବା ଜରୁରୀ। ●

# ଜଳ-ସଂକଳ୍ପ: କାହାରେ ଦାୟ?

**ସୌଭାଗ୍ୟ ସୁନ୍ଦରରାୟ**

ଶିଳ୍ପାୟନ ଓ ସହରୀକରଣ ଯୋଗୁଁ ବିଶ୍ୱବ୍ୟାପୀ ନଦୀ ଓ ଜଳ ଉତ୍ସ ପ୍ରଦୂଷିତ ହେବାରେ ଲାଗିଛି। ଓଡ଼ିଶାର ପ୍ରାୟ ନଦୀର ମଧ୍ୟ ସମଦଶା। ରାଜ୍ୟ ବିଧାନସଭାର ଚଳିତ ଅଧିବେଶନରେ ଏକ ପ୍ରଶ୍ନର ଉତ୍ତର ରଖି ରାଜ୍ୟର ୧୬ ଟି ସ୍ଥାନରେ ନଦୀଜଳ ବ୍ୟବହାର ମାନଯୁକ୍ତ ନୁହେଁ ବୋଲି ସରକାର କହିଛନ୍ତି। ଏହି ସ୍ଥାନଗୁଡ଼ିକ ମଧ୍ୟରେ କଟକ, ଭିଙ୍ଗାରପୁର, ଗୋପ, ଭୁବନେଶ୍ୱର, ରାଉରକେଲା ରହିଛି। ଅର୍ଥାତ ଭିଙ୍ଗାରପୁର ଓ ଗୋପ ନିକଟରେ କୁଶଭଦ୍ରା ଜଳ ପ୍ରଦୂଷିତ। ଭୁବନେଶ୍ୱର ନିକଟରେ ଦୟା ଜଳ ପ୍ରଦୂଷିତ। କଟକ ନିକଟରେ କାଠଯୋଡ଼ି ଜଳ ପ୍ରଦୂଷିତ ଏବଂ ରାଉରକେଲା ନିକଟରେ ବ୍ରାହ୍ମଣୀ ଜଳ ବ୍ୟବହାର ଅନୁପଯୁକ୍ତ।

ଏପରି ସ୍ଥଳେ ରାଜ୍ୟ ସରକାର 'ଜଳ ପ୍ରଦୂଷଣ ଓ ନିବାରଣ ଆଇନ-୨୦୨୪' ଉପରେ ଏକ ସଂକଳ୍ପ ଆଗତ କରିଛନ୍ତି। ଏହି ସଂକଳ୍ପରେ ପ୍ରଦୂଷଣକାରୀ ସଂସ୍ଥା ବିରୋଧରେ ଫୌଜଦାରୀ ମାମଲା ଆଉ ଦାୟର କରାଯିବ ନାହିଁ। କେବଳ ଜୋରିମାନା ଆଦାୟ କରାଯିବ। ମଣିଷ, ପ୍ରକୃତି, ପରିବେଶ ଓ ଜୀବଜନ୍ତୁଙ୍କ ପ୍ରତି ବିପଦ ସୃଷ୍ଟି କରୁଥିବା ଲାଭଖୋର ଶିଳ୍ପାନୁଷ୍ଠାନ ଏହି ଆଇନ ଦ୍ୱାରା ଅଧିକ ଉପକୃତ ହେବା ପରି ଜଣାପଡୁଛି। ଏକଥା ମଧ୍ୟ ବିଭାଗୀୟ ମନ୍ତ୍ରୀଙ୍କ ବକ୍ତବ୍ୟରୁ ସ୍ପଷ୍ଟ ହେଉଛି। କାରଣ ଦୀର୍ଘଦିନ ଧରି ଅଦାଲତରେ ପରିବେଶ ସଂପର୍କିତ ମାମଲା ପଡ଼ି ରହିଥିବାରୁ ଶିଳ୍ପାୟନ ବାଧାପ୍ରାପ୍ତ ହେଉଛି। ଏହାଦ୍ୱାରା ଶିଳ୍ପ ସଂସ୍ଥାଗୁଡ଼ିକର ମଧ୍ୟ କ୍ଷତି ହେଉଛି। ଏହି କାରଣରୁ ସରକାର ଏପ୍ରକାର ପଦକ୍ଷେପ ଗ୍ରହଣ କରିଛନ୍ତ ବୋଲି ମନ୍ତ୍ରୀ କହିଛନ୍ତି।

ତେବେ ଜଙ୍ଗଲ ଓ ପରିବେଶ ମନ୍ତ୍ରୀ ଯେଉଁ ୧୬ଟି ସ୍ଥାନର ଜଳ ନିମ୍ନମାନର ବୋଲି ଉଲ୍ଲେଖ କରିଛନ୍ତି ତା'ଠାରୁ ଢେର ଅଧିକ ସ୍ଥାନର ଜଳ ନିମ୍ନମାନର, ଯାହା ସ୍ଥାନୀୟ ଅଞ୍ଚଳବାସୀ ଅନୁଭବ କରୁଛନ୍ତି। ବ୍ରାହ୍ମଣୀର ପ୍ରଦୂଷଣ କେବଳ ରାଉରକେଲା ନିକଟରେ ବୋଲି ଉଲ୍ଲେଖ କରାଯାଇଛି। ବାସ୍ତବରେ ବ୍ରାହ୍ମଣୀର ପ୍ରଦୂଷଣ ରାଉରକେଲା ନିକଟରୁ ଆରମ୍ଭ ହୋଇଛି। ଏଠାରେ ରାଉରକେଲା ଇସ୍ପାତ କାରଖାନା ରହିଛି। ବ୍ରାହ୍ମଣୀର ଉତ୍ପତ୍ତି ସ୍ଥଳ ରାଉରକେଲାର ବେଦବ୍ୟାସ। ଏହି ନଦୀ ଅନୁଗୁଳ ଜିଲ୍ଲାର ତାଳଚେର ନିକଟରେ ସର୍ବାଧିକ ପ୍ରଦୂଷିତ। ତାଳଚେର ଅଞ୍ଚଳର କୋଇଲା ଖଣି, ତାପଜ ବିଦ୍ୟୁତ କେନ୍ଦ୍ର, ବନ୍ଦ ହୋଇ ରହିଥିବା ସାର କାରଖାନା, ଇସ୍ପାତ କାରଖାନା, ଆଲୁମିନିୟମ ସ୍ମେଲଟର ଏବଂ ଅନ୍ୟାନ୍ୟ ଛୋଟ କଳକାରଖାନା ବ୍ରାହ୍ମଣୀ ଜଳକୁ ଅଧିକ ପ୍ରଦୂଷିତ କରୁଛି। ସୁକିନ୍ଦା ଅଞ୍ଚଳରେ କ୍ରୋମାଇଟ ଖଣି ରହିଛି। ଏଥିଯୋଗୁଁ ବ୍ରାହ୍ମଣୀରେ ଅଧିକ ପରିମାଣର କ୍ରୋମିୟମ, ସୀସା, କାଡମିୟମ, ପାରଦ ଓ ଲୁହାପଥର ପରି ଭାରି ଦ୍ରବ୍ୟ ରହୁଛି। ଏଣୁ ଅନୁଗୁଳ-ତାଳଚେର ଅଞ୍ଚଳରେ ବ୍ରାହ୍ମଣୀ ସର୍ବାଧିକ ପ୍ରଦୂଷିତ ବୋଲି କୁହାଯାଇପାରେ।

ଉତ୍ତରରେ ମହାନଦୀ ପ୍ରଦୂଷଣ ବିଷୟ କିଛି ଉଲ୍ଲେଖ କରାଯାଇ ନାହିଁ। ମହାନଦୀର ଦୁଇଟି ଉପନଦୀ ହେଲା ଭେଡେନ ଓ ଇବ୍। ସଂପ୍ରତି ଏହି ଦୁଇଟି ନଦୀର ଜଳର ପ୍ରଦୂଷିତ ବୋଲି କେନ୍ଦ୍ରୀୟ ଭୂତଳ ଜଳ ବୋର୍ଡ ଅନୁଧ୍ୟାନରୁ ଜଣାପଡ଼ିଛି। ସଂସ୍ଥା ପକ୍ଷରୁ ଝାରସୁଗୁଡ଼ାର କୋଲାବିରା ଓ ସମ୍ବଲପୁରର ରେଙ୍ଗାଲି ବ୍ଲକରେ ହୋଇଥିବା ଅନୁଧ୍ୟାନରୁ ଜଣାପଡ଼ିଛି ଯେ, ଏଠାକାର ଝରଣା, ପୋଖରୀ, ନାଳ ଆଦି ଭୂ-ପୃଷ୍ଠ ଜଳ ଉତ୍ସରେ ନାଇଟ୍ରେଟ ଓ ଫ୍ଲୋରାଇଡ୍ ମାତ୍ରା ଅଧିକ ରହୁଛି। ସମ୍ବଲପୁରର ହୀରାକୁଦଠାରେ ଶିଳ୍ପାନୁଷ୍ଠାନ ରହିଛି। ସେହିପରି ଝାରସୁଗୁଡ଼ାରେ କୋଇଲା ଖଣି ସମେତ ତାପଜ ବିଦ୍ୟୁତ କେନ୍ଦ୍ର, ଆଲୁମିନିୟମ ବିଶୋଧନ କେନ୍ଦ୍ର ରହିଛି। ଏହି ସଂସ୍ଥାର ବର୍ଜ୍ୟ ଯୋଗୁଁ ସଂପୃକ୍ତ ଅଞ୍ଚଳର ଜଳାଶୟ ଓ ଭୂ-ତଳ ଜଳ ପ୍ରଦୂଷିତ ହେଉଛି। ମହାନଦୀ ସମ୍ବଲପୁର ଅତିକ୍ରମ କରିବା ପରେ ପାରାଦ୍ୱୀପ ନିକଟରେ ଏକାଧିକ କଳକାରଖାନାର ବର୍ଜ୍ୟ ଆହରଣ କରୁଛି। ପାରାଦ୍ୱୀପ ବନ୍ଦରରେ ବାର୍ଷିକ ପ୍ରାୟ ୧୦୦ ନିୟୁତ ଟନ୍ ପଣ୍ୟ କାରବାର ହୋଇଥାଏ। କୋଇଲା, ଚୂନପଥର, ଲୁହାପଥର, କୋକ୍, କ୍ରୋମ୍, ଫେରୋ କ୍ରୋମ, ତୈଳ ଆଦି ଏଠାରେ ଥିବା ବିଭିନ୍ନ ବର୍ଥରୁ ଆମଦାନୀ ଓ ରପ୍ତାନୀ ହୋଇଥାଏ। ଦୁଇଟି ଫସ୍‌ଫେଟଭିତ୍ତିକ ସାର କାରଖାନା ଏଠାରେ ରହିଛି, ଯାହାର ଉପଜାତ ଦ୍ରବ୍ୟ ଭାବେ ଜିପସମ୍ ବାହାରିଥାଏ। ଜିପସମର ଗୁଣ ହେଉଛି ଅମ୍ଳ। ଏଠାରେ ତୈଳ ବିଶୋଧନ କେନ୍ଦ୍ର ଓ ଇସ୍ପାତ କାରଖାନା ମଧ୍ୟ ରହିଛି। ବର୍ଷା ଦିନେ ବିଭିନ୍ନ ଖଣିଜ ଦ୍ରବ୍ୟର ଗୁଣ୍ଡ ଧୋଇହୋଇ ମହାନଦୀ ଓ ଅଠରବାଙ୍କୀ କ୍ରିକରେ ମିଶୁଛି। କେନ୍ଦ୍ରୀୟ ପ୍ରଦୂଷଣ ବୋର୍ଡ ରିପୋର୍ଟ ଅନୁଯାୟୀ ପାରାଦ୍ୱୀପ ସାର କାରଖାନା ଆଖପାଖ ଅଞ୍ଚଳର ଭୂ-ତଳ ଜଳରେ ଅଧିକ ମାତ୍ରାରେ ଫ୍ଲୋରାଇଡ ରହୁଛି। ଫ୍ଲୋରାଇଡ ଓ ଆମୋନିଆ ଗ୍ୟାସ ପ୍ରଭାବରେ ଖରାଦିନେ ଲଟାବୁଦା, ପତ୍ର ଆଦି ଶୁଖି ଯାଉଥିବା ଦେଖାଯାଉଛି। ପାରାଦ୍ୱୀପ ସହରାଞ୍ଚଳର ବର୍ଜ୍ୟ ଜଳ ଅଠରବାଙ୍କୀ ଓ ସାନ୍ଧ୍ରା କ୍ରିକ୍‌ରେ ମିଶୁଛି।

ରାୟଗଡ଼ାରେ ଏକ ଘରୋଇ ଶିଳ୍ପସଂସ୍ଥା ବିରୋଧରେ ଜାତୀୟ ସବୁଜ ଟ୍ରିବ୍ୟୁନାଲରେ ମାମଲା ଦାୟର କରାଯାଇଥିଲା। ପ୍ରଦୂଷିତ ଜଳ ବ୍ୟବହାର କରି ୨୦୨୨ ମସିହାରେ ଏ ଅଞ୍ଚଳରେ ଝାଡ଼ାବାନ୍ତିରେ ଆକ୍ରାନ୍ତ ହୋଇ ୭ ଜଣ ବ୍ୟକ୍ତିଙ୍କ ମୃତ୍ୟୁ ଘଟିଥିବା ବେଳେ ୭୨ ଜଣଙ୍କୁ ଚିକିତ୍ସା ପାଇଁ ଡାକ୍ତରଖାନାରେ ଭର୍ତ୍ତି କରାଯାଇଥିଲା। ସହରାଞ୍ଚଳର ଅଣବିଶୋଧିତ ଜଳ ଦ୍ୱାରା ବିଶେଷ ଭାବେ ବୁଢ଼ାବଳଙ୍ଗ ନଦୀ ପ୍ରଦୂଷିତ ହେଉଥିବା ଜଣାପଡ଼ିଛି।

ଏପରି ସ୍ଥଳେ ପ୍ରଦୂଷଣକାରୀ ସଂସ୍ଥା ବିରୋଧରେ ସରକାର କଠୋର ମନୋଭାବ ପ୍ରଦର୍ଶନ କରିବା ପରିବର୍ତ୍ତେ ନମନୀୟ ମନୋଭାବ ପ୍ରଦର୍ଶନ କରିବା ଏକ ଯୁକ୍ତିସଙ୍ଗତ ବିଷୟ ନୁହେଁ। ଅଦାଲତରେ ମାମଲା ବିଳମ୍ବ ହେଉଥିବା କାରଣରୁ ମଣିଷ, ଜୀବଜନ୍ତୁ ଓ ପରିବେଶକୁ କ'ଣ ମୃତ୍ୟୁମୁହଁକୁ ଠେଲି ଦିଆଯିବ? ବିଭିନ୍ନ ସମୟରେ ନାଲକୋ ଆସ୍ ପାଇପ ଓ ପୋଖରୀ ଫାଟି ବିସ୍ତୀର୍ଣ୍ଣ ଅଞ୍ଚଳର ଚାଷଜମିରେ ପାଉଁଶ ପାଣି ମାଡ଼ିଯାଉଛି। ଭୂତଳ ଜଳ ପ୍ରଦୂଷଣ ଯୋଗୁଁ ଜନସାଧାରଣ ଝାଡ଼ାବାନ୍ତି ରୋଗରେ ଆକ୍ରାନ୍ତ ହୋଇ ମୃତ୍ୟୁମୁଖରେ ପଡୁଛନ୍ତି। 'ଦି ଲାନସେଟ'ର ୨୦୧୯ ମସିହାରେ ପ୍ରକାଶିତ ଏକ ସର୍ବେକ୍ଷଣ ଆଧାରିତ ରିପୋର୍ଟ ଅନୁଯାୟୀ, ବିଶ୍ୱରେ ବାର୍ଷିକ ପ୍ରାୟ ୧.୪ ନିୟୁତ ଜଳ ପ୍ରଦୂଷଣ ରୋଗରେ ଆକ୍ରାନ୍ତ ହୋଇ ପ୍ରାଣ ହରାଉଛନ୍ତି। ସେଥିମଧ୍ୟରୁ ଝାଡ଼ାବାନ୍ତିରେ ପ୍ରାୟ ୮ ଲକ୍ଷ ଏବଂ ପ୍ରଦୂଷିତ ପାନୀୟ ଜଳ ଯୋଗୁଁ ୩ ଲକ୍ଷ ପ୍ରାଣ ହରାଉଛନ୍ତି।

ଏହାଛଡ଼ା ରାଜ୍ୟର ବିଭିନ୍ନ ସ୍ଥାନରେ ବହୁସଂଖ୍ୟାରେ କ୍ରସର ୟୁନିଟ ଓ ସିମେଣ୍ଟ କାରଖାନା ମଧ୍ୟ ରହିଛି। ଏଥିରୁ ନିର୍ଗତ ବର୍ଜ୍ୟ କଣିକା ଚାଷ ଜମି ଓ ଜଳାଶୟରେ ପଡ଼ି ଜଳ ଉତ୍ସ ପ୍ରତି ବିପଦ ସୃଷ୍ଟି କରୁଛି। ଏହି ଜଳ ବ୍ୟବହାର କରି ଗୃହପାଳିତ ପଶୁ ରୋଗାକ୍ରାନ୍ତ ହେଉଛନ୍ତି। ବିଭିନ୍ନ ସ୍ଥାନରେ ମେଡିକାଲ୍ ବର୍ଜ୍ୟ ମଧ୍ୟ ଜଳାଶୟକୁ ଛାଡ଼ି ଦିଆଯାଉଛି। ଏଣୁ ଜୀବଜଗତ ପ୍ରତି କ୍ଷତି ପହଞ୍ଚାଉଥିବା ସଂସ୍ଥାଗୁଡ଼ିକ ପ୍ରତି କୋହଳ ମନୋଭାବ ପୋଷଣ କରିବା ବାଞ୍ଛନୀୟ ନୁହେଁ। ଅଦାଲତରେ ବହୁ ମାମଲାର ବିଳମ୍ବ ଘଟୁଛି। ସରକାରଙ୍କ ସମେତ ସାଧାରଣ ଜନତା ମଧ୍ୟ ଏହାର ଶିକାର ହେଉଛନ୍ତି। ଏହାର ଅର୍ଥ ନୁହେଁ ଯେ ନ୍ୟାୟପାଳିକାକୁ ଏଡ଼ାଇ ଆମେ ମନମୁଖି ଭାବେ କାର୍ଯ୍ୟ କରିବା। ସଂକଳ୍ପରେ ଜରିମାନା ରାଶି ପରିମାଣ ଯାହା ଧାର୍ଯ୍ୟ କରାଯାଇଛି ତାହା ହାସ୍ୟାସ୍ପଦ। ମାତ୍ର ୧୦ରୁ ୧୫ ଲକ୍ଷ ଟଙ୍କା। ପ୍ରକୃତି ଓ ପରିବେଶର କ୍ଷତି ସାଧନ କରୁଥିବା ଅପରାଧୀଙ୍କ ପ୍ରତି ଜରିମାନା ପରିମାଣ କ'ଣ ପାଇଁ ଏତେ କମ୍ ରହିବ? ୧୫ ଲକ୍ଷ ଟଙ୍କା ବିନିମୟରେ ସେଗୁଡ଼ିକ ୧୦୦ କୋଟିର ପ୍ରଦୂଷଣ କରିବାରେ ସମର୍ଥ।

ପରିବେଶ ପ୍ରଦୂଷଣ ଦିଗରେ ରାଜ୍ୟ ପ୍ରଦୂଷଣ ବୋର୍ଡ, କେନ୍ଦ୍ର ପ୍ରଦୂଷଣ ବୋର୍ଡ ଓ ଏନଜିଟି ଆଦି ଅନେକ ସରକାରୀ ସଂସ୍ଥା କାର୍ଯ୍ୟ କରୁଛନ୍ତି। ରାଜ୍ୟ ସରକାରଙ୍କ ପଦକ୍ଷେପ ଯୋଗୁଁ ଏହି ନିୟନ୍ତ୍ରଣକାରୀ ସଂସ୍ଥାଗୁଡ଼ିକର କାର୍ଯ୍ୟାନୁଷ୍ଠାନ ପ୍ରଭାବ ହ୍ରାସ ପାଇବାର ଆଶଙ୍କା ରହିଛି। ସେହିପରି ଜରିମାନା ମୂଲ୍ୟ ସରକାରୀ ଅଧିକାରୀ ଧାର୍ଯ୍ୟ କରିବେ। ତେବେ ନିର୍ଦ୍ଦିଷ୍ଟ ପ୍ରଦୂଷଣର ମୂଲ୍ୟ କେତେ ହେବ ତାହା ସରକାରୀ ଅଧିକାରୀ କେଉଁ ମାନଦଣ୍ଡରେ ଆକଳନ କରିବେ ତାହା ଏକ ବଡ଼ ପ୍ରଶ୍ନ। ଏକ୍ଷେତ୍ରରେ ସରକାର ମନମୁଖି ଭାବେ ଜରିମାନା ଲାଗୁ କରିପାରନ୍ତି ବୋଲି ଉଠିଥିବା ଅଭିଯୋଗ ନିରାଧାର ନୁହେଁ। ଏଣୁ ଉଭୟ ବେସରକାରୀ ଓ ସରକାରୀ ସଂସ୍ଥା ଯଥା ନଗରପାଳିକା ଆଦି ପ୍ରଦୂଷଣକାରୀ ଅନୁଷ୍ଠାନ ପ୍ରତି ଅନୁକମ୍ପା ପ୍ରଦାନ କରିବାକୁ ଯାଇ ସରକାର ସଂକଳ୍ପ ଜରିଆରେ ଅଯଥା ଦ୍ୱନ୍ଦ୍ୱ ସୃଷ୍ଟି ନକରି ଏହାର ପୁନର୍ବିଚାର କଲେ ବୃହତ୍ତର ସମାଜର ମଙ୍ଗଳ ହେବ। ନଚେତ୍ ଏହା ଏକ ପରିବେଶ ମାରଣ ସଂକଳ୍ପରେ ପରିଣତ ହେବାରେ ବିଳମ୍ବ ହେବ ନାହିଁ। ●

ବରିଷ୍ଠ ସାମ୍ବାଦିକ
କଟକ, ମୋ: ୯୪୩୭୨୨୯୨୩୩

# ମୁଁ 'ଖବରକାଗଜ' କହୁଛି

**ସରୋଜ କୁମାର ଶତପଥୀ**

ମୁଁ ଖବର କାଗଜ। ଶତାବ୍ଦୀ ଶତାବ୍ଦୀ ଧରି ସମାଜର ଦର୍ପଣ ଭାବେ ନିଜ କର୍ତ୍ତବ୍ୟ ସମ୍ପାଦନ କରିଛି। ସତ୍ୟକୁ ପ୍ରକାଶ କରିବା ପାଇଁ ନିଷ୍ଠା ଓ ନୈତିକତାକୁ ଜୀବନର ପାଥେୟ କରିଛି। ଦିନ ଥିଲା, ଘର ଦୁଆରେ ମୋର ଆବିର୍ଭାବ ହେବା ମାତ୍ରେ ଘରର ପରିବେଶ ଜୀବନ୍ତ ହୋଇ ଯାଉଥିଲା। ଚା' ଓ ଚର୍ଚ୍ଚାର ଅଂଶ ଥିଲି ମୁଁ। ସମାଜ, ରାଜନୀତି, କ୍ରୀଡ଼ା, ସଂସ୍କୃତି, ପର୍ଯ୍ୟଟନ, ଯାହା କହିବେ ସେ ସବୁ ମୋର ପୃଷ୍ଠାରେ ପ୍ରତିଫଳିତ ହେଉଥିଲା। ମୁଁ କେବଳ ଖବର ବହନକାରୀ ନୁହେଁ, ସତ୍ୟ, ସଚେତନତା ଓ ଜନମତର ବାର୍ତ୍ତାବହ ଥିଲି। ମୁଁ ସ୍ୱାଧୀନତା ସଂଗ୍ରାମ ଦେଖିଛି, ଦେଶ ବିଭାଜନ ଦେଖିଛି, ଅନେକ ବିପ୍ଳବ ଓ ପ୍ରଳୟର ମୂକସାକ୍ଷୀ ହୋଇ ପ୍ରତିଦିନ ଲୋକଙ୍କ ଜୀବନ ସହ ଜଡ଼ିତ ଥିଲି।

ମୁଁ ଥିଲି ଜ୍ଞାନର ଶକ୍ତି, ଜନତାର ଅଧିକାର ଓ ଗଣତନ୍ତ୍ରର ଶ୍ୱାସ। ପ୍ରତିଦିନ ଲୋକମାନଙ୍କ ପାଖକୁ ଯାଉଥିବା ମୋର ଲକ୍ଷ୍ୟ କେବଳ ଖବର ପହଞ୍ଚାଇବା ନୁହେଁ, ସମାଜର ନଜର ଉପରେ ଆଙ୍ଗୁଠି ରଖିବା, ଉଚିତକୁ ଉଚିତ ବୋଲି କହିବା ଏବଂ ଅନ୍ୟାୟକୁ ପ୍ରଶ୍ନ କରିବା। କିନ୍ତୁ ମୋର ଅକ୍ଷରସବୁ ସମୟ ସାନ୍ତ୍ୱନାରେ ଲେଖାଯାଏ ନାହିଁ। ମୋର ଅକ୍ଷରରେ ଲୁହ ଥାଏ, ରକ୍ତ ଥାଏ, ମୋର ପୃଷ୍ଠାରେ ଥାଏ ପ୍ରକୃତି, ପରିଚୟ, ପ୍ରେମ, ସଂସ୍କୃତି, ପରମ୍ପରା। ଗାଢ଼ ଅନ୍ଧାରରେ ଲୁଚିଥିବା ଅନ୍ୟାୟର ଚିତ୍କାର ମଧ୍ୟ ଥାଏ।



ଆଜି ବି ମୁଁ ଅଛି ସତ, ମାତ୍ର ମୋର ସେଇ ପୁରୁଣା ଦିନ ଆଉ ନାହିଁ। ମୋତେ ଦେଖିଲେ ଲୋକେ ଆଗ ଭଳି ଆଦର କରୁ ନାହାନ୍ତି। ଲୋକ ଆଉ ପଢ଼ିବାକୁ ସମୟ ଦେଉନାହାନ୍ତି। ଚିନ୍ତା ଓ ବିବେଚନାକୁ ଛାଡ଼ି, ମତକୁ ସତ୍ୟ ଭାବି ଗ୍ରହଣ କରୁଛନ୍ତି। ଆଜି ପରିସ୍ଥିତି ପରିବର୍ତ୍ତିତ। ସାମାଜିକ ଗଣମାଧ୍ୟମର ବେପରୁଆ ବିସ୍ତାର ମୋର ମହତ୍ତ୍ୱକୁ ତଳକୁ ଚାପି ଦେଉଛି। ଡିଜିଟାଲ ଯୁଗର ଆଗମନ ସହ ମୋର ସମ୍ମାନ ଅପେକ୍ଷାକୃତ କମିଛି। ମୋର ପୃଷ୍ଠାକୁ ଫାଡ଼ିଦେଲେ ମଧ୍ୟ କେହି ଆଜି ଆଶ୍ଚର୍ଯ୍ୟ ହୁଅନ୍ତି ନାହିଁ। ଏବେ ଲୋକଙ୍କ ହାତରେ ମୋବାଇଲ, ଆଙ୍ଗୁଳିରେ ଫେସବୁକ, ୟୁଟ୍ୟୁବ, ଇନ୍‌ଷ୍ଟାଗ୍ରାମ। ରିଲସ ହେଉଛି ନୂଆ ଖବର। ଲାଇକ୍ ଓ କମେଣ୍ଟ ହେଉଛି ନୂଆ ମତାମତ।

ସାମାଜିକ ଗଣମାଧ୍ୟମ ଆସିବା ସହିତ ବଢ଼ିଛି ତଥ୍ୟ ବିକୃତି ଓ ଚାଲାକିପୂର୍ଣ୍ଣ ଖବରର ହାର। ଏବେ ତୁରନ୍ତ ଖବର ଦେବା ଓ ପ୍ରଥମେ ପ୍ରସାରଣ କରିବାର ଦୌଡ଼ରେ ମୁଁ ଉପେକ୍ଷିତ ହୋଇପଡ଼ିଛି। ଖବର ପଢ଼ିବାର ଅଭ୍ୟାସ ହ୍ରାସ ପାଇଛି। ମଣିଷ ୧୦ ସେକେଣ୍ଡରେ ଖବର ନେଉଛି ଏବଂ ୧ ସେକେଣ୍ଡରେ ଭୁଲି ଯାଉଛି। ଏହି ପରିବର୍ତ୍ତନ ମୋତେ ଦୁଃଖୀ କରୁ ନାହିଁ ବରଂ ଚିନ୍ତାରେ ପକାଇ ଦେଉଛି। କାରଣ ଶୀଘ୍ର ତଥ୍ୟର ଲହରୀ ମଧ୍ୟରେ ସତ୍ୟ ଓ ଅସତ୍ୟର ତଫାତ ଦୃଶ୍ୟାତୀତ ହେଇଯାଉଛି। ସାମାଜିକ ଗଣମାଧ୍ୟମରେ ତଥ୍ୟର ନିଜସ୍ୱ ଜୀବନ ନାହିଁ। ସେ କେବଳ ମତାମତ, ଭୟ, କ୍ରୋଧ ଓ ଭ୍ରମର ଅସ୍ଥିର ତରଙ୍ଗ। ମୋର ପୃଷ୍ଠାରେ ଧୂଳି ପଡୁଥିବା ସତ୍ତ୍ୱେ ମୋର ନୈତିକତା ଓ ଆଦର୍ଶର ଶକ୍ତି ଅସୀମ।

ତଥାପି ମୁଁ ଆଶାବାଦୀ। ଆଜି ମୋର ଅସ୍ତିତ୍ୱ ପ୍ରଶ୍ନରେ ତଥାପି ମୋର ଆତ୍ମଗ୍ଲାନି ନାହିଁ। କାରଣ ସତ୍ୟର ମୂଲ୍ୟ କେବେ ମରେ ନାହିଁ। ମୋର ଦାୟିତ୍ୱରେ ଆଜି ମଧ୍ୟ ପରିବର୍ତ୍ତନ ହୋଇନି। ମୁଁ ସତ୍ୟର ପକ୍ଷରେ ଅବିଚଳ। ଡିଜିଟାଲ ମାଧ୍ୟମର ଉଦୟ ସତ୍ତ୍ୱେ ମୋର ଅସ୍ତିତ୍ୱ ସଂପୂର୍ଣ୍ଣ ରୂପେ ଅମୂଲ୍ୟ ବା ଅନାବଶ୍ୟକ ହୋଇ ଯାଇନାହିଁ। ମୁଁ ଆଜି ମଧ୍ୟ ଗମ୍ଭୀର ଖବର ପ୍ରସାରଣ ଏବଂ ଆଞ୍ଚଳିକ ସମାଚାର ଦେବାରେ ମହତ୍ତ୍ୱପୂର୍ଣ୍ଣ ଭୂମିକା ନିର୍ବାହ କରୁଛି। ମୋ ପରି ଅନେକ ଖବରକାଗଜ ସଫଳତାର ସହିତ ଅନଲାଇନ ପ୍ଲାଟଫର୍ମକୁ ରୂପାନ୍ତର ହୋଇଛି।

ମୁଁ ଆଜି ବି ରହିଛି ସତ୍ୟର ପ୍ରହରୀ, ସମାଜ ସଚେତନତାର ଯୋଦ୍ଧା, ଗଣତନ୍ତ୍ରର ସୁରକ୍ଷାକର୍ତ୍ତା। ସମୟ ବଦଳିଛି, ଯୁଗ ବଦଳିଛି, ସୂଚନାର ଦୌଡ଼ ହଠାତ୍ ବଢ଼ିଛି, କିନ୍ତୁ ସତ୍ୟର ମୂଲ୍ୟ, ନିର୍ଭରତା ଓ ବିଶ୍ୱାସର ପାଥେୟ ଅବିଚଳ ରହିଛି। ତୁରନ୍ତ ତଥ୍ୟର ଝଡ଼ ମଧ୍ୟରୁ ଯେତେବେଳେ ସତ୍ୟକୁ ଖୋଜିବା ଦୁର୍ବଳ ହେଉଛି, ସେତେବେଳେ ମୋର ଅସ୍ତିତ୍ୱ ଆହୁରି ଆବଶ୍ୟକ, ଆହୁରି ମୂଲ୍ୟବାନ। ହେ ମଣିଷ! ଯଦି ବିବେଚନା, ଚିନ୍ତନ ଓ ଜ୍ଞାନର ମାର୍ଗକୁ ଶକ୍ତିଶାଳୀ କରିବାକୁ ଚାହୁଁଛ, ତା'ହେଲେ ମୋର ପୃଷ୍ଠା ଖୋଲ, ମୋର ଅକ୍ଷରରେ ଭରସା କର। ମୋର ପାଠକ ହେବା ମାନେ କେବଳ ଖବର ପଢ଼ିବା ନୁହେଁ; ସଚେତନ ନାଗରିକ ହେବାର ପଥ ଚୟନ। ମୋର ବାର୍ତ୍ତା - ପୁନଃ ଆସ, ପୁନଃ ପଢ଼, ପୁନଃ ଭାବ। ପ୍ରତିଦିନ ୧୦ ମିନିଟ ସମୟ ମୋ ପାଇଁ ଦିଅ। ପ୍ରସଙ୍ଗଗତ ଖବର ଖୋଜ, ବିଶ୍ଳେଷଣ ପଢ଼, ତଥ୍ୟକୁ ପରୀକ୍ଷା କର। ଆଲୋଚନା କର, ପ୍ରଶ୍ନ କର, ନିର୍ଦ୍ଦେଶିତ ଡିଜିଟାଲ ଦୁନିଆରେ ନିଜ ମତ ନିଜେ ତିଆରି କର।

ମୁଁ ପୁଣି ଆସିବି ତୁମେ ଡାକିଲେ। ସେଇ ଦିନ ପାଇଁ ମୁଁ ଅପେକ୍ଷା କରୁଛି। ଆପଣଙ୍କ ପୁରୁଣା ମିତ୍ର - 'ଖବରକାଗଜ'। ●

(ପରିଚାଳକ, ଜୟଦେବ ଭବନ)
ଭୁବନେଶ୍ୱର, ମୋ: ୯୩୪୮୧୨୭୪୪୭

# ପଦ୍ମସମ୍ଭବଙ୍କ ମହାପରିନିର୍ବାଣ ସ୍ଥଳ

**ପ୍ରବୀର କୁମାର ପଟ୍ଟନାୟକ**

*ପୂର୍ବପ୍ରକାଶିତ ଉତ୍ତାରୁ...*

ବର୍ତ୍ତମାନର ମନ୍ଦିରଟିର ପୀଠସ୍ଥଳଟି ଏକ ପୁରାତନ ବୌଦ୍ଧ ମନ୍ଦିରର ମୂଳଭାବେ ଜଣାଯାଏ। ଉଭୟ ବୌଦ୍ଧ ଓ ଅସମୀୟ ପରମ୍ପରା ଅନୁଯାୟୀ ପ୍ରାଚୀନ ମୂଳ ବୌଦ୍ଧ ମନ୍ଦିର ଉପରେ ନୂତନ ମନ୍ଦିର ଆଧୁନିକ ଯୁଗରେ ହିଁ ନିର୍ମିତ ହୋଇଛି। ହିନ୍ଦୁ ବ୍ରାହ୍ମଣମାନେ ପୂଜା କରୁଥିବା ଦେବତା ବା ଠାକୁରଙ୍କୁ 'ମାଧବ' କହୁଥିବା ବେଳେ ବୌଦ୍ଧମାନେ ତାଙ୍କୁ ମହାମୁନି ବୁଦ୍ଧ ବୋଲି କହିଥା'ନ୍ତି। ପ୍ରକୃତପକ୍ଷେ ଏହା ପ୍ରସ୍ତର ନିର୍ମିତ ଏକ ବିଶାଳ ବୁଦ୍ଧ ମୂର୍ତ୍ତି। ବର୍ତ୍ତମାନ ଯୁଗରେ ଏହି ମୂଳମୂର୍ତ୍ତିକୁ ଲୁଚାଇ ଦେବା ଉଦ୍ଦେଶ୍ୟରେ ରୁପାର ଆଖି ଓ ନାକ ଇତ୍ୟାଦି ଏଥିରେ ଲଗାଇ ବସ୍ତ୍ର ଆଦି ଚାରିଆଡ଼େ ଢାଙ୍କି ଦେଇ ଅବଶିଷ୍ଟ ଖୋଲା ଭାଗକୁ ସବୁବେଳେ ଫୁଲରେ ଘୋଡ଼ାଇ ଦିଆଯାଇଛି।

ବୁଦ୍ଧଙ୍କର ଏହି ବିଶାଳ ପ୍ରତିମୂର୍ତ୍ତିଙ୍କୁ ତିବ୍ବତର ଯେଉଁ ଅତ୍ୟନ୍ତ ବିଦ୍ୱାନ ଲାମାମାନେ ପୀଠ ଦର୍ଶନରେ ଆସିଥା'ନ୍ତି ସେମାନେ 'ମୁନିର ମୁନି ମହାମୁନି' ବୋଲି କହିଥା'ନ୍ତି। ମୂଳ ବୁଦ୍ଧଙ୍କ ପ୍ରତିମୂର୍ତ୍ତିକୁ ଗୋପନରେ 'ମାଧବ' ଭାବେ ହିନ୍ଦୁମାନେ ଯେପରି ତାଙ୍କୁ ପରିବର୍ତ୍ତନ କରାଇଲେ ତାହା ଇତିହାସରେ ଖ୍ରୀ୧୬୬୧ରେ ମୁସଲମାନମାନଙ୍କ ଆକ୍ରମଣ ଯୋଗୁଁ କରାଯାଉଥିବା କୁହାଯାଉଛି। ମୁସଲମାନ ସେନାପତି ମୀର ଜୁମ୍‌ଲା ବିଭିନ୍ନ ପ୍ରତିମା ରହିଥିବା ମନ୍ଦିର ସବୁ ଭାଙ୍ଗି ଦେଇ ସେଠାରେ ମସ୍‌ଜିଦ୍‌ମାନ ନିର୍ମାଣ କରିବା ନିମନ୍ତେ ଆଦେଶ ଦେଇଥିଲେ। ବୁଦ୍ଧଙ୍କ ପ୍ରତିମୂର୍ତ୍ତି ସହ ଅନ୍ୟ ଯେଉଁ ପଥର ପ୍ରତିମାଗୁଡ଼ିକ ତାଙ୍କ ପାର୍ଶ୍ୱରେ ରଖାଯାଇଛନ୍ତି ସେଗୁଡ଼ିକର ସଂଖ୍ୟା ଚାରିଗୋଟି। ଏହି ପ୍ରତିମା ସବୁ ମଧ୍ୟ ବଡ଼ ଆକାରର। ଲାମା ତୀର୍ଥଯାତ୍ରୀଙ୍କ ମତରେ ସେସବୁ ମଧ୍ୟ ବୌଦ୍ଧ ପ୍ରତିମା। ସେହି ଚାରିଗୋଟି ବୁଦ୍ଧ ପ୍ରତିମୂର୍ତ୍ତି ହେଉଛନ୍ତି 'ଡାକ୍ଷୀୟାନ ଗୁରୁ' (ପଦ୍ମସମ୍ଭବ) ମହାମୁନି ବୁଦ୍ଧଙ୍କ ବାସ କଡ଼ରେ, ଦର୍ଜେ ଡୋଲୋ (ବୁଦ୍ଧଙ୍କ ଡାହାଣ କଡ଼ରେ), ଶାକ୍ୟ ଥୁବା (ଡାହାଣ ପାଖରେ ଦ୍ୱିତୀୟରେ) ଓ ସେଞ୍ଚା ମୁନି (ଡାହାଣ ପାଖରେ ତୃତୀୟ ସ୍ଥାନରେ)।

ଅନ୍ୟ ପକ୍ଷରେ ହିନ୍ଦୁମାନେ ସମସ୍ତ ଦେବଦେବୀଙ୍କୁ 'ପଞ୍ଚମାଧବ' ଭାବରେ ବର୍ଣ୍ଣନା କରିଥା'ନ୍ତି। ଦ୍ୱିତୀୟ ମାଧବ, ଲାଲ କହ୍ନେୟା ବାଙ୍କବିହାରୀ, ବାସୁଦେବ, ହୟଗ୍ରୀବ ମାଧବ ଏବଂ ଗରୁଡ଼ ବିଷ୍ଣୁ ବାହନ। ଏହା ନିଶ୍ଚିତ ଯେ ହୁଏନସାଂ ସପ୍ତମ ଶତାବ୍ଦୀରେ କାମରୂପ ଭ୍ରମଣରେ ଆସିଥିବା ସମୟରେ ଏଡି ହଜୋ ସ୍ଥାନରେ କୌଣସି ବୌଦ୍ଧ ଅନୁଷ୍ଠାନ ନ ଥିଲା। କାରଣ ସେ ନିର୍ଦ୍ଦିଷ୍ଟ ଭାବରେ ଦର୍ଶାଇଛନ୍ତି କି ଏଠାରେ (କାମରୂପ ରାଜ୍ୟରେ ଅଥବା ଆସାମରେ) ଲୋକମାନେ ବୌଦ୍ଧ ଧର୍ମରେ ବିଶ୍ୱାସ କରନ୍ତି ନାହିଁ କି ଏଠାରେ କୌଣସି ଗୋଟିଏ ବି ବୌଦ୍ଧ ବିହାର ଆଦି ନିର୍ମିତ ହୋଇନାହିଁ।

ଏସବୁ ଆଲୋଚନା ପରେ ଏହା ନିଶ୍ଚିତ ଭାବେ କୁହାଯାଇପାରିବ ଯେ ବୁଦ୍ଧଙ୍କର ମହାପରିନିର୍ବାଣ ଆସାମରେ କେବେହେଲେ ଘଟିନାହି। ଏହା ପ୍ରତିଷ୍ଠିତ ତଥ୍ୟ କି ବୁଦ୍ଧଙ୍କର ମହାପ୍ରୟାଣ ଗୋରଖପୁର ନିକଟ କୁଶୀନଗରରେ ହିଁ ଘଟିଛି। ଏହା ମଧ୍ୟ ନିଶ୍ଚିତ ଯେ ଯାହା ବି ବୌଦ୍ଧକୀର୍ତ୍ତି ଏବଂ ବୌଦ୍ଧ ଅନୁଷ୍ଠାନ ଆଦି ଆସାମରେ ରହିଛି ବା ଦେଖାଯାଉଛି ତାହା ନିଶ୍ଚିତ ଭାବେ ସପ୍ତମ ଶତାବ୍ଦୀର ପରବର୍ତ୍ତୀ କାଳରେ ହୁଏନସାଂଙ୍କ ପରେ। (କ୍ରମଶଃ...) ●

ଭୁବନେଶ୍ୱର, ମୋ: ୭୨୦୫୦୨୨୭୯୦



ଦ୍ୱିତୀୟ-ବୁଦ୍ଧ କଥା

## ଲେଖକ/ଲେଖିକାଙ୍କ ନିମନ୍ତେ ସୂଚନା

୧. 'ସକାଳ'ର ସମ୍ପାଦକୀୟ ପୃଷ୍ଠା ପାଇଁ ପ୍ରଥମ ଲେଖା ସର୍ବାଧିକ ୯୦୦ ଶବ୍ଦ ଏବଂ ଦ୍ୱିତୀୟ ଲେଖା ସର୍ବାଧିକ ୫୦୦ ଶବ୍ଦ ମଧ୍ୟରେ ସୀମିତ ରଖିବା ବାଞ୍ଛନୀୟ।
୨. ଲେଖା ପ୍ରକାଶନ ସମ୍ପର୍କରେ ସମ୍ପାଦନା ମଣ୍ଡଳିର ନିଷ୍ପତ୍ତି ଚୂଡ଼ାନ୍ତ। ଲେଖାର କେବଳ ସମ୍ପାଦିତ ଅଂଶ ହିଁ ପ୍ରକାଶିତ ହେବ।
୩. 'ସକାଳ'କୁ ପଠାଇଥିବା ସମାନ ଲେଖା ଏକାଧିକ ଖବରକାଗଜ/ପତ୍ରପତ୍ରିକାରେ ପ୍ରକାଶିତ ହେଲେ ଏବଂ ଅତୀତରେ ପ୍ରକାଶିତ ଲେଖାକୁ ପୁଣି ଥରେ ପଠାଇବା ଜଣାପଡ଼ିଲେ ଭବିଷ୍ୟତରେ ସମ୍ପୃକ୍ତ ଲେଖକ/ଲେଖିକାଙ୍କ ଲେଖା ଆଉ ବିଚାରକୁ ନିଆଯିବ ନାହିଁ।
୪. ଲେଖା ପଠାଇବାର ୭ ଦିନ ମଧ୍ୟରେ ପ୍ରକାଶିତ ନ ହେଲେ ଲେଖକ/ଲେଖିକା ତାହାକୁ ଅନ୍ୟ ଖବରକାଗଜ/ପତ୍ରପତ୍ରିକାକୁ ପଠାଇ ପାରିବେ।
୫. ସାମ୍ପ୍ରଦାୟିକ ଉତ୍ତେଜନା ସୃଷ୍ଟିକାରୀ, ବ୍ୟକ୍ତିଗତ ଆକ୍ରୋଶମୂଳକ ଓ ପ୍ରଶଂସାସୂଚକ ଲେଖା ପ୍ରକାଶିତ ହେବ ନାହିଁ। ପ୍ରସଙ୍ଗଭିତ୍ତିକ, ସୁସ୍ଥ ଓ ବୌଦ୍ଧିକ ସମାଲୋଚନାମୂଳକ ଲେଖାକୁ ଅଗ୍ରାଧିକାର ଦିଆଯିବ।
୬. ଲେଖା ପ୍ରକାଶନର ଅନ୍ତର ଅନ୍ୟୂନ ୧୫ ଦିନ ରହିବ।
୭. 'ସକାଳ' ଓଡ଼ିଶାର ବୃହତ୍ ପାଠକବର୍ଗଙ୍କର। ସେମାନଙ୍କ ରୁଚି, ଆଗ୍ରହ ଓ ଚାହିଦାକୁ ସମ୍ମାନ ଜଣାଇବା ଆମ ସମସ୍ତଙ୍କର କର୍ତ୍ତବ୍ୟ। ଏହାକୁ ହୃଦୟଙ୍ଗମ କରି ଉପରୋକ୍ତ ମାର୍ଗଦର୍ଶିକାକୁ ସଯତ୍ନ ଅନୁପାଳନ ପାଇଁ ଲେଖକ/ଲେଖିକାଙ୍କୁ ପୁଣି ଥରେ ବିନମ୍ର ଓ ସଶ୍ରଦ୍ଧ ଅନୁରୋଧ କରୁଛୁ।

କାର୍ଯ୍ୟନିର୍ବାହୀ ସମ୍ପାଦକ



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଭାରତ-ରୁଷ...

ବରଫାବୃତ ସାମୁଦ୍ରିକ ଅଞ୍ଚଳରେ ଜାହାଜ ଚଳାଇବାର ପ୍ରଶିକ୍ଷଣ, ନୂଆଁ ସିଫି ଲେନ୍‌ରେ ନିବେଶ, ସିଭିଲ-ନ୍ୟୁକ୍ଲିୟର ଶକ୍ତି ଏବଂ ଗୁରୁତ୍ୱପୂର୍ଣ୍ଣ ଖଣିଜ (କ୍ରିଟିକାଲ ମିନେରାଲ୍ସ) ଉପରେ ଏମଓୟୁ ସ୍ୱାକ୍ଷର ହୋଇଛି। ରାତିରେ ରାଷ୍ଟ୍ରପତି ଭବନରେ ନୈଶ୍ୟ ଭୋଜି ପରେ ପୁତିନ ରୁଷ୍ ଫେରି ଯାଇଛନ୍ତି।

ଆତଙ୍କବାଦ ବିରୋଧରେ କୌଣସି ଗୁପ୍ତ ଏଜେଣ୍ଡା ଏବଂ ଦୋମୁହାଁ ନୀତି ନ ଆପଣାଇ ବୈଶ୍ୱିକ ଲଢ଼େଇ କରିବାକୁ ଦୁଇ ଦେଶ ଆହ୍ୱାନ ଦେଇଛନ୍ତି। ଆତଙ୍କବାଦୀ ଅନୁପ୍ରବେଶ ଏବଂ ଏହାକୁ ସହାୟତା ଦେଉଥିବା ବ୍ୟକ୍ତି ତଥା ସଂଗଠନ ସହିତ ସବୁ ପ୍ରକାଶ ଆତଙ୍କବାଦର ମିଳିତ ମୁକାବିଲା ପାଇଁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏବଂ ରାଷ୍ଟ୍ରପତି ଦୃଢ଼ ପ୍ରତିବଦ୍ଧତା ପ୍ରକାଶ କରିଛନ୍ତି।

ଜାତିସଂଘ ସୁରକ୍ଷା ପରିଷଦ (ୟୁଏନ୍‌ଏସସି)ରେ ଭାରତର ସ୍ଥାୟୀ ସଦସ୍ୟତାକୁ ମଧ୍ୟ ପୁତିନ ସମର୍ଥନ ଦେଇଛନ୍ତି। ସେହିପରି ପୁତିନଙ୍କ ସାମ୍ନାରେ ମୋଦୀ ରୁଷ୍ ସେନାରେ ସାମିଲ ଭାରତୀୟଙ୍କ ପ୍ରସଙ୍ଗ ଉଠାଇ ଥିଲେ। ଭାରତୀୟଙ୍କ ସୁରକ୍ଷିତ ପ୍ରତ୍ୟାବର୍ତ୍ତନ ପାଇଁ ମୋଦୀ ଦାବି କରିଥିଲେ। ଏବେ ରୁଷ ସେନାରେ ୪୪ ଭାରତୀୟ ଫସି ରହିଥିବା ବୈଦେଶିକ ମନ୍ତ୍ରାଳୟ ସୂଚନା ଦେଇଥିଲା।

ଚଢ଼ା ଶୁଳ୍କ ଲଗାଇବା ପରେ ରୁଷ୍‌ଠାରୁ ଅଶୋଧିତ ତୈଳ ନ କିଣିବା ଲାଗି ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଭାରତ ଉପରେ କ୍ରମାଗତ ଭାବେ ଚାପ ପକାଇ ଚାଲିଛନ୍ତି। ଏପରି ସମୟରେ ରୁଷ୍ ରାଷ୍ଟ୍ରପତି ଭାରତ ଗସ୍ତରେ ଆସି ଆମେରିକାର ଏକପାଖିଆ କାର୍ଯ୍ୟାନୁଷ୍ଠାନ ଏବଂ ଦୋମୁହାଁ ନୀତିକୁ ପୁତିନ ଅନୁଚିତ ବୋଲି କହିଛନ୍ତି। ଏହି ଗସ୍ତ ଉପରେ ସାରା ବିଶ୍ୱର ନଜର ରହିଛି। ପ୍ରଧାନମନ୍ତ୍ରୀ ମୋଦୀ ଏବଂ ରାଷ୍ଟ୍ରପତି ପୁତିନ ଗତ ୨୪ ଘଣ୍ଟା ମଧ୍ୟରେ ପରସ୍ପରକୁ ତିନି ଥର ଭେଟିଛନ୍ତି। ଉଭୟେ ନୈଶ୍ୟଭୋଜି, ଦ୍ୱିପାକ୍ଷିକ ଆଲୋଚନା, ମିଳିତ ସାମ୍ବାଦିକ ସମ୍ମିଳନୀ ଏବଂ ଭାରତ-ରୁଷ ବ୍ୟବସାୟିକ ଫୋରମକୁ ସମ୍ବୋଧିତ କରିଛନ୍ତି। ତେବେ ଏହି ସମୟରେ ଦୁଇ ଦେଶ ମଧ୍ୟରେ କୌଣସି ପ୍ରତିରକ୍ଷା ଚୁକ୍ତି ସ୍ୱାକ୍ଷର ହୋଇପାରି ନାହିଁ। ଏହା ପୂର୍ବରୁ ଲଢୁଆ ବିମାନ କିମ୍ବା ବଡ଼ ପ୍ରତିରକ୍ଷା ଚୁକ୍ତି ହେବ ବୋଲି କୁହାଯାଉଥିଲା। ମାତ୍ର ବ୍ୟବସାୟ ବୃଦ୍ଧି ପାଇଁ ଭାରତ-ରୁଷ ମଧ୍ୟରେ ୧୯ଟି ଚୁକ୍ତିରେ ମୋହର ବାଜିଛି। ଦୁଇ ଦେଶ ମଧ୍ୟରେ ଜାହାଜ ନିର୍ମାଣ, ଭାରତୀୟ ନାବିକଙ୍କୁ ବରଫାବୃତ ସାମୁଦ୍ରିକ ଅଞ୍ଚଳରେ ଜାହାଜ ଚଳାଇବାର ପ୍ରଶିକ୍ଷଣ, ନୂଆଁ ସିଫି ଲେନ୍‌ରେ ନିବେଶ, ସିଭିଲ-ନ୍ୟୁକ୍ଲିୟର ଶକ୍ତି ଏବଂ ଗୁରୁତ୍ୱପୂର୍ଣ୍ଣ ଖଣିଜ (କ୍ରିଟିକାଲ ମିନେରାଲ୍ସ) ଉପରେ ଏମଓୟୁ ସ୍ୱାକ୍ଷର ହୋଇଛି।

ଆଜି ମିଳିତ ସାମ୍ବାଦିକ ସମ୍ମିଳନୀରେ ପୁତିନଙ୍କୁ ସବୁଠାରୁ ଘନିଷ୍ଠ ସହଯୋଗୀ ବୋଲି ମୋଦୀ କହିଥିଲେ। ଭାରତ ଏବଂ ରୁଷ ସମ୍ବନ୍ଧ ଧ୍ରୁବ ତାରା ଭଳି ସ୍ଥିର ଏବଂ ଅଟଳ । ମେକ ଇନ ଇଣ୍ଡିଆ ଅଧୀନରେ ରୁଷ ଜାହାଜ ନିର୍ମାଣରେ ସହଯୋଗ କରିବ। ୟୁରୋସିଆନ ଆର୍ଥିକ ସଂଘ ସହିତ ମୁକ୍ତ ବାଣିଜ୍ୟ ଚୁକ୍ତି (ଏଫଟିଏ) ନେଇ ମଧ୍ୟ ଆଲୋଚନା ଜାରି ରହିଛି। ରୁଷରେ ଦୁଇଟି ନୂଆ ବାଣିଜ୍ୟ ଦୂତାବାସ ଖୋଲିବା ସହିତ ଏହି ଦେଶର ନାଗରିକଙ୍କୁ ୩୦ ଦିନ ପାଇଁ ମାଗଣା ଇ-ଟୁରିଷ୍ଟ ଭିସା ଏବଂ ଗ୍ରୁପ-ଟୁରିଷ୍ଟ ଭିସା ଦିଆଯିବ ବୋଲି ମୋଦୀ ଘୋଷଣା କରିଛନ୍ତି। ୨୦୩୦ ପୂର୍ବରୁ ଦୁଇ ଦେଶ ମଧ୍ୟରେ ଦ୍ୱିପାକ୍ଷିକ ବାଣିଜ୍ୟ କାରବାର ଶହେ ବିଲିୟନ ଡଲାର ଛୁଇଁବ ବୋଲି ମୋଦୀ କହିଛନ୍ତି। ସେହିପରି ପୁତିନ କହିଥିଲେ ଯେ କେବଳ ତୈଳ ଏବଂ ଗ୍ୟାସ ଉପରେ ଆଲୋଚନା ପାଇଁ ସେ ଭାରତ ଗସ୍ତରେ ଆସିନାହାନ୍ତି। ଭାରତ ସହ ପ୍ରତ୍ୟେକ କ୍ଷେତ୍ରରେ ସମ୍ପର୍କ ଏବଂ ବାଣିଜ୍ୟ ବଢ଼ାଇବାକୁ ଚାହୁଁଛି। ବିନା ସମସ୍ୟାରେ ଇନ୍ଧନ ଯୋଗାଣ ଜାରି ରହିବ ବୋଲି ପୁତିନ ସ୍ପଷ୍ଟ କରିଛନ୍ତି। ଏବେ ଦୁଇ ଦେଶ ମଧ୍ୟରେ ୬୦ ବିଲିୟନ ଡଲାର କାରବାର ହେଉଛି। ଦ୍ୱିପାକ୍ଷିକ ବ୍ୟବସାୟ ବର୍ଷେ ମଧ୍ୟରେ ୧୨ ପ୍ରତିଶତ ବୃଦ୍ଧି ପାଇଛି। ଆଗକୁ ଏହା ୧୦୦ ବିଲିୟନ ଡଲାରକୁ ବଢ଼ିବ। ରୁଷ-ଭାରତ ମିଶି କୁଡ଼ନକୁଲମରେ ସବୁଠାରୁ ବଡ଼ ପରମାଣୁ କେନ୍ଦ୍ର ନିର୍ମାଣ କରୁଛନ୍ତି। ନୂଆ ଅନ୍ତର୍ଜାତୀୟ ପରିବହନ ମାର୍ଗ ମଧ୍ୟ ନିର୍ମାଣ ଚାଲିଛି। ଏହା ମାଧ୍ୟମରେ ବେଲାରୁଷ ଦେଇ ସାମଗ୍ରୀ ସିଧା ଭାରତ ମହାସାଗରରେ ପହଞ୍ଚିବ। ଏହା ସହିତ ଭାରତରେ ରୁଷ ଟୁଡେ ଚ୍ୟାନେଲ ଲଞ୍ଚ କରାଯିବ ବୋଲି ପୁତିନ କହିଛନ୍ତି। ସେ ଆମେରିକାର ଦୋମୁହାଁ ନୀତିକୁ ପ୍ରଶ୍ନ ଉଠାଇଛନ୍ତି। ରୁଷଠାରୁ ରିଆକ୍ଟର ଫୁଏଲ କିଣୁଥିବା ଆମେରିକା ଭାରତକୁ ଟାର୍ଗେଟ କରିବା ଅନୁଚିତ ବୋଲି ସେ କହିଛନ୍ତି। ଯଦି ଏହା କିଣି ଆମେରିକା ଠିକ୍ କରୁଛି ତେବେ ଭାରତର ଭୁଲ୍ କ'ଣ ରହିଲା ବୋଲି ପୁତିନ ଏକ ସାକ୍ଷାତକାରରେ କହିଛନ୍ତି। ଭାରତର ପ୍ରଭାବ ବୃଦ୍ଧି ଆମେରିକା ପାଇଁ ଅସହ୍ୟ ହୋଇଯାଇଥିବା ସେ ଉଲ୍ଲେଖ କରିଛନ୍ତି।

ଶୁକ୍ରବାର ରାତିରେ ରାଷ୍ଟ୍ରପତି ଭବନରେ ଆୟୋଜିତ ନୈଶଭୋଜିରେ ପୁତିନ ଯୋଗ ଦେଇଥିଲେ। ପ୍ରଧାନମନ୍ତ୍ରୀ ମୋଦୀଙ୍କ ସମେତ ଅନ୍ୟ ମାନ୍ୟଗଣ୍ୟ ବ୍ୟକ୍ତି ଏଥିରେ ଉପସ୍ଥିତ ଥିବାବେଳେ ଲୋକସଭା ବିରୋଧୀ ଦଳ ନେତା ରାହୁଲ ଗାନ୍ଧୀ ଏବଂ କଂଗ୍ରେସ ଅଧ୍ୟକ୍ଷ ମଲ୍ଲିକାର୍ଜୁନ ଖଡଗେଙ୍କୁ ଆମନ୍ତ୍ରଣ କରାଯାଇ ନ ଥିଲା। କିନ୍ତୁ କଂଗ୍ରେସ ସାଂସଦ ଶଶୀ ଥରୁରଙ୍କୁ ଡକା ଯାଇଥିଲା। ଏହା ପୂର୍ବରୁ ବିଦେଶରୁ ଆସୁଥିବା ନେତାଙ୍କ ସହ ସାକ୍ଷାତ କରିବାକୁ ସରକାର ଦେଉନାହାନ୍ତି ବୋଲି ରାହୁଲ ଅଭିଯୋଗ କରିଥିଲେ। ଆଜିର ଏହି ଘଟଣା ପୁଣି ଏକ ନୂଆ ବିବାଦ ସୃଷ୍ଟି କରିଛି।

### ଡିଜିସିଏର ତଦନ୍ତ...

ଚଳାଚଳ ସ୍ୱାଭାବିକ ହେବ ବୋଲି ସେ କହିଛନ୍ତି। ଅନ୍ୟପକ୍ଷରେ ବେସାମରିକ ବିମାନ ଚଳାଚଳ ମହାନିର୍ଦ୍ଦେଶାଳୟ (ଡିଜିସିଏ) ବିମାନ ସେବାରେ ଅବ୍ୟବସ୍ଥାର ଉଚ୍ଚସ୍ତରୀୟ ତଦନ୍ତ ପାଇଁ ନିର୍ଦ୍ଦେଶ ଦେଇଛି।

ଅନ୍ୟପକ୍ଷରେ ଯାତ୍ରୀ ସେବାକୁ ସୁଗମ କରିବା ପାଇଁ ପାଇଲଟଙ୍କୁ ସାପ୍ତାହିକ ବିଶ୍ରାମ ବଦଳରେ କୌଣସି ଆଶ୍ୱସ୍ତି ନ ଦେବା ନିଷ୍ପତ୍ତିକୁ ପ୍ରତ୍ୟାହାର କରି ନିଆଯାଇଛି। ବେସାମରିକ ବିମାନ ଚଳାଚଳ ମହାନିର୍ଦ୍ଦେଶାଳୟ (ଡିଜିସିଏ) ଏହି ନିୟମରୁ ଇଣ୍ଡିଗୋକୁ ଫେବୃଆରୀ ୧୦ ପର୍ଯ୍ୟନ୍ତ ଆଶ୍ୱସ୍ତି ଦେଇଛି। ଏବେ କ୍ରୁ ସଦସ୍ୟଙ୍କୁ ପୂର୍ବ ଭଳି ୩୬ ଘଣ୍ଟା ବିଶ୍ରାମ ମିଳିବ।

### ପରୀକ୍ଷା ପୂର୍ବରୁ...

କରାଯାଇଛି। ସମ୍ପୃକ୍ତ ବ୍ୟକ୍ତିଙ୍କ ବିରୋଧରେ ଆଇନ ଅନୁଯାୟୀ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ସ୍ୱାସ୍ଥ୍ୟମନ୍ତ୍ରୀ କହିଛନ୍ତି।

ସୂଚନାଯୋଗ୍ୟ ଯେ ଶୁକ୍ରବାର ଅପରାହ୍ନରେ ବିଜେଡି ବିଧାୟକ ରଣେନ୍ଦ୍ର ପ୍ରତାପ ସ୍ୱାଇଁ ଉପରୋକ୍ତ ପ୍ରସଙ୍ଗ ଉଠାଇଥିଲେ। ଏହି ଘଟଣାରେ ସ୍ୱାସ୍ଥ୍ୟମନ୍ତ୍ରୀ ଗୃହରେ ବିବୃତି ରଖିବାକୁ ବାଚସ୍ପତି ରୁଲିଂ ପ୍ରଦାନ କରିବାକୁ ସେ ଦାବି କରିଥିଲେ। ଏହାପରେ ବିଜେଡି ବିଧାୟକମାନେ ଗୃହର ମଧ୍ୟଭାଗକୁ ଆସି ପ୍ରବଳ ନାରାବାଜି କରିଥିଲେ। କଂଗ୍ରେସ ସଦସ୍ୟମାନେ ମଧ୍ୟ ନିଜ ନିଜ ଆସନରେ ଛିଡ଼ା ହୋଇ ସ୍ୱାସ୍ଥ୍ୟମନ୍ତ୍ରୀଙ୍କ ବିବୃତି ଦାବି କରିଥିଲେ। ଫଳରେ ବାଚସ୍ପତି ସୁରମା ପାଢ଼ୀଙ୍କୁ ଗୃହକୁ ୨ଟି ପର୍ଯ୍ୟାୟରେ ୨୦ ମିନଟ ମୁଲତବୀ କରିବାକୁ ପଡ଼ିଥିଲା। ଗୃହରେ ସ୍ୱାସ୍ଥ୍ୟମନ୍ତ୍ରୀ ବିବୃତି ରଖିବେ ବୋଲି ବାଚସ୍ପତି ରୁଲିଂ ଦେବା ପରେ ଗୃହକାର୍ଯ୍ୟ ସ୍ୱାଭାବିକ ହୋଇଥିଲା। ଅପରପକ୍ଷେ ଆଜି ମୁଲତବୀ ଆଲୋଚନା ଚାଲିଥିବା ବେଳେ କଂଗ୍ରେସ ବିଧାୟକ ଡ. ସିଏସ୍ ରାଜନ ଏକ୍କା ପଏଣ୍ଟ ଅଫ୍ ଅର୍ଡର ଜରିଆରେ ସମାନ ପ୍ରସଙ୍ଗ ଗୃହରେ ଉଠାଇଥିଲେ।

ରାଜ୍ୟରେ ବାରମ୍ବାର ପରୀକ୍ଷା ବିଭ୍ରାଟ ମେଧାବୀ ଛାତ୍ରଛାତ୍ରୀଙ୍କୁ ହତୋତ୍ସାହିତ କରୁଛି। ସେମାନଙ୍କ ଅଭିଯୋଗ ଅନୁଯାୟୀ, ଦିନରାତି ପରିଶ୍ରମ କରି ପରୀକ୍ଷା ପାଇଁ ପ୍ରସ୍ତୁତି କରୁଥିଲେ ମଧ୍ୟ ସ୍ୱଚ୍ଛତାର ସହ ପରୀକ୍ଷା କରାଇବାରେ ସରକାର ବିଫଳ ହୋଇଛନ୍ତି। ଏହା ପୂର୍ବରୁ ଏକାଧିକ ପରୀକ୍ଷାରେ ପ୍ରଶ୍ନପତ୍ର ଲିକ୍ ଓ ପରୀକ୍ଷା ପରିଚାଳନାରେ ବିଭ୍ରାଟ ପରି ଘଟଣା ପରୀକ୍ଷାର୍ଥୀଙ୍କୁ ବିଚଳିତ କରିଛି। ପୁଲିସ୍ ଏସ୍‌ଆଇ ଚାକିରି ବିକ୍ରି ଘଟଣା ପଦାକୁ ଆସିବା ପରେ ଆଶାୟୀଙ୍କ ମେରୁଦଣ୍ଡ ଦୋହଲି ଯାଇଥିଲା। ଏତେ ବଡ଼ ସ୍ତରରେ କେଳେଙ୍କାରୀ ହେଉଥିବା ଜଣାପଡ଼ିବା ପରେ ସେମାନଙ୍କ ମନୋବଳ ଭାଙ୍ଗି ଯାଇଛି। ଏବେ ଯେକୌଣସି ନିଯୁକ୍ତି ପରୀକ୍ଷାକୁ ନେଇ ସେମାନଙ୍କ ମନରେ ସନ୍ଦେହ ଉପୁଜୁଥିବା ବେଳେ ସରକାର ସକାରାତ୍ମକ ପରିବେଶ ସୃଷ୍ଟି କରିବାରେ ବିଫଳ ହେଉଛନ୍ତି। ଅପରପକ୍ଷେ, ଗୋଟିଏ ପରେ ଗୋଟିଏ ପରୀକ୍ଷା ବିଭ୍ରାଟ ହେଉଥିବାରୁ ସରକାରଙ୍କ ଆନ୍ତରିକତା ନେଇ ମଧ୍ୟ ସେମାନେ ପ୍ରଶ୍ନ ଉଠାଇଛନ୍ତି। ରାଜ୍ୟରେ ସରକାର ବଦଳିବା ପରେ ପରୀକ୍ଷା ବିଭ୍ରାଟ ଉତ୍କଟ ରୂପ କିପରି ନେଇଛି ବୋଲି ପ୍ରଶ୍ନ କରିଛନ୍ତି।

### କମିଲା ସୁଧ...

ସଞ୍ଜୟ ମାଲହୋତ୍ରା ଆଜି ଘୋଷଣା କରିଛନ୍ତି। ରେପୋ ହାରରେ ହ୍ରାସ ପରେ ଋଣ ଶସ୍ତା ହେବା ସହ ଇଏମ୍‌ଆଇ କମିବ। ଫଳରେ ଆଗାମୀ ଦିନରେ ଗୃହ ଏବଂ ଅଟୋ ଋଣ ଶସ୍ତା ହେବ।

ସୂଚନାଯୋଗ୍ୟ ଯେ, ଚଳିତବର୍ଷ ରିଜର୍ଭ ବ୍ୟାଙ୍କ ରେପୋ ହାର ୪ ଥର ହ୍ରାସ ଘଟାଇଛି। ଆର୍‌ବିଆଇ ଫେବୃଆରୀ ପରଠାରୁ ତିନୋଟି କିସ୍ତିରେ ମୋଟ ୧% ରେପୋ ହାର ହ୍ରାସ କରିଛି। ନୀତିଗତ ସୁଧ ହାରରେ ଆହୁରି ହ୍ରାସ ଘଟିବ ବୋଲି ପୂର୍ବରୁ ଆର୍‌ବିଆଇ ଗଭର୍ଣ୍ଣର ସୂଚନା ଦେଇଥିଲେ। ସୁଧ ହାର ହ୍ରାସ ଯୋଗୁ ଆଗାମୀ ଦିନରେ ବଜାରରେ ଗୃହ ଏବଂ ଅଟୋ ଭଳି ଋଣ ୦.୨୫% ଶସ୍ତା ହେବ।

ସୂଚନାଯୋଗ୍ୟ, ଚଳିତ ବର୍ଷ ରେପୋ ହାର ଚାରି ଥରରେ ୧.୨୫% ହ୍ରାସ ପାଇଛି। ଆର୍‌ବିଆଇ ଫେବୃଆରୀ ବୈଠକରେ ସୁଧ ହାର ୬.୫%ରୁ ୬.୨୫%କୁ ହ୍ରାସ କରିଥିବାବେଳେ ଏପ୍ରିଲ ବୈଠକରେ ଦ୍ୱିତୀୟ ଥର ପାଇଁ ସୁଧ ହାର ୦.୨୫% ହ୍ରାସ କରାଯାଇଥିଲା। ଜୁନ୍ ମାସରେ ତୃତୀୟ ଥର ପାଇଁ ସୁଧ ହାର ୦.୫୦% ହ୍ରାସ କରାଯାଇଥିବାବେଳେ, ଏବେ ପୁଣି ଥରେ ଏଥିରେ ୦.୨୫% ହ୍ରାସ କରାଯାଇଛି।

### ଦୁର୍ଘଟଣାରେ ଗଲା...

ପାଇ ଯୋଡ଼ା ପୁଲିସ ପହଞ୍ଚି ଶବଗୁଡ଼ିକୁ ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ଏହି ଘଟଣାରେ ପୁଲିସ ଦୁର୍ଘଟଣା ଘଟାଇଥିବା ଟ୍ରେଲରକୁ ଜବତ କରି ଚାଳକକୁ ଅଟକ ରଖିଛି।

ସେହିପରି ଅନ୍ୟ ଏକ ଘଟଣା ସନ୍ଧ୍ୟା ପ୍ରାୟ ୬ଟା ୪୫ରେ ଘଟିଥିଲା। ଗୁଆଲିଗୁଡା ସାହି ଅଞ୍ଚଳର ଧ୍ରୁବଚରଣ ନାଏକ ନିଜ ଜନ୍ମଦିନ ପାଇଁ କୋଇଡ଼ାରୁ କେକ୍ କିଣି ବାଇକ୍‌ରେ ଫେରୁଥିବା ବେଳେ ରୁଗୁଡ଼ି ଥାନା ଅନ୍ତର୍ଗତ ଗନ୍ଧଲପଦା ନିକଟରେ ଏକ ହାଇୱା ତାଙ୍କୁ ଧକ୍କା ଦେଇଥିଲା। ଘଟଣାସ୍ଥଳରେ ହିଁ ଧ୍ରୁବଙ୍କ ମୃତ୍ୟୁ ହୋଇଯାଇଥିଲା। ଧ୍ରୁବ ରାସ୍ତାର ଭୁଲ ପାର୍ଶ୍ୱରେ ଦ୍ରୁତଗତିରେ ଆସୁଥିବା ବେଳେ ଏହି ଦୁର୍ଘଟଣା ଘଟିଥିବା ରୁଗୁଡ଼ି ଥାନାଧିକାରୀ ସୂଚନା ଦେଇଛନ୍ତି।

### ୨ ବର୍ଷର ଶିଶୁକୁ...

ଲଳିତା ୮ ମାସର ଗର୍ଭବତୀ। ଆଜି ମଧ୍ୟାହ୍ନରେ ସେ ନିଜ ସ୍ୱାମୀ ଓ ଶିଶୁ ସହ ସ୍କୁଟିରେ ବ୍ରହ୍ମପୁର ବଡ଼ ମେଡ଼ିକାଲ ଯାଇଥିଲେ। ସେଠାରେ ସ୍ୱାସ୍ଥ୍ୟ ପରୀକ୍ଷା ପରେ ସନ୍ଧ୍ୟାରେ ଗାଁକୁ ଫେରୁଥିଲେ। ଗଣିଆନାଳ ଛକ ନିକଟସ୍ଥ ମାଁ କୁରେଇଶୁଣି ମନ୍ଦିର ସମ୍ମୁଖରେ ବିପରୀତ ଦିଗରୁ ଆସୁଥିବା ସୁନୀଲଙ୍କ ବାଇକ୍ ସହ ସ୍କୁଟିଟି ଧକ୍କା ହୋଇଥିଲା। ସମସ୍ତେ ରାସ୍ତାର ଉଭୟ ପାର୍ଶ୍ୱରେ ଛିଟିକି ପଡ଼ିଥିଲେ। ସ୍ଥାନୀୟ ଲୋକେ ସମସ୍ତଙ୍କୁ ରକ୍ତ ଜୁଡ଼ୁବୁଡ଼ୁ ଅବସ୍ଥାରେ ଉଦ୍ଧାର କରି ବ୍ରହ୍ମପୁର ବଡ଼ ଡାକ୍ତରଖାନାରେ ଭର୍ତ୍ତି କରାଇଥିଲେ। କିନ୍ତୁ ଡାକ୍ତର ସେଠାରେ ଲଳିତାଙ୍କୁ ମୃତ ଘୋଷଣା କରିଥିଲେ। ସେହିପରି ଗୁରୁତର ସୁନୀଲଙ୍କ ଚିକିତ୍ସା କରାଯାଉଛି। ଖବର ପାଇ ଦିଗପହଣ୍ଡି ପୁଲିସ ମେଡିକାଲରେ ପହଞ୍ଚି ମୃତଦେହଦ୍ୱୟକୁ ଜବତ କରି ତଦନ୍ତ ଚଳାଇବା ସହ ଦୁର୍ଘଟଣାଗ୍ରସ୍ତ ଗାଡ଼ି ଦୁଇଟିକୁ ଜବତ କରିଛି। ଶନିବାର ସକାଳୁ ଶବ ବ୍ୟବଚ୍ଛେଦ କରାଯିବ ବୋଲି ଥାନା ଅଧିକାରୀ ତଥା ଡିଏସ୍‌ପି ପ୍ରଶାନ୍ତ କୁମାର ପାତ୍ର ସୂଚନା ଦେଇଛନ୍ତି।

### ଫେବୃଆରୀ ୧୯ରୁ...

ବୋର୍ଡ ପକ୍ଷରୁ ଛାତ୍ରଛାତ୍ରୀଙ୍କୁ ପରିଷଦର ୱେବ୍‌ସାଇଟ୍‌ରେ ଉପଲବ୍ଧ ଥିବା ଅଫିସିଆଲ୍ ସମୟ ସୂଚୀକୁ ଯତ୍ନର ସହ ଯାଞ୍ଚ କରିବାକୁ ଏବଂ ନିର୍ଦ୍ଧାରିତ ସମୟ ପୂର୍ବରୁ ପରୀକ୍ଷା କେନ୍ଦ୍ରରେ ଉପସ୍ଥିତ ହେବାକୁ ପରାମର୍ଶ ଦିଆଯାଇଛି। ଉଲ୍ଲେଖଯୋଗ୍ୟ, ମାଟ୍ରିକ୍ ପରୀକ୍ଷା ସହ ବିଏସ୍‌ଇ ଓଡ଼ିଶା ପକ୍ଷରୁ ରାଜ୍ୟ ମୁକ୍ତ ବିଦ୍ୟାଳୟ ପ୍ରମାଣପତ୍ର ପରୀକ୍ଷା ୨୦୨୬ ଏବଂ ମାଧ୍ୟମା ସଂସ୍କୃତ ପରୀକ୍ଷା ୨୦୨୬ର ସୂଚୀ ମଧ୍ୟ ପ୍ରକାଶ କରାଯାଇଛି।

### ସରକାରୀ ସହାୟତା...

ବଢ଼ିଥିଲା। ଏହାପରେ ସେ ଆଉ ପଛକୁ ଫେରି ନାହାନ୍ତି। ଦିଲ୍ଲୀରେ ଆୟୋଜିତ 'ବୀର କ୍ଲାସିକ୍ ଚାମ୍ପିଅନସିପ'ରେ ପ୍ରଥମ ସ୍ଥାନ ଅଧିକାର କରିଥିବା ବେଳେ ଗାଜିଆବାଦରେ ଆୟୋଜିତ 'ମିଷ୍ଟର ଇଣ୍ଡିଆ ୱିମେନ୍ ବଡି ବିଲଡିଂ ଚାମ୍ପିଅନ୍‌ସିପ୍'ରେ ମଧ୍ୟ ସେ ପ୍ରଥମ ସ୍ଥାନ ଅଧିକାର କରିଥିଲେ। ସେହିପରି ୨୦୨୫ ମେ' ମାସରେ ବ୍ୟାଙ୍କକ୍‌ରେ ଆୟୋଜିତ 'ଇଣ୍ଟରନ୍ୟାସନାଲ ବଡି ବିଲଡିଂ ଆଣ୍ଡ ଫିଟନେସ୍ ଚାମ୍ପିଅନସିପ୍ ୫୨ କେଜି ୱେଟ୍ କାଟାଗୋରୀରେ ପ୍ରଥମ ସ୍ଥାନ ଅଧିକାର କରି ସ୍ୱର୍ଣ୍ଣ ପଦକ ହାସଲ କରିଥିଲେ। ଏହାସହ ୧୭୨ ସେଣ୍ଟିମିଟର ଫିଟନେସ୍ କାଟାଗୋରୀରେ ମଧ୍ୟ ସେ ପ୍ରଥମ ସ୍ଥାନ ଅଧିକାର କରିଥିଲେ। ତେବେ ସେ ବିକ୍‌ନି, ଫିଟନେସ୍, ବଡି ବିଲଡିଙ୍ଗ କ୍ଷେତ୍ରରେ ନିଜର ଦକ୍ଷତା ପ୍ରତିପାଦିତ କରିଛନ୍ତି। ଏ ୩ଟି ବିଭାଗରେ ସେ ପ୍ରଥମ ସ୍ଥାନ ଅଧିକାର କରିବା ସହ ରାଜ୍ୟ ଓ ଦେଶର ଗୌରବ ବୃଦ୍ଧି କରିଥିଲେ।

କିନ୍ତୁ ଏହି ବିଶ୍ୱ ବିଜେତାଙ୍କ ଲାଗି ଓଡ଼ିଶା ସରକାର ନିଜର ସହାୟତାର ବାଟ ବନ୍ଦ କରିଦେଇଥିଲେ। ଏବେ କ୍ରୀଡ଼ା ନୀତି ଅନୁଯାୟୀ ଏକାଧିକ ଅଣ ଅଲିମ୍ପିଆଡ୍ ପଦକ ବିଜେତାଙ୍କୁ, ଅଂଶଗ୍ରହଣ କରିବାକୁ ସରକାର ହାତ ଖୋଲି ଦେଇଛନ୍ତି। କିନ୍ତୁ ଏକ କଷ୍ଟସାଧ୍ୟ ଖେଳରେ ତାଙ୍କୁ ସହାୟତା, ପ୍ରୋତ୍ସାହନ ରାଶି ଦେବାତ ଦୂରର କଥା ସାମାନ୍ୟ ଅଭିନନ୍ଦନ କିମ୍ବା ଶୁଭେଚ୍ଛା ବାର୍ତ୍ତାଟିଏ ଜଣାଇ ନାହାନ୍ତି ଓଡ଼ିଶା କ୍ରୀଡ଼ା ଓ ଯୁବ ସେବା ବିଭାଗ କିମ୍ବା କିମ୍ବା ମୁଖ୍ୟମନ୍ତ୍ରୀ। ଏବେ ଦେଶ ବିଦେଶରେ ସଫଳତା ପାଉଥିବା ଦଳ କିମ୍ବା କ୍ରୀଡ଼ାବିତ୍‌ଙ୍କୁ ବିଭାଗ, ବିଭାଗୀୟ ମନ୍ତ୍ରୀ ଓ ମୁଖ୍ୟମନ୍ତ୍ରୀ ଶୁଭେଚ୍ଛା ଓ ଅଭିନନ୍ଦନରେ ପୋତି ପକାଉଛନ୍ତି। ଏଭଳି କ୍ଷେତ୍ରରେ ପିଙ୍କିଙ୍କ ପ୍ରତି ମନ୍ତ୍ରୀ ଓ ପ୍ରଶାସକ କାହିଁକି ଚୁପ୍ ରହିଛନ୍ତି ତାହା ସନ୍ଦେହ ସୃଷ୍ଟି କରିଛି। ବିନା ସହାୟତା କିମ୍ବା ପ୍ରୋତ୍ସାହନରେ ବଲି ବିଲ୍ଡିଂ ଭଳି କ୍ରୀଡ଼ାରେ ତିଷ୍ଠି ରହିବା ସମ୍ଭବ ନୁହେଁ। ଏହାର ଅଭାବରେ ପିଙ୍କି ଯେ ଏବେ ଖେଳ ଛାଡ଼ିବାକୁ ଚିନ୍ତା କରିବା ନିଶ୍ଚିତ ଭାବେ ରାଜ୍ୟ ଲାଗି ଖରାପ ପରମ୍ପରା ସୃଷ୍ଟି କରିବ। ଅନ୍ତର୍ଜାତୀୟ ପ୍ରତିଯୋଗିତାରେ ଭାଗ ନେବା ପୂର୍ବରୁ ପିଙ୍କି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କୁ ଭେଟିଥିଲେ। ପିଙ୍କିଙ୍କ ମୁଣ୍ଡରେ ହାତ ରଖି ଆଶୀର୍ବାଦ ଦେବା ସହ ତାଙ୍କ ଲାଗି କିଛି ବ୍ୟବସ୍ଥା କରାଯିବ ବୋଲି ମୁଖ୍ୟମନ୍ତ୍ରୀ କହିଥିଲେ। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଏହି ପ୍ରତିଶ୍ରୁତି ୯ ମାସ ପୂରିବାକୁ ବସିଲାଣି। ପିଙ୍କି କିନ୍ତୁ ସହାୟତା ଓ ପ୍ରୋତ୍ସାହନ ଅଭାବରେ ଖେଳ ଛାଡ଼ିବାକୁ ବସିଲେଣି। ଖୋର୍ଦ୍ଧା ଜିଲ୍ଲାର ଝିଅ ଓ ଡେଲାଙ୍ଗର ବୋହୂ ଏବେ ଡୁମୁଡୁମାର ବାସିନ୍ଦା। ସରକାରୀ ସହାୟତା ବିନା ସେ ତାଙ୍କ ସ୍ୱପ୍ନ ପୂରଣ କରିବାରେ ସମର୍ଥ ହେବେ ନାହିଁ।

## ବେଢ଼ାକୁଦର ଡାକ ଜମାଖାତାରୁ ଟଙ୍କା ଗାଏବ

# ୧୫ ଲକ୍ଷରୁ ଊର୍ଦ୍ଧ୍ୱ ଟଙ୍କା ହେର୍‌ଫେର୍

**ପୋଷ୍ଟମାଷ୍ଟରଙ୍କ ସମ୍ପୃକ୍ତି ଥିବା ନେଇ ସନ୍ଦେହ**

ବାଙ୍ଗିରିପୋଷି, ୫।୧୨(ସମିସ): ବାଙ୍ଗିରିପୋଷି ସବ୍-ପୋଷ୍ଟ ଅଫିସ ଅଧୀନରେ ଥିବା ବେଢ଼ାକୁଦର ଉପ-ଡାକଘରୁ ଜମାକାରୀମାନଙ୍କ ଆକାଉଣ୍ଟରୁ ଟଙ୍କା ଗାଏବ ହେଉଥିବା ଜଣାପଡ଼ିଛି। ଜମାକାରୀମାନେ ବାଙ୍ଗିରିପୋଷି ସବ୍-ପୋଷ୍ଟ ଅଫିସକୁ ଟଙ୍କା ଉଠାଣ ପାଇଁ ଆସି ଆକାଉଣ୍ଟରେ ଟଙ୍କା ନଥିବାର ଜାଣିବାକୁ ପାଇ ନିରାଶ ହେଉଛନ୍ତି। ଯୋଗୀବନ୍ଧ ଗ୍ରାମର ଚିତ୍ତରଞ୍ଜନ ମହାନ୍ତ ଟଙ୍କା ଉଠାଇବାକୁ ଆସି ଖାତାରେ ଟଙ୍କା ନ ଥିବା ଜାଣି ହତାଶ ହୋଇ କାକୁତିମିନତି ହୋଇ ସବ୍ ପୋଷ୍ଟମାଷ୍ଟରଙ୍କୁ ଗୁହାରି କରିଥିଲେ। ଏହାକୁ ନେଇ ସବ୍ ପୋଷ୍ଟମାଷ୍ଟର ରାଇରଙ୍ଗପୁର ପୋଷ୍ଟାଲ ସୁପରିଣ୍ଟେଣ୍ଡେଣ୍ଟଙ୍କୁ ଉକ୍ତ ଘୋଟଲା ସମ୍ପର୍କରେ ଅବଗତ କରିଥିବାର ଜଣାପଡ଼ିଛି। ଏବେ ବି ବହୁ ଗରିବ ଖଟିଖିଆ ଲୋକ ବ୍ୟାଙ୍କ ବଦଳରେ ସରକାରଙ୍କ ସବୁଠାରୁ ଭରସାଯୋଗ୍ୟ ସଂସ୍ଥା ଡାକଘରେ ଟଙ୍କା ଜମା ରଖିଛନ୍ତି। କିନ୍ତୁ ଲୋକଙ୍କ କଷ୍ଟ ଉପାର୍ଜିତ ଟଙ୍କା ତାଙ୍କୁ ଠିକ୍ ସମୟରେ ମିଳୁନାହିଁ କିମ୍ବା ତାଙ୍କ ଜମାଖାତାରେ ଟଙ୍କା ମଧ୍ୟ ରହୁ ନ ଥିବା ଦେଖିବାକୁ ମିଳିଛି। ତେଣୁ ଜମାକାରୀଙ୍କ ଭରସା ତୁଟିବାରେ ଲାଗିଛି। ପ୍ରାୟ ୧୫ଲକ୍ଷରୁ ଊର୍ଦ୍ଧ୍ୱ ଟଙ୍କା ହେର୍‌ଫେର୍ ହୋଇଥିବା ନେଇ ସୂଚନା ମିଳିଛି। ତେବେ ଆଗକୁ ଅଧିକ ଖୋଳତାଡ଼ ହେଲେ ତଳୁ ଉପର ପର୍ଯ୍ୟନ୍ତ କିଏକିଏ ଏଥିରେ ସମ୍ପୃକ୍ତ ଅଛନ୍ତି ଜଣାପଡ଼ିବା ସହ ଆହୁରି ଅନେକ ଦୁର୍ନୀତି ଧରାପଡ଼ିବ ବୋଲି ସାଧାରଣରେ ଆଲୋଚନା ହେଉଛି। ଅନ୍ୟପକ୍ଷେ ବେଢ଼ାକୁଦର ଡାକଘର ଦାୟିତ୍ୱରେ ଥିବା ଅମିତ ମହାନ୍ତଙ୍କୁ ଯୋଗାଯୋଗ କରିବାକୁ ଚେଷ୍ଟା କରିଥିଲେ ହେଁ ସେ ଫୋନ୍ ଉଠାଇ ନ ଥିଲେ।


**AFFIDAVIT**

I,Parbin Nesha W/o Jafar Iqbal Mohammad, residing at Kuranga Pradhan, Po-Raipur, PS-Sadar, Dist-Cuttack, PIN-754001, Odisha, declared that my husband name has been mistakely mentioned as Jafar Iqbal Mohammed in my passport. The correct name is Jafar Iqbal Mohammad. In all future reference, he should be known as Jafar Iqbal Mohammad by this affidavit on dtd.16/06/2025

**ପୂର୍ବ ତଟ ରେଳପଥ**

'ଇ' କ୍ରୟ ପ୍ରଣାଳୀ

ଟେଣ୍ଡର ବିଜ୍ଞପ୍ତି ସଂ. PCMM/EP/2025-26/17, ତା.02.12.2025ରିଖ

କ୍ରମ ସଂ.01 : ଟେଣ୍ଡର ନଂ.02251446, ସାମଗ୍ରୀ ଗୁଡ଼ିକର ସଂକ୍ଷିପ୍ତ ବିବରଣୀ : ସିଲିଣ୍ଡ୍ରିକାଲ ରୋଲର ବିୟରିଂ ସେଟ୍, ପରିମାଣ : T.S. ଅନୁସାରେ।

କ୍ରମ ସଂ.02 : ଟେଣ୍ଡର ନଂ.03251794A, ସାମଗ୍ରୀ ଗୁଡ଼ିକର ସଂକ୍ଷିପ୍ତ ବିବରଣୀ : ଡବଲ ଆକ୍ଟିଙ୍ଗ୍ ହାଇଡ୍ରୋଲିକ୍ ସକ୍(Shock) ଅବଶୋଷକ, ପରିମାଣ : 1000 ଗୋଟି।

କ୍ରମ ସଂ.03 : ଟେଣ୍ଡର ନଂ.09253605A, ସାମଗ୍ରୀ ଗୁଡ଼ିକର ସଂକ୍ଷିପ୍ତ ବିବରଣୀ : 3 ମିଟର ଲମ୍ୱରେ ଏମ୍ ଏସ୍ ଫ୍ଲାଟ୍ ସାଇଜ୍ 40mm x 6mm, ପରିମାଣ : T.S. ଅନୁସାରେ।

କ୍ରମ ସଂ.04 : ଟେଣ୍ଡର ନଂ.03253925B, ସାମଗ୍ରୀ ଗୁଡ଼ିକର ସଂକ୍ଷିପ୍ତ ବିବରଣୀ : ବ୍ରେକ୍ କାଲିପର ୟୁନିଟ୍, ପରିମାଣ : 104 ଗୋଟି।

କ୍ରମ ସଂ.05 : ଟେଣ୍ଡର ନଂ.03251470A, ସାମଗ୍ରୀ ଗୁଡ଼ିକର ସଂକ୍ଷିପ୍ତ ବିବରଣୀ : LHB କୋଚ୍‌ଗୁଡ଼ିକ ନିମନ୍ତେ CBC କପଲର ନୁକଲ (Knuckle), ପରିମାଣ : 233 ଗୋଟି।

କ୍ରମ ସଂ.06 : ଟେଣ୍ଡର ନଂ.04251001A, ସାମଗ୍ରୀ ଗୁଡ଼ିକର ସଂକ୍ଷିପ୍ତ ବିବରଣୀ : ଭାଲ୍ୱ ରେଗୁଲେଟେଡ୍ ଲିଡ୍ ଏସିଡ୍ ବ୍ୟାଟେରୀ, ପରିମାଣ : T.S. ଅନୁସାରେ।

କ୍ରମ ସଂ.07 : ଟେଣ୍ଡର ନଂ.06255429, ସାମଗ୍ରୀ ଗୁଡ଼ିକର ସଂକ୍ଷିପ୍ତ ବିବରଣୀ : 8.5 ରେ 1 ୱେଲ୍ଡଯୁକ୍ତ ସିଏମ୍‌ଏସ୍ କ୍ରସିଙ୍ଗ୍ B.G, ପରିମାଣ: T.S. ଅନୁସାରେ।

କ୍ରମ ସଂ.08 : ଟେଣ୍ଡର ନଂ.02251711, ସାମଗ୍ରୀ ଗୁଡ଼ିକର ସଂକ୍ଷିପ୍ତ ବିବରଣୀ : କଣ୍ଟ୍ରୋଲ ପୋର୍ସନ ER 787776-1994 ନିମନ୍ତେ ଓଭରହାଲିଙ୍ଗ୍ କିଟ୍, ପରିମାଣ : T.S. ଅନୁସାରେ।

କ୍ରମ ସଂ.09 : ଟେଣ୍ଡର ନଂ.04254313A, ସାମଗ୍ରୀ ଗୁଡ଼ିକର ସଂକ୍ଷିପ୍ତ ବିବରଣୀ : ବ୍ରସ୍‌ଲେସ୍ ସେନ୍‌ସର ବିହୀନ DC ରେଲୱେ କ୍ୟାରେଜ୍ ଫ୍ୟାନ୍ସ, ପରିମାଣ : 3906 ଗୋଟି।

ଟେଣ୍ଡର ଖୋଲାଯିବା ତାରିଖ : ତା.15.12.2025ରିଖ (କ୍ରମ ସଂ.1 ଏବଂ 5 ପାଇଁ), ତା.18.12.2025ରିଖ (କ୍ରମ ସଂ.2 ଏବଂ 3 ପାଇଁ), ତା.16.12.2025ରିଖ (କ୍ରମ ସଂ.4 ପାଇଁ), ତା.29.12.2025ରିଖ (କ୍ରମ ସଂ.6 ଏବଂ 7 ପାଇଁ), ତା.17.12.2025ରିଖ (କ୍ରମ ସଂ.8 ପାଇଁ) ଏବଂ ତା.05.01.2026ରିଖ (କ୍ରମ ସଂ.9 ପାଇଁ)।

ସମ୍ପୂର୍ଣ୍ଣ ବିଜ୍ଞପ୍ତି, ଇଏମ୍‌ଡି, କ୍ରୟ ପ୍ରତିବନ୍ଧକ ଏବଂ ସମ୍ପୂର୍ଣ୍ଣ ଟେଣ୍ଡର ସର୍ତ୍ତାବଳୀ ସମ୍ବନ୍ଧରେ ଦୟାକରି ୱେବ୍‌ସାଇଟ୍ www.ireps.gov.in ଏବଂ www.eastcoastrail.indianrailways.gov.in ଅବଲୋକନ କରନ୍ତୁ।

ପ୍ରମୁଖ ମୁଖ୍ୟ ସାମଗ୍ରୀ ପ୍ରବନ୍ଧକ/ ଭୁବନେଶ୍ୱର

PR-873/Q/25-26

**NOTICE**

By virtue of an affidavit sworn before Executive Magistrate, Talcher, dated 07/11/2025. I, MAMI MOHARANA, Address: Vill/PO-Ghantapada,PS-Colliery ,Dist.-Angul,Odisha-759103 declare that I have changed my name from MAMATA MAHARANA to MAMI MOHARANA. Henceforth, I shall be known as **MAMI MOHARANA** for all purposes.

**MAMI MOHARANA**

**WALK-IN-INTERVIEW**

**REJUVENE URO NEPHRO HOSPITAL,** Mangalabag, Cuttack required GDMO (Negotiable Salary),OT Technician, OT Incharge, GNM ICU Incharge (15k TO 20K and above Negotiable) ANM, Receptionist, GJAY Executive, OPD Staff (12K TO 15K) and above Negotiable. Minimum Experience-2Yrs

**1st walk in interview on 7th December 2025**
**2nd walk in interview on 27th December 2025**
**Walk in interview timing-10:30AM TO 2:30PM**

Interview Venue- **REJUVENE URO NEPHRO HOSPITAL**
**Ring Road, Mangalabag, Cuttack-753001, M-8763145837/ 9124948026, Mail ID-rejuveneuronephro@gmail.com**

**NOTICE FOR MINOR**

By virtue of an affidavit sworn before Executive Magistrate, Gop, dated 29/10/2025, I **DEBENDRA SWAIN**, S/o Purnachandra Swain permanent resident of Village-Nuakholamara Gadasahi, Po: Lalitapahandi, Ps - Gop, Dist- Puri, State- Odisha, Pin- 752045 declare that I have changed my minor Son's name from **PRADUMNA SWAIN (Old Name)** to **PRADYUMNA SWAIN (New Name).** Henceforth, he shall be known as **PRADYUMNA SWAIN** for all future purposes.

(Sd- **DEBENDRA SWAIN**)

**VEHICLE FOR SALE**

NEW HOLAND 3230 TRACTOR, Model - 2022, Registration No-OD-04-S-2096, in as is where is condition, Contact: M/S Sundaram Finance Limited, JAJPUR ROAD BRANCH, Ph:94371 02409 within 7 days

**AFFIDAVIT**

I Deepak Jena s/o- Jagannath Jena AT/Po- Chakeisab, Ps-Kamarda, Dist- Balasore, Odisha, declared by affidavit before Executive Magistrate , Bhograi No.4084/9.10. 2025, that I have changed my name Shiba Shankar Jena to Deepak Jena s/o Jagannath Jena and I shall be treated as same and one person. Hence my name as Deepak Jena for all future purpose.

**FOR SALE**

1 Number of Tractor – TAFE MF 246 DYNATRACK, Registration No.- OD-01-AU-9930, Model-2023, ENGINE NO – S3255N74848, CHASSIS NO - MEAAACD5LP2514869, For Details, contact – 94370 55763, 9437966073, SUNDARAM FINANCE LTD., First floor, Choudhury Nivas, SAHADEVKHUNTA, BALASORE,756001, PH. NO-06782-266658

**AFFIDAVIT**

By virtue of an affidavit (CF No. 02, dtd- 05/12/2025) sworn before the Executive Magistrate, Padampur. I, Narayan Benchhor, S/o Rajkumar Benchhor, permanent & current resident of AT/Po Paikmal, PS- Paikmal, Dist- Bargarh, PIN-768039, Odisha declare that I have changed my name from Narayan Benchhor to Narayana Benchhor. Henceforth, I shall be known as Narayana Benchhor (new name) for all purposes.

**NOTICE**

By virtue of an Affidavit sworn before Executive Magistrate, Bhubaneswar. dated 29.11.2025, CF No.01, I, **Trinath Sahoo,** aged about 45 years, S/o: Sankar Sahoo, residing at Totapada, PO: Baku, PS: Gadisagada, Dist: Puri, PIN: 752019, Aadhaar No.45606087 3983 currently residing at above address, declare that I have changed my daughter's name from **Somali Sahoo** (old name) to **Sonali Sahoo** (new name). Henceforth she shall be known as **Sonali Sahoo** for all purposes.

**Sd/- Trinath Sahoo**

**AFFIDAVIT**

By virtue of an affidavit sworn before the Notary Public Jeypore, dated 03.12.2025 I, JASPAL SINGH BHOGAL, S/o-Late Sohan Singh resident of new Street 1st lane, Po./Ps.-Jeypore, Dist.- Koraput, Odisha state that, in the Birth Certificate and Passport of my daughter ISHPREET KAUR my name has been wrongly mentioned as JASPAL SINGH. That **JASPAL SINGH** and **JASPAL SINGH BHOGAL** is one and same person.

Sd/- Jaspal Singh Bhogal

**AFFIDAVIT**

By virtue of an affidavit No.3059, sworn before the Executive Magistrate, Sukinda on dtd-04/12/2025, I **Dharanidhar Mohapatra,** S/o Late Nilamani Mahapatra, resident of At/Po/Ps-Sukinda, Dist- Jajpur, Odisha, Pin- 755018 declared that I have changed my minor son's name from **Surja Prakash Mahapatra** (old name) to **Surya Prakash Mohapatra** (new name). Henceforth he shall be known as **Surya Prakash Mohapatra** for all future purposes.

**Dharanidhar Mohapatra**

**AFFIDAVIT**

By virtue of an affidavit before the Notary Public, Titilagarh, on dated-05/12/2025. I, **Muralidhar Chhura** (applicant name), S/o- Nirakar Chhura, permanent resident of AT- Gunchitara, PO- Tentulikhunti, PS- Titilagarh, Dist-Balangir, (Odisha), PIN- 767037 now residing at the same place declare that I have changed my minor daughter's name from **Premanjal Chhura** (old name) to **Premanjali Chhura** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion she shall be known as **Premanjali Chhura** (new name) for all future purposes.

**Muralidhar Chhura**

**FOR SALE**

1 Number of TRACTOR –ESCORTS PT EURO 45 4WD, Registration No.- OD-17-AC-4681, Model 2024, - ENGINE NO E3761024, CHASIS NO - T053669670FM, For Details, contact – 9437577742, SUNDARAM FINANCE LTD., 1ST Floor, Naik Bhaban, Ward No-18, NH-6, Near -Bhatli Chowk, DIST- BARGARH-768028(Odisha).

**AFFIDAVIT**

By virtue of an affidavit sworn before Executive Magistrate, Bhubaneswar, dated 05/05/2025, I **KARTIK JENA**, S/o Sarbeswar Jena permanent resident of Village- Batol, Po: Gadamotari, Ps - Delanga, Dist- Puri, State-Odisha, Pin- 752015 declare that I have changed my name from **KARTTIK PATTANAYAK (Old Name)** to **KARTIK JENA (New Name).** Henceforth, I shall be known as **KARTIK JENA** for all future purposes.

(Sd- **KARTIK JENA**)

**AFFIDAVIT**

By virtue of an affidavit sworn before The Executive Magistrate, Bhubaneswar, CF.NO- 33, dated 03-06-2025 I, **BIPLAB DASS,** S/o Muralidhar Mallik Permanent resident of At- Jagannathpur, Anantapur, Infront of MK Fly Ash Bricks, Po/Ps- Phulnakhara, Dist-Khordha, State- Odisha, PIN-754001, declare that I have changed my name from **BIPLAB MALLIK** (Old name) to **BIPLAB DASS** (New name), Henceforth, I shall be known as **BIPLAB DASS** for all purposes.

Sd-( **BIPLAB DASS** )

**ADMISSION NOTICE-2025-26**

**Manjari Devi College**

Affiliated to Utkal University, OUHS, PCI, OSBP & DMLT/RTEB

*Campus:*
262, Puranpadhan, Balakati, Bhubaneswar

Mob. 7019799641, 7978608747
9853801459
Email: mdscnbbsr@gmail.com

- **B. Pharm** Rs. 58,000/- P.A. Eligibility: +2 Sc. (PCB/M & OJEE Appeared)
- **D. Pharm** Rs. 48,000/- P.A. Eligibility: +2 Sc. (PCB/M)
- **B.M.L.T.** Rs. 58,000/- P.A. Eligibility: +2 Sc. (PCB/M with 50 % Mark)
- **D.M.L.T.** Rs. 48,000/- P.A. Eligibility: +2 Sc. Pass (PCB/M)
- **M.P.H.** Rs. 42,000/- P.A. Eligibility: Any Graguate

ALL COURSE FEES ARE EXCLUDING HOSTEL

ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗ, ଓଡିଶା ସରକାର
Housing & Urban Development Department, Govt. of Odisha
ଜଟଣୀପୌରପରିଷଦ, ଜଟଣୀ
OFFICE OF THE MUNICIPAL COUNCIL: JATANI
ସ୍ଥାନ- ଜଟଣୀ, ଜିଲ୍ଲା- ଖୋର୍ଦ୍ଧା, ୭୫୨୦୫୦
At/Ps- Jatani, Dist-Khordha (Odisha), Pin-752050
E-mail – municipalityjatni@gmail.com, Phone. No. 0674- 2490826

**ସର୍ବସାଧାରଣ ନିମନ୍ତେ ସୂଚନା**

ଏତଦ୍ ଦ୍ୱାରା ଜଟଣୀ ପୌରାଂଚଳ ସମସ୍ତ ଜନସାଧାରଣ ମାନଙ୍କୁ ଜଣାଇ ଦିଆଯାଉଛି କି,

- ଜଟଣୀ ସହରକୁ ସରଳ ସୁନ୍ଦର କରବା ପାଇଁ ସମସ୍ତ ରାସ୍ତା ଓ ଗଳିକୁ ସଫା ରଖିବା ସହ ପରିବେଶ ପରିଷ୍କାର ରଖନ୍ତୁ।
- ଘରର ସମସ୍ତ ଓଦା ଓ ଶୁଖିଲା ଅଳିଆକୁ ପୃଥକ ଭାବେ ପରିଷଦର ସ୍ୱଚ୍ଛ ବାହନ ଗାଡ଼ିରେ ଦିଅନ୍ତୁ।
- ପ୍ଲାଷ୍ଟିକ ଓ ପଲିଥିନ ବ୍ୟବହାର କରନ୍ତୁନାହିଁ। ଯଦି କରନ୍ତି ତେବେ ପରିଷଦ ଜୋରିମାନା ରାଶି ଆଦାୟ ସହ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବେ।
- ଆପଣ ମାନଙ୍କ ଠାରୁ ସଂଗୃହିତ ହେଉଥିବା ଅଳିଆରୁ ଉତ୍କୃଷ୍ଟ ମାନର ଜୈବିକ ଖତ ପ୍ରସ୍ତୁତ ହେଉଅଛି। ଏହାର ଉପଯୋଗ କରନ୍ତୁ।
- ନୂତନ ଘର ନିର୍ମାଣ କରିବା ପୂର୍ବରୁ ଗୃହର ପ୍ଲାନ୍ ପରିଷଦ ଠାରୁ ମଞ୍ଜୁର କରାଇ ନିଅନ୍ତୁ। ଏବଂ ଗୃହ ସମାପ୍ତ ପରେ ତାହାକୁ ପଞ୍ଜିକରଣ କରାଇନିଅନ୍ତୁ।
- ବ୍ୟବସାୟୀ ମାନେ ନିଜର ବ୍ୟବସାୟ ପ୍ରତିଷ୍ଠାନର ନୂତନ ଟ୍ରେଡ୍ ଲାଇସେନ୍ସ ଓ ନବିକରଣ ନିମନ୍ତେ ସୁଜୋଗ ପୋର୍ଟାଲ ରେ ଅନ୍‌ଲାଇନ ରେ ଆବେଦନ କରାଇନିଅନ୍ତୁ ଓ ବିଭିନ୍ନ ଟିକସ ଯଥା Holding Tax, User Fee, Hoarding Fee ଓ ଅନ୍ୟାନ୍ୟ ଟ୍ୟାକ୍ସ ଠିକ ସମୟରେ ପୈଠ କରନ୍ତୁ।
- ଭୂମି ଅଧିକାର ସାବ୍ୟସ୍ତ ନିମନ୍ତେ ଭୂମିର ସର୍ବେକ୍ଷଣ (ନକ୍ସା) କାର୍ଯ୍ୟକ୍ରମରେ ସାମିଲ ହୁଅନ୍ତୁ।
- ବାଣିଜ୍ୟିକ ପ୍ରତିଷ୍ଠାନର ସୂଚନା ଫଳକ (Display Board) ୬୦ ଭାଗ ଓଡ଼ିଆ ଭାଷାରେ ସେପ୍ଟେମ୍ବର ମାସ ତା ୩୦.୦୯.୨୦୨୫ ରିଖ ସୁଧା ଲେଖନ୍ତୁ। ନଚେତ୍ ପରିଷଦ ସରକାରଙ୍କ ନିର୍ଦ୍ଦେଶ ମୁତାବକ ଲେଖା ନ ସରିବା ପର୍ଯ୍ୟନ୍ତ ପ୍ରତି ଦିନ ୫୦୦ଶହ ଟଙ୍କା ଜୋରିମାନା ରାଶି ଆଦାୟ କରିବେ।
- ପାଇଖାନା ଟାଙ୍କି ସଫା ନିମନ୍ତେ ପରିଷଦର ସେସ୍ ପୁଲ ଗାଡ଼ି ପାଇଁ ଟୋଲ୍ ଫ୍ରି ନଂ ୧୪୪୨୦ରେ ଯୋଗାଯୋଗ କରନ୍ତୁ।
- ରାସ୍ତା ବଡ଼ ଡ୍ରେନ୍ କୁ ଜବର ଦଖଲ କରନ୍ତୁ ନାହିଁ। ଯଦି କରନ୍ତି ତେବେ ପରିଷଦ ଉକ୍ତ ଜବରଦଖଲ କୁ ଉଚ୍ଛେଦ କରିବା ସହ ଆଇନଗତ କାର୍ଯ୍ୟାନୁଷ୍ଠାନ ନେବେ।
- ପରିଷଦ ଇଲାକାରେ ଥିବା ଘୈଇରାତ (ପୋଖରୀ) ଗୁଡ଼ିକୁ ପରିଷ୍କାର ରଖନ୍ତୁ।

ନିଖିଳ ଭାରତୀୟ ସ୍ୱାୟତ ଶାସନ ଦିବସ ୨୦୨୫ ଉପଲକ୍ଷେ ସମସ୍ତ ଜନସାଧାରଣଙ୍କୁ ହାର୍ଦ୍ଦିକ ଅଭିନନ୍ଦନ ଓ ଶୁଭେଚ୍ଛା।

| ଶ୍ରୀମତୀ ଆରତୀ ରାଉତ | ଶ୍ରୀମତୀ ଆକ୍ରିତୀ ଗୋଏଙ୍କା | ଶ୍ରୀଯୁକ୍ତ ଅନନ୍ତ ବେହେରା |
|---|---|---|
| ଉପାଧ୍ୟକ୍ଷା | ନିର୍ବାହୀ ଅଧିକାରୀ | ଅଧ୍ୟକ୍ଷ |
| ଜଟଣୀ ପୌର ପରିଷଦ | ଜଟଣୀ ପୌର ପରିଷଦ | ଜଟଣୀ ପୌର ପରିଷଦ |

**ବିଶ୍ୱ ପ୍ରସିଦ୍ଧ ଧନୁଯାତ୍ରା, ବରଗଡ଼**

ଦରଖାସ୍ତ ଆହ୍ୱାନ

ବିଜ୍ଞପ୍ତି ସଂଖ୍ୟା- ୫୫୯୩, ତା. ୦୪.୧୨.୨୦୨୫

ବରଗଡ ଧନୁଯାତ୍ରା ନିମନ୍ତେ ଜର୍ଜ ହାଇସ୍କୁଲ ପଡିଆ ଓ ବରଗଡ଼ ଆର.ଏମ.ସି. ଅଫିସ ପ୍ରାଙ୍ଗଣ ଠାରେ ମୀନାବଜାର, ଦୋଳି, ଝୁଲା ଏବଂ ଅନ୍ୟାନ୍ୟ ମନୋରଞ୍ଜନ କାର୍ଯ୍ୟକ୍ରମ ଇତ୍ୟାଦି ପାଇଁ ଉପଯୋଗୀ କେବିନ/ ଖାଲି ଜାଗା ଓ ପଡିଆ ଗୁଡିକ ନିର୍ଦ୍ଦିଷ୍ଟ ସର୍ତ୍ତ ମାଧ୍ୟମରେ ଇଚ୍ଛୁକ ବ୍ୟକ୍ତିମାନଙ୍କୁ ସର୍ତ୍ତାବଳୀ ସହ ଯୋଗେଇ ଦିଆଯିବ।

ଉପ-ଜିଲ୍ଲାପାଳ, ବରଗଡଙ୍କ କାର୍ଯ୍ୟାଳୟରେ ଅଫିସ ସମୟ ମଧ୍ୟରେ (ସକାଳ ୧୧ ଘଟିକାରୁ ଅପରାହ୍ନ ୪ ଘଟିକା ସୁଦ୍ଧା) ତା. ୦୫.୧୨.୨୦୨୫ ଠାରୁ ତା.୧୨.୧୨.୨୦୨୫ (ଛୁଟିଦିନ ବ୍ୟତୀତ) ଅସ୍ଥାୟୀ କେବିନ ଦୋକାନ ଓ ଖାଲି ଜାଗା ପାଇଁ ଟ. ୧୦୦.୦୦(ଏକ ଶହ ଟଙ୍କା ମାତ୍ର) ବିନିମୟରେ ଆବଶ୍ୟକୀୟ ଫର୍ମ ଯୋଗେଇ ଦିଆଯିବ। ଇଚ୍ଛୁକ ବ୍ୟକ୍ତି ମାନେ ସଂପୃକ୍ତ ସ୍ଥାନ ମାନଙ୍କର ପ୍ରସ୍ତୁତ ନକ୍ସା, ପ୍ଲାନ ଏବଂ ସର୍ତ୍ତାବଳୀ ଉପ-ଜିଲ୍ଲାପାଳ, ବରଗଡଙ୍କ କାର୍ଯ୍ୟାଳୟର ନୋଟିସ ବୋର୍ଡରେ ଦେଖିପାରିବେ।

ଉପଲବଧ କେବିନ, ଝୁଲା ଏବଂ ଖାଲି ଜାଗା ଲଟେରୀ ମାଧ୍ୟମରେ ଆବଣ୍ଟିତ ହେବ। ଖାଲିଜାଗା ତଥା ଅସ୍ଥାୟୀ କେବିନ ଦୋକାନ ପାଇଁ ଆସନ୍ତା ତା. ୧୨.୧୨.୨୦୨୫ ରିଖ ଅପରାହ୍ନ ୫.00 ଘଟିକା ସମୟରେ ପ୍ରକ୍ରିୟା ଶେଷ ହେବ।

ପ୍ରକାଶ ଥାଉକି, କୌଣସି କାରଣ ନ ଦର୍ଶାଇ ଯେ କୌଣସି ପକ୍ଷଙ୍କ ଆବେଦନକୁ ରଦ୍ଦ କରିବାର କ୍ଷମତା ଅଧିକାରୀଙ୍କର ରହିଅଛି। ସବିଶେଷ ବିବରଣୀ ଜିଲ୍ଲା Website-http://bargarh.odisha.gov.in ରେ ମଧ୍ୟ ଉପଲବ୍ଧ ହେବ।

ଉପ-ଜିଲ୍ଲାପାଳ ତଥା ଆବାହକ
ଜମି-ଆବଣ୍ଟନ କମିଟି,
ଧନୁଯାତ୍ରା ମହୋତ୍ସବ ସମିତି, ବରଗଡ଼

## ଚିନ୍ତା ବଢ଼ାଇଲେଣି ମାଲବାହୀ ହାଇୱା

# ଖୁଣ୍ଟୁଣୀ-ନରସିଂହପୁର ରାଜ୍ୟ ରାଜପଥରେ ଜନଜୀବନ ଅସ୍ତବ୍ୟସ୍ତ

ତିଗିରିଆ,୫।୧୨(ସମିସ)

ଖୁଣ୍ଟୁଣୀ-ନରସିଂହପୁରକୁ ସଂଯୋଗ କରୁଥିବା ୬୫ ନମ୍ବର ରାଜ୍ୟ ରାଜପଥ ଏବେ ମରଣଯନ୍ତା ପାଲଟିଯାଇଛି। ମହାନଦୀରୁ ବାଲି ଏବଂ ତିଗିରିଆ ଅଞ୍ଚଳର ଭେଜିଆ, ବାଲିପୁଟ ଆଦି ସ୍ଥାନରେ ଥିବା ବେଆଇନ ପଥର ଖଣିରୁ ଚିପ୍ସ, ମେଣ୍ଟାଲ୍ ଆଦି ଖଣିଜ ଦ୍ରବ୍ୟ ପରିବହନ କରୁଥିବା ଶହ ଶହ ହାଇୱା ଗାଡ଼ିର ଅବାଧ ଚଳାଚଳ ଯୋଗୁଁ ଜନସାଧାରଣ ଅତିଷ୍ଠ ହେଲେଣି। ହାଟବଜାରର ବ୍ୟବସାୟୀମାନେ ରାସ୍ତାକୁ ଜବରଦଖଲ କରିଥିବା ବେଳେ ହାଇୱା ଚାଳକମାନେ ପ୍ରଶାସନକୁ ହାତବାରିସି କରି କେତେକ ସ୍ଥାନରେ ବାହୁବଳ ପ୍ରଦର୍ଶନ କରି ରାଜରାସ୍ତାକୁ କବ୍ଜା କରିନେଇଛନ୍ତି। ଆଠଗଡ଼-ତିଗିରିଆ ପ୍ରଶାସନ ଏସବୁ ଦେଖି ଚୁପ୍ ରହିଥିବାରୁ ଜନସାଧାରଣରେ ତୀବ୍ର ଅସନ୍ତୋଷ ସୃଷ୍ଟି ହୋଇଛି। ଏପରିକି ଏଭଳି ସଙ୍ଗୀନ ଘଟଣାକୁ ବିରୋଧ କରିବାରେ ପ୍ରଶାସନର କ୍ଷମତା ନାହିଁ ବୋଲି ଆଲୋଚନା ଆରମ୍ଭ ହେଲାଣି। ଏହାର ସୁଯୋଗ ନେଇ ତିଗିରିଆ ବ୍ଲକର ନୂଆପାଟଣାଠାରୁ ନୂଆସଡ଼କ ପର୍ଯ୍ୟନ୍ତ ପ୍ରାୟ ୭ କିଲୋମିଟର ରାସ୍ତାରେ ଯାତାୟାତ କରିବା ଏକ ଅସମ୍ଭବ ଘଟଣାରେ ପରିଣତ ହେଲାଣି। ତିଗିରିଆ ତହସିଲ ଅଧୀନ ଭେଜିଆ, ବାଲିପୁଟ ଆଦି ଅଞ୍ଚଳରେ ଥିବା ପାହାଡ଼



ପର୍ବତଗୁଡ଼ିକ ଦୀର୍ଘ ବର୍ଷ ଧରି ଅସାଧୁ ପଥର ବ୍ୟବସାୟୀଙ୍କ କବ୍ଜାରେ ରହିଛି। ତଥାକଥିତ ଏହି ବ୍ୟବସାୟୀମାନେ ଦିନରାତି ଡିଟୋନେଟର ସହାୟତାରେ ପଥର ଭାଙ୍ଗି କ୍ରସର ଦ୍ୱାରା ଗୁଣ୍ଡ କରି ରାଜ୍ୟ ତଥା ରାଜ୍ୟ ବାହାରକୁ ରପ୍ତାନି କରୁଛନ୍ତି। ଦୈନିକ ୬ ଶହରୁ ଊର୍ଦ୍ଧ୍ୱ ଟ୍ରିପ୍ କଳାମୁଗୁନି ପଥର ଓ ଚିପ୍ସ ଏହି ରାସ୍ତା ଦେଇ ରପ୍ତାନୀ କରାଯାଉଥିଲେ ମଧ୍ୟ ପ୍ରଶାସନ ଏ ସବୁକୁ ଦେଖି ନ ଦେଖିଲା ପରି ଆଚରଣ କରୁଛି। ରାଜ୍ୟ ସରକାରଙ୍କ ଖଣି ବିଭାଗ ପକ୍ଷରୁ ସ୍ଥାନୀୟ ରାଜସ୍ୱ ବିଭାଗ ଅଧିକାରୀଙ୍କ ଠାରୁ ଖଣି ଖାଦାନର

- ଦୈନିକ ୬୦୦ରୁ ଊର୍ଦ୍ଧ୍ୱ ହାଇୱା ଚଳାଚଳ
- ରାସ୍ତାରେ ଗୋଡ଼ିବାଲି ଓ ଧୂଳିଧୂଆଁର ଆସ୍ତରଣ
- ପ୍ରଶାସନ ଉପରେ ଜନଅସନ୍ତୋଷ

ଦାୟିତ୍ୱ ନିଆଯିବା ପରେ ଅସାଧୁ ବ୍ୟବସାୟୀମାନେ ଏବେ ଖୁଲମ୍‌ଖୁଲ୍ଲା ବ୍ୟବସାୟକୁ ଆପଣାଇ ନେଇଥିବାର ଅଭିଯୋଗ ହୋଇଛି। ଭେଜିଆ ଖଣି ଅଞ୍ଚଳରେ ଥିବା ୩୦ରୁ ଊର୍ଦ୍ଧ୍ୱ ବେନାମୀ ଖଣିରୁ ବାହାରୁଥିବା ପଥର ଚିପ୍ସକୁ ହାଇୱା ଦ୍ୱାରା ଓଭରଲୋଡିଂ କରାଯାଉଥିବାରୁ ଏହି ରାସ୍ତା ଦେଇ ସାଧାରଣ ଜୀବନ ଯାତ୍ରା ବାଧାପ୍ରାପ୍ତ ହେଉଛି। ପ୍ରତି ୫ ମିନିଟରେ ହାଇୱା ଗୁଡ଼ିକ ଚଳାଚଳ କରୁଥିବାରୁ ଦୈନନ୍ଦିନ ଶହ ଶହ ଟ୍ରକ୍, ବସ୍, କ୍ୟାଣ୍ଟର୍ ଓ ୪ ଚକିଆ ଯାନବାହନ ସହ ଏତେ ସଂଖ୍ୟକ ହାଇୱା ଟ୍ରକ୍‌ର ଭାର ସମ୍ଭାଳିବାରେ ୬୫ ନମ୍ବର ରାଜ୍ୟ ପଥ ସମ୍ପ୍ରତି ଅସମର୍ଥ ହୋଇଛି। ଖଣି ମାଫିଆଙ୍କ ଦୌରାମ୍ୟ ଯୋଗୁଁ ଖଣି ଅଞ୍ଚଳରେ ଚାଷଜମି ଥିବା ଚାଷୀମାନେ କ୍ଷେତକୁ ଯାଇ ନ ପାରି ସ୍ୱଳ୍ପ ମୂଲ୍ୟରେ ଲିଜ୍ ଆକାରରେ ଜମି ପ୍ରଦାନ କରିବାକୁ ବାଧ୍ୟ ହେଉଛନ୍ତି। ଏହି ଅଞ୍ଚଳରେ ବସବାସ କରୁଥିବା ଜନସାଧାରଣ ଖଣିରୁ ନିର୍ଗତ ଧୂଳି, ଧୂଆଁକୁ ନେଇ ବିଦ୍ରୋହ ମୁଣ୍ଡ ଟେକିବା ଆରମ୍ଭ କରିଛନ୍ତି। ନିୟମିତ ମାଲମାଲ ହାଇୱା ଯାତାୟାତ ଫଳରେ କୂଅ, ପୋଖରୀ, ତୁଆ ଆଦିର ଜଳ ଦୂଷିତ ହେବା ସହ ରାସ୍ତାଘାଟ ବିପର୍ଯ୍ୟସ୍ତ ହେବାକୁ ବସିଲାଣି। ବିଦ୍ୟାଳୟ ପାଖାପାଖି ଥିବା ଜନବସତିର ଅଭିଭାବକମାନେ ହାଇୱା ଚଳାଚଳ ଡରରେ ପିଲାମାନଙ୍କୁ ବିଦ୍ୟାଳୟକୁ ଛାଡୁନାହାନ୍ତି। ପ୍ରଶାସନ ପକ୍ଷରୁ ମଝିରେ ମଝିରେ କିଛି ହାତଗଣତି ହାଇୱା ଗାଡ଼ିକୁ ଜବତ କରି ଜରିମାନା ଆଦାୟ କରାଯାଇ ଦାୟିତ୍ୱ ସମ୍ପାଦନ କରାଯାଉଥିବାର ଦେଖିବାକୁ ମିଳୁଛି। ବାରମ୍ବାର ଦାବି ଓ ଅଭିଯୋଗ ସତ୍ତ୍ୱେ ବିଭାଗୀୟ ଅଧିକାରୀଙ୍କ ନିରବତାକୁ ଦେଖି ସ୍ଥାନୀୟ ଜନସାଧାରଣ ଏପରିକି ମହିଳାମାନେ ରାସ୍ତା ଅବରୋଧ ପରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ଆରମ୍ଭ କରିଛନ୍ତି। ବିଭାଗୀୟ ଉଚ୍ଚ କର୍ତ୍ତୃପକ୍ଷ ଏନେଇ ବିହିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସାଧାରଣରେ ଦାବି ହେଉଛି।

## ପୋଷ୍ୟ ସନ୍ତାନ ଗ୍ରହଣ ସମ୍ପର୍କିତ ସଚେତନତା ଶିବିର



ଚୌଦ୍ୱାର,୫।୧୨(ସମିସ): ସର୍ବଭାରତୀୟ ସେବା ଅନୁଷ୍ଠାନ ହିନ୍ଦ୍ ସେବକ ସଂଘର ଚୌଦ୍ୱାର କେନ୍ଦ୍ର ପକ୍ଷରୁ ଟାଙ୍ଗୀ-ଚୌଦ୍ୱାର ବ୍ଲକ୍ ଶଙ୍କରପୁରଠାରେ ପୋଷ୍ୟ ସନ୍ତାନ ଗ୍ରହଣ ଶୀର୍ଷକ ଏକ ସଚେତନତା ଶିବିର ଅନୁଷ୍ଠିତ ହୋଇଯାଇଛି। ପୂର୍ବତନ ବିଧାୟକ ଧର୍ମାନନ୍ଦ ବେହେରାଙ୍କ ସଭାପତିତ୍ୱରେ ଶଙ୍କରପୁରସ୍ଥିତ ବିଜୁ ପଟ୍ଟନାୟକ କ୍ଲବ୍ ହାଉସ୍‌ରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ କଟକ ଶିଶୁ କଲ୍ୟାଣ ସମିତି ଅଧ୍ୟକ୍ଷ ପ୍ରମୋଦ କିଶୋର ଆଚାର୍ଯ୍ୟ ଓ ଶିଶୁ ସୁରକ୍ଷା ଅଧିକାରୀ ପ୍ରଗତି ମହାନ୍ତି ଅତିଥିଭାବେ ଯୋଗଦେଇ ସମାଜରେ ପରିତ୍ୟକ୍ତ ଓ ଅବହେଳିତ ଶିଶୁମାନଙ୍କର ସୁରକ୍ଷା ସମସ୍ତ ନାଗରିକଙ୍କ ଦାୟିତ୍ୱ ବୋଲି ପ୍ରକାଶ କରି ଏଥିପାଇଁ ସମସ୍ତେ ନିଷ୍ଠାର ସହ କାର୍ଯ୍ୟକରି ଅବହେଳିତ ଓ ପରିତ୍ୟକ୍ତ ଶିଶୁଙ୍କ ସୁରକ୍ଷା ନିଶ୍ଚିତ କରିବା ପାଇଁ ଅନୁରୋଧ କରିଥିଲେ। ଶିଶୁ ସଦନର ମୁଖ୍ୟ ତଥା ହିନ୍ଦ୍ ସେବକ ସଂଘର ରାଷ୍ଟ୍ରୀୟ ଅଧ୍ୟକ୍ଷ ଦାମୋଦର ସାହୁ ଉଦ୍‌ବୋଧନ ଦେଇଥିଲେ। ମଙ୍ଗରାଜପୁର ସରପଞ୍ଚ ଦେବେନ୍ଦ୍ର ପାଣ୍ଡବ ଓ ଶଙ୍କରପୁର ସରପଞ୍ଚ କଲ୍ୟାଣୀ ରାଉତ ଏଥିରେ ଅତିଥି ଭାବେ ଯୋଗଦେଇଥିଲେ। ପୋଷ୍ୟ ସନ୍ତାନ ସଂସ୍ଥାନ ପରିଚାଳକ ଅମୀୟ କୁମାର ସ୍ୱାଇଁ ପ୍ରାରମ୍ଭିକ ସୂଚନା ପ୍ରଦାନ କରିଥିଲେ। ସଂଗଠନର ଆଜୀବନ ସଦସ୍ୟ ଗଙ୍ଗାଧର ସାହୁ ଧନ୍ୟବାଦ ଦେଇଥିଲେ।

## ପୂର୍ବତନ ବିଧାୟକ ବିରଜା ପ୍ରସାଦ ରାୟଙ୍କ ସ୍ମୃତିସଭା



ଭଦ୍ରେଶ୍ୱର,୫।୧୨(ସମିସ): ମାହାଙ୍ଗା ବ୍ଲକ ଗୌଡ଼ପଡ଼ା ସର୍ବୋଦୟ ସେବା ସମିତି ଆନୁକୂଲ୍ୟରେ ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀ ତଥା ମାହାଙ୍ଗାର ପ୍ରାକ୍ତନ ବିଧାୟକ ସ୍ୱର୍ଗତ ବିରଜା ପ୍ରସାଦ ରାୟଙ୍କ ବିଂଶତମ ସ୍ମୃତିଚାରଣ ସଭା ଅନୁଷ୍ଠିତ ହୋଇଯାଇଛି। ଏହାକୁ ପ୍ରାକ୍ତନ ମନ୍ତ୍ରୀ ପଞ୍ଚାନନ କାନୁନଗୋ ଉଦଘାଟନ କରିଥିଲେ। ଏଥିରେ ସମିତିର ସଭାପତି ପ୍ରଫେସର କାର୍ତ୍ତିକଚନ୍ଦ୍ର ବରାଳ ଅଧ୍ୟକ୍ଷତା କରିଥିଲେ। ମୁଖ୍ୟ ଅତିଥିଭାବେ ମାହାଙ୍ଗା ସ୍ୱାଧୀନ ବିଧାୟକ ସାରଦା ପ୍ରଧାନ, ମୁଖ୍ୟବକ୍ତାଭାବେ ବିଶିଷ୍ଟ ସାହିତ୍ୟିକା ଅର୍ପର୍ଣ୍ଣା ନାୟକ, ସମ୍ମାନିତ ଅତିଥିଭାବେ ସମିତିର ଉପସଭାପତି ରଜନୀକାନ୍ତ ପରିଡା ପ୍ରମୁଖ ସ୍ୱର୍ଗତ ରାୟଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିବା ସହ ତାଙ୍କର ବହୁମୁଖୀ ପ୍ରତିଭା ସମ୍ପର୍କରେ ଆଲୋକପାତ କରିଥିଲେ। ପ୍ରାରମ୍ଭରେ ସୁକାନ୍ତ ନନ୍ଦ ଅତିଥି ପରିଚୟ ଓ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। ଏହି ଅବସରରେ ବିଶିଷ୍ଟ ସମାଜସେବୀ ଉତ୍ତମ ଚରଣ ଜେନାଙ୍କୁ ସମାଜସେବା ପାଇଁ ବିରାଜା ପ୍ରସାଦ ରାୟ ସମ୍ମାନରେ ସମ୍ମାନିତ କରାଯାଇଥିଲା। ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ମୁଖ୍ୟଅତିଥି ସମ୍ବର୍ଦ୍ଧିତ କରିଥିଲେ। ସମିତିର ସମ୍ପାଦକ ଅନ୍ତର୍ଯ୍ୟାମୀ ସାହୁ ଧନ୍ୟବାଦ ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ପୂର୍ବତନ ସମିତିସଭ୍ୟ ପୂର୍ଣ୍ଣଚନ୍ଦ୍ର ମହାପାତ୍ର, ପ୍ରାକ୍ତନ ସରପଞ୍ଚ ଅଜୟ ନାୟକ, ସମାଜସେବୀ ଦୋଳଗୋବିନ୍ଦ ସାହୁ, ପ୍ରାକ୍ତନ ଜିଲ୍ଲାପରିଷଦ ସଭ୍ୟ ସୁରେଶ ଜେନା, ଆମ୍ବ ଅଧ୍ୟକ୍ଷ କିଶୋର ରାଉତ, ଧିରେନ ଦାସ, ପ୍ରିୟବ୍ରତ ସାହୁ ପ୍ରମୁଖ ଯୋଗଦାନ କରିଥିଲେ।

## ସାଂସ୍କୃତିକ କର୍ମୀ ସଙ୍ଘ ପକ୍ଷରୁ ବିଡିଓଙ୍କୁ ଦାବିପତ୍ର

ତିଗିରିଆ,୫।୧୨(ସମିସ): ଏସକେପି ବିଶ୍ୱ ଧାର୍ମିକ ଓ ସାଂସ୍କୃତିକ କର୍ମୀ ସଂଘର



ନିର୍ଦ୍ଦେଶିକା ମମତାମୟୀ ମିଶ୍ରଙ୍କ ନିର୍ଦ୍ଦେଶ, ସଂଘର ଜିଲ୍ଲା ସଭାପତି ଦୁଃଶାସନ ସ୍ୱାଇଁଙ୍କ ଅଧ୍ୟକ୍ଷତା ତଥା ବ୍ଲକ ସଭାପତି ସନ୍ତୋଷ ସିଂ ସାମନ୍ତଙ୍କ ନେତୃତ୍ୱରେ ଅନ୍ୟ କର୍ମକର୍ତ୍ତାଙ୍କ ଉପସ୍ଥିତିରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଉଦ୍ଦେଶ୍ୟରେ ଏକ ୧୦ ଦଫା ଦାବିପତ୍ର ବିଡ଼ିଓ ମନସ୍ୱିନୀ ଦାସଙ୍କୁ ପ୍ରଦାନ କରାଯାଇଛି। ରାଜ୍ୟର ବିଭିନ୍ନ ମନ୍ଦିର ସେବକ, ସଂକୀର୍ତ୍ତନ ଓ ଭାଗବତ ମଣ୍ଡଳୀ କର୍ମୀ, ନାଟ୍ୟ କଳାକାର ଆଦି ଧାର୍ମିକ ଓ ସାଂସ୍କୃତିକ କର୍ମୀଙ୍କ ସୁବିଧା ସୁଯୋଗ ନିମନ୍ତେ ବିଭିନ୍ନ କଲ୍ୟାଣକାରୀ ଯୋଜନା କାର୍ଯ୍ୟକାରୀ କରିବା ପାଇଁ ଦାବି କରିଛନ୍ତି। ସଙ୍ଘର କର୍ମକର୍ତ୍ତାମାନେ ପାଞ୍ଚଗାଁ ସ୍ଥିତ ଶିବ ମନ୍ଦିର ନିକଟରେ ଏକତ୍ରିତ ହୋଇ ସେଠାରୁ ଏକ ଶୋଭାଯାତ୍ରାରେ ବ୍ଲକ କାର୍ଯ୍ୟାଳୟକୁ ଯାଇ ସେଠାରେ ବିଡ଼ିଓଙ୍କୁ ଏହି ଦାବିପତ୍ର ପ୍ରଦାନ କରିଛନ୍ତି। କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ସବିତା ପ୍ରଧାନ, ଲକ୍ଷ୍ମୀଧର ଦାଶ ଓ ସଙ୍ଘ ପ୍ରତିଷ୍ଠାତା ସଦସ୍ୟ ସୁକାନ୍ତ କୁମାର ପଣ୍ଡା ପ୍ରମୁଖ ଉପସ୍ଥିତ ଥିଲେ।

## ଗ୍ରାମ ମୁରବୀଙ୍କ ସ୍ମୃତିଚାରଣ ସଭା




କଟକ,୫।୧୨(ସମିସ): ଯଜ୍ଞରୁ ଜାଗର ଏବଂ ଦୋଳରୁ ଦେଉଳ ପର୍ଯ୍ୟନ୍ତ ଗାଁର ସବୁ କାର୍ଯ୍ୟରେ ଅଗ୍ରଗାମୀ ଭୂମିକା ଗ୍ରହଣ କରୁଥିବା ସିଏମସି ୫୬ ନମ୍ବର ୱାର୍ଡ ଅନ୍ତର୍ଗତ ସୁଭଦ୍ରାପୁର ଗ୍ରାମର ମୁରବୀ ସ୍ୱର୍ଗତ ସୁଶାନ୍ତ କୁମାର ବିଶ୍ୱାଳଙ୍କ ଏକାଦଶାହ ଅବସରରେ ସାରା ଆକାଶ କ୍ଲବ ଆନୁକୂଲ୍ୟରେ ଏକ ସ୍ମୃତିଚାରଣ ସଭା ଗ୍ରାମର ସ୍ୱପ୍ନେଶ୍ୱର ମନ୍ଦିର ପ୍ରାଙ୍ଗଣରେ ଅନୁଷ୍ଠିତ ହୋଇଯାଇଛି। କ୍ଲବର ଉପଦେଷ୍ଟା ତଥା ପୂର୍ବତନ କର୍ପୋରେଟର ସଞ୍ଜୟ କୁମାର ବିଶ୍ୱାଳଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଏହି ସଭାରେ ଅଗ୍ରଣୀ ଆଧ୍ୟାତ୍ମିକ ପତ୍ରିକା 'ଦିବ୍ୟାଲୋକ ସନ୍ଧାନେ'ର ସମ୍ପାଦକ ତଥା ପ୍ରବକ୍ତା ଶ୍ରୀ ସନ୍ନ୍ୟାସୀଜୀ ମୁଖ୍ୟଅତିଥି, ରାଜ୍ୟ ମହିଳା କମିଶନ ସଦସ୍ୟା ପ୍ରତିଭା ଶତପଥୀ ମୁଖ୍ୟବକ୍ତା ଏବଂ ସମ୍ମାନିତ ଅତିଥିଭାବେ ୪୮ ସଙ୍କୀର୍ତ୍ତନ ମଣ୍ଡଳୀ ମହନ୍ତ ବନମାଳୀ ଦାସ, ରାଜ୍ୟ ବିଜେଡି ସାଧାରଣ ସମ୍ପାଦିକା ରାଜକୁମାରୀ ସ୍ୱାଇଁ, କିର୍ତ୍ତୀ ଚନ୍ଦ୍ର ବିଶୋଇ, ବାମନ ନାୟକ, ପୂର୍ବତନ ସରପଞ୍ଚ ଶରତ ଚନ୍ଦ୍ର ପରିଜା, ବଂଶିଧର ବେହେରା, କଟକ ସଦର ଥାନାଞ୍ଚଳ ଆଞ୍ଚଳିକ ଶାନ୍ତି କମିଟି କୋଷାଧ୍ୟକ୍ଷ ସୁଶାନ୍ତ ମହାନ୍ତି, ଆଇନଜୀବୀ ନଳୀନ ସେନାପତି, ଚିନ୍ତାମଣି ଦାସ, ସୋମନାଥ ବିଶୋଇ ଆଦି ଯୋଗଦେଇ ଆତ୍ମାର ସଦଗତି କାମନା କରିଥିଲେ। ଏହି ଅବସରରେ ସାରା ଆକାଶ କ୍ଲବ ତରଫରୁ ବଡ଼ପୁଅ ମନୋରଞ୍ଜନ ବିଶ୍ୱାଳଙ୍କୁ ମରୋଣତ୍ତର ସମ୍ମାନପ୍ରଦାନ କରାଯାଇଥିଲା। ପ୍ରାରମ୍ଭରେ ଆତ୍ମାର ସଦଗତି ନିମନ୍ତେ ଦୁଇ ମିନିଟ ନୀରବ ପ୍ରାର୍ଥନା କରାଯାଇଥିଲା। ସଞ୍ଜୟ ବରାଳ ଧନ୍ୟବାଦ ଅର୍ପଣ କରିଥିଲେ। ସାନପୁଅ ବିଶ୍ୱରଞ୍ଜନ ବିଶ୍ୱାଳ, ଚିତ୍ତରଞ୍ଜନ ବିଶ୍ୱାଳ, କ୍ଲବ ସଭାପତି ଗଜାନନ ବିଶ୍ୱାଳ, ସମ୍ପାଦକ ବିଶ୍ୱଜିତ ଦାସ ଏବଂ ସାରା ଆକାଶ କ୍ଲବର ସମସ୍ତ ସଦସ୍ୟ ପରିଚାଳନା କରିଥିଲେ।

## ଦୁର୍ଘଟଣାରେ ୨ ଗୁରୁତର

ବଡ଼ମ୍ବା,୫।୧୨(ସମିସ): ଖୁଣ୍ଟୁଣୀ-ନରସିଂହପୁର ୬୫ ନମ୍ବର ରାଜ୍ୟ ରାଜପଥର ବଡ଼ମ୍ବା ଥାନା ଅଧୀନ ଡମଣଗାଡ଼ିଆ ଛକ ରାସ୍ତା ଉପରେ ଶୁକ୍ରବାର ସନ୍ଧ୍ୟାରେ ଗୋଟିଏ ବାଇକ ଧକ୍କାରେ ଦୁଇ ଜଣ ବ୍ୟକ୍ତି ଗୁରୁତର ହୋଇଛନ୍ତି। ଗୁରୁତର ଅବସ୍ଥାରେ ମୁଖ୍ୟରାସ୍ତା ଉପରେ ପଡ଼ିଥିବା ସମୟରେ ବଡ଼ମ୍ବା ପଞ୍ଚାୟତସମିତିର ଅଧ୍ୟକ୍ଷ ରଘୁପତି ମହାନ୍ତି ଘଟଣାସ୍ଥଳରେ ପହଞ୍ଚି ଦୁଇ ଜଣଙ୍କୁ ଉଦ୍ଧାର କରିବା ପରେ ଆମ୍ବୁଲାନ୍ସ ଯୋଗେ ବଡ଼ମ୍ବା ଡାକ୍ତରଖାନାକୁ ଚିକିତ୍ସା ପାଇଁ ପଠାଇଛନ୍ତି। ଦୁଇ ଗୁରୁତର ବ୍ୟକ୍ତି ନରସିଂହପୁର ଅଞ୍ଚଳ ନୂଆପାଟଣା ଗ୍ରାମର ବୋଲି ସୂଚନା ମିଳିଛି।

## ଧର୍ମପରାୟଣ ବ୍ୟକ୍ତିଙ୍କ ପରଲୋକ

ବାଙ୍କୀ,୫।୧୨(ସମିସ): ବାଙ୍କୀ ବ୍ଲକ ଅନ୍ତର୍ଗତ ମାଳବିହାରପୁର ଗ୍ରାମର ଧର୍ମପରାୟଣ ବ୍ୟକ୍ତି ଅରକ୍ଷୀତ ସାହୁଙ୍କ ଶୁକ୍ରବାର ପରଲୋକ ହୋଇଯାଇଛି। ମୃତ୍ୟୁବେଳକୁ ତାଙ୍କୁ ୭୭ ବର୍ଷ ବୟସ ହୋଇଥିଲା। ସେ



ଦୀର୍ଘଦିନ ଧରି ବାର୍ଦ୍ଧକ୍ୟଜନିତ ରୋଗରେ ପୀଡ଼ିତ ଥିଲେ। ତାଙ୍କ ପରଲୋକଗତ ଖବର ପ୍ରଚାରିତ ହେବା କ୍ଷଣି ସ୍ଥାନୀୟ ଅଞ୍ଚଳରେ ଶୋକର ଛାୟା ଖେଳିଯାଇଥିଲା। ଅନ୍ତିମ ଶଯ୍ୟା ନିକଟରେ ଆତ୍ମୀୟସ୍ୱଜନ ଉପସ୍ଥିତ ଥିଲେ। ଗ୍ରାମ୍ୟ ଶ୍ମଶାନରେ ଶେଷକୃତ୍ୟ ସମ୍ପନ୍ନ ହୋଇଥିଲା। ପୁତ୍ର ରମାକାନ୍ତ ମୁଖାଗ୍ନି ଦେଇଥିଲେ।

## ସ୍ୱାଧୀନ ବିଧାୟକଙ୍କୁ ବିଜେଡିର ଦୃଢ଼ ଜବାବ

ନିଶ୍ଚିନ୍ତକୋଇଲି,୫।୧୨(ସମିସ): ମାହାଙ୍ଗା ବିଧାୟକ ଶାରଦା ପ୍ରଧାନ ପୂର୍ବତନ ବିଧାୟକ ତଥା ପ୍ରାକ୍ତନ ମନ୍ତ୍ରୀ ପ୍ରତାପ ଜେନାଙ୍କ ବିରୋଧରେ ନିଜ ବକ୍ତବ୍ୟରେ କରିଥିବା କଟୁ ସମାଲୋଚନାକୁ ନେଇ ନିଶ୍ଚିନ୍ତକୋଇଲି ବ୍ଲକ ବିଜୁ ଜନତା ଦଳ ପକ୍ଷରୁ ତାର ଦୃଢ ଜବାବ ଦିଆଯାଇଛି। ବିଜେଡି ବ୍ଲକ ସଭାପତି ଜ୍ୟୋତିପ୍ରକାଶ ସ୍ୱାଇଁ ଓରତି ପଞ୍ଚାୟତ କୁଟିଲୋଠାରେ ଏକ ପ୍ରେସ୍ ମିଟ୍ ଜରିଆରେ ବିଧାୟକ ଶାରଦାଙ୍କୁ ଖୋଲା ଚ୍ୟାଲେଞ୍ଜ ଦେଇଛନ୍ତି। ଗତ ବୁଧବାର ତରତ ପଞ୍ଚାୟତ ହନୁମାନ ଗଡାଠାରେ ଏକ ସାଧାରଣ ସଭାରେ ବିଧାୟକ ଶ୍ରୀ ପ୍ରଧାନ ବିଭିନ୍ନ ଅପଶବ୍ଦ ବ୍ୟବହାର କରିଥିଲେ। ବିଜେଡି ପକ୍ଷରୁ ଏହାକୁ ଚ୍ୟାଲେଞ୍ଜ ଦିଆଯାଇ ବିଧାୟକ ଶ୍ରୀ ପ୍ରଧାନ ତାଙ୍କ କଥା ରଖି ତୁରନ୍ତ ବିଧାୟକ ପଦରୁ ଇସ୍ତଫା ଦେଇ ବିଜେଡି ପ୍ରାର୍ଥୀଙ୍କ ସହିତ ଲଢିବାକୁ ଆହ୍ୱାନ ଦେବା ସହ ନିଶ୍ଚିନ୍ତକୋଇଲି ବ୍ଲକରେ ବିଜେଡି ସରକାର ଅମଳରେ ହୋଇଥିବା ଦୁର୍ନୀତିର ତଦନ୍ତ ପଦକ୍ଷେପ ନେବାକୁ ମଧ୍ୟ କହିଥିଲେ। ଏହାଛଡା



ବର୍ତ୍ତମାନର ବିଧାୟକଙ୍କ ଅପାରଗ ଯୋଗୁ ନିଶ୍ଚିନ୍ତକୋଇଲି ବ୍ଲକରୁ ୮ କୋଟି ଓ ମାହାଙ୍ଗା ବ୍ଲକରୁ ୮ କୋଟି ୯ ଲକ୍ଷ ଟଙ୍କା ଫେରିଯିବା, ୨୦୨୫-୨୬ ରବିଋତୁରେ ରାଜ୍ୟ ସରକାରଙ୍କ ପକ୍ଷରୁ ଯେଉଁ ଉନ୍ନତମାନର ବିହନ ଓ ବିଭିନ୍ନ ମଞ୍ଜି ଯୋଗାଇ ଦିଆଯାଇଥିଲା ତାହା ଚାଷୀଙ୍କ ପାଖରେ ନ ପହଞ୍ଚିବା, ମନରେଗା ଯୋଜନାରେ ବର୍ତ୍ତମାନ କାର୍ଯ୍ୟ ଠପ୍ ହୋଇଥିବାରୁ ଜବ୍‌କାର୍ଡଧାରୀମାନେ କାର୍ଯ୍ୟ ନ ପାଇବା ଇତ୍ୟାଦି ବିଭିନ୍ନ ଦୁର୍ନୀତି କାର୍ଯ୍ୟରେ ସିଧାସଳଖ ବିଧାୟକଙ୍କ ପ୍ରଚ୍ଛନ୍ନ ହାତ ରହିଥିବା ଅଭିଯୋଗ କରି ଏହାର ଜବାବ ମାଗିଛନ୍ତି। ବିଜେଡି ସରକାରଙ୍କ ଅମଳରେ ଲୋକମାନଙ୍କର ଏବଂ ପଞ୍ଚାୟତରେ ବହୁ ବିକାଶମୂଳକ କାର୍ଯ୍ୟ ହେଉଥିବା ବେଳେ ବିଗତ ୧୭ ମାସ ହେଲା ସରକାର ବଦଳିବା ପରେ ମାହାଙ୍ଗା ଓ ନିଶ୍ଚିନ୍ତକୋଇଲି ବ୍ଲକରେ ସେଭଳି ଆଖିଦୃଶିଆ ଉନ୍ନୟନମୂଳକ କାର୍ଯ୍ୟ ହୋଇ ପାରୁ ନ ଥିବା ମଧ୍ୟ ଅଭିଯୋଗ କରିଛନ୍ତି। ଏହି ପ୍ରେସ୍‌ମିଟ୍‌ରେ ପ୍ରାକ୍ତନ ବ୍ଲକ ଅଧ୍ୟକ୍ଷ ଗିରିଶ ରଞ୍ଜନ ମହାପାତ୍ର, ବିଜେଡି ଜୋନ ସଭାପତି ଜୟଦେବ ରାଉତ ଓ ଅନୀଲ ଭୂୟାଁ, ଜିଲ୍ଲାପରିଷଦ ସଭ୍ୟ ଭୂପତି ଭୂଷଣ ଷଣ୍ଢ, ପ୍ରାକ୍ତନ ଜିଲ୍ଲାପରିଷଦ ବିନୋଦ ସାମଲ, ସୁଦାମ ଚରଣ ବଳ ପ୍ରମୁଖ ଉପସ୍ଥିତ ରହିଥିଲେ।

## ଶିକ୍ଷାବିତଙ୍କ ପ୍ରତିମୂର୍ତ୍ତି ଓ ସ୍ମରଣିକା ଉନ୍ମୋଚନ



ଭଦ୍ରେଶ୍ୱର,୫।୧୨(ସମିସ): ମାହାଙ୍ଗା ବ୍ଲକ ଅଞ୍ଚଳର ବିଶିଷ୍ଟ ଶିକ୍ଷାବିତ ସ୍ୱର୍ଗତ ଦିନବନ୍ଧୁ ପାତ୍ରଙ୍କ ପ୍ରଥମ ଶ୍ରାଦ୍ଧୋତ୍ସବ ଅବସରରେ ପ୍ରତିମୂର୍ତ୍ତି ଓ ସ୍ମରଣିକା ଉନ୍ମୋଚନ ହେବା ସହ ଏକ ସ୍ମୃତିଚାରଣ ସଭା ଅନୁଷ୍ଠିତ ହୋଇଯାଇଛି। ସିନ୍ଧୁପୁରଠାରେ ଅନୁଷ୍ଠିତ ଏହି ସ୍ମୃତିଚାରଣ ସଭାରେ ଡ. ଯୁଧିଷ୍ଠିର ଖଟୁଆ ସଭାପତିତ୍ୱ କରିଥିଲେ। ଏଥିରେ ମାହାଙ୍ଗା ସ୍ୱାଧୀନ ବିଧାୟକ ସାରଦା ପ୍ରଧାନ ମୁଖ୍ୟଅତିଥିରୂପେ ଯୋଗଦାନ କରି ସ୍ୱର୍ଗତ ପାତ୍ରଙ୍କ ପ୍ରତିମୂର୍ତ୍ତି ଓ ପତ୍ରିକାକୁ ଉଦଘାଟନ କରିଥିଲେ। ଏହି କାର୍ଯ୍ୟକ୍ରମରେ ବିଶିଷ୍ଟ ଶିକ୍ଷାବିତ ଭାଗବତ ପ୍ରଧାନ, ଡ. ଜୟରାମ ସ୍ୱାଇଁ, ଡ ଅଶୋକ ରାଉତ, ବିଶିଷ୍ଟ ସାହିତ୍ୟିକ ଡ. ଗୋବିନ୍ଦ ଭୂୟାଁ, ଡ, ବିଜୟାନନ୍ଦ ସିଂ, ସାମ୍ବାଦିକ ଭକ୍ତଚରଣ ସାହୁ, ବ୍ରଜସୁନ୍ଦର ପ୍ରଧାନ, ଗୀତିକାର ବିଶେଶ୍ୱର ମହାନ୍ତି ପ୍ରମୁଖ ବହୁ ବିଶିଷ୍ଟ ବ୍ୟକ୍ତି ବିଶେଷ ଯୋଗଦାନ କରିଥିଲେ।

## ଯୁବକଙ୍କ ସନ୍ଦେହଜନକ ମୃତ୍ୟୁ

ଆଠଗଡ଼,୫।୧୨(ସମିସ): ଶୁକ୍ରବାର ଆଠଗଡ଼ ଥାନା ଅନ୍ତର୍ଗତ ଗଦା ସାହି ନବଗ୍ରହ ମନ୍ଦିର ନିକଟରେ ଥିବା ଏକ ଘରେ କନ୍ତୋଲ ଅଞ୍ଚଳର ଜଣେ ଯୁବକଙ୍କ ସନ୍ଦେହଜନକ ମୃତ୍ୟୁ ହୋଇଥିବା ଜଣାପଡିଛି। ଚୂନପଦା ଗ୍ରାମର ଜଣେ ମହିଳା ଗଦା ସାହି ନବଗ୍ରହ ମନ୍ଦିର ନିକଟରେ ଏକ ଭଡା ଘରେ ରହୁଥିବା ବେଳେ ସେଠାକୁ ଆଇସକ୍ରିମ ବେପାର କରୁଥିବା କନ୍ତୋଲର ନୀଳମଣି ରାଉତ ବରାବର ଆଇସକ୍ରିମ ବେପାର କରିବାକୁ ଆସୁଥିଲେ। ଶୁକ୍ରବାର ଅପରାହ୍ନରେ ସେହି ଭଡା ଘରେ ନୀଳମଣି ସଂଜ୍ଞାହୀନ ଅବସ୍ଥାରେ ପଡ଼ିଥିବା ପଡ଼ିଶାଘର ଲୋକମାନେ ଖବର ପାଇଥିଲେ। ତୁରନ୍ତ ତାଙ୍କୁ ସେଠାରୁ ଉଦ୍ଧାର କରି ଆଠଗଡ଼ ଉପଖଣ୍ଡ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଥିଲା। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଏ ସମ୍ପର୍କରେ ନୀଳମଣିଙ୍କ ସ୍ତ୍ରୀ ଆଠଗଡ଼ ଥାନାରେ ମୌଖିକ ଅଭିଯୋଗ କରିବା ପରେ ପୁଲିସ ଡାକ୍ତରଖାନାରେ ପହଞ୍ଚି ଶବ ଜବତ କରିବା ସହିତ ତଦନ୍ତ ଆରମ୍ଭ କରିଥିଲେ। ଘଟଣାସ୍ଥଳରେ ଆଠଗଡ଼ ଥାନାଧିକାରୀ ସୁମତି ମହାନ୍ତି ଏବଂ ଆଠଗଡ଼ ଉପଖଣ୍ଡ ଆରକ୍ଷୀ ଅଧିକ୍ଷକ ବିଶ୍ୱଜିତ ମହାନ୍ତି ପହଞ୍ଚି ସରଜମିନ ତଦନ୍ତ କରିବା ସହିତ ସଂପୃକ୍ତ ମହିଳାଙ୍କୁ ପଚରାଉଚରା କରୁଥିବା ଜଣାପଡିଛି।

## ବାଇକ୍, ଅଟୋ, ଓମିନିକୁ ଚାପି ଘରେ ପଶିଗଲା ହାଇୱା

ବଡମ୍ବା,୫।୧୨(ସମିସ): ମହାନଦୀରୁ ବାଲି ଓଭରଲୋଡିଂ କରି ନେଇ ବଡମ୍ବା ଅଞ୍ଚଳରୁ ତିଗିରିଆ ଆସୁଥିବା ଏକ ହାଇୱା ଟ୍ରକ ଶୁକ୍ରବାର ଭୋରରେ ଭାରସାମ୍ୟ ହରାଇ ରାସ୍ତାକଡ଼ରେ ଥିବା ଏକ ବାଇକ, ପରେ ଏକ ଅଟୋ ଓ ତା'ପରେ ଏକ ମାରୁତି ଓମିନି ଗାଡିକୁ ଚାପି ଏକ ଘର ଭିତରକୁ ପଶିଯାଇଛି। ଏହି ଦୁର୍ଘଟଣାରେ କୌଣସି ମୃତାହତ ହୋଇ ନ ଥିଲେ ହେଁ ଦୁର୍ଘଟଣାରେ ୩ଟି ଗାଡି ଓ ତେଲିସାହିର ଜଣେ ବ୍ୟକ୍ତିଙ୍କ ଘର ଭାଙ୍ଗିଯାଇଛି। ଭୋର ୪ଟା ସମୟରେ ଏକ ବାଲି ବୋଝେଇ ହାଇୱା ନମ୍ବର ଓଡି ୦୫ ଏନ ୯୫୦୫ଟି ମହାନଦୀରୁ ବାଲି ବୋଝେଇ କରି



ତିଗିରିଆ ଆସୁଥିବା ବେଳେ ଭାରସାମ୍ୟ ହରାଇ ରାସ୍ତା କଡ଼ରେ ଛିଡ଼ା ହୋଇଥିବା ଅଟୋ, ବାଇକ ଓ ଗୋଟିଏ ଓମିନୀ ଭ୍ୟାନ୍‌କୁ ଧକ୍କା ଦେଇ ତେଲିସାହିର ବାସିନ୍ଦା ସନ୍ତୋଷ ପରିଡାଙ୍କ ଘର ଭିତରକୁ ପଶି ଯାଇଥିଲା। ଉଭୟ ଗାଡ଼ି ଓ ଘରେ କୌଣସି ବ୍ୟକ୍ତି ନ ଥିବାରୁ କାହାର କିଛି କ୍ଷତି ହୋଇନାହିଁ। ଦୁର୍ଘଟଣା ଘଟାଇ ହାଇୱା ଡ୍ରାଇଭର ଫେରାର ହୋଇଯାଇଥିବା ବେଳେ ଘଟଣାସ୍ଥଳରେ ବଡ଼ମ୍ବା ପୁଲିସ ପହଞ୍ଚି ସ୍ଥିତି ଅନୁଧ୍ୟାନ କରି ବାଲି ବୋଝେଇ ହାଇୱା ଗାଡିକୁ ଜବତ କରି ପରେ ଛାଡି ଦେଇଛି। ଅନ୍ୟପକ୍ଷରେ ଦୁର୍ଘଟଣାଗ୍ରସ୍ତ ହାଇୱାକୁ ପୁଲିସ ଛାଡି ଦେବା ପରେ ଦୁର୍ଘଟଣାଗ୍ରସ୍ତ ଗାଡି କିମ୍ବା ଘରର ମରାମତି ନେଇ ଉଭୟ ଗାଡି ଓ ଘରର ମାଲିକ ବଡମ୍ବା ଥାନାରେ ଅଭିଯୋଗ କରିଥିଲେ ହେଁ ବଡମ୍ବା ପୁଲିସ ପକ୍ଷରୁ ଏଥିନେଇ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ନ ଥିବାରୁ ବଡମ୍ବାରେ ଚାପା ଉତ୍ତେଜନା ଲାଗିରହିଛି। ଏପରିକି କ୍ଷତିଗ୍ରସ୍ତ ଘରର ମାଲିକ ଶ୍ରୀ ପରିଡାଙ୍କ ଅଭିଯୋଗକୁ ବଡମ୍ବା ପୁଲିସ ଗ୍ରହଣ କରିନାହିଁ। ଦୁର୍ଘଟଣା ଘଟାଇଥିବା ହାଇୱା ଗାଡିଟି ବଡମ୍ବା ଅଞ୍ଚଳର ଜଣେ ନେତାଙ୍କ ସମ୍ପର୍କୀୟଙ୍କ ହୋଇଥିବାରୁ ପୁଲିସ ଜାଣିଶୁଣି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିନାହିଁ ବୋଲି ଅଭିଯୋଗ ଉଠିଛି।

## ସମସ୍ୟାରେ ଓଟିଏମ୍ କଲୋନୀ

# ଅନୁଧ୍ୟାନ କଲେ ଜିଲ୍ଲା ଟେକ୍ସଟାଇଲ ବିଭାଗ ଟିମ୍

ଚୌଦ୍ୱାର,୫।୧୨(ସମିସ)

ଚୌଦ୍ୱାରରେ ଦୀର୍ଘବର୍ଷ ଧରି ବନ୍ଦ ପଡିଥିବା ଓଟିଏମ ମିଲର କଲୋନୀରେ ରହୁଥିବା ଶ୍ରମିକ ଓ କର୍ମଚାରୀଙ୍କୁ ସେମାନଙ୍କ ମୌଳିକ ସୁବିଧାରୁ ବଞ୍ଚିତ କରାଯାଇଛି ବୋଲି କଲୋନୀବାସୀଙ୍କ ପକ୍ଷରୁ ଦୀର୍ଘଦିନ ହେଲା ଅଭିଯୋଗ ହୋଇଆସୁଛି। ସରକାର କିମ୍ବା ସ୍ଥାନୀୟ ପୌର ପ୍ରଶାସନ ଏ ଦିଗରେ କୌଣସି ପଦକ୍ଷେପ ନେଉ ନ ଥିବାରୁ କଲୋନୀରେ ରହୁଥିବା ୧୦ ହଜାରରୁ ଊର୍ଦ୍ଧ୍ୱ ଲୋକ ପିଲାଛୁଆଙ୍କୁ ଧରି ନାନା ଯାତନା ଭିତରେ କାଳାତିପାତ କରୁଥିବା ନେଇ ବିଭିନ୍ନ ସରକାରୀ ବିଭାଗକୁ ଅବଗତ କରାଇ ଆସୁଛନ୍ତି। ମୌଳିକ ସୁବିଧା ଦାବିରେ କଲୋନୀବାସୀ ବିଭିନ୍ନ ସମୟରେ ଆନ୍ଦୋଳନ, ଧାରଣା ସହିତ ଉଚ୍ଚ କର୍ତ୍ତୃପକ୍ଷଙ୍କୁ ଲିଖିତ ଅଭିଯୋଗ ମଧ୍ୟ କରିଆସୁଛନ୍ତି। ଗତ ୨୮ ତାରିଖରେ କଲୋନୀର ରବିନାରାୟଣ ରାଉତ କଲୋନୀର ରାସ୍ତା ଓ ଡ୍ରେନ ମରାମତି ସହିତ ମୌଳିକ ସୁବିଧା ପ୍ରଦାନ ପାଇଁ ମୁଖ୍ୟମନ୍ତ୍ରୀଙ୍କ ପୋର୍ଟାଲରେ ନିବେଦନ କରିଥିଲେ। ଫଳରେ ଶୁକ୍ରବାର କଟକ ଟେକ୍ସଟାଇଲ ବିଭାଗର ଡେପୁଟି ମ୍ୟାନେଜର ଗୋଲାପି ଗୋପାଳ ମୁର୍ମୁଙ୍କ ସମେତ କିଛି ବିଭିଗୀୟ ଅଧିକାରୀ କଲୋନୀ




ଅଞ୍ଚଳ ଗସ୍ତକରି କଲୋନୀ ପରିବେଶ ପରିଦର୍ଶନ କରିବା ସହିତ ଲୋକମାନଙ୍କ ସହିତ ଆଲୋଚନା କରି ସରକାରଙ୍କୁ ଏ ବିଷୟରେ ଅବଗତ କରାଇବା ପାଇଁ ପ୍ରତିଶ୍ରୁତି ଦେଇଥିବା ଜଣାପଡିଛି। ଉକ୍ତ ଗସ୍ତରେ ବିଜୟ ନାୟକ, ଟେକ୍ସଟାଇଲ ଇନିସପେକ୍ଟର ପ୍ରଶାନ୍ତ ବାରିକଙ୍କ ସମେତ ୱାର୍ଡବାସୀ ଉପସ୍ଥିତ ଥିଲେ। ସୂଚନାଯୋଗ୍ୟ ଯେ, ଗତ କିଛି ବର୍ଷ ତଳେ ଇଡ଼କୋ ତରଫରୁ ଓଟିଏମ୍ ଜମି ଅଧିଗ୍ରହଣ କରାଯିବ ସହିତ ୱେଲସ୍ପନ ନାମକ ଏକ କମ୍ପାନୀ ଓଟିଏମ ଜାଗାରେ ଶିଳ୍ପ ପ୍ରତିଷ୍ଠା କରିବା ପାଇଁ ଶିଳାନ୍ୟାସ କରିଛି। ଓଟିଏମର ଜମି ଇଡକୋ ଅଧୀନରେ ଥିବାରୁ ଏଠାରେ କୌଣସି ଉନ୍ନତିମୂଳକ କାର୍ଯ୍ୟ କରାଯାଇପାରିବ ନାହିଁ ବୋଲି ସରକାରୀ ଲଗାମ ଲାଗିଥିବା ପୌର କର୍ତ୍ତୃପକ୍ଷ ପ୍ରକାଶ କରିଛନ୍ତି।

**ମୁଦ୍ରା ବିନିମୟ ମୂଲ୍ୟ**



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୮.୭୫ • ପାଉଣ୍ଡ ୧୧୭.୯୬
- ୟୁରୋ ୧୦୨.୭୭ • ୟେନ୍ ୦.୫୭

**ସୁନା, ରୁପା ଦର (ଟଙ୍କାରେ)**



୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୧,୧୯,୮୦୦ (ନୂଆଦିଲ୍ଲୀ)
- ରୁପା : ୧,୯୪,୦୦୦ (କେଜି)



**ଷ୍ଟକ୍ ମାର୍କେଟ୍**

ବଜାର କାରବାର (ପଏଣ୍ଟରେ)
- ସେନ୍ସେକ୍ସ ୮୫,୭୧୨.୦୦
- ନିଫ୍ଟି ୨୬,୧୮୬.୦୦



**ପେଟ୍ରୋଲ-ଡିଜେଲ୍**

ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



# ପାନ-ମସଲା, ସିଗାରେଟ୍ ଉପରେ ନୂଆ ଟିକସ




**ଲୋକସଭାରେ ବିଲ୍ ଗୃହୀତ**

**ରାଜ୍ୟଙ୍କୁ ମିଳିବ ସ୍ୱାସ୍ଥ୍ୟ ଓ ନ୍ୟାସନାଲ ସିକ୍ୟୁରିଟି ସେସ୍‌ର ଅଂଶ**

**ସେସ୍‌ରୁ ପ୍ରାପ୍ତ ରାଜସ୍ୱ ସ୍ୱାସ୍ଥ୍ୟ ସମ୍ବନ୍ଧୀତ ଯୋଜନାରେ ହେବ ଖର୍ଚ୍ଚ**

ନୂଆଦିଲ୍ଲୀ,୫।୧୨(ଏଜେନ୍ସି): ସଂସଦର ଶୀତକାଳୀନ ଅଧିବେଶନରେ ଆଜି ଲୋକସଭାରେ 'ହେଲ୍‌ଥ ସିକ୍ୟୁରିଟି ସେ ନ୍ୟାସନାଲ୍ ସିକ୍ୟୁରିଟ୍ ସେସ୍' ବିଲ୍ ଗୃହୀତ ହୋଇଛି। ଏହି ବିଲ୍ ଆଇନରେ ପରିଣତ ହେବା ପରେ ସିଗାରେଟ୍-ପାନ ମସଲା ପରି ଉତ୍ପାଦ ଉପରେ ସରକାର ସେସ୍ ବା ଉପକର ଲଗାଇବେ। ସରକାରଙ୍କ ମତରେ ଏହି ବର୍ଦ୍ଧିତ ଟିକସକୁ ଆଗାମୀ ବଜେଟକୁ ରାଷ୍ଟ୍ରୀୟ ସୁରକ୍ଷା ପାଇଁ ବ୍ୟବହାର କରାଯିବ। ଶୁକ୍ରବାର ଅର୍ଥ ମନ୍ତ୍ରୀ ନିର୍ମଳା ସୀତାରମଣ ଲୋକସଭାରେ ଏହି ସୂଚନା ଦେଇଛନ୍ତି।

ଅର୍ଥମନ୍ତ୍ରୀ ଲୋକସଭାରେ ଆଲୋଚନା ପାଇଁ ସ୍ୱାସ୍ଥ୍ୟ ସୁରକ୍ଷା-ଜାତୀୟ ସୁରକ୍ଷା ସେସ୍ ବିଲ୍ ୨୦୨୫ ଆଗତ କରିବା ସମୟରେ କହିଥିଲେ ଯେ ସେସ୍ ବା ଉପକରରୁ ସୃଷ୍ଟି ହୋଇଥିବା ରାଜସ୍ୱ ରାଜ୍ୟମାନଙ୍କ ସହିତ ସ୍ୱାସ୍ଥ୍ୟ ସମ୍ବନ୍ଧୀୟ ଯୋଜନା ଉପରେ ଖର୍ଚ୍ଚ କରିବା ପାଇଁ ବାଣ୍ଟି ଦିଆଯିବ। ଏହି ସେସ୍ କେବଳ ପାନ ମସଲା ଭଳି ବିପଦପୂର୍ଣ୍ଣ ସାମଗ୍ରୀ ପାଇଁ ପ୍ରଯୁଜ୍ୟ ହେବ, ଅତ୍ୟାବଶ୍ୟକ ସାମଗ୍ରୀ ପାଇଁ ନୁହେଁ। ମନ୍ତ୍ରୀ ସ୍ପଷ୍ଟ କରିଥିଲେ ଯେ ପ୍ରସ୍ତାବିତ ସେସ୍ ହେଉଛି ବିପଦପୂର୍ଣ୍ଣ ସାମଗ୍ରୀ ଉପରେ ଏକ ସେସ୍, ଅତ୍ୟାବଶ୍ୟକ ସାମଗ୍ରୀ ଉପରେ ନୁହେଁ। ସେ କହିଥିଲେ ଯେ ଏହାର ପ୍ରାଥମିକ ଉଦ୍ଦେଶ୍ୟ ହେଉଛି ପାନ ମସଲା ଭଳି ଉତ୍ପାଦର ବ୍ୟବହାର ଦ୍ୱାରା ସୃଷ୍ଟି ହେଉଥିବା ସ୍ୱାସ୍ଥ୍ୟ ବିପଦକୁ ହ୍ରାସ କରିବା, ଯାହାର କ୍ଷତିକାରକ ପ୍ରଭାବ ସ୍ପଷ୍ଟ ଭାବରେ ସ୍ପଷ୍ଟ। ସେ କହିଥିଲେ, ଏହି ସେସ୍ ଲଗାଇବା ଦ୍ୱାରା ପାନ ମସଲାର ମୂଲ୍ୟ ବୃଦ୍ଧି ପାଇବ। ଆମେ ବିଶ୍ୱାସ କରୁଛୁ ଏହା ବ୍ୟବହାର ହ୍ରାସ କରିବ। ଏହାର ଉଦ୍ଦେଶ୍ୟ ହେଉଛି ଏକ ପ୍ରତିରୋଧକ ଭାବରେ କାର୍ଯ୍ୟ କରିବା। ଏହାର ଦ୍ୱିତୀୟ ଉଦ୍ଦେଶ୍ୟ ଜାତୀୟ ସୁରକ୍ଷା ସହିତ ଜଡିତ, ଯାହା ପାଇଁ ନିରନ୍ତର ନିବେଶ ଆବଶ୍ୟକ। ଏହା ସାଧାରଣ ନାଗରିକଙ୍କ ଦ୍ୱାରା ବ୍ୟବହୃତ ଅତ୍ୟାବଶ୍ୟକ ସାମଗ୍ରୀ ଉପରେ ବୋଝ ନ ପକାଇ ଗୁରୁତ୍ୱପୂର୍ଣ୍ଣ ଜାତୀୟ ପ୍ରାଥମିକତା ପାଇଁ ପାଣ୍ଠି ସଂଗ୍ରହ କରିବା ପାଇଁ ଡିଜାଇନ୍ କରାଯାଇଛି। ସେସ୍‌ରୁ ସୃଷ୍ଟି ହେଉଥିବା ରାଜସ୍ୱ ସାଧାରଣତଃ କେନ୍ଦ୍ର ସରକାର ରଖନ୍ତି, କିନ୍ତୁ ଏହି ରାଜସ୍ୱ ସ୍ୱାସ୍ଥ୍ୟ ସମ୍ବନ୍ଧୀୟ ଯୋଜନା ପାଇଁ ରାଜ୍ୟମାନଙ୍କ ସହିତ ବାଣ୍ଟି ଦିଆଯିବ। ଏହା ରାଜ୍ୟଗୁଡ଼ିକୁ ସଚେତନତା ଅଭିଯାନ ଏବଂ ସମାନ କାର୍ଯ୍ୟକ୍ରମ ଚଳାଇବାରେ ସକ୍ଷମ କରିବ।

ଏହି ବିଲ୍ ଗୃହୀତ ହେବା ପରେ ପାନ ଗୁଟଖା ପରି ସାମଗ୍ରୀ ଅଧିକ ମହଙ୍ଗା ହେବ। ଏହି ବିଲ୍ ଉପରେ ଆଲୋଚନା ବେଳେ ସଂସଦରେ ଲମ୍ବା ବିତର୍କ ହୋଇଥିଲା। ତେବେ ଦୁଇ ଦିନର ବିତର୍କ ପରେ ବିଲ୍ ଲୋକସଭାରେ ଅନୁମୋଦନ ଲାଭ ହୋଇଛି। ସେ କହିଛନ୍ତି ଯେ ଏହି ବିଲ୍ ସ୍ୱାସ୍ଥ୍ୟ ଭିତ୍ତିଭୂମିକୁ ମଜଭୁତ କରିବାର ରାସ୍ତା ଖୋଲିବ।

# ଭାରତୀୟ ବଜାରରେ ରୁଷିଆ ନିବେଶକଙ୍କୁ ମିଳିବ ସୁଯୋଗ

**ସବରବ୍ୟାଙ୍କ-ଏନ୍‌ଏସ୍‌ଇ ଅଭିଯାନ**

ଭୁବନେଶ୍ୱର, ୫।୧୨ (ସମିସ): ରୁଷିଆର ସବୁଠାରୁ ବଡ଼ ବ୍ୟାଙ୍କ ସବରବ୍ୟାଙ୍କ ଓ ଜେଏସସି ଫାର୍ଷ୍ଟ ଆସେଟ ମ୍ୟାନେଜମେଣ୍ଟ ମିଳିତ ଭାବେ ଏକ ନୂଆ ମ୍ୟୁଚୁଆଲ ଫଣ୍ଡ ଆରମ୍ଭ କରିଛନ୍ତି ଯାହାର ନାମ ହେଉଛି 'ଫାଷ୍ଟ–ଇଣ୍ଡିଆ'। ଏହି ଫଣ୍ଡ ରୁଷିଆର ସାଧାରଣ ନିବେଶକମାନଙ୍କୁ ଭାରତର ଷ୍ଟକ ବଜାରରେ ନିବେଶ କରିବାର ସୁଯୋଗ ଦେଉଛି। ଏହା ଏନଏସଇର ମୁଖ୍ୟ ସୂଚକାଙ୍କ ନିଫ୍ଟି୫୦ର କାର୍ଯ୍ୟଦକ୍ଷତାକୁ ଅନୁସରଣ କରୁଛି। ନିଫ୍ଟି୫୦ ହେଉଛି ଦେଶର ବଜାର ମୂଲ୍ୟ ଅନୁସାରେ ଶ୍ରେଷ୍ଠ ୫୦ଟି କମ୍ପାନିର ସୂଚକାଙ୍କ। ଏହି ଉଦ୍ୟୋଗର ଘୋଷଣା ସବରବ୍ୟାଙ୍କ ସିଇଓ ତଥା କାର୍ଯ୍ୟନିର୍ବାହୀ ବୋର୍ଡର ଅଧ୍ୟକ୍ଷ ହର୍ମାନ ଗ୍ରେଫଙ୍କ ଭାରତ ଗସ୍ତ ସମୟରେ ନ୍ୟାସନାଲ ଷ୍ଟକ ଏକ୍ସଚେଞ୍ଜ ଅଫ ଇଣ୍ଡିଆ (ଏନଏସଇ)ରେ କରାଯାଇଥିଲା। ଏହି ଅଭିଯାନ ପୁଞ୍ଜି ପ୍ରବାହକୁ ମଜବୁତ କରିବ ଏବଂ ଭାରତର ଇକ୍ୱିଟି ବୃଦ୍ଧିକୁ ରୁଷିଆର ନିବେଶକମାନଙ୍କ ପାଇଁ ଖୋଲିବ। ଏହି ଉଦ୍ୟୋଗ ଭାରତୀୟ ବଜାର ପ୍ରତି ଦୃଢ଼ ବିଶ୍ୱାସକୁ ପ୍ରତିଫଳିତ କରୁଛି ଏବଂ ଭାରତ–ରୁଷିଆ ଆର୍ଥିକ ସହଯୋଗକୁ ଆହୁରି ଗଭୀର କରୁଛି। ଏନଏସଇ ସବରବ୍ୟାଙ୍କ ସହ ମିଶି ବଜାର ସଂଯୋଗକୁ ବଢ଼ାଇବା, ନିୟାମକ ଓ ନିବେଶକ ସୁରକ୍ଷା ମାନକକୁ ବଜାୟ ରଖିବା ଏବଂ ଦୁଇ ଦେଶର ନିବେଶକମାନଙ୍କ ପାଇଁ ନୂଆ ସୁଯୋଗ ସୃଷ୍ଟି କରିବାକୁ ପ୍ରତିଶ୍ରୁତିବଦ୍ଧ।

**ଇଡିର ପୁଣି ବଡ଼ କାର୍ଯ୍ୟାନୁଷ୍ଠାନ**

# ଅନୀଲ ଅମ୍ବାନୀଙ୍କ ଗ୍ରୁପ୍‌ର ୧୧୨୦ କୋଟିର ସମ୍ପତ୍ତି ଜବତ




ନୂଆଦିଲ୍ଲୀ,୫।୧୨(ଏଜେନ୍ସି): ପୁଣି ବଢ଼ିଲା ଅନୀଲ ଅମ୍ବାନୀଙ୍କ ଅଡୁଆ। ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ଶୁକ୍ରବାର ପୁଣି ଅନୀଲ ଅମ୍ବାନୀଙ୍କ ୧,୧୨୦ କୋଟି ଟଙ୍କା ମୂଲ୍ୟର ୧୮ରୁ ଅଧିକ ସମ୍ପତ୍ତି ଜବତ କରିଛି। ଏହି ସମ୍ପତ୍ତି ଜବତ ୟେସ୍ ବ୍ୟାଙ୍କ ସହ ଜଡ଼ିତ ଠକେଇ ମାମଲା ସହ ସମ୍ପୃକ୍ତ। ଇଡି ଅସ୍ଥାୟୀ ଭାବରେ ସିଜ୍ କରିଥିବା ସମ୍ପତ୍ତି ମଧ୍ୟରେ ରହିଛି, ରିଲାଏନ୍ସ ହୋମ୍ ଫାଇନାନ୍ସ ଲିମିଟେଡ୍, ରିଲାଏନ୍ସ କମର୍ସିଆଲ୍ ଫାଇନାନ୍ସ ଲିମିଟେଡ୍ରେ ୧୮ରୁ ଅଧିକ ସମ୍ପତ୍ତି, ଫିକ୍ସ ଡିପୋଜିଟ୍, ବ୍ୟାଙ୍କ୍ ବାଲାନ୍ସ, ସେୟାରହୋଲ୍ଡିଂ ଏବଂ ରିଲାଏନ୍ସ ଅନିଲ ଅମ୍ବାନୀ ଗ୍ରୁପ୍ର କିଛି ନିବେଶ।

ରିପୋର୍ଟ ଅନୁସାରେ, ରିଲାଏନ୍ସ ଇନଫ୍ରାଷ୍ଟ୍ରକ୍ଚର ଲିମିଟେଡର ୭ ସମ୍ପତ୍ତି, ରିଲାଏନ୍ସ ପାୱାର ଲିମିଟେଡର ୨ଟି ସମ୍ପତ୍ତି, ରିଲାଏନ୍ସ ଭାଲ୍ୟୁ ସର୍ଭିସେସ୍ ପ୍ରାଇଭେଟ୍ ଲିମିଟେଡର ୯ଟି ସମ୍ପତ୍ତି, ରିଲାଏନ୍ସ ଭାଲ୍ୟୁ ସର୍ଭିସେସ୍ ପ୍ରାଇଭେଟ୍ ଲିମିଟେଡ୍, ରିଲାଏନ୍ସ ଭେଞ୍ଚର ଆସେଟ୍ ମ୍ୟାନେଜମେଣ୍ଟ ପ୍ରାଇଭେଟ୍ ଲିମିଟେଡ୍, ମେସର୍ସ ଫି ମ୍ୟାନେଜମେଣ୍ଟ ସଲ୍ୟୁସନ୍ସ ପ୍ରାଇଭେଟ୍ ଲିମିଟେଡ୍, ମେସର୍ସ ଆଧାର ପ୍ରପର୍ଟି କନସଲ୍ଟାନ୍ସି ପ୍ରାଇଭେଟ୍ ଲିମିଟେଡ୍, ମେସର୍ସ ଗାମେସା ଇନଭେଷ୍ଟମେଣ୍ଟ ମ୍ୟାନେଜମେଣ୍ଟ ପ୍ରାଇଭେଟ୍ ଲିମିଟେଡ୍ ନାମରେ ଫିକ୍ସଡ ଡିପୋଜିଟ ରହିଛି। ଏହା ସହ ଅନେକ ବେନାମୀ ନିବେଶକୁ ଜବତ କରାଯାଇଛି।

ସୂଚନାଥାଉକି, ପୂର୍ବରୁ ଇଡି ଅନୀଲଙ୍କ ୫୦ କୋଟି ଟଙ୍କାରୁ ଅଧିକ ମୂଲ୍ୟର ସମ୍ପତ୍ତି ଜବତ କରିଥିଲା। ଯେଉଁଥିରେ ରିଲାଏନ୍ସ କମ୍ୟୁନିକେସନ୍ସ ଲିମିଟେଡ୍ (ଆର୍‌କମ୍), ରିଲାଏନ୍ସ କମର୍ସିଆଲ୍ ଫାଇନାନ୍ସ ଲିମିଟେଡ୍ ଏବଂ ରିଲାଏନ୍ସ ହୋମ୍ ଫାଇନାନ୍ସ ଲିମିଟେଡ୍ ସହିତ ଜଡ଼ିତ ବ୍ୟାଙ୍କ ଠକେଇ ମାମଲାରେ ୮,୯୯୭ କୋଟି ଟଙ୍କା ରହିଛି। ଏମିତିରେ ମୋଟ ଗ୍ରୁପ ସମୁଦାୟ ସିଜ୍ ସମ୍ପତ୍ତି ମୂଲ୍ୟ ୧୦,୧୧୭ କୋଟି ଟଙ୍କାରେ ପହଞ୍ଚିଛି। ଇଡି, ରିଲାଏନ୍ସ କମ୍ୟୁନିକେସନ୍ସ ଲିମିଟେଡ୍, ରିଲାଏନ୍ସ ହୋମ୍ ଫାଇନାନ୍ସ ଲିମିଟେଡ୍ (ଆର୍‌ଏଚ୍‌ଏଫ୍‌ଏଲ୍), ରିଲାଏନ୍ସ କମର୍ସିଆଲ୍ ଫାଇନାନ୍ସ ଲିମିଟେଡ୍ (ଆର୍‌ସିଏଫ୍‌ଏଲ୍), ରିଲାଏନ୍ସ ଇନଫ୍ରାଷ୍ଟ୍ରକ୍ଚର ଲିମିଟେଡ୍ (ଆର୍‌ଆଇଏଲ୍) ଏବଂ ରିଲାଏନ୍ସ ପାୱାର ଲିମିଟେଡ୍ (ଆର୍‌ଏଚ୍‌ଏଫ୍‌ଏଲ୍) ସମେତ ଅନେକ ରିଲାଏନ୍ସ ଅନିଲ ଅମ୍ବାନୀ ଗ୍ରୁପ୍ କମ୍ପାନୀ ଦ୍ୱାରା, ମିଳିଥିବା ଫଣ୍ଡ ହେରଫେର କରିଥିବା ଜାଣିବାକୁ ପାଇଛି।

**ଇଣ୍ଡିଗୋ ସଙ୍କଟ: ସୁନା ମୂଲ୍ୟ ପରି ବଢୁଛି ବିମାନ ଭଡ଼ା**

# ଦିଲ୍ଲୀ-ବେଙ୍ଗାଲୁରୁ ୭୦ ହଜାର, ଲଣ୍ଡନ ୨୫ ହଜାର

ନୂଆଦିଲ୍ଲୀ,୫।୧୨(ଏଜେନ୍ସି): ଦିଲ୍ଲୀରୁ ବେଙ୍ଗାଲୁରୁକୁ ବିମାନ ଭଡ଼ା ଏତେ ମହଙ୍ଗା ହୋଇଯାଇଛି ଯେ ଲୋକମାନେ ମତ ଦେଉଛନ୍ତି ଯେ ସେମାନେ ଥାଇଲ୍ୟାଣ୍ଡ, ଭିଏତ୍‌ନାମ, ଲଣ୍ଡନ କିମ୍ବା ସିଙ୍ଗାପୁର ଯିବା ଭଲ ହେବ। ଏହା ସବୁ ଇଣ୍ଡିଗୋ ଏୟାରଲାଇନ୍ସର ଏକ ବଡ଼ ତ୍ରୁଟି ଯୋଗୁଁ ହୋଇଛି, ଯାହା ଫଳରେ ଶହ ଶହ ବିମାନ ବାତିଲ ହୋଇଛି। ବିମାନବନ୍ଦରରେ ଯାତ୍ରୀମାନଙ୍କୁ ବହୁତ ଅସୁବିଧା ଭୋଗିବାକୁ ପଡୁଛି। ଶୁକ୍ରବାର, ଇଣ୍ଡିଗୋ ମଧ୍ୟରାତ୍ରି ପର୍ଯ୍ୟନ୍ତ ଦିଲ୍ଲୀରୁ ସମସ୍ତ ବିମାନ ବାତିଲ କରିଛି। ବେସାମରିକ ବିମାନ ଚଳାଚଳ ନିର୍ଦ୍ଦେଶାଳୟ (ଡିଜିସିଏ) ଅନୁଯାୟୀ, ଇଣ୍ଡିଗୋ ନୂତନ କ୍ରୁ ଡ୍ୟୁଟି ନିୟମ ଅନୁଯାୟୀ ଏହାର ବର୍ତ୍ତମାନର ସମୟସୂଚୀ ପରିଚାଳନା ପାଇଁ ଆବଶ୍ୟକ ପାଇଲଟଙ୍କ ସଂଖ୍ୟା ଭୁଲ ହିସାବ କରିଥିବା ସ୍ୱୀକାର କରିଛି। ଇଣ୍ଡିଗୋ ସଙ୍କଟ ମଧ୍ୟରେ ଇତିମଧ୍ୟରେ ବିଭିନ୍ନ ରୁଟ୍‌କୁ ଟିକଟ ଦର ସୁନା ମୂଲ୍ୟ ପରି ବଢ଼ିବାରେ ଲାଗିଛି। ଏମିତିକ ଏହାର ପ୍ରଭାବରେ ଶୁକ୍ରବାର ଦିଲ୍ଲୀରୁ ଲଣ୍ଡନ୍, ବେଙ୍ଗାଲୁରୁ, ପୁଣେ, ଲକ୍ଷ୍ନୌ ଏବଂ ଗୋଆ ଭଳି ସହରକୁ ବିମାନ ଭଡ଼ା ଆକାଶଛୁଆଁ ହୋଇଛି। ଏହି ସ୍ଥାନଗୁଡ଼ିକର ଭଡ଼ା ସାଧାରଣତଃ ୧୦ ହଜାରରୁ ୧୫ ହଜାର ଟଙ୍କା ମଧ୍ୟରେ ହୋଇଥାଏ। ଚାହିଦା ଏବଂ ପର୍ବପର୍ବାଣୀ ଉପରେ ନିର୍ଭର କରି ଭଡ଼ାରେ ସାମାନ୍ୟ ପରିବର୍ତ୍ତନ ହୋଇପାରେ।

ତଥାପି, ସେହି ଦିନ ଭଡ଼ା ହାରାହାରି ୨୬ ହଜାରରୁ ୩୦ ହଜାର ଟଙ୍କା ପର୍ଯ୍ୟନ୍ତ ପହଞ୍ଚିଥିଲା। ଦିଲ୍ଲୀରୁ ବେଙ୍ଗାଲୁରୁକୁ ଏକପାଖିଆ ଟିକଟ୍ ୭୦ ହଜାର ଟଙ୍କା ପର୍ଯ୍ୟନ୍ତ ବିକ୍ରି ହୋଇଥିଲା। ଏକ ଟ୍ରାଭେଲ୍ ପୋର୍ଟାଲ୍ ଡିସେମ୍ବର ୫ ପାଇଁ ଏୟାର ଇଣ୍ଡିଆର ଦ୍ରୁତତମ ଦିଲ୍ଲୀ-ବେଙ୍ଗାଲୁରୁ ସଂଯୋଗକୁ ପ୍ରାୟ ୭୦ ହଜାର ଟଙ୍କା ତାଲିକାଭୁକ୍ତ କରିଥିଲା, ଯାହା ପରେ ୩୨ ହଜାର ଟଙ୍କାକୁ ହ୍ରାସ ପାଇଥିଲା। ତଥାପି, ଏହା ସାଧାରଣ ଭଡ଼ା ୧୦ରୁ ୧୫ ହଜାର ଟଙ୍କା ଭଡ଼ା ପରିସରଠାରୁ ବହୁତ ଅଧିକ ଥିଲା।

ଏହି ପରିସ୍ଥିତି କେବଳ ଦିଲ୍ଲୀ-ବେଙ୍ଗାଲୁରୁ ପର୍ଯ୍ୟନ୍ତ ସୀମିତ ନ ଥିଲା। ଘରୋଇ ରୁଟ୍‌ରେ ବିମାନ ଯାତ୍ରା ପାଇଁ ମଧ୍ୟ ସମାନ ପରିସ୍ଥିତି ଥିଲା। ଦିଲ୍ଲୀରୁ ଗୋଆକୁ ଏୟାର ଇଣ୍ଡିଆର ଦ୍ରୁତତମ ବିକଳ୍ପ ୫୬ ହଜାର ଟଙ୍କାରୁ ଅଧିକ ଥିଲା। ଦିଲ୍ଲୀ-ପୁଣେ ଭଡ଼ା ୩୦ ରୁ ୪୦ ହଜାର ଟଙ୍କା ପର୍ଯ୍ୟନ୍ତ ଥିଲା। ଏୟାର ଇଣ୍ଡିଆ ଏକ୍ସପ୍ରେସରେ ଦିଲ୍ଲୀ-ଲକ୍ଷ୍ନୌ ଟିକଟ୍ ମୂଲ୍ୟ ୨୦ ହଜାର ଟଙ୍କା ଅତିକ୍ରମ କରିଥିଲା। ଏହି ସମୟରେ, ଇଣ୍ଡିଗୋ ସିଟ୍ ୯୦୦୦ ରୁ ୧୭,୦୦୦ ଟଙ୍କାରେ ବିକ୍ରି ହେଉଥିଲା। ଏହାର ସମ୍ପୂର୍ଣ୍ଣ ବିପରୀତରେ, ଅନ୍ତର୍ଜାତୀୟ ବିମାନଗୁଡ଼ିକ ବହୁତ ସୁଲଭ ମନେ ହେଉଥିଲା। ଏୟାର ଇଣ୍ଡିଆରେ ଦିଲ୍ଲୀରୁ ଲଣ୍ଡନକୁ ଭଡ଼ା ୨୫ ହଜାର ଟଙ୍କାରୁ ମାତ୍ର ଆରମ୍ଭ ହୋଇଥିଲା, ଯେତେବେଳେ ଲୁଫ୍‌ଥାନସା ଏବଂ ସ୍ୱିସ୍ ଏୟାରଲାଇନ୍ସର ଟିକେଟ ୭୦ ହଜାରରୁ କମ୍ ଥିଲା।

**ଏସ୍ପିରିଟ୍ ଟୟୋଟାର ନିଆରା ପ୍ରୟାସ**

# ହିଲକ୍ସ ପ୍ରିମିୟମର ଏକ୍ସପେରିଏନ୍ସିଆଲ୍ ଡ୍ରାଇଭ୍ ଆଜି

ଭୁବନେଶ୍ୱର/କଟକ, ୫।୧୨(ସମିସ): ଏସ୍ପିରିଟ୍ ଟୟୋଟା ପକ୍ଷରୁ ଦୁଇ ଦିନ ଧରି ଏକ୍ସପେରିଏନ୍ସିଆଲ୍ ଡ୍ରାଇଭ୍ ଅନୁଷ୍ଠିତ ହେବାକୁ ଯାଉଛି। ଆଜି ଏବଂ ଆସନ୍ତାକାଲି ନନ୍ଦନକାନନ ନିକଟବର୍ତ୍ତୀ ଦାରୁଠେଙ୍ଗାର ଜୁଝାଗଡାରେ ଏକ ସ୍ୱତନ୍ତ୍ର ହାଇଲକ୍ସ ପ୍ରିମିୟମ୍ ଅଫ୍-ରୋଡର ଏକ୍ସପେରିଏନ୍ସିଆଲ୍ ଡ୍ରାଇଭ୍ ଆୟୋଜନ ହୋଇଛି। ଏହ ପୂର୍ବାହ୍ନ ୧୦ ଟା ରୁ ସନ୍ଧ୍ୟା ୫ ଘଟିକା ପର୍ଯ୍ୟନ୍ତ ଅନୁଷ୍ଠିତ ହେବ । ପାଣି , କାଦୁଅ ,ପାହାଡ ଓ ଦନ୍ତୁରିତ ଭଳି ପ୍ରତିକୂଳ ରାସ୍ତାରେ ଟୟୋଟା ହାଇଲକ୍ସ କାରକୁ କିଭଳି ଚଳାଇବାକୁ ପଡ଼ିବ ଏବଂ ଗାଡ଼ିର ପ୍ରକୃତ କ୍ଷମତା କେତେ ଅନୁଭବ କରିବାର ନିଆରା ସୁଯୋଗ ପାଇବେ ଏଥିରେ ଅଂଶଗ୍ରହଣ କରିଥିବା ଦୁଃସାହାସିକ ଚାଳକ। ଏହି ଅଭିଜ୍ଞତା ଡ୍ରାଇଭ୍ ହିଲକ୍ସର ଶକ୍ତିଶାଳୀ ପ୍ରଦର୍ଶନ, ଦୃଢ଼ ଅଫ୍-ରୋଡ୍ ଦକ୍ଷତା ଏବଂ ପ୍ରିମିୟମ୍ ବୈଶିଷ୍ଟ୍ୟଗୁଡ଼ିକୁ ପ୍ରତିପାଦିତ କରିବ। ତାଲିମ ପ୍ରାପ୍ତ ଅଭିଜ୍ଞ ଡ୍ରାଇଭର୍ ଏବଂ ଉତ୍ପାଦ ବିଶେଷଜ୍ଞମାନେ ଅଂଶ ଗ୍ରହଣକାରୀମାନଙ୍କୁ ସ୍ୱତନ୍ତ୍ର ଭାବରେ ଡିଜାଇନ୍ କରାଯାଇଥିବା ଅଫ୍-ରୋଡ୍ ଟ୍ରାକ୍ ମାଧ୍ୟମରେ ମାର୍ଗଦର୍ଶନ କରିବେ, ଯାନର ଅତୁଳନୀୟ ସ୍ଥାୟିତ୍ୱ,



ନିୟନ୍ତ୍ରଣ ଏବଂ ବହୁମୁଖୀତା ପ୍ରଦର୍ଶନ କରିବେ। ଗ୍ରାହକ, ଦୁଃସାହସିକ ଉତ୍ସାହୀ ଏବଂ ଗଣମାଧ୍ୟମ ପ୍ରତିନିଧିମାନଙ୍କୁ ଏହି ରୋମାଞ୍ଚକର କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିବାକୁ ଏବଂ ସାହସିକତାର ମନୋଭାବକୁ ପାଳନ କରିବା ଏବଂ ଟୟୋଟାର ଶକ୍ତିଶାଳୀ ଏସୟୁଭି ଲାଇନଅପ୍ ପ୍ରଦର୍ଶନ କରିବା ପାଇଁ ନିମନ୍ତ୍ରିତ କରାଯାଇଛି।

# ବେଦାନ୍ତ ଆଲୁମିନିୟମ୍‌ର କର୍ମଚାରୀ-ନେତୃତ୍ୱାଧୀନ ସମ୍ପ୍ରଦାୟ ପ୍ରସାର ପଦକ୍ଷେପ

ଭୁବନେଶ୍ୱର, ୫।୧୨(ସମିସ): ବେଦାନ୍ତ ଆଲୁମିନିୟମ ଏହାର ସର୍ବବୃହତ କର୍ମଚାରୀ-ନେତୃତ୍ୱାଧୀନ ସମ୍ପ୍ରଦାୟ ପ୍ରସାର ପଦକ୍ଷେପ ଘୋଷଣା କରି ଆର୍ଥିକ ଏବଂ ସାମାଜିକ ବିକାଶ ପାଇଁ ଅନ୍ତର୍ଜାତୀୟ ସ୍ୱେଚ୍ଛାସେବକ ଦିବସ ପାଳନ କରିଛି। ୧୮୦୦ କର୍ମଚାରୀ ୪୦୦୦ ଘଂଟା ଉତ୍ସର୍ଗ କରିଛନ୍ତି, ଯାହାକି ପ୍ରାୟ ୧୬୭ ଦିନର ସେବା ସହିତ ସମାନ, ଯଦ୍ୱାରା ଓଡ଼ିଶା, ଛତିଶଗଡ଼ ଏବଂ ଆନ୍ଧ୍ର ପ୍ରଦେଶରେ ଏହାର କାର୍ଯ୍ୟକ୍ଷମ ସୁବିଧାଗୁଡ଼ିକରେ ୭ ଲକ୍ଷରୁ ଅଧିକ ଜୀବନକୁ ସକାରାତ୍ମକ ଭାବରେ ପ୍ରଭାବିତ କରିଛି। ଏହି ଆନ୍ଦୋଳନ ବେଦାନ୍ତର;ସମ୍ପ୍ରଦାୟକୁ ପରିବର୍ତ୍ତନ କରିବା ଦର୍ଶନକୁ ପ୍ରତିଫଳିତ କରେ, ଯାହା ବେଦାନ୍ତ ଆଲୁମିନିୟମର ସଂସ୍କୃତିରେ ଗଭୀର ଭାବରେ ସନ୍ନିହିତ। ଏହା ଉପରେ ମତ ରଖି ବେଦାନ୍ତ ଆଲୁମିନିୟମର ସିଇଓ ରାଜୀବ କୁମାର କହିଛନ୍ତି, ବେଦାନ୍ତ ଆଲୁମିନିୟମରେ, ଆମେ ଏକ



ଦାଇତ୍ୱବାନ କର୍ପୋରେଟ୍ ଭାବରେ ଦାୟିତ୍ୱ ପ୍ରତି ପ୍ରତିବଦ୍ଧ। ଏହା ସମ୍ପ୍ରଦାୟରେ ଅର୍ଥପୂର୍ଣ୍ଣ, ସ୍ଥାୟୀ ପ୍ରଭାବ ସୃଷ୍ଟି କରିବା ବିଷୟରେ ଯାହା ଆମର ଅଭିବୃଦ୍ଧିକୁ ସମ୍ଭବ କରିଥାଏ। ଚଳିତ ବର୍ଷ ଆମେ ଦେଖିଥିବା ସ୍ୱେଚ୍ଛାସେବକ ଅଂଶଗ୍ରହଣର ପରିମାଣ ଆମର କର୍ମଚାରୀ ଏବଂ ବ୍ୟବସାୟିକ ସହଭାଗୀମାନେ ସେମାନଙ୍କ ସହିତ ବହନ କରୁଥିବା ଉଦ୍ଦେଶ୍ୟର ଗଭୀର ଭାବନାକୁ ପ୍ରତିଫଳିତ କରେ।

# ରତନ ଟାଟାଙ୍କ ସାବତ ମା' ସିମୋନ୍‌ଙ୍କ ପରଲୋକ

**'ଲାକ୍‌ମୀ'କୁ ଦେଇଥିଲେ ଗ୍ଲୋବାଲ ବ୍ରାଣ୍ଡର ପରିଚୟ**

ମୁମ୍ବଇ,୫।୧୨(ଏଜେନ୍ସି): ରତନ ଟାଟାଙ୍କ ସାବତ ମା' ଏବଂ ନୋଏଲ ଟାଟାଙ୍କ ମାଆ ସିମୋନ୍ ଡୁନୋୟର ଟାଟାଙ୍କ ପରଲୋକ ଘଟିଛି। ସେ ୯୫ ବର୍ଷ ବୟସରେ ମୁମ୍ବାଇର ବ୍ରିଚ୍ କ୍ୟାଣ୍ଡି ହସ୍ପିଟାଲରେ ଚିକିତ୍ସିତ ଅବସ୍ଥାରେ ଶେଷ ନିଶ୍ୱାସ ତ୍ୟାଗ କରିଛନ୍ତି। ସ୍ୱିଜରଲ୍ୟାଣ୍ଡରେ ଜନ୍ମଗ୍ରହଣ କରିଥିବା ସିମୋନ୍ ନାଭାଲ ଟାଟାଙ୍କୁ ବିବାହ କରିବା ପରେ ଭାରତ ଚାଲି ଆସିଥିଲେ। ସେ କେବଳ ଟାଟା ପରିବାରରେ ନିଜକୁ ପ୍ରତିଷ୍ଠା କରି ନ ଥିଲେ ବରଂ 'ଲାକ୍‌ମି' ଭଳି କସମେଟିକ କମ୍ପାନୀକୁ ଏକ ଗ୍ଲୋବାଲ ବ୍ରାଣ୍ଡ କରିଥିଲେ।

ସିମୋନ୍ ଟାଟା ସ୍ୱିଜରଲ୍ୟାଣ୍ଡର ଜେନେଭାରେ ଜନ୍ମଗ୍ରହଣ କରିଥିଲେ। ତାଙ୍କର ପୂରା ନାଁ ସିମୋନ୍ ନାଭାଲ ଡୁନୋୟର ଥିଲା। ୧୯୫୩ରେ ସେ ଭାରତ ଗସ୍ତରେ ଆସିଥିଲେ ଏବଂ ୧୯୫୫ରେ ଜେଆରଡି ଟାଟାଙ୍କ ସାବତ ଭାଇ ନାଭାଲ ଏଚ୍. ଟାଟାଙ୍କୁ ବିବାହ କରିଥିଲେ। ନାଭାଲ ଟାଟାଙ୍କ ପ୍ରଥମ ପତ୍ନୀ, ସୋନି କମିଶନାରିଆଟଙ୍କଠାରୁ ତାଙ୍କର ଦୁଇଟି ପୁଅ, ରତନ ଟାଟା ଏବଂ ଜିମି ଟାଟା ହୋଇଥିଲେ। ନାଭାଲଙ୍କ ବିୟୋଗ ପରେ




ତାଙ୍କ ଦ୍ୱିତୀୟ ପତ୍ନୀ ସିମୋନ୍ ପରିବାରକୁ ଏକତ୍ର ରଖିଥିଲେ। ସେମାନଙ୍କ ପୁଅ, ନୋଏଲ୍ ଟାଟା ବର୍ତ୍ତମାନ ଟାଟା ଟ୍ରଷ୍ଟରେ ଗୁରୁତ୍ୱପୂର୍ଣ୍ଣ ପଦବୀରେ ଅଛନ୍ତି। ସିମୋନ୍ ୧୯୬୦ ଦଶକରେ ଟାଟା ଗ୍ରୁପ୍‌ରେ ଯୋଗ ଦେଇଥିଲେ। ସେ ଟାଟା ଅଏଲ୍ ମିଲ୍ସ କମ୍ପାନୀ (ଟମ୍‌କୋ)ର ଏକ ସହାୟକ କମ୍ପାନୀ ଲାକ୍‌ମିର ବୋର୍ଡରେ ଯୋଗଦେଇଥିଲେ। ସେହି ସମୟରେ, ଲାକ୍‌ମି ଏକ ଛୋଟ କମ୍ପାନୀ ଥିଲା। ସେଥିରୁ ହମାମ୍, ଓକେ ଭଳି ପ୍ରଡକ୍ଟ ଉତ୍ପାଦନ ହେଉଥିଲା। ହେଲେ ସିମୋନ୍ ଏହାକୁ ଭାରତୀୟ ମହିଳାମାନଙ୍କ ପାଇଁ ଏକ ସ୍ୱତନ୍ତ୍ର ପ୍ରସାଧନ ସାମଗ୍ରୀ ବ୍ରାଣ୍ଡରେ ପରିଣତ କରିବାର ଏକ ଭିଜନ୍ ନେଇ କାମ କରିଥିଲେ। ସେ ୧୯୮୨ ରେ ଲାକ୍‌ମିର ଅଧ୍ୟକ୍ଷା ହୋଇଥିଲେ। ଉଦାରୀକରଣ ପରେ, ୧୯୯୬ ମସିହାରେ, ଲାକମେ ଏବଂ ହିନ୍ଦୁସ୍ତାନ ୟୁନିଲିଭର୍ ସହ ମିଶି ୫୦-୫୦ ପାର୍ଟନରସିପ୍‌ରେ ଏକ ମିଳିତ ଉଦ୍ୟୋଗ ଗଠନ କରିଥିଲେ। ଏହାର ନାଁ ଲାକ୍‌ମି ୟୁନିଲିଭର୍ ଲିମିଟେଡ୍ ରଖାଯାଇଥିଲା। ୧୯୯୮ ମସିହାରେ ଲାକ୍‌ମି ଏହାର ୫୦% ଅଂଶଧନ ହିନ୍ଦୁସ୍ତାନ ୟୁନିଲିଭରକୁ ୨୦୦ କୋଟିରେ ବିକ୍ରି କରି ଦେଇଥିଲା। ପରବର୍ତ୍ତୀ ସମୟରେ ଲାକ୍‌ମୀଏହାର ବ୍ୟବସାୟ ବଦଳାଇ ଆପେରଲ ରିଟେଲିଂରେ ପ୍ରବେଶ କରିଥିଲା।

**ମୂଲ୍ୟ ବୃଦ୍ଧିର ପ୍ରଭାବ**

# ସପ୍ତାହକରେ ୧୦୦ ଟନ୍ ରୁପା ବିକିଲେ ଭାରତୀୟ

ନୂଆଦିଲ୍ଲୀ,୫।୧୨(ଏଜେନ୍ସି): ଘରୋଇ ବଜାରରେ ସୁନା ସହ ତାଳ ଦେଇ ରୁପା ମୂଲ୍ୟ ଦ୍ୟ ହୁ ହୁ ହୋଇ ବଢ଼ିବାରେ ଲାଗିଛି। ଏହାର ଲାଭ ଉଠାଇବା ପାଇଁ ଭାରତୀୟମାନେ ଏବେ ପୁରୁଣା ରୁପା ବିକ୍ରି କରିବାରେ ଲାଗିଛନ୍ତି। ଇଣ୍ଡିଆ ବୁଲିଅନ୍ ଆଣ୍ଡ ଜୁଏଲର୍ସ ଆସୋସିଏସନ୍ (ଆଇବିଜେଏ) ଅନୁଯାୟୀ, ଭାରତୀୟମାନେ ଗୋଟିଏ ସପ୍ତାହରେ ପ୍ରାୟ ୧୦୦ ଟନ୍ ପୁରୁଣା ରୁପା ବିକ୍ରି କରିଛନ୍ତି। ବୁଧବାର, ଏହି ଧାତୁ ମୂଲ୍ୟରେ ରେକର୍ଡ ବୃଦ୍ଧି ରେକର୍ଡ ହୋଇଛି। ସାଧାରଣତଃ, ପ୍ରତି ମାସରେ କେବଳ ୧୦-୧୫ ଟନ୍ ପୁରୁଣା ରୁପା ଭାରତୀୟ ବଜାରରେ ପହଞ୍ଚିଥାଏ।

ଆଇବିଜେଏର ଜାତୀୟ ସଚିବ ସୁରେନ୍ଦ୍ର ମେହେଟ୍ଟା ପୁରୁଣା ରୁପା ବିକ୍ରୟରେ ବୃଦ୍ଧି ପାଇଁ ପ୍ରଫିଟ୍ ବୁକିଂ ଏବଂ ଚଳିତ ବିବାହ ଋତୁ ଏବଂ ଛୁଟିଦିନ ଯାତ୍ରା ଯୋଗୁଁ ଘରୋଇ ନଗଦ ଚାହିଦାକୁ ଦାୟୀ କରିଛନ୍ତି। ସେ କହିଛନ୍ତି ଯେ ଏହି ବିକ୍ରିର ଏକ ବଡ଼ ଅଂଶ ସ୍କ୍ରାପ୍ ରୁପା ପାତ୍ର ଏବଂ ବାସନକୁସନ। ବୁଧବାର ଦିନ ଖୁଚୁରା ବଜାରରେ ରୂପା ପ୍ରତି କିଲୋଗ୍ରାମ ୧,୭୮,୬୮୪ ଟଙ୍କାର ରେକର୍ଡ ସର୍ବୋଚ୍ଚ ସ୍ତରରେ ପହଞ୍ଚିଛି। ଯଦିଓ ଗୁରୁବାର ମୂଲ୍ୟ ୧,୭୫,୭୩୦ ଟଙ୍କାକୁ ହ୍ରାସ ପାଇଛି। ତଥାପି ଏହା ସାମ୍ପ୍ରତିକ ସର୍ବନିମ୍ନ ସ୍ତର ତୁଳନାରେ ପ୍ରାୟ ୨୦% ଅଧିକ। ବିଶ୍ଳେଷକମାନେ କହିଛନ୍ତି ଯେ ପ୍ରଫିଟ୍-ବୁକିଂ ବୃଦ୍ଧି ପାଇପାରେ, କାରଣ ନିକଟ ଭବିଷ୍ୟତରେ ମୂଲ୍ୟ ୨ ଲକ୍ଷ ଟଙ୍କା ଛୁଇଁପାରେ। ଯୋଗାଣ ଅଭାବ ଆମେରିକାରେ ସୁଧ ହାର ହ୍ରାସର ଆଶା ବୃଦ୍ଧି ଏବଂ ପ୍ରମୁଖ ବିଶ୍ୱ ମୁଦ୍ରା ଏବଂ ଟଙ୍କା ବିରୁଦ୍ଧରେ ଡଲାରର ପ୍ରତିକୂଳ ପ୍ରଦର୍ଶନ ଯୋଗୁଁ ରୂପା ମୂଲ୍ୟ ବୃଦ୍ଧି ପାଇଛି। ବିଶ୍ୱ ସ୍ତରରେ ଡଲାର ଦୁର୍ବଳ ହୋଇଛି, କିନ୍ତୁ ଭାରତୀୟ ମୁଦ୍ରା ତୁଳନାରେ ଏହା ମଜବୁତ ହୋଇଛି। ମେହଟ୍ଟା କହିଛନ୍ତି ଯେ ଦୀପାବଳି ଏବଂ ଧନତେରସ ସମୟରେ ରୁପା ପ୍ରତି କିଲୋଗ୍ରାମ ୧.୭୮ ଲକ୍ଷ ଟଙ୍କାରେ ପହଞ୍ଚିଥିଲା। ଏବେ ମୂଲ୍ୟ ପୁଣି ବୃଦ୍ଧି ପାଉଥିବାରୁ ଲୋକମାନେ ପୁରୁଣା ରୁପା ବିକ୍ରି କରୁଛନ୍ତି।



ସ୍କ୍ରାପ୍ ରୁପା ଓ ବାସନକୁସନର ବଡ଼ ଯୋଗଦାନ

### ଶହେଶଯ୍ୟା ବିଶିଷ୍ଟ ହସ୍ପିଟାଲ କୋଠା ନିର୍ମାଣରେ ଅନିୟମିତତା

## ଭୁଶୁଡ଼ିଲା ଛାତ; ୪ ଶ୍ରମିକ ଗୁରୁତର

ଗଣିଆ, ୫।୧୨(ସମିସ): ଗଣିଆ ମେଡିକାଲ ପରିସରରେ ନିର୍ମାଣାଧୀନ ଥିବା ୧୦୦ ଶଯ୍ୟା ବିଶିଷ୍ଟ ହସ୍ପିଟାଲ କୋଠା ପୋର୍ଟିକ ଭୁଶୁଡ଼ି ପଡ଼ିଛି। ଏଥିରେ ୪ଜଣ ଶ୍ରମିକ ଗୁରୁତର ଆହତ ହୋଇଛନ୍ତି। ସେମାନଙ୍କୁ ଗଣିଆ ମେଡିକାଲରେ ଭର୍ତ୍ତି କରାଯାଇଛି। ଗୁରୁତର ଶ୍ରମିକମାନେ ହେଲେ, ନୟାଗଡ଼ ଶରଧାପୁର କାଳିଆ ଜେନା, ଦିଲ୍ଲୀପ ନାୟକ, ରାଜା ପ୍ରଧାନ, କାଳିଆ ପ୍ରଧାନ। ସେମାନେ ଛାତ ଉପରେ ଚଢ଼ି କାମ କରୁଥିବା ବେଳେ ହଠାତ୍ ଏକ ଭୀଷଣ ଶବ୍ଦ କରି ଭୁଶୁଡ଼ି ପଡ଼ିଥିଲା। ଶ୍ରମିକ କାଳିଆ ପ୍ରଧାନଙ୍କର ଅଣ୍ଟା ଏବଂ ପିଠିରେ ଗଭୀର ଆଘାତ ଲାଗିଥିବା ଜଣାପଡ଼ିଛି। ଅତ୍ୟନ୍ତ ନିମ୍ନମାନର କାର୍ଯ୍ୟ ଯୋଗୁଁ ଏଭଳି ଘଟିଥିବା ସ୍ଥାନୀୟ ଲୋକେ ପ୍ରକାଶ କରିଛନ୍ତି। ଠିକାଦାର ଏବଂ ଯନ୍ତ୍ରୀଙ୍କ ମଧ୍ୟରେ ସଲାସୁତରା ଯୋଗୁଁ ଏଭଳି ନିମ୍ନମାନର କାର୍ଯ୍ୟ ହୋଇଥିବା ସ୍ଥାନୀୟ ଲୋକେ ଅଭିଯୋଗ କରିଛନ୍ତି। ଠିକାଦାରଙ୍କ ମନମୁଖୀ କାର୍ଯ୍ୟ ତଥା ପୂର୍ତ୍ତ ବିଭାଗ ଅଧିକାରୀଙ୍କ ଅପାରଗତା ଏଥିପାଇଁ ଦାୟୀ ବୋଲି ବୁଦ୍ଧିଜୀବୀମାନେ ମତ ଦେଇଛନ୍ତି। ଅପରପକ୍ଷେ, ଏହାକୁ ନେଇ ମେଡିକାଲ ପରିସରରେ ପ୍ରବଳ ଉତ୍ତେଜନା ପ୍ରକାଶ ପାଇଛି। ଛାତ ପଡୁଥିବା ବେଳେ ଯନ୍ତ୍ରୀ କିମ୍ବା ଠିକାଦାର କେହି ବି ଉପସ୍ଥିତ ନଥିବା ଅଭିଯୋଗ ହୋଇଛି। ଶ୍ରମିକମାନେ ଛାତ ଉପରେ କାମ କରୁଥିବା ବେଳେ ବିନା ହେଲ୍‌ମେଟ୍‌ରେ କାମ କରୁଥିବା ଜଣାପଡ଼ିଛି। ଉକ୍ତ ମେଡିକାଲ ନିର୍ମାଣକୁ ବର୍ଷବର୍ଷ ଲାଗି ଯାଇଥିବାବେଳେ ସମ୍ପୂର୍ଣ୍ଣ ହୋଇପାରିନାହିଁ। ପୋର୍ଟିକ ଯଦି ଭୁଶୁଡ଼ି ପଡୁଛି ତେବେ ନିର୍ମାଣାଧୀନ ଛାତର ସ୍ଥାୟିତ୍ୱ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

### ଦୁଇ ଦଫା ଦାବିରେ ରାଜଧାନୀରେ ଗର୍ଜିଲେ ପ୍ରାଥମିକ ଶିକ୍ଷକ

# ବିଧାନସଭା ସମ୍ମୁଖରେ ଅହୋରାତ୍ର ଧାରଣା




ଭୁବନେଶ୍ୱର, ୫।୧୨(ସମିସ): ରାଜ୍ୟର ହଜାର ହଜାର ପ୍ରାଥମିକ ଶିକ୍ଷକ ଦୁଇ ଦଫା ଦାବିରେ ଆନ୍ଦୋଳନକୁ ଓହ୍ଲାଇଛନ୍ତି। ମୂଳ ପଦକୁ ଅପଗ୍ରେଡ୍ କରିବା ସହ ୪୨ଶହ ଗ୍ରେଡ୍‌ପେ ପ୍ରଦାନ ଏବଂ ପ୍ରାଥମିକ ଶିକ୍ଷାରୁ ଠିକା ବ୍ୟବସ୍ଥା ଉଚ୍ଛେଦ କରି ଠିକା କାର୍ଯ୍ୟକାଳକୁ ମୂଳ ଚାକିରିରେ ଗଣନା କରିବା ସହ ନୋସନାଲ୍ ଇନ୍‌କ୍ରିମେଣ୍ଟ ପ୍ରଦାନ କରିବାକୁ ଦାବି କରିଛନ୍ତି। ଦାବି ପୂରଣ ନ ହେବା ପର୍ଯ୍ୟନ୍ତ ଆନ୍ଦୋଳନରୁ ହଟିବେ ନାହିଁ ବୋଲି କହିବା ସହ ପ୍ରାଥମିକ ଶିକ୍ଷକମାନେ ଅହୋରାତ୍ର ଧାରଣାରେ ବସିଛନ୍ତି।

'ପ୍ରାଥମିକ ଶିକ୍ଷକ ମହାସଂଘ' ବ୍ୟାନର୍‌ରେ ଆନ୍ଦୋଳନକୁ ଓହ୍ଲାଇଥିବା ଶିକ୍ଷକଙ୍କ ଅଭିଯୋଗ ଅନୁଯାୟୀ, ପ୍ରାଥମିକ ଶିକ୍ଷକଙ୍କ ଏହି ଦୁଇଟି ଦାବିନେଇ ବହୁବାର ଆନ୍ଦୋଳନ ହୋଇଛି। ଆନ୍ଦୋଳନ ସମୟରେ ସରକାରଙ୍କ ସହ ଆଲୋଚନା ହୁଏ ଏବଂ ଦାବି ପୂରଣ ପାଇଁ ସରକାର ପ୍ରତିଶ୍ରୁତି ଦିଅନ୍ତି। ପ୍ରତିଶ୍ରୁତି ପାଇ ଆନ୍ଦୋଳନରୁ ଓହରିବା ପରେ ସରକାର ସେମାନଙ୍କ ସହ ପ୍ରତାରଣା କରୁଛନ୍ତି। ଏଣୁ ନିର୍ଣ୍ଣାୟକ ଆନ୍ଦୋଳନ ପାଇଁ ମାନସିକ ସ୍ତରରେ ପ୍ରସ୍ତୁତ ହୋଇ ସେମାନେ ଆନ୍ଦୋଳନକୁ ଓହ୍ଲାଇଥିବା ସଂଘ ପକ୍ଷରୁ କୁହାଯାଇଛି। ଅପରପକ୍ଷରେ ଶିକ୍ଷକଙ୍କ ଆନ୍ଦୋଳନ ପାଇଁ ଶିକ୍ଷାଦାନ ଗୁରୁତର ଭାବେ ପ୍ରଭାବିତ ହୋଇଛି। ବିଦ୍ୟାଳୟରେ ମାତ୍ର ଜଣେ ଲେଖାଏଁ ଶିକ୍ଷକ ଥିବାବେଳେ ଅନ୍ୟ ସମସ୍ତ ଶିକ୍ଷକ ଆନ୍ଦୋଳନରେ ଯୋଗଦେଇଛନ୍ତି। ଫଳରେ ପାଠପଢ଼ା ଏକପ୍ରକାର ଠପ୍ ହୋଇଯାଇଛି। ଆଗକୁ ସେମାନଙ୍କ ପରୀକ୍ଷା ଥିବାରୁ ଅଭିଭାବକମାନେ ମଧ୍ୟ ଚିନ୍ତାରେ ପଡ଼ିଛନ୍ତି। ଶିକ୍ଷାଦାନ ପ୍ରଭାବିତ ହେବା ସମ୍ପର୍କରେ ମହାସଂଘର ଆବାହକ ରାମଲାଲ୍ ପଟେଲ୍ କହିଛନ୍ତି ଯେ ସରକାର ଯେତେ ଶୀଘ୍ର ସେମାନଙ୍କ ଦାବି ପୂରଣ କରିବେ, ସେତେ ଶୀଘ୍ର ସେମାନେ ଶ୍ରେଣୀଗୃହକୁ ଫେରି ଶିକ୍ଷାଦାନ କରିବେ।

**୨ ଦଫା ଦାବି ପୂରଣ ନ ହେଲେ ଆନ୍ଦୋଳନରୁ ହଟିବେ ନାହିଁ: ମହାସଂଘ**

**ବିଧାନସଭାରେ ପ୍ରସଙ୍ଗ ଉଠାଇଲେ ବିଜେଡି ବିଧାୟକ ଗୌତମବୁଦ୍ଧ ଦାସ**

ଅପରପକ୍ଷରେ ବିଧାନସଭା ଶୂନ୍ୟକାଳରେ ବିଜେଡି ବିଧାୟକ ଗୌତମ ବୁଦ୍ଧ ଦାସ ଏହି ପ୍ରସଙ୍ଗକୁ ଉଠାଇବା ସହ ଉଦବେଗ ପ୍ରକାଶ କରିଛନ୍ତି। ସେ କହିଛନ୍ତି ଯେ ରାଜ୍ୟରେ ପ୍ରାୟ ଦେଢ଼ଲକ୍ଷ ପ୍ରାଥମିକ ଶିକ୍ଷକ ଶିକ୍ଷାଦାନ କରୁଛନ୍ତି। ପୂର୍ବରୁ ସେମାନଙ୍କ ଶିକ୍ଷାଗତ ଯୋଗ୍ୟତା ମାଟ୍ରିକ୍ ସିଟି ଥିବାବେଳେ ସେମାନେ ୨୨୦୦ ଗ୍ରେଡ୍-ପେ'ରେ ଦରମା ପାଉଥିଲେ। ମାତ୍ର ୨୦୧୭ରେ ସେମାନଙ୍କ ସର୍ବନିମ୍ନ ଶିକ୍ଷାଗତ ଯୋଗ୍ୟତା ଯୁକ୍ତ ଦୁଇ ସିଟି କରାଯାଇଛି। ସେହି ଅନୁସାରେ ସେମାନେ ସର୍ବନିମ୍ନ ୨୮୦୦ ଗ୍ରେଡ୍-ପେ' ପାଇବା କଥା। ଏନେଇ ସେମାନେ ବହୁବାର ଆନ୍ଦୋଳନ କରିଥିଲେ ମଧ୍ୟ ସେମାନଙ୍କ ଦାବି ପୂରଣ ହୋଇପାରି ନାହିଁ। ବର୍ତ୍ତମାନ ୨୨ଟି ରାଜ୍ୟର ପ୍ରାଥମିକ ଶିକ୍ଷକମାନେ ୪୨୦୦ଗେଡ୍-ପେ ପାଇଥିବାବେଳେ ରାଜ୍ୟର ପ୍ରାଥମିକ ଶିକ୍ଷକଙ୍କ ଦାବି ମଧ୍ୟ ପୂରଣ କରିବା ପାଇଁ ସରକାର ପଦକ୍ଷେପ ନେବାକୁ ଶ୍ରୀ ଦାସ ଗୃହରେ ଦାବି କରିଛନ୍ତି।

## ୯ ମାସରେ ୮୫ ଶିଳ୍ପ ପ୍ରକଳ୍ପର ଭିତ୍ତିପ୍ରସ୍ତର ସ୍ଥାପନ

ଭୁବନେଶ୍ୱର, ୫।୧୨(ସମିସ): ଗତ ଜାନୁଆରୀ ୨୮ ଓ ୨୯ ତାରିଖରେ ରାଜ୍ୟ ସରକାର ଉତ୍କର୍ଷ ଓଡ଼ିଶା: ମେକ୍-ଇନ୍-ଓଡ଼ିଶା ସମ୍ମିଳନୀ ଆୟୋଜନ କରିଥିଲେ। ସମ୍ମିଳନୀରେ ୧୬ ଲକ୍ଷ ୭୩ ହଜାର କୋଟି ଟଙ୍କାରୁ ଉର୍ଦ୍ଧ୍ୱ ମୂଲ୍ୟର ୫୯୩ଟି ପ୍ରକଳ୍ପ ନିବେଶ ପ୍ରସ୍ତାବ ସରକାରଙ୍କ ହସ୍ତଗତ ହୋଇଥିଲା। ତନ୍ମଧ୍ୟରେ ଗତ ୯ ମାସରେ ରାଜ୍ୟ ସରକାର ୮୫ଟି ପ୍ରକଳ୍ପର ଭିତ୍ତିପ୍ରସ୍ତର ସ୍ଥାପନା କରିଛନ୍ତି। ଏହାର ମୂଲ୍ୟ ପ୍ରାୟ ୨ଲକ୍ଷ ୪ହଜାର କୋଟି ଟଙ୍କା ହେବ ବୋଲି ଗୃହରେ ତଥ୍ୟ ରଖିଛନ୍ତି ଶିଳ୍ପ ମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ।

ଆଜି ପ୍ରଶ୍ନକାଳରେ ବିଧାୟକ ଅରବିନ୍ଦ ମହାପାତ୍ର ଗତ ୨୦୨୪ ମସିହା ଏପ୍ରିଲ ମାସରୁ ଗତ ନଭେମ୍ବର ଯାଏଁ ରାଜ୍ୟରେ ମୋଟ ଶିଳ୍ପ ପ୍ରତିଷ୍ଠା ସମ୍ପର୍କରେ ପ୍ରଶ୍ନ କରିଥିଲେ। ସେହିପରି କେନ୍ଦ୍ରାପଡ଼ାରେ ନିପ୍ପନ ଷ୍ଟିଲ କାରଖାନା ପ୍ରତିଷ୍ଠା ନେଇ ମଧ୍ୟ ମନ୍ତ୍ରୀଙ୍କ ସ୍ପଷ୍ଟୀକରଣ ଲୋଡ଼ିଥିଲେ। ଉତ୍ତରରେ ମନ୍ତ୍ରୀ କହିଥିଲେ ଯେ ଏହି ଅବଧି ମଧ୍ୟରେ ୩୨୪ ବୃହତ୍, ମଧ୍ୟମ ପ୍ରକଳ୍ପକୁ ସରକାର ଅନୁମୋଦନ ଦେଇଛନ୍ତି। ଏହାଦ୍ୱାରା ୭ ଲକ୍ଷ ୬ ହଜାର ୨୦୯ କୋଟି ନିବେଶ ହେବାକୁ ଥିବା ବେଳେ ମୋଟ ୪ ଲକ୍ଷ ୫୭ ହଜାର ୨୫୨ ନିଯୁକ୍ତି ସୁଯୋଗ ସୃଷ୍ଟି ହୋଇଛି।

**କେନ୍ଦ୍ରାପଡ଼ାରେ ନିପ୍ପନ ଷ୍ଟିଲ ପାଇଁ ମିଳିନି ପରିବେଶ ଅନୁମୋଦନ**

**ପାରିପାର୍ଶ୍ୱିକ ବିକାଶ ଜାରି ରଖିଛନ୍ତି ସରକାର**

ସେହିପରି, ନିପ୍ପନ ଷ୍ଟିଲ ବିଷୟରେ ମନ୍ତ୍ରୀ କହିଥିଲେ ଯେ ପାରାଦୀପ ଓ ମହାକାଳପଡ଼ାଠାରେ ଆର୍ସେଲର ମିତ୍ତଲ-ନିପ୍ପନ ଷ୍ଟିଲ ନିଜର କାରଖାନା ପ୍ରତିଷ୍ଠା କରିବାକୁ ଯାଉଛି। ଏଥିପାଇଁ ସରକାରୀ ସ୍ତରରେ ପ୍ରକ୍ରିୟା ଜାରି ରହିଛି। ଉପରୋକ୍ତ ପ୍ରକଳ୍ପ ପ୍ରତିଷ୍ଠା ପାଇଁ ସରକାର ଭିତ୍ତିଭୂମି ବିକାଶ ଜାରି ରଖିଛନ୍ତି। ମହାକାଳପଡ଼ାରେ ପ୍ରକଳ୍ପ ପାଇଁ ରାସ୍ତା, ବିଦ୍ୟୁତ୍ ଯୋଗାଣର ବ୍ୟବସ୍ଥା କରାଯାଉଛି। ତେବେ ଜଙ୍ଗଲ ଓ ପରିବେଶ ମନ୍ତ୍ରଣାଳୟର ଅନୁମୋଦନ ଏଯାଏଁ ମିଳିପାରିନାହିଁ। ଉପରୋକ୍ତ ଅନୁମୋଦନ ମିଳିଲା ପରେ ସରକାର ପ୍ରକଳ୍ପର ଶିଳାନ୍ୟାସ କରିବେ ବୋଲି ମନ୍ତ୍ରୀ ସୂଚନା ଦେଇଛନ୍ତି।

ବିଧାୟକ ଇରାଶିଷ ଆଚାର୍ଯ୍ୟ ରାଜ୍ୟରେ ବୟନ ଶିଳ୍ପର ସ୍ଥିତି ସମ୍ପର୍କରେ ପ୍ରଶ୍ନ କରିଥିଲେ। ଉତ୍ତରରେ ମନ୍ତ୍ରୀ କହିଥିଲେ ଯେ ରାଜ୍ୟରେ ନୂଆ ସରକାର ଆସିବା ପରେ ୫୦ଟି ବୟନ ଶିଳ୍ପକୁ ଅନୁମୋଦନ ଦିଆଯାଇଛି। ସେହିପରି ନିକଟରେ ରାଜ୍ୟ ସରକାର ଓଡ଼ିଶା ଟେକ୍ସ ସମ୍ମିଳନୀ ୨୦୨୫ ଆୟୋଜନ କରିଥିଲେ। ଏଥିରେ ୬ ଜିଲ୍ଲାରେ ଆଧୁନିକ ଟେକ୍ସଟାଇଲ ପାର୍କ ପ୍ରତିଷ୍ଠା କରିବାକୁ ସ୍ଥିର ହୋଇଛି। ସେହିପରି ସମ୍ମିଳନୀରେ ମୋଟ ୭୮୦୮ କୋଟି ଟଙ୍କାର ନିବେଶ ପାଇଁ ଏମ୍‌ଓୟୁ ହୋଇଥିବା ବେଳେ ଏହାଦ୍ୱାରା ୪୯ ହଜାର ନିଯୁକ୍ତି ପ୍ରଦାନ ଲକ୍ଷ୍ୟ ରଖାଯାଇଛି ବୋଲି ମନ୍ତ୍ରୀ ଉତ୍ତର ରଖିଛନ୍ତି।

ବିଧାୟକ ପ୍ରସନ୍ନ ଆଚାର୍ଯ୍ୟ, ଯେଉଁ କମ୍ପାନୀ ପ୍ରକଳ୍ପ ପାଇଁ ଜମି ନେଉଛନ୍ତି, ପରବର୍ତ୍ତୀ ମୁହୂର୍ତ୍ତରେ ଶିଳ୍ପ ପ୍ରତିଷ୍ଠା କରୁନାହାନ୍ତି, ସେହି ଜମିର ମାଲିକାନା ପରିବର୍ତ୍ତନ କ୍ଷେତ୍ରରେ ସରକାରଙ୍କ ପଦକ୍ଷେପ ସଂପର୍କରେ ପ୍ରଶ୍ନ କରିଥିଲେ। ଉତ୍ତରରେ ମନ୍ତ୍ରୀ କହିଥିଲେ ଯେ ପ୍ରକଳ୍ପ ପାଇଁ ଜମି ବ୍ୟବହାର ନହେଲେ ଉକ୍ତ ଜମି ଇଡକୋ ଲ୍ୟାଣ୍ଡ ବ୍ୟାଙ୍କ ନିକଟକୁ ଫେରସ୍ତ ହୋଇଆସୁଛି। ନିକଟରେ ଅନୁଗୋଳରେ ମେସର୍ସ ମୋନେଟ୍ ନିକଟରୁ ୫୬୪ ଏକର ଜମି ସରକାର ଫେରସ୍ତ ଆଣିଛନ୍ତି। ସେହିପରି ଗତ ୪ବର୍ଷ ମଧ୍ୟରେ ରାଜ୍ୟରେ ୨୦୦୦ରୁ ଉର୍ଦ୍ଧ୍ୱ ଯୁବକ/ଯୁବତୀ ରାଜ୍ୟରେ ବିଭିନ୍ନ ଷ୍ଟାର୍ଟ-ଅପ୍ ପ୍ରତିଷ୍ଠା କରିଛନ୍ତି ବୋଲି ମନ୍ତ୍ରୀ ଗୃହରେ ସୂଚନା ରଖିଛନ୍ତି।

## ଭିଜିଲାନ୍ସ ଜାଲରେ ଫରେଷ୍ଟର



ଝାରସୁଗୁଡା/ଇବ ଥର୍ମାଲ, ୫।୧୨(ସମିସ): ୫ ହଜାର ଟଙ୍କା ଲାଞ୍ଚ ନେଇ ଭିଜିଲାନ୍ସ ଜାଲରେ ପଡ଼ିଛନ୍ତି ଝାରସୁଗୁଡ଼ା ଜିଲ୍ଲା ବନ୍ଧବାହାଲ ଫରେଷ୍ଟର୍ ଗୌରାଙ୍ଗ ସାହୁ। ବନ୍ଧବାହାଲ ଅଞ୍ଚଳରେ ମୋହିତ ପ୍ରଧାନଙ୍କୁ ଗଛକଟା ଅନୁମତି ଦେବା ପାଇଁ ଫରେଷ୍ଟର୍ ଶ୍ରୀ ସାହୁ ଆଜି ନିଜ ଅଫିସ୍‌ରେ ଲାଞ୍ଚ ଟଙ୍କା ନେଉଥିବା ବେଳେ ସେଠାରେ ପୂର୍ବରୁ ଛପି ରହିଥିବା ଅଧିକାରୀମାନେ ତାଙ୍କୁ ମାଡ଼ି ବସିଥିଲେ। ସୂଚନାନୁଯାୟୀ, ବନ୍ଧବାହାଲ ଅଞ୍ଚଳରେ ନିଜ ଜମିରେ ଥିବା ଏକ ଶୁଖିଲା ନୀଳଗିରି ଗଛକୁ କାଟିବା ଏବଂ ପରିବହନ କରିବା ପାଇଁ ମୋହିତ ଝାରସୁଗୁଡ଼ା ଜିଲ୍ଲା ବ୍ରଜରାଜନଗର ରେଞ୍ଜ ଅଧୀନ ବନ୍ଧବାହାଲ ସେକ୍ସନର ଫରେଷ୍ଟରଙ୍କ ନିକଟରେ ଆବେଦନ କରିଥିଲେ। ଅନୁମତି ଦେବା ପାଇଁ ଫରେଷ୍ଟର ଗୌରାଙ୍ଗ ଆବେଦନକାରୀ ମୋହିତଙ୍କୁ ୫ହଜାର ଟଙ୍କା ଲାଞ୍ଚ ମାଗିଥିଲେ। ଲାଞ୍ଚ ନ ଦେଲେ କାମ ହେବ ନାହିଁ ବୋଲି ରୋକଠୋକ୍ ମନା କରିଦେଇଥିଲେ। ଏନେଇ ମୋହିତ ଭିଜିଲାନ୍ସର ଦ୍ୱାରସ୍ଥ ହେବା ପରେ ଫରେଷ୍ଟର୍‌ଙ୍କୁ ଧରିବା ପାଇଁ ଜାଲ ବିଛାଯାଇଥିଲା।

## ଦାଦନ ସମସ୍ୟା: ନିଜ ଫାଶରେ ଫସିଲେ ସରକାର

**ସ୍ଲୋଗାନରେ ସୀମିତ ଦାଦନ ମୁକ୍ତ ରାଜ୍ୟ: ବିଜେଡି**

**ସରକାରଙ୍କ ପାଖରେ ନାହିଁ ରୋଡମ୍ୟାପ : କଂଗ୍ରେସ**

**ରାଜ୍ୟରେ ଦାଦନ ଏବେକାର ସମସ୍ୟା ନୁହେଁ: ଶାସକ**

ଭୁବନେଶ୍ୱର, ୫।୧୨(ସମିସ): ଓଡ଼ିଶାରେ ଖଣି, ପାଣି ପ୍ରାକୃତିକ ସମ୍ପଦ ଭରପୂର ମାତ୍ରାରେ ମହଜୁଦ ଅଛି। ଏହାସତ୍ତ୍ୱେ କାମ ନ ପାଇ ପ୍ରତିବର୍ଷ ଲକ୍ଷ ଲକ୍ଷ ଶ୍ରମିକ କାମ ଖୋଜିବାକୁ ଅନ୍ୟ ରାଜ୍ୟକୁ ଯାଉଛନ୍ତି। ଦାଦନ ମୁକ୍ତ ରାଜ୍ୟ ଏବେ କେବଳ ସ୍ଲୋଗାନରେ ସୀମିତ। ଏହାକୁ ରୋକିବା ପାଇଁ ସରାକାରଙ୍କ ପାଖରେ କୌଣସି ନିର୍ଦ୍ଦିଷ୍ଟ ରୋଡମ୍ୟାପ ନାହ ବୋଲି ବିଧାନସଭାରେ ସରକାରଙ୍କ ଉପରେ ବର୍ଷିଛନ୍ତି ବିରୋଧୀ। ଅପରପକ୍ଷେ ସରକାରଙ୍କ ସପକ୍ଷରେ ଯୁକ୍ତି ବାଢ଼ି ଶାସକ ଦଳ ବିଧାୟକମାନେ ଦାଦନ ସମସ୍ୟା ବହୁ ପୁରୁଣା ଓ ଏହାର ସମାଧାନ ପାଇଁ ସରକାର ପ୍ରତିବଦ୍ଧତାର ସହ ଆଗକୁ ବଢୁଛନ୍ତି ବୋଲି ଯୁକ୍ତି ବାଢ଼ିଛନ୍ତି।

ଦାଦନ ସଂକ୍ରାନ୍ତ ମୁଲତବୀ ଆଲୋଚନାକୁ ଆରମ୍ଭ କରି କଂଗ୍ରେସ ବିଧାୟକ ଅଶୋକ ଦାସ କହିଥିଲେ ଯେ ପ୍ରତିବର୍ଷ ୩ ରୁ ୫ ଲକ୍ଷ ଶ୍ରମିକ ବାହାର ରାଜ୍ୟକୁ ରୋଜଗାର ପାଇଁ ଯାଉଛନ୍ତି। ଏପଟେ ଆମ ରାଜ୍ୟର ଶିଳ୍ପସଂସ୍ଥାରେ ବାହାର ଲୋକଙ୍କୁ ନିଯୁକ୍ତି ଦେଉଛନ୍ତି। ୨୦୨୪ ମେ ୩ ସୁଦ୍ଧା ୧୧ ଲକ୍ଷ ୪ ହଜାର ୨୨୯ ନିଯୁକ୍ତି ଆଶାୟୀ ବିଭିନ୍ନ ନିଯୋଜନ କାର୍ଯ୍ୟାଳୟରେ ନାମ ପଞ୍ଜୀକରଣ କରିଥିବାବେଳ ଆହୁରି ଲକ୍ଷଲକ୍ଷ ନିଜର ନାମ ପଞ୍ଜୀକରଣ କରିନାହାନ୍ତି। ମାତ୍ର ରାଜ୍ୟ ସରକାର ନିଜ ଦୋଷ ଢ଼ାଙ୍କିବା ପରିବର୍ତ୍ତେ ସବୁବେଳେ ପୂର୍ବ ସରକାରଙ୍କୁ ଦୋଷ ଦେଉଛନ୍ତି। ବିଧାୟିକା ସୋଫିଆ ଫିର୍ଦ୍ଦୋଷ କହିଥିଲେ ଯେ ଏବେ ରାଜ୍ୟର ବେକାରୀ ସ୍ଥିତି ଉତ୍କଟ। ୫ମ ଶ୍ରେଣୀ ଯୋଗ୍ୟତା ଥିବା ହୋମଗାର୍ଡ ପଦବୀ ପାଇଁ ଇଞ୍ଜିନିୟରିଂ ପିଲା ଆବେଦନ କରିଛନ୍ତି। ପରୀକ୍ଷା ଦୁର୍ନୀତି ଆମ ରାଜ୍ୟକୁ ବଦନାମ କରିଛି। ଇଜ୍ ଅଫ ଡୁଇଂ ବିଜନେସରେ ଓଡ଼ିଶା ବହୁ ପଛରେ ରହିଛି ବୋଲି ସେ କହିଛନ୍ତି। ବିଜେଡି ବିଧାୟକ ରଣେନ୍ଦ୍ର ପ୍ରତାପ ସ୍ୱାଇଁ କହିଛନ୍ତି ଯେ ବିଜେପି ସରକାର ଦାଦନ ମୁକ୍ତି କରିବା ନାରା ଦେଇ ଶାସନକୁ ଆସିଥିଲେ। ହେଲେ ସରକାରଙ୍କର ଗତିବିଧିରୁ ତାହା ପୂରଣ ହେବା ଭଳି ଲାଗୁନାହିଁ। ଉପ ମୁଖ୍ୟମନ୍ତ୍ରୀଙ୍କ ଅଧ୍ୟକ୍ଷତାରେ ଟାସ୍କ ଫୋର୍ସ କମିଟି କଣ ସୁପାରିଶ କରିଛନ୍ତି, ମନ୍ତ୍ରୀ ଗୃହକୁ ଜଣାନ୍ତୁ। କେନ୍ଦ୍ର ସରକାର ମନରେଗା ଯୋଜନାକୁ ପଙ୍ଗୁ କରିସାରିଲେଣି। ଯାହା ପରୋକ୍ଷରେ ଦାଦନ ସମସ୍ୟାକୁ ବୃଦ୍ଧି କରୁଛି ବୋଲି ରଣେନ୍ଦ୍ର କହିଛନ୍ତି। ସେହିପରି ବିଜେଡି ବିଧାୟକ ପ୍ରଦୀପ ସାହୁ ବେକାରୀ ସମସ୍ୟା ପାଇଁ ରାଜ୍ୟରେ ଅପରାଧ ବଢ଼ି ଚାଲିଛି ବୋଲି ଯୁକ୍ତି ବାଢ଼ିଛନ୍ତି।

ଶାସକ ଦଳ ପକ୍ଷରୁ ଆଲୋଚନାରେ ଭାଗ ନେଇ ବିଜେପି ବିଧାୟକ ପ୍ରତାପ ଚନ୍ଦ୍ର ନାୟକ କହିଥିଲେ ଯେ ଦାଦନ ସମସ୍ୟା ଦୀର୍ଘ ଦିନର । ପୂର୍ବ ସରକାରର ଇଚ୍ଛାଶକ୍ତିର ଅଭାବ ଥିଲା। ସେଥିପାଇଁ ଆଜି ଏତେ ସଂଖ୍ୟାରେ ସରକାରୀ ପଦବୀ ଖାଲି ପଡ଼ିଛି ବୋଲି ବିଜେପି ବିଧାୟକ ଯୁକ୍ତି ବାଢ଼ି ଥିଲେ। ସେହିଭଳି ବିଜେପି ବିଧାୟକ କହ୍ନେଇ ଡ଼ାଙ୍ଗ, ସନତ ଗଡତିଆ, ରଘୁନାଥ ଜଗଦଳା ପ୍ରମୁଖ ଆଲୋଚନାରେ ଭାଗ ନେଇ ନୂଆ ସରକାର ଲୋକଙ୍କୁ ନିଯୁକ୍ତି ଦେବା ପ୍ରତିଶ୍ରୁତି ପୂରଣ କରିବେ ବୋଲି ଦୃଢ଼ୋକ୍ତି ବାଢ଼ିଛନ୍ତି।

# ଧାନ ବିଲରେ ମୃତ ହାତୀ ଛୁଆ



କେନ୍ଦୁଝର, ୫।୧୨(ସମିସ): କେନ୍ଦୁଝର ବନଖଣ୍ଡ ଭୂୟାଁ ଜୁଆଙ୍ଗ ପିଢ଼ ରେଞ୍ଜ କସଡ଼ା ଗାଁ ନିକଟସ୍ଥ ଏକ ଚାଷ ବିଲରୁ ମାଈ ହାତୀ ଛୁଆର ଶବକୁ ଜବତ କରାଯାଇଛି। ବନବିଭାଗ ଟିମ ହାତୀ ଛୁଆଟିର ମୃତ୍ୟୁ କାରଣ ଖୋଜୁଛି। ଛୁଆର ବୟସ ୮ରୁ ୧୦ବର୍ଷ ହେବ। ମୃତ୍ୟୁର କାରଣ ବ୍ୟବଚ୍ଛେଦ ପରେ ଜଣାପଡ଼ିବ ବୋଲି ବନବିଭାଗ କହିଛି। ଶନିବାର ହାତୀ ଛୁଆଟିର ଶବ ବ୍ୟବଚ୍ଛେଦ କରାଯିବ। ଶୁକ୍ରବାର ଅପରାହ୍ଣରେ ଖବର ପାଇ ଭୂୟାଁ ଜୁଆଙ୍ଗ ପୀଢ ଏସିଏଫ୍ ଡ ସୁଦୀପ୍ତ ପଣ୍ଡା, ରେଞ୍ଜର ନୟନକାନ୍ତ ସାହୁ, ଶୁଆକାଟୀ ବିଟ୍ ଫରେଷ୍ଟର ଜ୍ୟୋତିର୍ମୟ ପଟ୍ଟନାୟକ, ଫରେଷ୍ଟ ଗାର୍ଡ ଚନ୍ଦ୍ରକାନ୍ତ ମହାନ୍ତ ଏବଂ ହାତୀ ସ୍କ୍ୱାଡ୍ ଘଟଣାସ୍ଥଳକୁ ଯାଇଥିଲେ। ସେ ଅଞ୍ଚଳରେ ବୁଲାବୁଲି କରୁଥିବା ୪୦ଟି ହାତୀ ମଧ୍ୟରୁ ଛୋଟ ମାଈ ହାତୀଟି ମୃତ୍ୟୁ ପରେ ଅଲଗା ହୋଇଥିବା ଅନୁମାନ କରାଯାଉଛି। ଉକ୍ତ ହାତୀ ଦଳ ନିକଟସ୍ଥ ଲୁଣଘର ଜଙ୍ଗଲ ଅଞ୍ଚଳରେ ରହିଥିବା ସୂଚନା ମିଳିଛି।

### ଘରକୁ ଫେରିବାର ବାଟ ଫିଟାଇଲା ଜୟ ଜଗନ୍ନାଥ ଧ୍ୱନି

# ୧୨ ବର୍ଷ ପରେ ବାଂଲାଦେଶରୁ ଫେରିବେ ନିଖୋଜ ସୁଦାମ



ବଡ଼ସାହି, ୫।୧୨(ସମିସ): ପାଖାପାଖି ୧୨ବର୍ଷ ତଳେ ନିଖୋଜ ହୋଇଯାଇଥିବା ସୁଦାମ ହେମ୍ବ୍ରମ (୪୦) ଆସନ୍ତାକାଲି (ଶନିବାର) ବାଂଲାଦେଶରୁ ନିଜ ଘରକୁ ଫେରିବେ। ସୁଦାମଙ୍କୁ ଘରକୁ ଫେରାଇ ଆଣିବା ପାଇଁ ସୁଦାମଙ୍କ ପୁତୁରା ଏବଂ ସମ୍ପର୍କୀୟ ଆଜି ଭାରତ-ବାଂଲାଦେଶ ସୀମା 'ବେନାପୋଲ' ବର୍ଡର୍‌କୁ ଗସ୍ତ କରିଛନ୍ତି। ଏହି ଖବର ପ୍ରଚାରିତ ହେବା ପରେ ସୁଦାମଙ୍କ ପରିବାର, ବନ୍ଧୁବାନ୍ଧବ ଓ ଗ୍ରାମବାସୀଙ୍କ ମଧ୍ୟରେ ଉତ୍ସାହ ପ୍ରକାଶ ପାଇଛି।

ସୁଦାମଙ୍କ ଘର ମୟୂରଭଞ୍ଜ ଜିଲ୍ଲା ବଡ଼ସାହି ବ୍ଲକ୍ ଅଧୀନ ପାଉଁଶିଆ ପଞ୍ଚାୟତ ଜଗନ୍ନାଥପୁର ଗ୍ରାମରେ। ୧୨ବର୍ଷ ତଳେ ତାଙ୍କ ବାପା କିଶୋରଙ୍କ ମୃତ୍ୟୁ ପରେ ତାଙ୍କର ମସ୍ତିଷ୍କ ବିକୃତି ବାହାରିଥିଲା। ପରେ ସେ କୁଆଡ଼େ ନିଖୋଜ ହୋଇଯାଇଥିଲେ। ବହୁ ଖୋଜାଖୋଜି କରିବା ପରେ ବି ତାଙ୍କର ପତ୍ତା ମିଳିନଥିଲା। ପରିବାରଲୋକେ ମଧ୍ୟ ତାଙ୍କର ଫେରିବା ଆଶା ଛାଡ଼ି ଦେଇଥିଲେ। ତେବେ ସୁଦାମ ଏପରି ବୁଲୁବୁଲୁ ଯାଇ ବାଂଲାଦେଶରେ ପହଞ୍ଚି ଯାଇଥିଲେ। ବିଭିନ୍ନ ରେଳଷ୍ଟେସନ୍, ବସ୍‌ଷ୍ଟାଣ୍ଡ, ରାସ୍ତାରେ ବୁଲୁଥିବା ବେଳେ ସେ ସବୁବେଳେ 'ଜୟ ଜଗନ୍ନାଥ, ଜୟ ଜଗନ୍ନାଥ' ଭଜି ହେଉଥିଲେ। ସୁଦାମଙ୍କ ଅବସ୍ଥା ଦେଖି ସେଠାକାର ଏକ ସାମାଜିକ ଅନୁଷ୍ଠାନ 'ମାନବ ସେବା ସଂଗଠନ'ର ସମାଜସେବୀ ଜନାବ ଅବ୍‌ଦୁଲ ଗିନି ଫିଟୁ ତାଙ୍କୁ ଉଦ୍ଧାର କରିଥିଲେ। ଚାଲିଚଳଣ ଓ ଭାଷାରୁ ଅବଦୁଲ ବୁଝିଯାଇଥିଲେ ଯେ ସୁଦାମ ଜଣେ ଭାରତୀୟ ନାଗରିକ ଏବଂ ତାଙ୍କ ଘର ଓଡ଼ିଶାରେ ହୋଇଥିବ। ସେ ତାଙ୍କର ଚୁଟି, ଦାଢ଼ି, ନଖ କାଟି ତାଙ୍କର ଚିକିତ୍ସା ଓ ଖାଦ୍ୟପେୟର ବ୍ୟବସ୍ଥା କରିଥିଲେ। ଏହାପରେ ହୋମ୍ ରେଡିଓରେ ପଶ୍ଚିମବଙ୍ଗ ରେଡିଓ କ୍ଲବ୍‌କୁ ଫଟୋ ପଠାଇବା ପରେ ତାଙ୍କ ପୁତୁରା ସୁବାସ ତାଙ୍କୁ ଭିଡିଓ ମାଧ୍ୟମରେ ଚିହ୍ନଟ କରିବାରୁ ତାଙ୍କ ଫେରିବା ପାଇଁ ବାଟ ଫିଟିଥିଲା। ହୋମ୍-ରେଡିଓରେ ପଶ୍ଚିମବଙ୍ଗର ସମ୍ପାଦକ ଅମ୍ବରୀଶ ନାଗ ବାଂଲାଦେଶ ହାଇକମିସନର୍ ଓ ଭାରତୀୟ ଦୂତାବାସ ସହ ଯୋଗଯୋଗ କରିଥିଲେ। ମାତ୍ର ଆଇନଗତ ଜଟିଳତା ଓ ଆର୍ଥିକ ଅନଟନ ସମସ୍ୟା ମୁଣ୍ଡ ଟେକିଥିଲା। କିନ୍ତୁ ସରକାରଙ୍କ ପକ୍ଷରୁ ଏହାକୁ ଦୂର କରାଯାଇଛି। ଫଳରେ ତାଙ୍କ ପୁତୁରା ଓ ସମ୍ପର୍କୀୟ ପ୍ରଶାସନ ମାଧ୍ୟମରେ ତାଙ୍କୁ ଘରକୁ ଫେରାଇବା ପାଇଁ ଭାରତ-ବାଂଲାଦେଶ ସୀମାକୁ ଗସ୍ତ କରିଛନ୍ତି। ଶନିବାର ସେମାନେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ପହଞ୍ଚିବା ପରେ 'ବେନାପୋଲ' ବର୍ଡର୍‌କୁ ଗସ୍ତ କରିବେ ବୋଲି ଜଣାଯାଇଛି।

## ଅଣସଂରକ୍ଷିତ କୀର୍ତ୍ତିରାଜି ଚିହ୍ନଟ ପାଇଁ ଗଠନ ହେବ କମିଟି

ଭୁବନେଶ୍ୱର, ୫।୧୨(ସମିସ): ରାଜ୍ୟର ୪୦୦୦ରୁ ଉଦ୍ଧ୍ୱର୍ କୀର୍ତ୍ତିରାଜି ଚିହ୍ନଟ ହୋଇଛି ଏବଂ ଏହା ଉପରେ ଗବେଷଣା ପାଇଁ ନିଷ୍ପତ୍ତି ହୋଇଛି ବୋଲି ଆଜି ପ୍ରଶ୍ନକାଳରେ ସଂସ୍କୃତି ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ସୂଚନା ଦେଇଛନ୍ତି।

ମନ୍ତ୍ରୀଙ୍କ ସୂଚନା ଅନୁଯାୟୀ, ଅଣସଂରକ୍ଷିତ କୀର୍ତ୍ତିରାଜି ଚିହ୍ନଟ ପ୍ରକ୍ରିୟା ଆଗକୁ ନେବାପାଇଁ ସେଣ୍ଟର୍ ଫର୍ ହେରିଟେଜ୍ ଷ୍ଟଡିଜ ସହ ରାଜ୍ୟ ସରକାର ଏକ ଚୁକ୍ତି ସ୍ୱାକ୍ଷର କରିଛନ୍ତି। ଆଗକୁ ରାଜ୍ୟ ସରକାର ବିଭିନ୍ନ ବ୍ୟକ୍ତିବିଶେଷ, ବିଶେଷଜ୍ଞଙ୍କୁ ନେଇ ଏକ ଟିମ୍ ଗଠନ କରିବେ। ଏହି ଟିମ୍‌ର କାର୍ଯ୍ୟକାଳ ୩ ବର୍ଷ ରହିବ। ଟିମ୍‌ର ଚିହ୍ନଟ ପ୍ରକ୍ରିୟା ପରେ ସବୁ କ୍ଷେତ୍ରକୁ ବିଚାର କରି ଚିହ୍ନିତ କୀର୍ତ୍ତିରାଜିର ପାରିପାଶ୍ୱରିକ ବିକାଶ କରାଯିବ ବୋଲି ମନ୍ତ୍ରୀ ଗୃହରେ ସୂଚନା ରଖିଛନ୍ତି।

**୩ ବର୍ଷରେ ସରିବ ଚିହ୍ନଟ ପ୍ରକ୍ରିୟା**

ଶୁକ୍ରବାର ପ୍ରଶ୍ନକାଳରେ ମୂଳ ପ୍ରଶ୍ନକର୍ତ୍ତା ମନୋରଞ୍ଜନ ଦ୍ୟାନ ସାମନ୍ତରାୟ ଏବଂ ଅନ୍ୟ ସଦସ୍ୟମାନେ ନିଜ ନିଜ ଅଞ୍ଚଳର ଐତିହ୍ୟ, କୀର୍ତ୍ତିରାଜି ସୁରକ୍ଷା ପାଇଁ ପଦକ୍ଷେପ ନେବାକୁ ଦାବି କରିଥିଲେ। ଉତ୍ତରରେ ମନ୍ତ୍ରୀ କହିଥିଲେ ଯେ ରାଜ୍ୟରେ କେନ୍ଦ୍ର ସରକାରଙ୍କ ଦ୍ୱାରା ୮୨ଟି ଐତିହ୍ୟ ଚିହ୍ନଟ କରାଯାଇଛି। ସେହିପରି ରାଜ୍ୟ ସରକାର ୨୧୨ଟି ଐତିହ୍ୟକୁ ମାନ୍ୟତା ଦେବା ସହ ଏହାର ସଂରକ୍ଷଣ କରୁଛନ୍ତି। ତେବେ ୪୦-୫୦ ବର୍ଷ ପୂର୍ବେ ଇନ୍‌ଟାକ୍ ଦ୍ୱାରା ଏକ ବେସରକାରୀ ସର୍ଭେ କରାଯାଇଥିଲା। ଏଥିରେ ରାଜ୍ୟରେ ୪୦୦୦ ଐତିହ୍ୟ ରହିଥିବା ନେଇ ରିପୋର୍ଟ ପ୍ରକାଶ ପାଇଥିଲା। ଐତିହ୍ୟ ଚୋରି କ୍ଷେତ୍ରରେ ଓଡ଼ିଶାର ନାମ ସର୍ବଭାରତୀୟ ସ୍ତରରେ ଖରାପ ଅଛି। ତେଣୁ ପ୍ରତ୍ୟେକ ଐତିହ୍ୟ, କୀର୍ତ୍ତିରାଜିର ଡକ୍ୟୁମେଣ୍ଟେସନ ହେବାର ଆବଶ୍ୟକତା ରହିଛି ବୋଲି ମନ୍ତ୍ରୀ କହିଛନ୍ତି।

ବିଧାୟକ ଅଶ୍ୱିନୀ ପାତ୍ରଙ୍କ ଏକ ପ୍ରଶ୍ନରେ ମନ୍ତ୍ରୀ କହିଛନ୍ତି ଯେ କଟକ ବାଲିଯାତ୍ରାକୁ ୟୁନେସ୍କୋ ଦ୍ୱାରା ମାନ୍ୟତା ଦେବା ପାଇଁ ସରକାର ପ୍ରୟାସ କରୁଛନ୍ତି। ସେହିପରି ସଦସ୍ୟ ଯୋଗେଶ ସିଂ, ପବିତ୍ର ସାଉନ୍ତା, ଭାସ୍କର ମଢ଼େଇ ପ୍ରମୁଖ ନିଜ ନିଜ ଅଞ୍ଚଳର ପୁରାତନ ମନ୍ଦିର, ପୁଷ୍କରିଣୀ ଏବଂ ଐତିହ୍ୟର ବିକାଶ ନେଇ ମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ। ବାଚସ୍ପତି ସୁରମା ପାଢ଼ୀ ଏନେଇ ରୁଲିଂ ଦେଇ କହିଥିଲେ ଯେ ପ୍ରତ୍ୟେକ ନିର୍ବାଚନମଣ୍ଡଳୀରେ ଐତିହ୍ୟ କିର୍ତ୍ତୀରାଜି ରହିଛି। ପ୍ରାୟ ୧୫ ଜଣ ବିଧାୟକ ଏନେଇ ମନ୍ତ୍ରୀଙ୍କ ଧ୍ୟାନ ଆକର୍ଷଣ କରିବାକୁ ଚାହୁଁଛନ୍ତି। ତେଣୁ ସଦସ୍ୟମାନେ ଏନେଇ ମନ୍ତ୍ରୀଙ୍କୁ ଫର୍ଦ୍ଦକିଆ ନୋଟ୍ ପ୍ରଦାନ କରନ୍ତୁ ଏବଂ ମନ୍ତ୍ରୀ ଏହା ଉପରେ ଅନୁଧ୍ୟାନ କରନ୍ତୁ ବୋଲି ବାଚସ୍ପତି କହିଥିଲେ।


**ସୁକରପଡ଼ା ମଦ୍ରାସାରେ ମୌଲବି ପଦ ପାଇଁ ଦରଖାସ୍ତ ଆହ୍ୱାନ**

ସୁକରପଡ଼ା ସ୍ଥିତ ମଦ୍ରାସା ଇସଲାମିଆ ମୋହିଉଦ୍ଦିନ୍‌ରେ ଖାଲିଥିବା ଏକ ଗୋଟି ମୌଲବି ପଦବୀ ପୂରଣ ପାଇଁ ନିଯୁକ୍ତି ବିଜ୍ଞପ୍ତି ପ୍ରକାଶ ପାଇଛି। ଏହି ପଦ ପାଇଁ ଆବଶ୍ୟକୀୟ ଯୋଗ୍ୟତା ଥିବା ଇଚ୍ଛୁକ ପ୍ରାର୍ଥୀମାନଙ୍କୁ ସାକ୍ଷାତକାରରେ ଯୋଗଦେବା ପାଇଁ ନିର୍ଦ୍ଦେଶ ଦିଆଯାଇଛି। ନିର୍ଦ୍ଧାରିତ ସୂଚୀ ଅନୁଯାୟୀ, ଆସନ୍ତା ତା ୧୫/୧୨/୨୦୨୫ ରିଖ ସୋମବାର ଦିନ ଦିବା ୧୦ ଘଟିକାରେ ସାକ୍ଷାତକାର ଅନୁଷ୍ଠିତ ହେବ। ଏଥିପାଇଁ ଇଚ୍ଛୁକ ପ୍ରାର୍ଥୀମାନେ ସେମାନଙ୍କ ଦରଖାସ୍ତ ଫର୍ମ, ଶିକ୍ଷାଗତ ଯୋଗ୍ୟତା ଏବଂ ବୟସ ସମ୍ବନ୍ଧୀୟ ସମସ୍ତ ପ୍ରମାଣପତ୍ରର ମୂଳ କପି ଏବଂ ଅବିକଳ ନକଲ ସହିତ ଉପସ୍ଥିତ ହେବାକୁ କୁହାଯାଇଛି। ମୌଲବି ପଦବୀ ପାଇଁ ଆବେଦନ କରୁଥିବା ପ୍ରାର୍ଥୀଙ୍କ ବୟସ ସୀମା ୧୮ ବର୍ଷରୁ କମ୍ କିମ୍ବା ୩୨ ବର୍ଷରୁ ଅଧିକ ହୋଇ ନ ଥିବ। ଶିକ୍ଷାଗତ ଯୋଗ୍ୟତା କ୍ଷେତ୍ରରେ, ପ୍ରାର୍ଥୀ ଓଡ଼ିଶା ମଦ୍ରାସା ବୋର୍ଡ଼ରୁ ମାହିର ଉତ୍ତୀର୍ଣ୍ଣ ହୋଇଥିବା ଅନିବାର୍ଯ୍ୟ। ଏହା ସହିତ ସାଧାରଣ ବିଇଡି ଯୋଗ୍ୟତା କିମ୍ବା ଓଟିଇଟି ଉତ୍ତୀର୍ଣ୍ଣ ହୋଇଥିବା ଆବଶ୍ୟକ। ଆବେଦନକାରୀମାନେ ସାକ୍ଷାତକାର ସମୟରେ ନଗଦ ୨୫୦ ଟଙ୍କା ଫି' ଆକାରରେ ଦାଖଲ କରିବେ ଏବଂ ଦରଖାସ୍ତ ସହିତ ସମସ୍ତ ଆବଶ୍ୟକୀୟ ପ୍ରମାଣପତ୍ରର ନକଲ ସଂଯୁକ୍ତ କରିବେ। ମଦ୍ରାସା କର୍ତ୍ତୃପକ୍ଷଙ୍କ ପକ୍ଷରୁ ଇଚ୍ଛୁକ ପ୍ରାର୍ଥୀମାନଙ୍କୁ ନିର୍ଦ୍ଧାରିତ ସମୟ ପୂର୍ବରୁ ଉପସ୍ଥିତ ରହିବାକୁ ସୂଚନା ଦିଆଯାଇଛି।

MADRASA ISLAMIA MOHINDDIN
AT/PO-SUKARAPADA DIST-CUTTACK ODISHA
MOBILE-9938067758

OFFICE OF THE SORO MUNICIPALITY, SORO, BALASORE

No. 5138 Date 01.12.2025

C-1643

"e" Procurement Notice

BID Identification No. SOROM_06_2025-26.

Bid Documents consisting of Work, Estimated Cost, Cost of Tender Paper, EMD, time of completion, class of contractors and the set of terms and conditions of contract and other necessary documents can be seen in Government website i.e. www.tendersodisha.gov.in

| | | |
|---|---|---|
| 1. Name of the Work | : | Construction of Civil work as mentinoed in DTCN |
| 2. No. of works | : | 78 nos. |
| 3. Estimated Cost | : | As per Work List |
| 4. Period of Completion | : | 90 days. |
| 5. Date &Time of availability of Bid documents in the Portal | : | 05.12.25 at 10.00 A.M. to 15.12.25 up to 5.00P.M. |
| 6. Last date & time for receipt of bids in the portal | : | 15.12.2025 up to 05:00 P.M. |
| 7. Bid received online shall be opened on | : | 16.12.2025 at 10:00 A.M. |
| 8. Name and address of the officer inviting Bid | : | Executive Officer, Soro Municipality |

Further details can be seen from the procurement portal i.e. www.tendersodisha.gov.in

Executive Officer
Soro Municipality

OIPR-13166/11/0021/2526

## ଆଜିର ରାଶିଫଳ

**ମେଷ:** ଅଫିସ୍‌ରେ ସମସ୍ୟା ଦେଖା ଦେଇପାରେ। ଗୁରୁଜନଙ୍କ ସହ ଉତ୍ତମ ବୁଝାମଣା ରହିବ। ଆର୍ଥିକ ଦୃଷ୍ଟିରୁ ଦିନଟି ଉତ୍ତମ। ରୋଜଗାର ବୃଦ୍ଧି ହେବ। ମନ ପ୍ରସନ୍ନ ରହିବ। ଜୀବନସାଥୀଙ୍କ ସହଯୋଗ ମିଳିବ।

**ବୃଷ:** ଦିନଟି ମିଶ୍ରଫଳ ପ୍ରଦାନ କରିବ। କୌଣସି କାର୍ଯ୍ୟ ବିଗିଡ଼ି ଯାଇପାରେ। ଧାର୍ମିକ କାର୍ଯ୍ୟ ପ୍ରତି ଆଗ୍ରହ ବଢ଼ିବ। ଆଚରଣରେ ନିୟନ୍ତ୍ରଣ ରକ୍ଷା କରିବେ। ଆତ୍ମବିଶ୍ୱାସର ସହ କାର୍ଯ୍ୟ କରିବେ।

**ମିଥୁନ:** ବିରୋଧୀଙ୍କ ସହ ମତାନ୍ତର ଦୂର ହେବ। ଆଇନ ସମ୍ବନ୍ଧୀୟ ମାମଲା ଆପଣଙ୍କ ସପକ୍ଷରେ ଯିବ। ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଭଲ। ଦୂରସ୍ଥାନକୁ ଯାତ୍ରା କରିପାରନ୍ତି।

**କର୍କଟ:** ଦାନଧର୍ମରେ ଦିନଟି ଅତିବାହିତ କରିବେ। ବିଦ୍ୟାର୍ଥୀ ବିଦେଶ ଯାତ୍ରା କରିବେ। ଗରିବଙ୍କୁ ସାହାଯ୍ୟ କରିବେ। ମାନସିକ ଶାନ୍ତି ମିଳିବ। ଖର୍ଚ୍ଚରେ ନିୟନ୍ତ୍ରଣ ରକ୍ଷା କରିବେ। ମାନ ସମ୍ମାନ ବୃଦ୍ଧି ପାଇବ।

**ସିଂହ:** ଆର୍ଥିକ ସମସ୍ୟା ସୃଷ୍ଟି ହେବ। ବ୍ୟବସାୟରେ ସଫଳତା ମିଳିବ। କାର୍ଯ୍ୟକ୍ଷେତ୍ରରେ ବିଶେଷ ଧ୍ୟାନ ଦେବେ। କାର୍ଯ୍ୟ ଧାରାରେ ପରିବର୍ତ୍ତନ ଆଣିବେ। ବିଦ୍ୟାର୍ଥୀ ଉଚ୍ଚଶିକ୍ଷା ନିମନ୍ତେ ବିଦେଶ ଯାତ୍ରା କରିପାରନ୍ତି।

**କନ୍ୟା:** ସମାଜରେ ମାନ ସମ୍ମାନ ବୃଦ୍ଧି ପାଇବ। ବନ୍ଧୁଙ୍କ ସହାୟତାରେ କାମ ପୂରା କରିବେ। ଛାତ୍ରଛାତ୍ରୀ ପଢ଼ାକୁ ନେଇ ଚିନ୍ତାରେ ରହିବେ। ସ୍ୱାସ୍ଥ୍ୟ ସମସ୍ୟା ଉପୁଜିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ତୁଳା:** ଦିନଟିରେ ସଫଳତା ମିଳିବ। ପୈତୃକ ବ୍ୟବସାୟରୁ ଲାଭବାନ ହେବେ। ସକାରାତ୍ମକ ଚିନ୍ତାଧାରାରେ ସମସ୍ତ କାର୍ଯ୍ୟ କରିବେ। ଆର୍ଥିକ ଲାଭ ମିଳିବ। କଣ୍ଠଶିଳ୍ପୀଙ୍କ ପାଇଁ ଦିନଟି ଭଲ।

**ବିଛା:** ବାଦବିବାଦରୁ ଦୂରେଇ ରହିବେ। ତରବରିଆ ଭାବେ ନିଷ୍ପତ୍ତି ନେବେ ନାହିଁ। କାମରୁ ଲାଭ ଓ ସଫଳତା ମିଳିବ। ବ୍ୟବସାୟରେ ଦୂରସ୍ଥାନକୁ ଯାତ୍ରା କରିବେ। ପ୍ରେମ ସମ୍ପର୍କ ସୁଖମୟ ହେବ।

**ଧନୁ:** କାର୍ଯ୍ୟକ୍ଷେତ୍ରରେ ଆତ୍ମବିଶ୍ୱାସର ଅଭାବ ରହିବ। ପରିଶ୍ରମ ଅନୁସାରେ ସଫଳତା ମିଳିବ। ପୁରୁଣା ବନ୍ଧୁଙ୍କ ସହ ସାକ୍ଷାତ ଯୋଗ ରହିଛି। ମହିଳାମାନେ ଘର କାମରେ ବ୍ୟସ୍ତ ରହିବେ।

**ମକର:** ବିବାହ ପ୍ରସ୍ତାବ ଆସିବ। ଧନଲାଭ ଯୋଗ ଅଛି। କୌଣସି କଥାକୁ ନେଇ ଅଧିକ ଚିନ୍ତା କରିବେ ନାହିଁ। ଡାକ୍ତରୀ ଛାତ୍ରଛାତ୍ରୀଙ୍କୁ ନିଯୁକ୍ତି ସୁଯୋଗ ମିଳିବ। ଉଧାର ଟଙ୍କା ଫେରି ପାଇବେ।

**କୁମ୍ଭ:** ପରନିନ୍ଦାରୁ ଦୂରେଇ ରୁହନ୍ତୁ। ପ୍ରେମିକ-ପ୍ରେମିକାଙ୍କ ମଧ୍ୟରେ ମତାନ୍ତର ଦେଖା ଦେବ। ରଣନୀତିରେ କାମ କରିବେ ଏବଂ ସଫଳତା ପ୍ରାପ୍ତି ହେବ। ସ୍ୱାସ୍ଥ୍ୟ ସମସ୍ୟା ପାଇଁ ଖର୍ଚ୍ଚାନ୍ତ ହେବେ।

**ମୀନ:** ଅଫିସ୍‌ରେ ପ୍ରତିଷ୍ଠା ବଢ଼ିବ। ଆର୍ଥିକ ଦୃଷ୍ଟିରୁ ଦିନଟି ଶୁଭ। କାମ ଆରମ୍ଭ ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ। ବ୍ୟବସାୟୀ କୌଣସି ଶୁଭ ଖବର ପାଇବେ। ଚକ୍ଷୁ ସମସ୍ୟା ଭୋଗିପାରନ୍ତି।

- ୧୭୬୮ - ଏନ୍‌ସାଇକ୍ଲୋପିଡିଆ ବ୍ରିଟାନିଆର ପ୍ରଥମ ସଂସ୍କରଣ ପ୍ରକାଶିତ।
- ୧୯୧୭-ଫିନ୍‌ଲ୍ୟାଣ୍ଡ ଋଷ୍‌ରୁ ସ୍ୱାଧୀନ ହେଲା।
- ୧୯୫୬- ଭାରତୀୟ ସମ୍ବିଧାନର ଜନକ ବାବାସାହେବ ଆମ୍ବେଦକରଙ୍କ ନିଧନ।
- ୧୯୭୨- ରାଷ୍ଟ୍ରୀୟ ନିରାପତ୍ତା ପରିଷଦର ସ୍ଥାପନା।
- ୧୯୯୯-ଇଣ୍ଡୋନେସିଆ ଜେଲ୍‌ରୁ ୨୮୩ କଏଦୀ ଫେରାର୍।


# କାମ ନ ସାରିଲେ କାଫେରୁ ଆସିବା ମନା

ଅନେକ ଲୋକଙ୍କର କାମକୁ ସଙ୍ଗେ ସଙ୍ଗେ ସାରିବା ଅଭ୍ୟାସ ନ ଥାଏ। ସେଥିପାଇଁ ସେମାନେ ସମୟ ଗଡ଼ାଇ ଚାଲନ୍ତି। ହେଲେ ଜାପାନରେ ଏମିତି ଏକ କାଫେ ଅଛି, ଯାହାକି ଲୋକଙ୍କର ଏହି ଅଭ୍ୟାସରେ ସୁଧାର ଆଣିବାରେ ସଫଳ ହୋଇଛି କହିଲେ ଭୁଲ୍ ହେବ ନାହିଁ। କୋଏନଜିକିଟା ଅଞ୍ଚଳରେ ଥିବା ଏହି କାଫେର ନାଁ ହେଉଛି ମାନୁସ୍କ୍ରିପ୍ଟ ରାଇଟିଂ କାଫେ। କାଫେର ନିୟମ ଅନୁଯାୟୀ, ଥରେ ଏହା ଭିତରକୁ



ପ୍ରବେଶ କଲେ କାମ ନ ସାରି ସେଠାରୁ ବାହାରିବା ମନା। ତେବେ ଜଣେ ଟ୍ରାଭେଲ ବ୍ଲଗର୍ ଏହାର ଭିଡିଓ ସାମାଜିକ ଗଣମାଧ୍ୟମରେ ସେୟାର୍ କରିବା ପରେ ଏହା ସମସ୍ତଙ୍କ ନଜରକୁ ଆସିଛି। ସମୟରେ କାମ ସାରି ପାରୁ ନ ଥିବା ଲୋକଙ୍କ ପାଇଁ ଏହି କାଫେ ଉଦ୍ଦିଷ୍ଟ ବୋଲି କୁହାଯାଉଛି। କାଫେ ଭିତରକୁ ପ୍ରବେଶ କରିବା ମାତ୍ରେ ଗୋଟିଏ କାଗଜରେ ନିଜ ନାଁ, କେଉଁ କାମ କରିବା ଲକ୍ଷ୍ୟ ରଖିଛନ୍ତି ଏବଂ କାମକୁ ପୂରା କରିବାର ସମୟ ଅବଧି ବିଷୟରେ ଲେଖିବାକୁ ହେବ। ସବୁଠୁ ବଡ଼ କଥା ହେଲା, କାମ ନ ସରିବା ପର୍ଯ୍ୟନ୍ତ କାଫେର କର୍ମଚାରୀ ଲୋକଙ୍କୁ ବାହାରକୁ ଛାଡ଼ନ୍ତି ନାହିଁ। ଏହି କାଫେରେ କେବଳ ୧୦ଟି ସିଟ୍ ଅଛି। ଏହା କେବଳ ଲେଖକ, ଏଡିଟର ଏବଂ କଳାକାରମାନଙ୍କ ପାଇଁ ହିଁ ଉଦ୍ଦିଷ୍ଟ। ସେହିପରି ଏଠାରେ ଜଣେ ସୁରୁଖୁରୁରେ କାମ କରିବା ପାଇଁ କାଫେ ପକ୍ଷରୁ ହାଇସ୍ପିଡ ୱାଇଫାଇ ସହ ଚାର୍ଜିଂ ପଏଣ୍ଟର ସୁବିଧା ବି ରହିଛି। କାଫେର ଅନ୍ୟତମ ବିଶେଷତ୍ୱ ହେଉଛି, ଏଠାରେ ଚା' ଓ କଫି ସମ୍ପୂର୍ଣ୍ଣ ମାଗଣା। ସେହିପରି କାମ କେତେ ବାଟ ଆଗକୁ ଗଲା କି ନାହିଁ, କାଫେର କର୍ମଚାରୀ ନଜର ରଖନ୍ତି। ତା'ସହ କାମରୁ ଧ୍ୟାନ ବିଚ୍ୟୁତ ହେଲେ ସେମାନେ କାମ କରିବା ଲାଗି ପ୍ରୋତ୍ସାହିତ କରନ୍ତି। ଅନ୍ୟପଟେ କରୋନାରେ ୱାର୍କ ଫ୍ରମ୍ ହୋମ୍ ଆରମ୍ଭ ହେବାରୁ ଏହି କାଫେର ଆରମ୍ଭ ହୋଇଥିଲା। କାରଣ ଘରେ ଲୋକେ କାମ କରିବା ବେଳେ ସେତେ ବେଶି ଧ୍ୟାନ କେନ୍ଦ୍ରିତ କରିପାରନ୍ତି ନାହିଁ। ଏଣୁ କାଫେ ମାଲିକ ଏମିତି ଏକ ସ୍ଥାନ ତିଆରି କଲେ, ଯେଉଁଠି କାମ ସାରିବାର ସମୟ ସୀମା ନିର୍ଦ୍ଧାରଣ କରାଗଲା। ଅବଶ୍ୟ କାମ ଏଠାରେ ଶେଷ ହେବା ପରେ ଗ୍ରାହକଙ୍କୁ ଏକ ଷ୍ଟିକର ମିଳେ ଏବଂ ଏହା କାମରୁ ମୁକ୍ତ ହେବା କଥାକୁ ସୂଚାଏ। ଅନ୍ୟପଟେ ଗ୍ରାହକଙ୍କୁ ଏଠାରେ ବସିବା ଲାଗି ଘଣ୍ଟା ପ୍ରତି ୨୫୦ ଟଙ୍କା ଦେବାକୁ ପଡ଼ିଥାଏ। ଲୋକେ କାଫେର ଏହି ନିୟମକୁ ନେଇ ଭିନ୍ନ ଭିନ୍ନ ପ୍ରତିକ୍ରିୟା ଦେଇଛନ୍ତି।

# ରାତିରେ ଲାଇଟ୍ ଜଳାଇ ଶୋଇବା କ୍ଷତିକାରକ



ଅନେକ ଲୋକ ରାତିରେ ଶୋଇବା ପୂର୍ବରୁ ଲାଇଟ୍ ବନ୍ଦ କରିକି ଶୁଅନ୍ତି। ଆଉ କେତେ ଜଣ ଅନ୍ଧାରକୁ ଡରି ରାତିରେ ଲାଇଟ୍ ଜଳାଇ ଶୁଅନ୍ତି। ତେବେ ହାଭାର୍ଡ ବିଶ୍ୱବିଦ୍ୟାଳୟର ଏକ ଗବେଷଣାରେ ରାତିରେ ଲାଇଟ୍ ଜଳାଇ ଶୋଇବା ଆଦୌ ଭଲ ନୁହେଁ ବୋଲି କୁହାଯାଇଛି। ବିଶ୍ୱବିଦ୍ୟାଳୟର ଗବେଷକମାନେ ଲୋକଙ୍କ ଶୋଇବା ଉପରେ ଏକ ଗବେଷଣା କରିଥିଲେ। ଏହି ଗବେଷଣାରୁ ସାମ୍ନାକୁ ଆସିଲା ଯେ, ରାତିରେ ଶୋଇବା ବେଳେ କୃତ୍ରିମ ଆଲୋକ ଆଖି ଉପରେ ପଡ଼ିଲେ ଏହାଦ୍ୱାରା ହୃଦୟ ଓ ମସ୍ତିଷ୍କ ପ୍ରଭାବିତ ହୋଇଥାଏ। ଗବେଷଣାରେ ଦେଖାଯାଇଛି ଯେ, ଶୋଇବା ବେଳେ ଅଳ୍ପ ଆଲୋକ ଯଦି ଆଖି ଉପରେ ପଡ଼େ, ମସ୍ତିଷ୍କ ସକ୍ରିୟ ହୋଇ ଉଠେ। ଏଥିଯୋଗୁଁ ଧମନୀରେ ରକ୍ତ ସଞ୍ଚାର ଦ୍ରୁତ ଗତିରେ ହୁଏ। ତେବେ ରକ୍ତ ପ୍ରବାହ ଦ୍ରୁତ ଗତିରେ ହେଲେ ଏହା ହୃଦୟ ଉପରେ ପ୍ରଭାବ ପକାଏ। ତେଣୁ ରାତିରେ ଲାଇଟ୍ ଲଗାଇ ଶୋଇବା ଉଭୟ ହୃଦୟ ଏବଂ ମସ୍ତିଷ୍କ ପାଇଁ କ୍ଷତିକାରକ। ରାତିରେ ଲାଇଟ୍ ଜଳାଇବା ଦ୍ୱାରା ଏହାର ପ୍ରଭାବ ପୂରା ଶରୀର ଉପରେ ପଡ଼େ। ଅନ୍ୟପଟେ ଲାଇଟ୍ ଲଗାଇ ରାତିରେ ଶୋଇବା ଅଭ୍ୟାସରେ ପରିବର୍ତ୍ତନ ଆଣିବାକୁ ଗବେଷକମାନେ ପରାମର୍ଶ ଦେଇଛନ୍ତି।

# ଜାନୁଆରୀ ୧୬ରେ 'ହ୍ୟାପି ପଟେଲ'

ବଲିଉଡ୍‌ର ମିଷ୍ଟର ପରେଫକ୍ଟନିଷ୍ଟ ଅମିର୍ ଖାନ୍‌ଙ୍କ ପ୍ରଯୋଜିତ ଗୁଇନ୍ଦାଭିତ୍ତିକ ଫିଲ୍ମ 'ହ୍ୟାପି ପଟେଲ :ଖତରନାକ ଜାସୁସ୍'ର ବିଧିବଦ୍ଧ ଭାବେ ଘୋଷଣା କରାଯାଇଛି। ଜଣାଶୁଣା ଷ୍ଟାଣ୍ଡଅପ୍ କମେଡିଆନ୍ ବୀର ଦାସ ଏହି ଫିଲ୍ମ ମାଧ୍ୟମରେ ତାଙ୍କ ନିର୍ଦ୍ଦେଶନା କ୍ୟାରିୟର ଆରମ୍ଭ କରିଛନ୍ତି। ମୋନା ସିଂହ ଓ ବୀର ଦାସ ଏଥିରେ ଲିଡ୍ ରୋଲରେ ନଜର ଆସିବେ। ଫିଲ୍ମର ଟାଇଟଲ୍ ଭଳି ଏହାର ଆନାଉନ୍ସମେଣ୍ଟ ଭିଡିଓ ବି ବେଶ୍ ଆକର୍ଷଣୀୟ ହୋଇଛି। ଭିଡିଓରେ ଅମିର୍ ବୀର୍‌ଙ୍କୁ ଫିଲ୍ମରେ ଆକ୍ସନ୍, ସ୍ପାଇ କାହିଁ ବୋଲି ପ୍ରଶ୍ନ କରିବା ସହ ଏହା ଏକ ଫ୍ଲପ୍ ଫିଲ୍ମ ହେବ ବୋଲି କହି ପିଟିଛନ୍ତି। ଏହି ସମୟରେ ସେଠାରେ ଦର୍ଶକ ପହଞ୍ଚି ଫିଲ୍ମର ପ୍ରଶଂସା କରିଛନ୍ତି। ଏହାପରେ ଅମିର୍‌ଙ୍କ ସ୍ୱର ବଦଳି ଯାଉଛି, ସେ ଦର୍ଶକଙ୍କ ହଁରେ ହଁ ମିଶାଇଛନ୍ତି। ବୀର ଓ ଅମିର୍‌ଙ୍କ ଏହି ପ୍ରମୋସନାଲ ଭିଡିଓ ଦର୍ଶକଙ୍କୁ ଖୁବ୍ ପସନ୍ଦ ଆସିଛି। ଏହି ଫିଲ୍ମ ଆସନ୍ତା ଜାନୁଆରୀ ୧୬ରେ ପରଦାକୁ ଆସିବ। ଏଠାରେ ପ୍ରକାଶ ଥାଉ କି, ଅମିର୍‌ଙ୍କ ପ୍ରଡକ୍ସନ୍ ହାଉସ୍ ବେଶ୍ ଦମ୍‌ଦାର୍ କାହାଣୀ ପରଦାକୁ ଆଣିଥାଏ। 'ଲଗାନ୍', 'ତାରେ ଜମିନ୍ ପର', 'ଦଙ୍ଗଲ' ଓ 'ସିକ୍ରେଟ୍ ସୁପରଷ୍ଟାର୍' ପରେ ଅମିର୍‌ଙ୍କ ପ୍ରଡକ୍ସନ କମ୍ପାନି ଦର୍ଶକଙ୍କୁ 'ହ୍ୟାପି ପଟେଲ' ମାଧ୍ୟମରେ ଏକ ନୂଆ ଅନୁଭୂତି ଦେବାକୁ ଯାଉଛି। 'ଦିଲ୍ଲୀ ବେଲି' ପରେ ବୀର ଓ ଅମିର୍ ପୁଣି ଥରେ ଏକାଠି କାମ କରୁଛନ୍ତି।



## ବହି ଆମର ସାଥୀ





ସୁଜିତ କୁମାର ମିଶ୍ର

ସକଳ ଜ୍ଞାନ ଅର୍ଜନ ପାଇଁ
ବହି ଆମର ସାଥୀ,
ରଖିବା ତାକୁ ସାଇତି ଆମେ
ଅତି ଆଦରେ ନିତି ।
ସବୁ ସପନ ସଫଳ ହୁଏ
ଥିଲେ ପାଖରେ ବହି,
ମନ ଭିତର ବହୁ ପ୍ରଶ୍ନର
ଉତ୍ତର ଦିଏ କହି ।
ବହି ପଢ଼ିକି କଲାମ୍ ହେଲେ
ସଂସାରେ ବୈଜ୍ଞାନିକ,
ଚମକିଲେ ସେ ସାରା ବିଶ୍ୱରେ
ହୋଇଲେ ବଡ଼ଲୋକ ।
ଜଗାଏ ବହି ଆତ୍ମବିଶ୍ୱାସ
ସନ୍ଦେହ କରି ଦୂର,
ସଫଳକାମୀ ମଣିଷ ଗଢ଼େ
ଶ୍ରଦ୍ଧାରେ ନିରନ୍ତର ।
ବହିଟି ପରା ଜଣା ଅଜଣା
ନୀତିଶିକ୍ଷାରେ ଭରା,
ଆମ ଜୀବନ ଚଲାପଥରେ
ସିଏ ଆଲୋକ ଧାରା ।
ଦୁଃଖ ବେଳାରେ ଥାଏ ସେ ପାଖେ
ଆପଣା ଲୋକ ହୋଇ,
ପଢ଼ିଲେ ପିଲେ ସୁଖର ହସ
ପରାଣୁ ଝରୁଥାଇ ।
ନ ଥିଲେ କେହି ପାଖରେ କେବେ
ବହିଟି ଆଶାବାଡ଼ି,
ତା' ପାଇଁ ସିନା ଆମ ଜୀବନ
ଆଗକୁ ଯାଏ ମାଡ଼ି ।■

ଜନାର୍ଦ୍ଦନପୁର ଶାସନ
କେନ୍ଦୁଝର
ମୋ- ୭୬୮୩୮୬୭୭୪୨

## ଶୀତ ଆଗମନେ



ଚିତ୍ତରଞ୍ଜନ ମହାନ୍ତି

ଶୀତ ଆସେ ପାଦ ଥାପି
ପୌଷ,ମାଘ ମାସ ଦୁଇ
ଶୀତକୁ ଯାଉନା ଡରି
ବୋଉ କୋଳ ଭରସି ।।
ଶୀତ ଆସେ ମଠେଇ
ମାଘ ଧରେ ଜଡ଼େଇ
ବୋଉ ଖୋଜେ ରେଜେଇ
ଶୀତ ଖେଳେ ଲୁଚକାଳି ।।
ସବୁରି ପ୍ରିୟ ଶୀତ
ରେଜେଇ କମ୍ବଳ ଖୋଜ
ଘୋଡ଼େଇ ଦେଲେ ଦେହ
ଶୀତ ସାଥେ ହୁଏ ମିତ ।।
ଥିଲେ ବି ଶୀତର ଜାଡ଼
ଏଦୁନିଆ ଦିଏ ଶ୍ରେଷ୍ଠ
ଚାଷୀଭାଇ ଓଠେ ହସ
ଦେଖି ତା'ର ସୁନା କ୍ଷେତ ।।
ଶୀତରେ ପରବ ସକଳ
ପିଠାପଣାର ମହକ !
ତରୁ ଲତା ଫୁଲ ଫଳ
ପନି ପରିବା ସବୁଜ ।।
ଶୀତ ଏମିତିକା ଋତୁ
ଥକୁନା କାମ କରିଯାଉ
ପ୍ରକୃତି ଶୋଭା ଅପରୂପା
ବଢେ ଜିଇଁବାର ଆଶା ।।
ଶୀତ ଲୋଡ଼େ ଉଷ୍ମତା
ଗ୍ରୀଷ୍ମ ଲୋଡ଼େ ଶୀତଳତା
ଇଚ୍ଛାମତେ ସବୁ ମିଳେନା
ସବୁ ଈଶ୍ୱରଙ୍କ ରଚନା ।।■



ତଗିରା,ରାଣୀତାଲ, ଭଦ୍ରକ
ମୋ – ୯୪୩୮୬୭୦୧୫୦

## ପ୍ରହେଳିକା

- କେବେ କେବେ ଶୀତଦିନ ସକାଳେ
  ସୂରୁଜ ନ ଦିଶେ ଆକାଶ କୋଳେ
  ଅନ୍ଧାରୁଆ ଲାଗେ ବାଟ ଓ ଘାଟ
  ଦେହକୁ ଲାଗଇ ଶୀତ ବହୁତ
  ବୁନ୍ଦା ବୁନ୍ଦା ପାଣି ଝରି ପଡ଼ଇ
  ବର୍ଷା ନୁହେଁ ସିଏ ଦେହକୁ ଭିଜାଏ
  ପାରିବକି ତା'ର ନାମଟି କହି।

  ଉତ୍ତର-କୁହୁଡ଼ି

- ଗରମ ପୋଷାକ ଅଟଇ ସିଏ
  ଶୀତଦିନ ହେଲେ ସେ ଦେଖା ଦିଏ
  ପିନ୍ଧିଲେ ଲାଗଇ ଭାରି ସୁନ୍ଦର
  ତା'ପାଇଁ ନଥାଏ ଶୀତକୁ ଡର
  ନାନା ରଙ୍ଗେ ମିଳେ ସିଏ
  ପିଲାଠାରୁ ବୁଢ଼ା ସଭିଏଁ ପିନ୍ଧନ୍ତି
  କୁହ ତା'ର ନାମ କିଏ।

  ଉତ୍ତର-ସୁଇଟର୍

- ହେମାଳ ପବନ ଯେବେ ବହଇ
  ମୁଣ୍ଡରେ ପିନ୍ଧନ୍ତି ଭଉଣୀ ଭାଇ
  ମୁଣ୍ଡ କାନକୁ ସେ ଦିଏ ଘୋଡ଼େଇ
  ଶୀତର କୋପକୁ ଦିଏ ଦୂରେଇ
  କୋମଳ ଦରବଟିଏ
  ଶୀତ କୁହୁଡ଼ିରୁ ରକ୍ଷା କରେ ସିଏ
  କୁହ ତା'ର ନାମ କିଏ।

  ଉତ୍ତର-ଶୀତ ଟୋପି

ରାମଚନ୍ଦ୍ର ବେହେରା
ତେନ୍ତୁଳିପଦା,ଜଗତସିଂହପୁର
ମୋ-୭୩୫୫୬୩୪୩୪୬

## ସୁମନ



# ଗୁରୁଙ୍କର ପରୀକ୍ଷା



ରମେଶ ଚନ୍ଦ୍ର ଦାଶ



ଭାଲୁର ବିଦ୍ୟାଳୟରେ ବିଲୁଆ, ଗୋଧି, ନେଉଳ, ଗଧ, ଅଜଗର ପ୍ରଭୃତି ପ୍ରାଣୀମାନେ ଛାତ୍ର ଥିଲେ। ସେ ବୁଢ଼ା ହୋଇଯିବାରୁ ଆଉ ପୂର୍ବଭଳି ପଢ଼ାଇ ପାରିଲା ନାହିଁ। ସେ ଅବସର ନେଇ ଘରେ ରହିଲା। ଦିନେ ସେ ଭାବିଲା- ମୁଁ ଏତେ ଛାତ୍ରଙ୍କୁ ପାଠ ପଢ଼ାଇଛି। ମୁଁ ସେମାନଙ୍କୁ କହି ମୋ ପାଇଁ ଗୋଟିଏ ଭଲ ଘରଟିଏ ତିଆରି କରାଇବି। ତେଣୁ ସେ ବିଲୁଆ, ଗୋଧି ଓ ନେଉଳଙ୍କୁ ଡାକି ତାର ମନକଥା କହିଲା। ସେମାନେ କହିଲେ-" ଏହା ଆମ ପାଇଁ ସାମାନ୍ୟ କଥା। ଆମେ ନିଶ୍ଚିତ ଭାବରେ ଖୁବ୍ ଶୀଘ୍ର ଆପଣଙ୍କ ରହିବା ପାଇଁ ଏମିତି ଘରଟିଏ ତିଆରି କରିଦେବୁ ଯେ ଯେମିତି ଅନ୍ୟମାନେ ଦେଖିଲେ ଆଶ୍ଚର୍ଯ୍ୟ ହୋଇଯିବେ।" ସେମାନଙ୍କ କଥାରେ ଭାଲୁର ମନ ଭାରି ଖୁସି ହୋଇଗଲା। ସେ ନୂଆଘରେ କେମିତି ରହିବ ସେହିକଥା ସଦାବେଳେ ଭାବିବାରେ ଲାଗିଲା। ପନ୍ଦରଦିନ ମଧ୍ୟରେ ଘର ତିଆରି କରିଦେବେ ବୋଲି ସ୍ଥିର ହେଲା। ତାପରେ ଯେ ଯେଉଁଆଡ଼େ ଚାଲିଗଲେ। ପନ୍ଦର ଦିନ ପୂରିଗଲା। ଘରକାମ ଆରମ୍ଭ ହେଲା ନାହିଁ। ଭାଲୁ ପଚାରିବାରୁ ବିଲୁଆ କହିଲା, "ଆପଣଙ୍କ ପାଇଁ ଯେତେବେଳେ ଘର ହେବ ତାହା ଗୋଟିଏ ଭଲଦିନ ଦେଖି ଆରମ୍ଭ କରାଯିବ। ଆମେ ସେହି ଭଲ ଦିନ ଅପେକ୍ଷାରେ ଅଛୁ।" ପୁଣି କିଛି ଦିନ ଗଲା। ଭାଲୁ ଗୋଧି ଦୁଆରେ ପହଞ୍ଚି ଘରକଥା ପଚାରିବାରୁ ସେ କହିଲା, "ବ୍ୟସ୍ତ ହୁଅନ୍ତୁ ନାହିଁ। ଆପଣଙ୍କର ଯଦି ବର୍ତ୍ତମାନ ରହିବାରେ ଅସୁବିଧା ହେଉଛି ତେବେ ଆମ ଘରେ ରହିପାରନ୍ତି। କିଛି ଅସୁବିଧା ନାହିଁ। ଆମେ ଖୁବ୍ ଶୀଘ୍ର ଆପଣଙ୍କ ଘର ତିଆରି ଆରମ୍ଭ କରୁଛୁ।" ସେ ଆଉ ନେଉଳ ପାଖକୁ ଗଲା ନାହିଁ। ନେଉଳ ବି ସେହିଭଳି କିଛି କହିବ ବୋଲି ଭାଲୁ ମନେକଲା।


କିନ୍ତୁ ନେଉଳ ଅନ୍ୟ କେତେକ ପ୍ରାଣୀଙ୍କୁ ନେଇ ଭାଲୁ ପାଇଁ ଘରଟିଏ ତିଆରି କରି ଦିନେ ଭାଲୁ ଦୁଆରେ ପହଞ୍ଚି ତାକୁ ଡାକିଲା। ଭାଲୁ ଏସବୁ ବାବଦରେ କିଛି ଜାଣି ନ ଥାଏ। ସେ ଯେତେବେଳେ ଶୁଣିଲା ଯେ ନେଉଳ ଏକାକୀ ତା' ପାଇଁ ଘର ତିଆରି କରିଛି ସେ କହିଲା, "ମୁଁ ରହିବା ପାଇଁ ଘର ଚାହୁଁନଥିଲି। ପ୍ରକୃତରେ ତୁମେମାନେ ମୋଠାରୁ କେତେ କର୍ତ୍ତବ୍ୟବୋଧ ଓ ଦାୟିତ୍ୱବୋଧ ଶିକ୍ଷା କରିଛ, ତାହା ଜାଣିବା ପାଇଁ ଏପରି କହିଥିଲି।" ଭାଲୁ ନେଉଳକୁ ଆଶୀର୍ବାଦ ଦେଇ କହିଲା, "ଯେଉଁମାନେ ନିଜ କଥା ଅନୁସାରେ କାମ କରନ୍ତି; ସେମାନେ ଦୁନିଆରେ କୌଣସି ପରିସ୍ଥିତିରେ ହାରନ୍ତି ନାହିଁ। ଯେଉଁମାନେ ଏପରି ନ କରି ଠକିବାର ବାହାନା କରନ୍ତି ସେମାନେ ନିଜକୁ ନିଜେ ଠକି ହୋଇଥାନ୍ତି।" ■

ଶିକ୍ଷାଶ୍ରୀ ଲେନ୍, କୁମ୍ଭାରପଡ଼ା, ପୁରୀ
ମୋ - ୯୭୭୬୨୩୮୫୨୨





ଇଭାଂଶୀ ମିଶ୍ର
ଦ୍ୱିତୀୟ ଶ୍ରେଣୀ
ଡିଏଭି ପବ୍ଲିକ୍ ସ୍କୁଲ
ପୋଖରୀପୁଟ, ଭୁବନେଶ୍ୱର





ପ୍ରଶଂସା ତ୍ରିପାଠୀ
ଅଷ୍ଟମ ଶ୍ରେଣୀ
ଓଡ଼ିଶା ଆଦର୍ଶ ବିଦ୍ୟାଳୟ
ଉତ୍ତରବାଡ଼
ଭଣ୍ଡାରିପୋଖରୀ





କୀର୍ତ୍ତି କ୍ରିଷ୍ଣା ରାଉତ
ଅଷ୍ଟମ ଶ୍ରେଣୀ
ଓଡ଼ିଶା ଆଦର୍ଶ ବିଦ୍ୟାଳୟ
ହଂସପଡ଼ା, ପୁରୀ





ସିଦ୍ଧ ମନୀଷ ସାହୁ
ପଞ୍ଚମ ଶ୍ରେଣୀ
ଗାଇଡାନ୍ସ ଇଂଲିଶ୍ ମିଡିୟମ୍ ସ୍କୁଲ
ଡୁମୁଡୁମା, ଭୁବନେଶ୍ୱର

## ଭାରତ-ଦକ୍ଷିଣ ଆଫ୍ରିକା ଶେଷ ଦିନିକିଆ ଆଜି


# ଟସ୍ ଓ କୁହୁଡ଼ି ହେବ ନିର୍ଣ୍ଣାୟକ

ବିଶାଖାପାଟଣା, ୫।୧୨(ଏଜେନ୍ସି)

ଭାରତ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ ଚାଲିଥିବା ୩ ମ୍ୟାଚ୍ ବିଶିଷ୍ଟ ଦିନିକିଆ ସିରିଜ୍ ନିର୍ଣ୍ଣାୟକ ସ୍ଥିତିରେ ପହଞ୍ଚିଛି। ଏହି ସିରିଜ୍‌ର ପ୍ରଥମ ମ୍ୟାଚ୍‌ରେ ଭାରତ ୧୭ ରନ୍‌ରେ ଓ ଦ୍ୱିତୀୟ ମ୍ୟାଚ୍‌ରେ ଦକ୍ଷିଣ ଆଫ୍ରିକା ୪ ୱିକେଟରେ ବିଜୟୀ ହେବା ଫଳରେ ସିରିଜ୍ ୧-୧ ବରାବର ସ୍ଥିତିରେ ରହିଛି। ଏଠାରେ ଆସନ୍ତାକାଲି ସିରିଜ୍‌ର ତୃତୀୟ ତଥା ନିର୍ଣ୍ଣାୟକ ମୁକାବିଲା ହେବ। ଏଥିରେ ଯେଉଁ ଦଳ ବିଜୟୀ ହେବ ସେହି ଦଳ ୨-୧ ବ୍ୟବଧାନରେ ସିରିଜ୍ କବ୍‌ଜା କରିବ। ଏହା ପୂର୍ବରୁ ଖେଳାଯାଇଥିବା ୨ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍‌କୁ ଦକ୍ଷିଣ ଆଫ୍ରିକା ୨-୦ରେ କ୍ଲିନ୍ ସୁଇପ୍ କରିଥିଲା। ଏଣୁ ଏଠାରେ ଶେଷ ଦିନିକିଆରେ ବିଜୟୀ ହୋଇ ଭାରତ କ୍ରମାଗତ ଦୁଇଟି ସିରିଜ୍ ପରାଜୟ ଏଡ଼ାଇବାକୁ ସମସ୍ତ ପ୍ରକାର ଉଦ୍ୟମ କରିବ। ଏହି ମ୍ୟାଚ୍‌ରେ ଟସ୍ ଓ କୁହୁଡ଼ି ଯେ ମ୍ୟାଚ୍‌ରେ ଶେଷ ମୁକାବିଲାରେ ନିର୍ଣ୍ଣାୟକ ଭୂମିକା ଗ୍ରହଣ କରିବ ଏଥିରେ ସନ୍ଦେହ ନାହିଁ।

ରାୟପୁରରେ ଖେଳାଯାଇଥିବା ଦ୍ୱିତୀୟ ଦିନିକିଆରେ ପ୍ରଥମେ ବ୍ୟାଟିଂ କରି ଭାରତ ୩୫୮ ରନ୍ କରିଥିଲେ ମଧ୍ୟ ଏହି ମୁକାବିଲାକୁ ହାରିଯାଇଥିଲା। ଭ୍ରମଣକାରୀ ଦଳର ବ୍ୟାଟିଂ ଲାଇନ୍ ଏତେ ଶକ୍ତିଶାଳୀ ଯେ, କ୍ୱାଲିଟୀ ବୋଲିଂ ନ ହେଲେ ଯେତେବଡ଼ ଟାର୍ଗେଟକୁ ହାସଲ କରିବାର ଦକ୍ଷତା ରଖିଛି। ଫ୍ଲାଟ ପିଚ୍‌ରେ ଦକ୍ଷିଣ ଆଫ୍ରିକାକୁ ହରାଇବା ଭାରତ ଲାଗି କଷ୍ଟକର। ଘରୋଇ ମାଟିରେ ସ୍ପିନରଙ୍କୁ ଖେଳିବା ଭ୍ରମଣକାରୀ ଦଳ ଲାଗି ସହଜ ହୋଇଯାଇଛି। ଜାଡେଜା, ସୁନ୍ଦର ଓ କୁଲଦୀପଙ୍କୁ ନେଇ ଗଠିତ ଭାରତର ସ୍ପିନ୍ ବାହିନୀ ଆଦୌ ବିପଦ ସୃଷ୍ଟି କରୁନାହିଁ। ଏଣୁ ଭାରତ ବ୍ୟାଟିଂ ଉପରେ ନିର୍ଭର କରୁଛି। ଦଳ ଦିନିକିଆ ମ୍ୟାଚ୍‌ରେ କ୍ରମାଗତ ୧୯ଟି ଟସ୍ ହାରିଛି। ଭାରତରେ ଏବେ ପ୍ରବଳ କୁହୁଡ଼ି ପଡ଼ୁଛି। ପଛରେ ବୋଲିଂ ଓ ଫିଲ୍ଡିଂ କରିବା କଷ୍ଟକର ହେଉଛି। ଏଣୁ ଆସନ୍ତାକାଲି ମ୍ୟାଚ୍‌ରେ ଯେଉଁ ଦଳ ଟସ୍ ଜିତିବ, ସେହିଦଳ ନିଶ୍ଚିତ ଭାବେ ପ୍ରତିପକ୍ଷ ଦଳକୁ ପ୍ରଥମେ ବ୍ୟାଟିଂ କରିବାକୁ ଆମନ୍ତ୍ରଣ କରିବ। କ୍ରମାଗତ ୨୦ତମ ମୁକାବିଲାରେ ଭାରତ ଯଦି ଟସ୍ ନ ଜିତେ ତେବେ ଏହି ସିରିଜ୍ ଜିତିବା ଦଳ ଲାଗି ସ୍ୱପ୍ନ ହୋଇ ରହିଯିବ। ଅନ୍ୟ ପକ୍ଷରେ ଦ୍ୱିତୀୟ ଦିନିକିଆ ମ୍ୟାଚ୍ ଖେଳୁଥିବାବେଳେ ଦକ୍ଷିଣ ଆଫ୍ରିକାର ଦୁଇଜଣ ଖେଳାଳି ତଥା ଫାଷ୍ଟ ବୋଲର ନାନ୍ଦ୍ରେ ବର୍ଗର ଓ ବ୍ୟାଟର ଟୋନି ଡି ଜୋର୍ଜିଙ୍କ ହାମଷ୍ଟ୍ରିଙ୍ଗ୍ ଇଞ୍ଜୁରୀ ହୋଇଛି। ଏମାନେ ଫିଟ୍ ହେବେ ବୋଲି ଆଶା କମ୍। ବର୍ଗରଙ୍କ ସ୍ଥାନରେ ଓଟ୍‌ନେଲ ବାର୍ଟମ୍ୟାନ୍ ଓ ଡି ଜୋର୍ଜିଙ୍କ ସ୍ଥାନରେ ରିୟାନ ରିକେଲଟନଙ୍କ ଖେଳିବା ସମ୍ଭାବନା ରହିଛି।





**ଖେଳ ଆରମ୍ଭ : ଦିନ ୧ଟା ୩୦**

**ପ୍ରସାରଣ : ଷ୍ଟାର୍‌ସ୍ପୋର୍ଟ୍ସ ନେଟ୍‌ୱର୍କ**

**ଲାଇଭ୍ ଷ୍ଟ୍ରିମିଂ : ଜିଓହଟ୍‌ଷ୍ଟାର**

**ସମ୍ଭାବ୍ୟ ଖେଳାଳି ଦଳ**

**ଭାରତ**: ଜୟସ୍ୱାଲ, ରୋହିତ, କୋହଲି, ଗାଏକ୍ୱାଡ୍, ରାହୁଲ (ଅଧିନାୟକ), ସୁନ୍ଦର, ଜାଡେଜା, ରାଣା, କୁଲଦୀପ, ଅର୍ଶଦୀପ ଓ ପ୍ରସିଦ୍ଧ କ୍ରିଷ୍ଣା। ବେଞ୍ଚ୍- ପନ୍ତ, ଜୁରେଲ, ରେଡ୍ଡୀ ଓ ବର୍ମା।

**ଦକ୍ଷିଣ ଆଫ୍ରିକା**: ମାରକ୍ରମ, ଡି କକ, ରିକେଲଟନ, ବଭୁମା (ଅଧିନାୟକ), ବ୍ରିଜ୍‌କେ, ବ୍ରେଭିସ୍, ଜାନ୍‌ସେନ, ବୋଷ୍ଣ, ମହାରାଜ, ଏନ୍‌ଗିଡି, ବାର୍ଟମ୍ୟାନ୍। ବେଞ୍ଚ୍- ହର୍ମନ, ଡି ଜୋର୍ଜି, ବର୍ଗର, ଏନ୍‌ଗିଡି, ସୁବ୍ରାୟେନ୍।

## ● ଏଫ୍‌ଆଇଏଚ୍ ଜୁନିଅର ହକି ବିଶ୍ୱକପ୍

# ସେମିରେ ଭାରତ-ବେଲଜିୟମ୍

ଚେନ୍ନଇ, ୫।୧୨(ଏଜେନ୍ସି): ଭାରତ ଓ ଡିଫେଣ୍ଡିଂ ଚାମ୍ପିଅନ ଜର୍ମାନୀ ମଧ୍ୟରେ ଏଫ୍‌ଆଇଏଚ୍ ପୁରୁଷ ଜୁନିଅର ହକି ବିଶ୍ୱକପ୍‌ର ସେମିଫାଇନାଲ ମୁକାବିଲା ଡିସେମ୍ବର ୭ରେ ଖେଳାଯିବ। ଏହି ଦିନ ଅନ୍ୟ ଏକ ସେମିରେ ସ୍ପେନ୍ ସହ ଆର୍ଜେଣ୍ଟିନା ଖେଳିବ। ସ୍ଥାନୀୟ ମେୟର ରାଧାକ୍ରିଷ୍ଣନ ଷ୍ଟାଡିୟମ୍‌ରେ ଶୁକ୍ରବାର ଖେଳାଯାଇଥିବା ଉତ୍କଣ୍ଠାପୂର୍ଣ୍ଣ କ୍ୱାର୍ଟର ଫାଇନାଲରେ ଭାରତ ୪-୩ ପେନାଲ୍ଟି ସୁଟ୍‌ଆଉଟରେ ଶକ୍ତିଶାଳୀ ବେଲଜିୟମକୁ ପରାସ୍ତ କରିଥିଲା। ଉଭୟ ଦଳ ନିର୍ଦ୍ଧାରିତ ସମୟରେ ୨-୨ ଓ ପେନାଲ୍ଟି ସୁଟ୍‌ଆଉଟରେ ପ୍ରଥମ ୩ଟିରେ ଗୋଲ ସ୍କୋର କରିଥିଲେ। ଉଭୟ ଦଳର ଚତୁର୍ଥ ସଟ୍‌କୁ ଗୋଲକିପର ଅଟକାଇଦେଇଥିଲେ। ପଞ୍ଚମ ସଟ୍‌କୁ ମଧ୍ୟ ଭାରତୀୟ ଗୋଲରକ୍ଷକ ବିକ୍ରମଜିତ ସିଂ ଅଟକାଇ ଭାରତକୁ ଜିତିବା ଆଶା ଦେଇଥିଲେ। ପଞ୍ଚମ ସଟ୍ ମାରିଥିବା ଅଙ୍କିତ ପାଲ କାହାରିକୁ ନିରାଶ ନ କରି ଏହାକୁ ଗୋଲରେ ପରିଣତ କରିବା ସହ ଭାରତୀୟ ଶିବିରରେ ଆନନ୍ଦ ଖେଳାଇ ଦେଇଥିଲେ। ନିର୍ଦ୍ଧାରିତ ସମୟରେ ଶାରଦାନନ୍ଦ ତିୱାରୀ ଓ ଅଧିନାୟକ ରୋହିତ ଗୋଲ ଦେଇଥିଲେ। ଅନ୍ୟ କ୍ୱାର୍ଟର ଫାଇନାଲରେ ଜର୍ମାନୀ ୩-୧ ପେନାଲ୍ଟିରେ ଫ୍ରାନ୍ସକୁ, ସ୍ପେନ୍ ୪-୩ରେ ନ୍ୟୁଜିଲାଣ୍ଡକୁ ଓ ଆର୍ଜେଣ୍ଟିନା ୧-୦ ଗୋଲରେ ନେଦରଲାଣ୍ଡକୁ ପରାସ୍ତ କରି ସେମିଫାଇନାଲରେ ପ୍ରବେଶ କରିଥିଲେ। **ମହିଳା ଦଳର ବୃହତ୍ ବିଜୟ** : ସାଣ୍ଟିଆଗୋଠାରେ ଚାଲିଥିବା ଏଫ୍‌ଆଇଏଚ୍ ମହିଳା ଜୁନିଅର ହକି ବିଶ୍ୱକପ୍‌ରେ ଆଜି ଅନୁଷ୍ଠିତ ମ୍ୟାଚ୍‌ରେ ଭାରତ ୪-୦ ଗୋଲରେ ଆୟର୍ଲାଣ୍ଡକୁ ପରାସ୍ତ କରି ଗ୍ରୁପ୍‌ରେ ଦ୍ୱିତୀୟ ସ୍ଥାନ ଅଧିକାର କରିଛି। ଏହି ଗ୍ରୁପ୍‌ରେ ଜର୍ମାନୀ ହ୍ୟାଟ୍ରିକ ବିଜୟ ସହ କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛି।

## ● ଇନ୍ଦୋରରେ ହୋଟେଲ ଅଭାବ

# ଏସ୍‌ଏମ୍‌ଏଟି ନକ୍‌ଆଉଟ୍ ପୁଣେକୁ ସ୍ଥାନାନ୍ତରିତ

ମୁମ୍ବଇ, ୫।୧୨(ଏଜେନ୍ସି): ଖେଳାଳିଙ୍କ ରହିବା ଲାଗି ଇନ୍ଦୋରରେ ଥିବା ହୋଟେଲ ଗୁଡିକରେ ରୁମ୍‌ର ଅଭାବ ଯୋଗୁଁ ଡିସେମ୍ବର ୧୨ରୁ ୧୮ ଯାଏ ଏଠାରେ ଖେଳାଯିବାକୁ ଥିବା ସୟଦ ମୁସ୍ତାକ ଅଲି ଟି-୨୦ (ଏସ୍‌ଏମ୍‌ଏଟି) ନକ୍ ଆଉଟ୍ କ୍ରିକେଟ ଟୁର୍ଣ୍ଣାମେଣ୍ଟକୁ ପୁଣେ ସ୍ଥାନାନ୍ତରିତ କରାଯାଇଛି। ନକ୍‌ଆଉଟରେ ୮ଟି ଦଳର କିଛି ସୁପରଷ୍ଟାରଙ୍କ ସମେତ ଶ୍ରେଷ୍ଠ ଖେଳାଳି ଅଂଶଗ୍ରହଣ କରିବେ। ଏହି ସମୟରେ ଅର୍ଥାତ୍ ଡିସେମ୍ବର ୯ରୁ ୧୨ ତାରିଖ ଯାଏ ଡାକ୍ତରମାନଙ୍କର ଏକ ବିଶ୍ୱ ସମ୍ମିଳନୀ ଆୟୋଜିତ ହେଉଥିବାରୁ ହୋଟେଲ ରୁମ୍ ଆଗୁଆ ବୁକ୍ ହୋଇଯାଇଛି।

## ବାରବାଟୀରେ ଟିକଟ କିଣିବା ପାଇଁ ସଂଘର୍ଷ












# ଭୁବନେଶ୍ୱରରେ ପହଞ୍ଚିଲେ ଦକ୍ଷିଣ ଆଫ୍ରିକା ଟି-୨୦ ଖେଳାଳି

ଭୁବନେଶ୍ୱର, ୫।୧୨(ସମିସ): କଟକର ବାରବାଟୀ ଷ୍ଟାଡିୟମ୍‌ରେ ଭାରତ ସହ ପ୍ରଥମ ଟି-୨୦ ମ୍ୟାଚ୍ ଖେଳିବାକୁ ଦକ୍ଷିଣ ଆଫ୍ରିକାର ୫ଜଣ ଖେଳାଳି ଏଠାରେ ଆଜି ଆସି ପହଞ୍ଚିଛନ୍ତି। ଏହି ଖେଳାଳିମାନେ ହେଲେ ଓପନର ରୀଜା ହେଣ୍ଡ୍ରିକ୍ସ, ୱିକେଟକିପର ଡୋନୋଭାନ ଫେରେରା, ଅଲରାଉଣ୍ଡର ଡେଭିଡ୍ ମିଲର, ସ୍ପିନର ଜର୍ଜ ଲିଣ୍ଡେ ଓ ଫାଷ୍ଟ ବୋଲର କ୍ୱେନା ମାଫକା। ଏମାନେ ଏଠାରେ ହୋଟେଲରେ ରହିବେ। ଡିସେମ୍ବର ୭ରେ ଦକ୍ଷିଣ ଆଫ୍ରିକା ଦଳର ଅବଶିଷ୍ଟ ଖେଳାଳି ଭୁବନେଶ୍ୱରରେ ପହଞ୍ଚିବେ। ଆଇଡେନ୍ ମାରକ୍ରମଙ୍କ ନେତୃତ୍ୱରେ ଦକ୍ଷିଣ ଆଫ୍ରିକା ଏହି ଟି-୨୦ ସିରିଜ୍ ଖେଳିବ। ଆସନ୍ତାକାଲି ଭାରତୀୟ ଖେଳାଳି ସୂର୍ଯ୍ୟକୁମାର ଯାଦବ, ଯଶପ୍ରୀତ୍ ବୁମ୍‌ରା, ହାର୍ଦ୍ଦିକ ପାଣ୍ଡ୍ୟା, ଅଭିଷେକ ଶର୍ମା ଓ ସଞ୍ଜୁ ସାମସନଙ୍କ ପରି ୧୦ଜଣ ଖେଳାଳି ଆସିବାର କାର୍ଯ୍ୟକ୍ରମ ରହିଛି।

# ଓଡ଼ିଶା ବିପକ୍ଷରେ ଖେଳିବେ କୋହଲି

ନୂଆଦିଲ୍ଲୀ, ୫।୧୨ (ଏଜେନ୍ସି): ବିସିସିଆଇର ଘରୋଇ ଲିଷ୍ଟ-ଏ କ୍ରିକେଟ୍ ଟୁର୍ଣ୍ଣାମେଣ୍ଟ ବିଜୟ ହଜାରେ ଟ୍ରଫି ଡିସେମ୍ବର ୨୪ରୁ ଦେଶର ବିଭିନ୍ନ ଗ୍ରାଉଣ୍ଡରେ ଆରମ୍ଭ ହେବ। ଏହି ଟୁର୍ଣ୍ଣାମେଣ୍ଟ ଖେଳିବାକୁ ତାରକା ଭାରତୀୟ ବ୍ୟାଟର୍ ବିରାଟ କୋହଲି ସମ୍ମତି ପ୍ରକାଶ କରିଛନ୍ତି। ଫଳରେ ଦୀର୍ଘ ୧୫ ବର୍ଷ ପରେ କୋହଲି ବିଜୟ ହଜାରେ ଟ୍ରଫି ଖେଳିବେ। କୋହଲି ଶେଷଥର ଲାଗି ୨୦୦୯-୧୦ ସିଜନରେ ଏହି ଟୁର୍ଣ୍ଣାମେଣ୍ଟରେ ଭାଗନେଇଥିଲେ। କୋହଲିଙ୍କ ଦଳ ଦିଲ୍ଲୀ ଏଥର ବିଜୟ ହଜାରେ ଟ୍ରଫିରେ ଗ୍ରୁପ୍-ଡି'ରେ ସ୍ଥାନ ପାଇଛି। ଏହି ଗ୍ରୁପ୍‌ରେ ଦିଲ୍ଲୀ ସମେତ ହରିୟାଣା, ଗୁଜରାଟ, ଓଡ଼ିଶା, ସର୍ଭିସେସ୍, ଆନ୍ଧ୍ର ପ୍ରଦେଶ ଓ ସୌରାଷ୍ଟ୍ର ଦଳ ସ୍ଥାନ ପାଇଛି। ଗ୍ରୁପ୍ ପର୍ଯ୍ୟାୟରେ ପ୍ରତି ଦଳ ପରସ୍ପର ବିପକ୍ଷରେ ଥରେ ଲେଖାଏ ଖେଳିବେ। ଏହିକ୍ରମରେ ଡିସେମ୍ବର ୩୧ରେ ଓଡ଼ିଶା ଓ ଦିଲ୍ଲୀ ମଧ୍ୟରେ ବେଙ୍ଗାଲୁରୁର ଆଲୁରରେ ଅନୁଷ୍ଠିତ ହେବ। ଯେହେତୁ କୋହଲି ଏହି ଟୁର୍ଣ୍ଣାମେଣ୍ଟ ଖେଳିବାକୁ ସମ୍ମତି ଜଣାଇଛନ୍ତି ତେଣୁ ଓଡ଼ିଶା ବିପକ୍ଷ ମ୍ୟାଚରେ ସେ ଖେଳିବା ଆଶା ଉଜ୍ଜ୍ୱଳ ରହିଛି।


# ଅଷ୍ଟ୍ରେଲିଆ ପ୍ରଥମ ଇନିଂସ ଅଗ୍ରଣୀ

ବ୍ରିସ୍‌ବେନ୍, ୫।୧୨(ଏଜେନ୍ସି): ଏଠାରେ ଚାଲିଥିବା ଇଂଲଣ୍ଡ ବିପକ୍ଷ ଦ୍ୱିତୀୟ ଟେଷ୍ଟରେ ଘରୋଇ ଅଷ୍ଟ୍ରେଲିଆ ପ୍ରଥମ ଇନିଂସ ଅଗ୍ରଣୀ ନେବାରେ ସମର୍ଥ ହୋଇଛି। ଜୋ ରୁଟ୍‌ଙ୍କ ଅପରାଜିତ ୧୩୪ ଓ ଜ୍ୟାକ୍ କ୍ରାଲୀଙ୍କ ୭୬ ରନ୍ ସହାୟତାରେ ପ୍ରଥମେ ବ୍ୟାଟିଂ କରି ଇଂଲଣ୍ଡ ପ୍ରଥମ ଇନିଂସରେ ୩୩୪ ରନ୍ କରିଥିଲା। ଜବାବରେ ଦ୍ୱିତୀୟ ଦିନ ଖେଳ ଶେଷ ସୁଦ୍ଧା ଅଷ୍ଟ୍ରେଲିଆ ପ୍ରଥମ ଇନିଂସରେ ୬ ୱିକେଟ ହରାଇ ୩୭୮ ରନ୍ କରିବା ସହ ୪୪ ରନ୍‌ରେ ଆଗୁଆ ରହିଛି। ଷ୍ଟମ୍ପ ଅପସାରଣ ବେଳକୁ ଆଲେକ୍ସ କ୍ୟାରୀ ୪୬ ଓ ମାଇକେଲ ନେସର ୧୫ ରନ୍‌ରେ ବ୍ୟାଟିଂ କରୁଥିଲେ। ଅନ୍ୟମାନଙ୍କ ମଧ୍ୟରେ ଜେକ୍ ୱିଦରାଲ୍ଡ ୭୨, ମାର୍ନସ ଲାବୁସେନ ୬୫ ଓ ଷ୍ଟିଭେନ୍ ସ୍ମିଥ୍ ୬୧, କାମେରନ ଗ୍ରୀନ୍ ୪୫ ଓ ଟ୍ରାଭିସ୍ ହେଡ୍ ୩୩ ରନ୍ କରିଥିଲେ।

## ୧୫ ଓ ୧୭ ବର୍ଷରୁ କମ୍ ଜାତୀୟ ବ୍ୟାଡ୍‌ମିଣ୍ଟନ

# ଡବଲ୍ ଫାଇନାଲରେ ତନ୍‌ଭୀ

ଭୁବନେଶ୍ୱର, ୫।୧୨ (ସମିସ)




ଓଡ଼ିଶାର ନଂ-୧ ଖେଳାଳି ତନ୍‌ଭୀ ପତ୍ରୀ, ସ୍ୱାତୀ ନାୟକ ଓ ନିମିଶା ଓଝାଙ୍କ ଯୋଡି କଳିଙ୍ଗ ଷ୍ଟାଡିୟମ୍‌ରେ ଚାଲିଥିବା ୧୫ ଓ ୧୭ ବର୍ଷରୁ କମ୍ ୩୭ତମ ଜାତୀୟ ବ୍ୟାଡମିଣ୍ଟନ ଚାମ୍ପିଅନସିପର ଫାଇନାଲ ଖେଳିବାକୁ ଯୋଗ୍ୟତା କରିଛନ୍ତି। ତନ୍‌ଭୀ ଉଭୟ ବିଭାଗର ଏକକ ଏବଂ ସ୍ୱାତୀ- ନିମିଶାଙ୍କ ଯୋଡି ୧୫ ବର୍ଷରୁ କମ୍ ବାଳିକା ବିଭାଗର ଯୁଗଳ କାଟାଗୋରୀର ଫାଇନାଲକୁ ଉନ୍ନୀତ ହୋଇଛନ୍ତି। ଆସନ୍ତାକାଲି ହେବାକୁ ଥିବା ୧୫ ବର୍ଷରୁ କମ୍ ଫାଇନାଲରେ ୧୪ତମ ତନ୍‌ଭୀଙ୍କ ସହ ତେଲଙ୍ଗାନାର ଅବନି ବିକ୍ରମ ଗୋବିନ୍ଦଙ୍କର ମୁକାବିଲା ହେବ। ସେହିପରି ୧୭ ବର୍ଷରୁ କମ୍ ବିଭାଗରେ ଟାଇଟଲ ଲାଗି ତାମିଲନାଡୁର ଦୀକ୍ଷା ଏସ୍‌ଆର୍ ସହ ଲଢ଼େଇ କରିବେ। ସେହିପରି ୧୫ ବର୍ଷରୁ କମ୍ ବାଳିକା ଯୁଗଳ ଟାଇଟଲ ଲାଗି ଓଡ଼ିଶାର ସ୍ୱାତୀ-ନିମିଶାଙ୍କ ସହ ମହାରାଷ୍ଟ୍ରର ସରାୟୁ ରଞ୍ଜନେ ଓ ସୋୟାରା ସେଲାରଙ୍କ ଯୋଡି ସହ ମୁକାବିଲା ହେବ। ବାଳକ ବିଭାଗ ୧୫ ବର୍ଷରୁ କମ୍ ବିଭାଗରେ ପୁଷ୍କର ସାଇଙ୍କ ସହ ହର୍ଷିତ ଖତ୍ରୀଙ୍କର ଓ ୧୭ ବର୍ଷରୁ କମ୍ ବିଭାଗରେ ଟପ୍ ସିଡ ଜଗସେର ସିଂହଙ୍କ ସହ ବିରାଜ ଶର୍ମାଙ୍କର ମୁକାବିଲା ହେବ।

■ **ଡବଲ ଫାଇନାଲ ମୁକାବିଲା**

ଓଡ଼ିଶାର ତାରକା ଖେଳାଳି ତନ୍‌ଭୀ ଆଜି ପ୍ରଥମେ ୧୫ ବର୍ଷରୁ କମ୍ ବାଳିକା ଏକକ ସେମିଫାଇନାଲ ଖେଳିଥିଲେ। ଏଥିରେ ସେ ୨୧-୧୨, ୨୧-୧୯ରେ ତେଲଙ୍ଗାନାର ହାମସିନୀ ଚଦରମଙ୍କ ପରାସ୍ତ କରି ଫାଇନାଲକୁ ଉନ୍ନିତ ହୋଇଥିଲେ। ଅନ୍ୟ ଏକ ସେମିଫାଇନାଲରେ ତେଲଙ୍ଗାନାର ଅବନୀ ବିକ୍ରମ ଗୋବିନ୍ଦ ୨-୦ରେ ପଞ୍ଜାବର ଇନାୟତ ଗୁଲାଟିଙ୍କୁ ହରାଇ ଫାଇନାଲରେ ପ୍ରବେଶ କରିଥିଲେ। ସେହିପରି ୧୭ ବର୍ଷରୁ କମ୍ ବାଳିକା ଏକକ ସେମି ଫାଇନାଲରେ ତନ୍‌ଭୀ ଉଚ୍ଚକୋଟୀର ଖେଳ ପ୍ରଦର୍ଶନ କରି ୨୧-୧୧, ୨୧-୪ରେ ଏକତରଫା ଭାବେ ଆନ୍ଧ୍ରର ହସାନା ଶ୍ରୀଙ୍କୁ ହରାଇ ଫାଇନାଲରେ ପ୍ରବେଶ କରିଥିଲେ। ଫାଇନାଲରେ ତାମିଲନାଡୁର ଦୀକ୍ଷା ଏସ୍‌ଆରଙ୍କ ସହ ମୁକାବିଲା ହେବ।

## ସ୍ୱାତୀ- ନିମିଶାଙ୍କ ପ୍ରଥମ ଫାଇନାଲ

୧୫ ବର୍ଷରୁ କମ୍ ବାଳିକା ବିଭାଗ ଯୁଗଳ ସେମି ଫାଇନାଲରେ ବିଜୟୀ ହୋଇ ପ୍ରଥମଥର ଜାତୀୟ ଟୁର୍ଣ୍ଣାମେଣ୍ଟର ଫାଇନାଲରେ ପ୍ରବେଶ କରିଛନ୍ତି ଓଡ଼ିଶାର ଯୋଡି ସ୍ୱାତୀ ନାୟକ ଓ ନିମିଶା ଓଝା। ସେମି ଫାଇନାଲରେ ତାମିଲନାଡୁର ନୟନିକା ଏ. ଏବଂ ଧନ୍ୟା ଏସ୍‌ଜେ଼ଙ୍କ ଯୋଡିଙ୍କୁ ୨୧-୧୬, ୯-୨୧, ୨୧-୧୨ ସେଟ୍‌ରେ ପରାସ୍ତ କରି ସ୍ୱାତୀ- ନିମିଶା ଫାଇନାଲକୁ ଉନ୍ନୀତ ହୋଇଛନ୍ତି। ଫାଇନାଲରେ ମହାରାଷ୍ଟ୍ରର ସରାୟୁ ରଞ୍ଜନେ- ସୋୟାରା ସେଲାରଙ୍କ ଯୋଡି ଫାଇନାଲରେ ପ୍ରବେଶ କରିଛନ୍ତି। ଆସନ୍ତାକାଲି ସ୍ୱାତୀ-ନିମିଶାଙ୍କ ସହ ସରାୟୁ-ସୋୟାରା ଯୋଡି ମଧ୍ୟରେ ଫାଇନାଲ ମୁକାବିଲା ହେବ।




'ନନ୍ଦିଘୋଷ ଟିଭି'

ନିମ୍ନଲିଖିତ ପଦବୀ ନିମନ୍ତେ ଦରଖାସ୍ତ ଆହ୍ୱାନ କରୁଛନ୍ତି। ଯୋଗ୍ୟ ଆଶାୟୀ ପ୍ରାର୍ଥୀମାନେ ଏଥିପାଇଁ ଆବେଦନ କରିପାରିବେ।

| ପଦବୀ | | ଅଭିଜ୍ଞତା |
|---|---|---|
| ୧) ରିପୋର୍ଟର | (୦୩) | ୩ ବର୍ଷର ଅଭିଜ୍ଞତା |
| ୨) ଆଙ୍କର | (୦୨) | ୩ ବର୍ଷର ଅଭିଜ୍ଞତା |
| ୩) କପି ଏଡିଟର/ ବୁଲେଟିନ ପ୍ରଡ୍ୟୁସର | (୦୨) | ୫ ବର୍ଷର ଅଭିଜ୍ଞତା |

ନିଜର ସମ୍ପୂର୍ଣ୍ଣ ଶିକ୍ଷାଗତ ଓ ଅନ୍ୟାନ୍ୟ ଯୋଗ୍ୟତା ପ୍ରମାଣପତ୍ର, ସଦ୍ୟ ପାସପୋର୍ଟ ଫଟୋ ସହିତ ୬ ଡିସେମ୍ବର ୨୦୨୫ ସୁଦ୍ଧା hr@nandighoshatv.com ଇମେଲ୍ ଯୋଗେ ଆବେଦନ କରିପାରିବେ।

ଯୋଗାଯୋଗ: ୯୪୩୭୦୧୭୪୯୯

ସ୍ୱା/- ମାନବ ସମ୍ବଳ ବିଭାଗ

ନନ୍ଦିଘୋଷ ନେଟ୍‌ୱର୍କ ପ୍ରାଇଭେଟ୍ ଲିମିଟେଡ୍

ଠିକଣା: ପ୍ଲଟ୍ ନଂ.: ୯୦ / ୯୧, ଭଗବାନପୁର ଇଣ୍ଡଷ୍ଟ୍ରିଆଲ୍ ଇଷ୍ଟେଟ୍, ଭୁବନେଶ୍ୱର-୭୫୧୦୧୯



PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS